


ସୁଟିଂ ସାରିଲେ ସାହିଦ

▶ପୃଷ୍ଠା ୨ ଦେଖନ୍ତୁ...

- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-71 ◆THURSDAY ◆4 SEPTEMBER 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୭୧ ◆ଗୁରୁବାର ◆୪ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ସେବି ବିରୋଧରେ ମାମଲା ରୁଜୁକଲା ଆମେରିକୀୟ କମ୍ପାନୀ

■ **ମୁମ୍ବଇ, ୩।୯ (ଏଜେନ୍ସି):** ଭାରତୀୟ ସେୟାର ବଜାର ନିୟାମକ ସେବି ତଥା 'ସିକ୍ୟୁରିଟିଜ ଆଣ୍ଡ ଏକ୍ସଚେଞ୍ଜ ବୋର୍ଡ ଅଫ୍ ଇଣ୍ଡିଆ' ବିରୋଧରେ ଆମେରିକୀୟ ଟ୍ରେଡିଂ କମ୍ପାନୀ 'ଜେନ୍ ଷ୍ଟ୍ରିଟ୍ ଗ୍ରୁପ' ମାମଲା ରୁଜୁ କରିଛି। ଜାଲିଆତି କରି ୪,୮୪୪ କୋଟି ଟଙ୍କାର ଲାଭ (ବେଆଇନ) ଉଠାଇ ଥିବା ଅଭିଯୋଗରେ ସେବି ପୂର୍ବରୁ ଏହି କମ୍ପାନୀକୁ ସେୟାର ବଜାରରୁ ନିଷିଦ୍ଧ କରିଦେଇଥିଲା। ରିପୋର୍ଟ ଅନୁଯାୟୀ ସେବିର ଏହି ନିଷ୍ପତ୍ତିକୁ ବିରୋଧ କରି ଜେନ୍ ଷ୍ଟ୍ରିଟ ସିକ୍ୟୁରିଟିଜ୍ ଅପିଲେଟ ଟ୍ରିବ୍ୟୁନାଲ (ସ୍ୟାଟ)ରେ ଆବେଦନ ଦାଏର କରିଛି। ସେୟାର ବଜାରକୁ ନେଇ ନିୟାମକ ଦେଇଥିବା ନିଷ୍ପତ୍ତି ଉପରେ ସ୍ୟାଟ୍‌ରେ ଶୁଣାଣି ହୋଇଥାଏ। ତେବେ ଏହାକୁ ଜେନ୍ ଷ୍ଟ୍ରିଟ୍ କିମ୍ବା ସେବି ପକ୍ଷରୁ କୌଣସି ଟିପ୍ପଣୀ ଦିଆଯାଇ ନାହିଁ। ସୂଚନା ଅନୁଯାୟୀ ଗତ ଜୁଲାଇ ୩ ତାରିଖରେ ଜେନ୍ ଷ୍ଟ୍ରିଟ୍‌ର କାରବାର ଉପରେ ସେବି କଟକଣା ଲଗାଇ ଦେଇଥିଲା। ଏହି କମ୍ପାନୀ ନିଫ୍ଟି-୫୦ ଏବଂ ବ୍ୟାଙ୍କ ନିଫ୍ଟିରେ ଜାଲିଆତି କରି ବିପୁଳ ଲାଭ କମାଇ ଥିବା କୁହାଯାଇଥିଲା। ୨୦୨୩ ଜାନୁଆରୀରୁ ୨୦୨୫ ମେ' ମଧ୍ୟରେ ଜେନ୍ ଷ୍ଟ୍ରିଟ୍ ୩୬,୬୭୧ କୋଟି ଟଙ୍କା ଲାଭ କରିଥିଲା। ଏଥିରୁ ୪,୮୪୪ କୋଟି ଟଙ୍କାର ଲାଭ ବେଆଇନ ଭାବେ ଉପାର୍ଜନ କରିଥିଲା। ପୁଣି ଥରେ କାରବାର କରିବା ପାଇଁ ଏହି ଅର୍ଥକୁ ଏସ୍କ୍ରୋ ଆକାଉଣ୍ଟରେ ଜମା କରିବାକୁ ସେବି ନିର୍ଦ୍ଦେଶ ଦେଇଥିଲା। ପରେ ଜୁଲାଇ ୧୧ରେ ଜେନ୍ ଷ୍ଟ୍ରିଟ ଏହି ରାଶି ଜମା କରିଥିଲା। ଜୁଲାଇ ୧୮ରେ ସେବି ଏହି କମ୍ପାନୀକୁ କିଛି ସର୍ତ୍ତରେ ପୁଣି କାରବାର ପାଇଁ ଅନୁମତି ଦେଇଥିଲା ବୋଲି ସୂଚନା ମିଳିଛି। ତେବେ ଜାଲିଆତି କରୁଥିବା ସହଯୋଗୀ କମ୍ପାନୀଠାରୁ ଦୂରେଇ ରହିବାକୁ ଜେନ୍ ଷ୍ଟ୍ରିଟ୍‌କୁ ଚେତାବନୀ ଦେଇଥିଲା।

## ପାକିସ୍ତାନରେ ଆତ୍ମଘାତୀ ବିସ୍ଫୋରଣ; ୧୪ ମୃତ



■ **କ୍ୱେଟା, ୩।୯ (ଏଜେନ୍ସି):** ପାକିସ୍ତାନର କ୍ୱେଟାରେ ମଙ୍ଗଳବାର ରାତିରେ ଆୟୋଜିତ ବାଲୋଚ୍ ନ୍ୟାସନାଲ ପାର୍ଟି (ବିଏନ୍‌ପି)ର ଏକ ରାଲିରେ ହୋଇଥିବା ଆତ୍ମଘାତୀ ବିସ୍ଫୋରଣରେ ୧୪ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ଅନ୍ୟ ୩୦ ଜଣ ଆହତ ହୋଇଛନ୍ତି। ଆହତମାନଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସେମାନଙ୍କ ମଧ୍ୟରୁ ଅନେକଙ୍କ ଅବସ୍ଥା ଗୁରୁତର ରହିଛି।

ଆହତଙ୍କ ମଧ୍ୟରେ ବିଏନ୍‌ପି ନେତା ଅହମ୍ମଦ ନୱାଜ ଓ ମୁସା ବାଲୋଚ ସାମିଲ ରହିଛନ୍ତି। ବେଲୁଚିସ୍ତାନ ପୂର୍ବତନ ମୁଖ୍ୟମନ୍ତ୍ରୀ ସର୍ଦ୍ଦାର ଅତାଉଲ୍ଲା ମେନଗାଲଙ୍କ ଚତୁର୍ଥ ଶ୍ରାଦ୍ଧବାର୍ଷିକୀରେ ଶାହୱାନୀ ଷ୍ଟାଡିୟମରେ ଏହି ରାଲିର ଆୟୋଜନ କରାଯାଇଥିଲା। ରାଲି ସରିବାର କିଛି ସମୟ ପୂର୍ବରୁ ପାର୍କିଂ ଅଞ୍ଚଳରେ ଏହି ବିସ୍ଫୋରଣ ହୋଇଥିଲା। ଗତ ମାର୍ଚ୍ଚରେ ଲାକଡାରାରେ ମଧ୍ୟ ଏଭଳି ଏକ ଆତ୍ମଘାତୀ ବିସ୍ଫୋରଣ ଘଟିଥିଲା। ତେବେ ଘଟଣା ପାଇଁ କୌଣସି ସଂଗଠନ ନିଜକୁ ଦାୟୀ କରିନାହାନ୍ତି। ଜଣେ ୩୫ରୁ ୪୦ ବର୍ଷର ବ୍ୟକ୍ତି ୮ କେଜିର ବିସ୍ଫୋରକ ନେଇ ଏହି କାଣ୍ଡ ଘଟାଇଛି ବୋଲି ପ୍ରତ୍ୟକ୍ଷଦର୍ଶୀ କହିଛନ୍ତି।

# ଉତ୍ତର ଭାରତରେ ବର୍ଷାର ତାଣ୍ଡବ



### ପଞ୍ଜାବରେ ଭୀଷଣ ବନ୍ୟା; ୩୦ ମୃତ
### ହିମାଚଳରେ ଭୂସ୍ଖଳନ ଯୋଗୁଁ ୧୧ ମୃତ
### ଦିଲ୍ଲୀରେ ପଶିଲା ଯମୁନା ନଦୀର ପାଣି
### ୧୦ ହଜାର ଲୋକ ସୁରକ୍ଷିତ ସ୍ଥାନାନ୍ତର
### ୟୁପିର ୨୦ ସହରରେ ବି ପ୍ରବଳ ବର୍ଷା

■ **ନୂଆଦିଲ୍ଲୀ, ୩।୯ (ଏଜେନ୍ସି):** ଦେଶର ସମ୍ପୂର୍ଣ୍ଣ ଉତ୍ତର ପଶ୍ଚିମ ଭାଗରେ ପ୍ରବଳ ବର୍ଷା ଜାରି ରହିଛି।। ଦିଲ୍ଲୀ ସମେତ ପଞ୍ଜାବ, ହରିୟାଣା, ହିମାଚଳ, ଜମ୍ମୁ- କଶ୍ମୀର, ରାଜସ୍ଥାନ ଓ ଉତ୍ତରାଖଣ୍ଡରେ ଆଜି ମଧ୍ୟ ପ୍ରବଳ ବର୍ଷା ଜାରି ରହିଛି। ଫଳରେ ସାଧାରଣ ଜନଜୀବନ ଅସ୍ତବ୍ୟସ୍ତ ହୋଇ ପଡ଼ିଛି। ବର୍ଷା ଓ ବନ୍ୟା ଯୋଗୁଁ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି ପଞ୍ଜାବ। ରାଜ୍ୟର ୨୩ଟି ଜିଲ୍ଲାର ଏବେ ବି ୧୨୦୦ ଗାଁ ପାଣି ଘେରରେ ରହିଛି। ବର୍ଷା ଓ ବନ୍ୟାରେ ୩୦ ଜଣ ପ୍ରାଣ ହରାଇଲେଣି ଏବଂ ୩ ଲକ୍ଷ ଲୋକ କ୍ଷତିଗ୍ରସ୍ତ ହୋଇଛନ୍ତି। ରାଜ୍ୟରେ ଆସନ୍ତା ୭ ତାରିଖ ପର୍ଯ୍ୟନ୍ତ ସବୁ ସ୍କୁଲ ଓ କଲେଜକୁ ବନ୍ଦ କରିଦିଆଯାଇଛି। ହରିୟାଣାର ଝାଜର, ହିସାର, ଯମୁନାନଗର, କୁରୁକ୍ଷେତ୍ର, ଅମ୍ବାଲା ଓ ପଞ୍ଚକୁଲା ଜିଲ୍ଲାର ଅଧିକାଂଶ ଅଞ୍ଚଳ ପାଣିରେ ବୁଡ଼ି ରହିଛି ଓ ୩ରୁ ୫ ଫୁଟ ଉଚ୍ଚରେ ପାଣି ଜମି ରହିଛି। ଖାସ୍ କରି ଅମ୍ବାଲାର ସ୍ଥିତି ଗମ୍ଭୀର ରହିଛି। ହଜାର ହଜାର ଘରେ ୨ରୁ ୪ ଫୁଟ୍ ପର୍ଯ୍ୟନ୍ତ ପାଣି ପଶିଯାଇଛି। ୨୦୦ରୁ ଅଧିକ ସ୍କୁଲକୁ ବନ୍ଦ କରିଦିଆଯାଇଛି।

ରାଜଧାନୀ ଦିଲ୍ଲୀ ଅବସ୍ଥା ମଧ୍ୟ ଖରାପ। ବର୍ଷା ଓ ବନ୍ୟା ଯୋଗୁଁ ରାଜଧାନୀ ବେହାଲ। ଦିଲ୍ଲୀରେ ଯମୁନା ନଦୀର ଜଳ ବିପଦ ସଂକେତ (୨୦୫ ମିଟର) ଉପରେ ଅର୍ଥାତ ୨୦୬.୮ ମିଟରରେ ପ୍ରବାହିତ ହେଉଛି। ୧୨ ବର୍ଷ ପରେ ପ୍ରଥମ ଥର ଲାଗି ଯମୁନା ଭୟଙ୍କର ରୂପ ଧାରଣ କରିଛି। ଦିଲ୍ଲୀର ଯମୁନା ବଜାର, ତିବତ୍ତ ବଜାର, ମୋନେଷ୍ଟ୍ରି ବଜାରରେ ପାଣି ପଶି ଯାଇଛି। ତଳିଆ ଅଞ୍ଚଳରେ ୧୦ ହଜାର ଲୋକଙ୍କୁ ଉଦ୍ଧାର କରାଯାଇଛି। ଦିଲ୍ଲୀରେ ସ୍କୁଲକୁ ବନ୍ଦ ରଖାଯାଇଛି ଓ ଅନ୍‌ଲାଇନ୍ କ୍ଲାସ ଜାରି ରହିଛି। ଇନ୍ଦିରା ଗାନ୍ଧୀ ବିମାନବନ୍ଦରରେ ପଶରି ଜମି ରହିଥିବାରୁ ୩୪୦ରୁ ଅଧିକ ବିମାନ ସେବା ବାଧାପ୍ରାପ୍ତ ହୋଇଛି। ଅନେକ ସ୍ଥାନରେ ପାଣି ଜମି ରହିଥିବାରୁ ଟ୍ରାଫିକ ସମସ୍ୟା ସୃଷ୍ଟି ହୋଇଛି।

ସେହିପରି ରାଜସ୍ଥାନର ଜୟପୁରରେ ମଧ୍ୟ ପ୍ରବଳ ବର୍ଷା ଜାରି ରହିଛି। ଏଠାରେ ଥିବା ସବୁଠୁ ବଡ଼ ଏମ୍‌ଏମ୍‌ଏସ୍ ହସ୍ପିଟାଲରେ ପାଣି ପଶିଯାଇଛି। କୋଟାର ଦରା ରେଲୱେ ଷ୍ଟେସନ ନିକଟ ଥିବା ରେଲୱେ ଟ୍ରାକ୍ ଉପରେ ଭୂସ୍ଖଳନ ହୋଇଛି। ହିମାଚଳ ପ୍ରଦେଶରେ ୧୩୦୦ରୁ ଊର୍ଦ୍ଧ୍ୱ ▶ପୃଷ୍ଠା-୭

## ଜିଏସ୍‌ଟି ପରିଷଦ ବୈଠକ ଆରମ୍ଭ

# ୧୨%, ୨୮% ଟିକସ ସ୍ଲାବ୍ ହଟାଇବାକୁ ମଞ୍ଜୁରୀ



■ **ନୂଆଦିଲ୍ଲୀ, ୩।୯ (ଏଜେନ୍ସି):** ଦ୍ରବ୍ୟ ଏବଂ ସେବା କର (ଜିଏସ୍‌ଟି) ପରିଷଦର ୫୬ତମ ବୈଠକ ବୁଧବାର ନୂଆଦିଲ୍ଲୀରେ ଆରମ୍ଭ ହୋଇଛି। ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କ ଅଧ୍ୟକ୍ଷତାରେ ବସିଥିବା ଏହି ବୈଠକର ପ୍ରଥମ ଦିନରେ ୧୨ ପ୍ରତିଶତ ଏବଂ ୨୮ ପ୍ରତିଶତ ସ୍ଲାବକୁ ହଟାଇବା ପାଇଁ ମଞ୍ଜୁରି ମିଳିଛି। ଜାତୀୟ ଗଣମାଧ୍ୟମରେ ପ୍ରକାଶିତ ରିପୋର୍ଟ ଅନୁଯାୟୀ ବର୍ତ୍ତମାନର ଟିକସ ବ୍ୟବସ୍ଥାକୁ ସରଳ କରିବା ପାଇଁ ୫ ପ୍ରତିଶତ ଏବଂ ୧୮ ପ୍ରତିଶତ ଶୁଳ୍କ କାର୍ଯ୍ୟକାରୀ କରିବାକୁ ନିଷ୍ପତ୍ତି ନିଆଯାଇଛି। ଏହା ସହିତ ବ୍ୟବସାୟୀଙ୍କ ଉପରୁ ବୋଝ କମ୍ କରିବା ପାଇଁ ସହମତି ପ୍ରକାଶ ପାଇଛି। ଏଥିରେ

### ୫%, ୧୮% ସ୍ଲାବ ଲାଗୁ ହେବ
### ଷ୍ଟାଟ୍‌ଅପ୍ ପଞ୍ଜୀକରଣ ସମୟସୀମା ତିନି ଦିନକୁ ହ୍ରାସ
### ସ୍ୱୟଂଚାଳିତ ଜିଏସ୍‌ଟି ରିଫଣ୍ଡ ବ୍ୟବସ୍ଥାକୁ ଅନୁମୋଦନ
### ରାଜସ୍ୱ ସୁରକ୍ଷା ପାଇଁ ବିରୋଧୀ ଶାସିତ ରାଜ୍ୟଙ୍କ ଦାବି

ଏମଏସଏମଇ ଏବଂ ଷ୍ଟାର୍ଟଅପ୍‌ର ପଞ୍ଜିକରଣ ସମୟକୁ ୩୦ ଦିନରୁ ତିନି ଦିନ ହ୍ରାସ ▶ପୃଷ୍ଠା-୭

## ଦିଲ୍ଲୀରେ ମୋହନ, ମନମୋହନ

# ଚୂଡ଼ାନ୍ତ ହେବ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ !

■ **ଭୁବନେଶ୍ୱର, ୩।୯ (ସମିସ):** ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ କଳ୍ପନାଜଳ୍ପନା ଜାରି ରହିଥିବା ବେଳେ ବୁଧବାର ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ ଦିଲ୍ଲୀ ଗସ୍ତରେ ଯାଇଛନ୍ତି। ସୋମବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ୪ ଦିନିଆ ଦିଲ୍ଲୀ ଗସ୍ତରେ ଯାଇଥିବା ବେଳେ ମନମୋହନ ଦିଲ୍ଲୀ ଯିବା ଚର୍ଚ୍ଚାକୁ ଅଧିକ ଖୋରାକ୍ ଯୋଗାଇଛି। ଆସନ୍ତା ମୌସୁମୀ ଅଧିବେଶନ ପୂର୍ବରୁ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣର ସମ୍ଭାବନା ରହିଥିବା ନେଇ ରାଜନୈତିକ ସମୀକ୍ଷକ ଅନୁମାନ କରୁଛନ୍ତି। ଏପରିସ୍ଥଳରେ ମୁଖ୍ୟମନ୍ତ୍ରୀ ଏବଂ ରାଜ୍ୟ ବିଜେପି ସଭାପତିଙ୍କ ଏକା ସମୟରେ ଦିଲ୍ଲୀ ଗସ୍ତ ପରେ ଖୁବଶୀଘ୍ର ରାଜ୍ୟରେ ପୂର୍ଣ୍ଣାଙ୍ଗ ମନ୍ତ୍ରିମଣ୍ଡଳ ଗଠନ ଓ ମନ୍ତ୍ରୀ ପରିଷଦରେ ଆଉ ୬ ମନ୍ତ୍ରୀଙ୍କୁ ସ୍ଥାନ ମିଳିବା ଚର୍ଚ୍ଚା ଦାନା ବାନ୍ଧିଛି। ଗତ ଅଗଷ୍ଟରେ ମଧ୍ୟ ମୋହନ-ମନମୋହନ ଯୋଡ଼ି ଏକାସାଙ୍ଗରେ ଦିଲ୍ଲୀ ଗସ୍ତ କରିଥିଲେ। ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସହ ବୋର୍ଡ ଓ ନିଗମରେ ନିଯୁକ୍ତି ନେଇ ସେତେବେଳେ ଆଲୋଚନା ହୋଇଥିଲେ ହେଁ କୌଣସି ନିଷ୍କର୍ଷ ବାହାରି ପାରିନଥିଲା। ଏହାପରେ ଏକାଧିକ ବାର ରାଜ୍ୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସହ ସଂଗଠନ ବିସ୍ତାର ନେଇ ଏକାଧିକ ବାର ରାଜ୍ୟ ଓ ଶୀର୍ଷ ନେତୃତ୍ୱ ଆଲୋଚନା କରି ସାରିଛନ୍ତି। ମାତ୍ର ପ୍ରତିଥର ବିଭିନ୍ନ କାରଣ ଯୋଗୁଁ ଏନେଇ କୌଣସି ନିର୍ଯ୍ୟାସ ବାହାରି ପାରିନାହିଁ।

ବିଜେପିର ଆଭ୍ୟନ୍ତରୀଣ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ, ବୋର୍ଡ, ନିଗମ ନିଯୁକ୍ତିକୁ ନେଇ ଦଳରେ ଅସନ୍ତୋଷ ବୃଦ୍ଧିକୁ ନେଇ ଶାସକ ଦଳରେ ଏକ ଅସ୍ୱସ୍ତିକର ପରିସ୍ଥିତି ସୃଷ୍ଟି ହୋଇଥିଲା। ସରକାର ଗଠନର ୧୪ ମାସ ବିତିଥିଲେ ମଧ୍ୟ ବିଭିନ୍ନ ନିଗମ ଓ ବୋଡର୍‌ରେ ଦଳୀୟ ନେତାଙ୍କୁ ଥଇଥାନ ନ ହେବା ଯୋଗୁଁ ଦଳୀୟ ନେତାଙ୍କ ମଧ୍ୟରେ ଅସନ୍ତୋଷ ସୃଷ୍ଟି ହୋଇଥିଲା। ଏହା ବ୍ୟତୀତ ଦଳରେ ଗୋଷ୍ଠୀ ବିବାଦ ଓ ବିଭିନ୍ନ ନେତାଙ୍କ ସମର୍ଥକଙ୍କ ମଧ୍ୟରେ ସମ୍ଭାବ୍ୟ ମନ୍ତ୍ରୀପଦକୁ ନେଇ ଟଣାଓଟରା ଆରମ୍ଭ ହୋଇଥିଲା। ଏହି ଖବର ▶ପୃଷ୍ଠା-୭

## ସ୍ନାତକଙ୍କ ପାଇଁ ବାହାରୁନି ଚାକିରି

■ **ଭୁବନେଶ୍ୱର, ୩।୯ (ସମିସ):** ସ୍ନାତକ ପଢୁଆ ପିଲାଙ୍କ ପାଇଁ ରାଜ୍ୟରେ ନୂତନ ନିଯୁକ୍ତି ବାହାରୁ ନାହିଁ। ଚଳିତବର୍ଷ ଓଡ଼ିଶା ଲୋକସେବା ଆୟୋଗ (ଏପିଏସ୍‌ସି) ପରିଚାଳିତ ମହାଲେଖାଗାର ଏଏସ୍‌ଓ ପଦରେ ନିଯୁକ୍ତି ପାଇଁ ୨୯ ଟି ପଦ ବ୍ୟତୀତ ଅନ୍ୟ କୌଣସି ପଦ ପାଇଁ ବିଜ୍ଞପ୍ତି ପ୍ରକାଶ ପାଇନାହିଁ। ରାଜ୍ୟରେ ବହୁ ପଦ ଖାଲି ପଡ଼ିଥିବା ସତ୍ତ୍ୱେ ନିଯୁକ୍ତି ବାହାରୁ ନ ଥିବାରୁ ଲକ୍ଷାଧିକ ଆଶାୟୀ ନିରାଶ ହେଉଛନ୍ତି।

ରାଜ୍ୟରେ ନିଯୁକ୍ତି ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବାକୁ ସରକାର ଘୋଷଣା କରିଛନ୍ତି। ଖୋଦ୍ ମୁଖ୍ୟମନ୍ତ୍ରୀ ଦୁଇବର୍ଷ ମଧ୍ୟରେ ୬୫ ହଜାର ଓ ୫ବର୍ଷରେ ଅଢ଼େଇ ଲକ୍ଷ ନିଯୁକ୍ତି ଦେବାକୁ ଲକ୍ଷ୍ୟ ଧାର୍ଯ୍ୟ କରିଥିବା କହିଛନ୍ତି। ହେଲେ ଚଳିତ ବର୍ଷ କେବଳ ସ୍ନାତକ ଶିକ୍ଷାପ୍ରାପ୍ତ ପିଲାଙ୍କ ପାଇଁ ଆବଶ୍ୟକ ପଦ ବାହାରି ନାହିଁ। ସ୍ୱତନ୍ତ୍ର ଡିଗ୍ରୀଧାରୀଙ୍କ ପାଇଁ ଡାକ୍ତର, ନର୍ସ, ଶିକ୍ଷକ ପରି ପଦ ବାହାରିବା ସହ ନିଯୁକ୍ତି ପ୍ରକ୍ରିୟା ▶ପୃଷ୍ଠା-୭

**ଲଘୁଚାପ ସକ୍ରିୟ**

# ରାଜ୍ୟସାରା ନିର୍ଘୂମ୍ ବର୍ଷା

■ **ଭୁବନେଶ୍ୱର, ୩।୯ (ସମିସ):** ଉତ୍ତର ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ କ୍ଷେତ୍ର ଅଧିକ ଘନୀଭୂତ ହୋଇ ସୁଦୃଶ ଲଘୁଚାପରେ ପରିଣତ ହୋଇଛି। ଏହା ପ୍ରଭାବରେ ବୁଧବାର ରାଜ୍ୟର ଅଧିକାଂଶ ଅଞ୍ଚଳରେ ବର୍ଷା ହୋଇଛି। ଗତ ୩୬ ଘଣ୍ଟା ମଧ୍ୟରେ ବାଲେଶ୍ୱରଠାରୁ ଗଞ୍ଜାମ ପର୍ଯ୍ୟନ୍ତ

### ଫୁଲୁଛି ସବୁ ନଦୀ



ଉପକୂଳବର୍ତ୍ତୀ ଜିଲ୍ଲା ଓ ଏହାର ସଂଲଗ୍ନ ଜିଲ୍ଲାଗୁଡ଼ିକରେ ସବୁଠୁ ଅଧିକ ବର୍ଷା ହୋଇଛି। ଯାଜପୁରରେ ସର୍ବାଧିକ ୧୪୦ ମିମି ବର୍ଷା ରେକର୍ଡ ହୋଇଥିବା ବେଳେ ଚାନ୍ଦବାଲିରେ ୯୦ ମିମି ବର୍ଷା ରେକର୍ଡ ହୋଇଛି। ଏହାସହିତ ଭୁବନେଶ୍ୱରରେ ୬୭ ମିମି ବର୍ଷା ସହ ବାଲେଶ୍ୱର ୫୦, ପାରାଦୀପ ୪୨, ବାରିପଦା ୫୦, କେନ୍ଦୁଝରର ୫୦, ଛତ୍ରପୁର ୫୦, ଦେବଗଡ଼ ୫୮, ନୂଆପଡ଼ା ମଧ୍ୟ ୩୮ ମିମି ବର୍ଷା ରେକର୍ଡ ହୋଇଛି।

ଏହି ସଦୃଶ ଲଘୁଚାପ ଟି ଆସନ୍ତା ୨୪ ଘଣ୍ଟା ପଶ୍ଚିମ ଉତ୍ତର-ପଶ୍ଚିମ ଦିଗରେ ଗତି କରିବା ସହ ଉତ୍ତର ଓଡିଶା ମଧ୍ୟ ଦେଇ ଝାଡ଼ଖଣ୍ଡ ଓ ଛତିଶଗଡ଼ ମୁହାଁ ହେବ। ଏହା ପ୍ରଭାବରେ ରାଜ୍ୟରେ ଗୁରୁବାର ମଧ୍ୟ ଅନେକ ସ୍ଥାନରେ ବର୍ଷା ସମ୍ଭାବନା ରହିଛି। ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଗୁରୁବାର ସୁନ୍ଦରଗଡ଼, ସମ୍ବଲପୁର ଓ ▶ପୃଷ୍ଠା-୭

# ନିଶା ନିବାରଣ କେନ୍ଦ୍ରରେ ହତ୍ୟା

■ **ଭୁବନେଶ୍ୱର, ୩।୯ (ସମିସ):** କିଛି ଦିନର ବ୍ୟବଧାନ ପରେ ପୁଣି ନିଶା ନିବାରଣ କେନ୍ଦ୍ରରେ ଘଟିଛି ଅଭାବନୀୟ ଘଟଣା। ନିଶା ଛାଡ଼ିବାକୁ ଆସିଥିବା ଜଣେ



### ପାଳନ ହେଉନାହିଁ ମାର୍ଗଦର୍ଶିକା
### ପୁଲିସ ପାଖରେ ନାହିଁ କେନ୍ଦ୍ରର ତଥ୍ୟ

ଯୁବକ ପ୍ରାଣ ହରାଇଛନ୍ତି। ଭରତପୁର ଥାନା ଅନ୍ତର୍ଗତ ଜିଏ କଲୋନୀରେ ଥିବା ଡିୟର ଲାଇଫ୍ ୱେଲନେସ ହିଲନେସ୍ ସେଣ୍ଟରରେ ଏଭଳି ଅଘଟଣ ଘଟିଛି। ମୃତକ ହେଉଛନ୍ତି ବାଙ୍କୀ ସିଂହନାଥପୁରର ସୂର୍ଯ୍ୟକାନ୍ତ ମହାପାତ୍ର (୨୮)। ସୂର୍ଯ୍ୟକାନ୍ତଙ୍କୁ ହତ୍ୟା କରାଯାଇଥିବା ନେଇ ପ୍ରଶାନ୍ତ କୁମାର ମହାପାତ୍ର ଅଭିଯୋଗ କରିଛନ୍ତି। ନିଶା ନିବାରଣ କେନ୍ଦ୍ରକୁ ନେଇ ରହିଥିବା ଏସ୍‌ଓପି ପାଳନ ହେଉନଥିବାରୁ ବାରମ୍ବାର ଏଭଳି ଅଘଟଣ ସାମ୍ନାକୁ ଆସୁଛି। ପୁଲିସ ନିଶା ନିବାରଣ କେନ୍ଦ୍ରଗୁଡ଼ିକ ପ୍ରତି କୋହଳ ମନୋଭାବ ପୋଷଣ କରୁଥିବାରୁ ଅନ୍ତେବାସୀଙ୍କ ଜୀବନ ଯାଉଛି ବୋଲି ଅଭିଯୋଗ ହୋଇଛି।

ଅଭିଯୋଗ ଅନୁଯାୟୀ, ସିଂହନାଥପୁରର ସୂର୍ଯ୍ୟକାନ୍ତଙ୍କୁ ଗତ ୨୯ ତାରିଖରେ ପରିବାର ଲୋକେ ଜିଏ କଲୋନୀସ୍ଥିତ ଡିୟର ଲାଇଫ୍ ୱେଲନେସ ହିଲନେସ୍ ନିଶା ▶ପୃଷ୍ଠା-୭

**ସରକାରୀ ଅର୍ଥ ହଡ଼ପ ଅଭିଯୋଗ**

## ୮ ଏସ୍‌ଏଚ୍‌ଜି ମହିଳାଙ୍କୁ ଗିରଫ କଲା ଭିଜିଲାନ୍ସ

■ **ଜଗତସିଂହପୁର, ୩।୯ (ସମିସ):** ଜଗତସିଂହପୁର ଜିଲ୍ଲା ନାଉଗାଁ ଥାନା ଅଧୀନ କୁରୁକି ଗ୍ରାମର ୮ ଜଣ ସ୍ୱୟଂ ସହାୟକ ଗୋଷ୍ଠୀର ମହିଳାଙ୍କୁ ସରକାରୀ ଅର୍ଥ ହଡ଼ପ ଅଭିଯୋଗରେ ଆଜି ଭିଜିଲାନ୍ସ ଗିରଫ କରିଥିବା ସୂଚନା ଦେଇଛନ୍ତି ଭିଜିଲାନ୍ସର ଡିଏସ୍‌ପି ଅନୁପମା ସାହୁ। ପରେ ସେମାନଙ୍କୁ କଟକର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ହାଜର କରାଯାଇଥିଲା ଏବଂ ସେଠାରେ ସମସ୍ତ ୮ ଜଣଙ୍କୁ ଜାମିନ ମିଳିଥିବା ସୂଚନା ମିଳିଛି। ସେମାନେ ହେଲେ ମାନୀ ଦାସ, ପ୍ରଭାତୀ ଦାସ, ପ୍ରମିଳା ଦାସ, ଲିଲି ଦାସ, ଛବିଲତା ଦାସ, ହେମା ଦାସ, ଶାନ୍ତିଲତା ପରିଡା ଏବଂ ମମତା ପରିଡ଼ା। ଗତ ୨୦୧୦ ମସିହାରେ ଏକ ସ୍ୱୟଂ ସହାୟକ ଗୋଷ୍ଠୀର ▶ପୃଷ୍ଠା-୭

**ହାଇକୋର୍ଟରେ ସମ୍ବଲପୁର ମହାନଗର ନିଗମ ମାମଲା**

# ନିର୍ବାଚନ ପାଇଁ ଫିଟିଲା ବାଟ

## ୬ସପ୍ତାହ ମଧ୍ୟରେ ସାନି ବିଜ୍ଞପ୍ତି ପ୍ରକାଶ ପାଇଁ ସରକାରଙ୍କୁ ନିର୍ଦ୍ଦେଶ

■ **କଟକ, ୩।୯ (ସମିସ):** ଦୀର୍ଘ ୧୦ବର୍ଷ ପରେ ସମ୍ବଲପୁର ମହାନଗର ନିଗମ ନିର୍ବାଚନ ପାଇଁ ବାଟ ଫିଟିଛି। ଏକ ଦଶନ୍ଧି ଧରି ବିଚାରାଧୀନ ମାମଲାର ଶୁଣାଣିରେ ହାଇକୋର୍ଟ ପୂର୍ଣ୍ଣଚ୍ଛେଦ ପକାଇଛନ୍ତି। ଏଥିସହ ଆସନ୍ତା ୬ସପ୍ତାହ ମଧ୍ୟରେ ସଂରକ୍ଷଣ ନିୟମ ଅନୁସାରେ ସାନି ୱାର୍ଡ ସଂରକ୍ଷଣ ବିଜ୍ଞପ୍ତି ଜାରି କରିବାକୁ ଅଦାଲତ ନିର୍ଦ୍ଦେଶ ପ୍ରଦାନ କରିବା ସହ ଗତ ୨୦୧୫ର ବିଜ୍ଞପ୍ତିକୁ ରଦ୍ଦ କରିଦେଇଛନ୍ତି। ଅଜୟ କୁମାର ମହାନ୍ତିଙ୍କ ତରଫରୁ ରୁଜୁ ଆବେଦନର ଶୁଣାଣି କରି ଜଷ୍ଟିସ ରାଧାକ୍ରିଷ୍ଣ ପଟ୍ଟନାୟକ ଏପରି ନିର୍ଦ୍ଦେଶ ପ୍ରଦାନ କରି ପୂର୍ବରୁ ଜାରି ଅନ୍ତରୀଣ ରହିତାଦେଶକୁ ଉଠାଇଦେଇଛନ୍ତି। ୨୦୧୩ ନଭେମ୍ବର ମାସ ୧୫ତାରିଖରେ ସମ୍ବଲପୁର ସହରକୁ



ପ୍ରକାଶ ପାଇବ ସାନି ୱାର୍ଡ ସଂରକ୍ଷଣ ତାଲିକା

ମହାନଗର ନିଗମର ମାନ୍ୟତା ମିଳିଥିଲା। ତେବେ ଆଜି ପର୍ଯ୍ୟନ୍ତ ସମ୍ବଲପୁର ମହାନଗର ନିଗମର ନିର୍ବାଚନ ହୋଇପାରି ନାହିଁ। ୱାର୍ଡ ପୁନର୍ଗଠନ ଓ ସଂରକ୍ଷଣ ପାଇଁ ୧୫ ଜାନୁଆରୀ ୨୦୧୫ରେ ଗେଜେଟ ବିଜ୍ଞପ୍ତି ଜାରି କରିଥିଲେ ସରକାର।

ସେହିଭଳି ୧୩ ଫେବୃଆରୀ ୨୦୧୫ରେ ୱାର୍ଡ ପୁନର୍ଗଠନ ଓ ସଂରକ୍ଷଣର ତାଲିକା ପ୍ରକାଶ ପାଇଥିଲା। ହେଲେ ସଂରକ୍ଷିତ ବର୍ଗଙ୍କ ପାଇଁ ନିୟମ ଉଲ୍ଲଙ୍ଘନ କରି ୫୦ ପ୍ରତିଶତରୁ ଅଧିକ ପଦ ସଂରକ୍ଷିତ ରହିବାକୁ ବିରୋଧ କରି ହାଇକୋର୍ଟରେ ଏହି ଜନସ୍ୱାର୍ଥ ମାମଲା ରୁଜୁ ହୋଇଥିଲା। ସେପଟେ ସମ୍ବଲପୁର ପୌର ପରିଷଦରେ ବୁର୍ଲା ଏନଏସି ଓ ହୀରାକୁଦ ଏନଏସି ସହ ଧନକଉଡା ଓ ମାନେଶ୍ୱରର ୧୨ଟି ପଞ୍ଚାୟତର ୫୬ଟି ଗାଁକୁ ନେଇ ମହାନଗର ନିଗମର ୪୧ ୱାର୍ଡ ଗଠନ ହୋଇଥିଲା।

ନିୟମାନୁସାରେ ସଂରକ୍ଷଣ ହୋଇନଥିବା ହେତୁ ହାଇକୋର୍ଟ ଏହି ପୌର ନିର୍ବାଚନ ଉପରେ ଗତ ୨୦୧୫ରେ ଅନ୍ତରୀଣ ରହିତାଦେଶ ଜାରି କରିଥିଲେ। ଯାହା ବିଭିନ୍ନ ସମୟରେ ବଳବତ୍ତର ରହିଆସିଥିଲା। ଫଳରେ ସମ୍ବଲପୁର ମହାନଗର ନିଗମର ନିର୍ବାଚନ ହୋଇପାରୁ ନ ଥିଲା।

## ଆଜିର ଇତିହାସ

- ୧୮୮୮- ଗାନ୍ଧିଜୀ ଇଂଲଣ୍ଡକୁ ଜଳ ଯାତ୍ରା ଆରମ୍ଭ କଲେ।
- ୧୯୨୭- ନାଗପୁର ଦଙ୍ଗାରେ ୨୨ ଲୋକଙ୍କ ମୃତ୍ୟୁ ଓ ୧୦୦ରୁ ଅଧିକ ଆହତ ହୋଇଥିଲେ।
- ୧୯୫୨- ବଲିଉଡ୍ ଅଭିନେତା ଋଷି କପୁରଙ୍କ ଜନ୍ମ।
- ୧୯୬୭- ମହାରାଷ୍ଟ୍ରରେ ୬.୫ ତୀବ୍ରତାର ଭୂମିକମ୍ପ ଆସିବା ଯୋଗୁଁ ୨୦୦ରୁ ଅଧିକ ଲୋକଙ୍କ ମୃତ୍ୟୁ ହୋଇଥିଲା।
- ୧୯୮୫- ଟାଇଟାନିକ୍ ଜାହାଜ ବୁଡ଼ିବାର ୭୩ ବର୍ଷ ପରେ ଏହାର ଚିତ୍ର ସାମ୍ନାକୁ ଆସିଲା।
- ୨୦୦୦- ସିଡ୍‌ନୀରେ ୨୭ତମ ଅଲମ୍ପିକ୍ ଖେଳର ଆରମ୍ଭ ହୋଇଥିଲା।
- ୨୦୧୯- ପଞ୍ଜାବର ବାଟାଲାରେ ଏକ ବାଣ ଫ୍ୟାକ୍ଟ୍ରିରେ ବିସ୍ଫୋରଣ ଯୋଗୁଁ ୨୩ ଜଣଙ୍କ ମୃତ୍ୟୁ ହୋଇଥିଲା।


## ଫୁଡ୍ ଡେଲିଭରି କରୁଛି ରୋବୋ ଡଗ୍




ଏଆଇ ଶିକ୍ଷା କ୍ଷେତ୍ରଠାରୁ ଆରମ୍ଭ କରି ସ୍ୱାସ୍ଥ୍ୟ କ୍ଷେତ୍ର ସବୁଠିକି ପ୍ରବେଶ କରି ସାରିଛି। ଅନଲାଇନ୍ ଫୁଡ୍ ଡେଲିଭରିରେ ମଧ୍ୟ ଏଆଇ ତା'ର ଆଧିପତ୍ୟ ବିସ୍ତାର କଲାଣି। ଏଯାବତ୍ ୧୦ ମିନିଟ୍‌ରେ ଖାଦ୍ୟ ପହଞ୍ଚାଇବାର କାମ ଡେଲିଭରି ବୟ କରୁଥିବା ବେଳେ ଏବେ ଏହି କାମ ଏଆଇ ରୋବଟ୍ କରିବା ଆରମ୍ଭ କଲାଣି। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା, ଏହା ଥଣ୍ଡା କି ଝାଳ ଯେକୌଣସି ପ୍ରତିକୂଳ ସ୍ଥିତିରେ ବି ଗ୍ରାହକଙ୍କ ପାଖରେ ଖାଦ୍ୟକୁ ଠିକ୍ ସମୟରେ ପହଞ୍ଚାଇବ। ଏହା ଫୁଡ୍ ଡେଲିଭରି କାର୍ଯ୍ୟକୁ ଆହୁରି ସୁବିଧା ଓ ସହଜ କରିବ ବୋଲି ଏଥିରୁ ଏକପ୍ରକାର ସ୍ପଷ୍ଟ ହୋଇଛି। ସ୍ୱିଜରଲ୍ୟାଣ୍ଡର ଜ୍ୟୁରିଖ ସହରରେ ଏବେ ଖାଦ୍ୟ ଡେଲିଭରିର କାମ ଏଆଇ ରୋବୋ ଡଗ୍ କରୁଛନ୍ତି। ଡଚ୍ କମ୍ପାନି 'ଜଷ୍ଟ ଇଟ୍ ଟେକ୍‌ଅୱେ ଡଟ୍‌କମ୍' ସ୍ୱିସ୍ ରୋବୋଟିକ୍ସ କମ୍ପାନି 'ଆର୍‌ଆଇଭିଆର୍' ସହିତ ମିଶି ଖାଦ୍ୟ ଡେଲିଭରି କରିବା ଲାଗି ରୋବୋ ଡଗ୍ ବ୍ୟବହାର କରିବା ଆରମ୍ଭ କରିଛି। ଅବଶ୍ୟ ଏହି ଏଆଇ ରୋବୋ ଡଗ୍ ସାଧାରଣ ଡେଲିଭରି ରୋବଟ୍‌ଠାରୁ ଅଲଗା। ଖାଦ୍ୟ ଡେଲିଭରି ଲାଗି ଏମାନଙ୍କୁ କୌଣସି ଗାଡ଼ିର ଆବଶ୍ୟକତା ପଡ଼ି ନ ଥାଏ। ରୋବୋ ଡଗ୍‌ର ଗୋଡ଼ ସହ ଚକ ମଧ୍ୟ ଲାଗିଛି। ତେଣୁ ଏହା ସହରର ଅଣଓସାରିଆ ତଥା ଅତି ସଂକୀର୍ଣ୍ଣ ରାସ୍ତାରେ ବି ଅତି ସହଜରେ ଗତି କରିପାରେ। ଏଥିରେ ଫିଜିକାଲ ଏଆଇର ଟେକ୍ନିକ୍ ବ୍ୟବହାର କରାଯାଇଛି। ଏହା ସିଡ଼ିଗୁଡ଼ିକୁ ବେଶ୍ ସହଜରେ ଚଢ଼ିପାରେ। କେବଳ ସେତିକି ନୁହେଁ, ଏହା ମଣିଷ, ଗାଡ଼ି, ସାଇକଲ, ଡଷ୍ଟବିନ୍ ଆଦିକୁ ଏଡ଼ାଇ ବେଶ୍ ସହଜରେ ଚାଲିପାରେ। ଏହାବାଦ୍ ଅତ୍ୟଧିକ ବର୍ଷା, ଝଡ଼, ତୋଫାନ, ତୁଷାରପାତ ବେଳେ ବି ଏହା କାର୍ଯ୍ୟ କରିଥାଏ। ଏହା ଘଣ୍ଟା ପ୍ରତି ୧୫ କିଲୋମିଟର ବେଗରେ ଦୌଡ଼ି ପାରିବ। ଆବଶ୍ୟକ ପଡ଼ିଲେ ରିମୋଟ୍ ଦ୍ୱାରା ମଧ୍ୟ ଏହାକୁ ନିୟନ୍ତ୍ରଣ କରାଯାଇପାରିବ। ସେହିପରି ଏହା ହେଉଛି ୟୁରୋପର ପ୍ରଥମ କମ୍ପାନି, ଯାହାକି ଫୁଡ୍ ଡେଲିଭରି ଲାଗି ଫିଜିକାଲ ଏଆଇ ଟେକ୍ନିକ୍ ଯୁକ୍ତ ରୋବୋ ଡଗ୍‌କୁ ବ୍ୟବହାର କରୁଛି। ଅନ୍ୟପଟେ ରୋବୋ ଡଗ୍ କେବଳ ଫାଷ୍ଟଫୁଡ୍ ପର୍ଯ୍ୟନ୍ତ ସୀମିତ ନାହାନ୍ତି, ବରଂ ଦୈନନ୍ଦିନ ଜିନିଷ, ଔଷଧ, ଡ୍ରେସ୍ ଆଦି ନିତିଦିନିଆ ଜିନିଷର ଡେଲିଭରି କରିବାକୁ ମଧ୍ୟ ସକ୍ଷମ। ଅନ୍‌ଲାଇନ୍ ସପିଂର ବଢ଼ୁଥିବା ଚାହିଦାକୁ ଦେଖିଲେ ସହରରେ ଡେଲିଭରି କାର୍ଯ୍ୟର ଚାହିଦା ଦ୍ରୁତ ଗତିରେ ବୃଦ୍ଧି ପାଉଛି। ଏଭଳି ସ୍ଥିତିରେ ଏ ପ୍ରକାର ରୋବଟ୍ ଡେଲିଭରି କାର୍ଯ୍ୟକୁ ଅଧିକ ସହଜ, ଦ୍ରୁତ ଓ ସୁବିଧାଜନକ କରିପାରିବ।

## ବିଶାଲଙ୍କ ଫିଲ୍ମର ସୁଟିଂ ସାରିଲେ ଶାହିଦ୍





ବଲିଉଡ୍ ଅଭିନେତା ଶାହିଦ୍ କପୁର ପୁଣି ଥରେ ବିଶାଲ ଭରଦ୍ୱାଜଙ୍କ ଏକ ଫିଲ୍ମରେ କାମ କରୁଛନ୍ତି। ଏହାପୂର୍ବରୁ ଶାହିଦ୍, ବିଶାଲଙ୍କ ଫିଲ୍ମ 'କମିନେ', 'ହୈଦର', 'ରେଙ୍ଗୁନ୍'ରେ କାମ କରିଥିଲେ। ଇତିମଧ୍ୟରେ ଶାହିଦ୍ ଏହି ଫିଲ୍ମର ସୁଟିଂ ମଧ୍ୟ ସାରି ଦେଇଛନ୍ତି। ଫିଲ୍ମର ଟାଇଟଲ କ'ଣ ହେବ ତାହା ଏଯାବତ୍ ଫାଇନାଲ କରାଯାଇ ନାହିଁ। ଏଥିରେ ତ୍ରିପ୍ତି ଡିମ୍ରି ଶାହିଦ୍‌ଙ୍କ ବିପକ୍ଷରେ ଦେଖାଯିବେ। ଦିଶା ପଟାନି, ନାନା ପାଟେକର, ଫରିଦା ଜଲାଲ, ଅବିନାଶ ତିୱାରି ପ୍ରମୁଖ ମଧ୍ୟ ଏଥିରେ ନଜର ଆସିବେ। ନିକଟରେ ଶାହିଦ୍ ଇନ୍‌ଷ୍ଟାଗ୍ରାମ୍‌ରେ ଏକ ଫଟୋ ସେୟାର୍ କରିଥିଲେ। ଏଥିରେ ବିଶାଲ ଶାହିଦ୍‌ଙ୍କୁ କିଛି ବୁଝାଉଥିବାର ଦେଖାଯାଉଥିଲେ। ଶାହିଦ୍ ଏହି ଫଟୋ ସହିତ ଏକ ନୋଟ୍ ମଧ୍ୟ ଲେଖିଥିଲେ। ଶାହିଦ୍ ଲେଖିଥିଲେ ଯେ, 'ବିଶାଲଙ୍କ ସହ ମୋର ଚତୁର୍ଥ ଫିଲ୍ମର ସୁଟିଂ ଶେଷ ହୋଇଛି। ସବୁଥର ଭଳି ମୋ ପାଇଁ ଏକ ସଂପୂର୍ଣ୍ଣ ଏକ ନୂଆ ଦୁନିଆ ଓ ପୁରାପୁରି ଏକ ଅଲଗା ଚରିତ୍ର। ଖୁବ୍ ଶୀଘ୍ର ଫିଲ୍ମର ଘୋଷଣା କରାଯିବ। ତ୍ରିପ୍ତିଙ୍କ ସହ କାମ କରି ବହୁତ ଭଲ ଲାଗିଲା। ନାନା ପାଟେକର ବହୁତ ଜଟିଳ ସିନ୍‌ଗୁଡ଼ିକ ବି ସରଳ କରି ଦେଉଥିଲେ। ଫରିଦା ଜଲାଲଙ୍କ ଶାଳୀନତା ପାଇଁ ଧନ୍ୟବାଦ। ଅବିନାଶ ତିୱାରୀ ଆପଣଙ୍କ ପ୍ଲେଲିଷ୍ଟ ପାଇଁ ଧନ୍ୟବାଦ। ଦିଶା ଆପଣ ଓ ମୁଁ ଦୁଇଟି ଗୀତରେ ବେଶ୍ ଭଲ ପ୍ରଦର୍ଶନ କରିଛନ୍ତି।' ଏହି ଫିଲ୍ମ ଡିସେମ୍ବର ୫ରେ ରିଲିଜ୍ ହୋଇପାରେ ବୋଲି କୁହାଯାଉଛି।


## କନ୍ୟା ସନ୍ତାନ ଜନ୍ମରେ ଡାକ୍ତର ନିଅନ୍ତିନି ଫି'



ସାଧାରଣତଃ କ୍ୱଚିତ୍ ଡାକ୍ତର ମାଗଣାରେ ରୋଗୀଙ୍କ ଚିକିତ୍ସା କରିଥାନ୍ତି। ଏହି କ୍ରମରେ ଏମିତି ବି ଜଣେ ଡାକ୍ତର ଅଛନ୍ତି, ସେ ଚିକିତ୍ସା କରୁଥିବା କୌଣସି ମହିଳା କନ୍ୟା ସନ୍ତାନକୁ ଜନ୍ମ ଦେଲେ ତାଙ୍କଠାରୁ ଆଦୌ ଫି' ନିଅନ୍ତି ନାହିଁ। ଏହି କଥା ବିଶିଷ୍ଟ ଉଦ୍ୟୋଗପତି ଆନନ୍ଦ ମହିନ୍ଦ୍ରା ସାମାଜିକ ଗଣମାଧ୍ୟମରେ ସେୟାର୍ କରିବା ପରେ ସମସ୍ତଙ୍କ ନଜରକୁ ଆସିଛି। ଏହାସହ ସେ ଡାକ୍ତର ଗଣେଶ ରାଖଙ୍କ ଅସାଧାରଣ କରୁଣା ଏବଂ ମାନବିକତାକୁ ପ୍ରଶଂସା କରିଛନ୍ତି। ତେବେ ଡା. ଗଣେଶଙ୍କ ଏହି ମହାନ କାମ ସମ୍ପର୍କରେ ପ୍ରଥମେ ଆଇଏଏସ୍ ଅଧିକାରୀ ଡି. ପ୍ରଶାନ୍ତ ନାୟାର ସାମାଜିକ ଗଣମାଧ୍ୟମରେ ସେୟାର୍ କରିଥିଲେ। ଆନନ୍ଦଙ୍କ ନଜର ଏହି ପୋଷ୍ଟ ଉପରେ ପଡ଼ିବା ପରେ ସେ ମଧ୍ୟ ଏହାକୁ ସେୟାର୍ କରିଥିଲେ। ନାୟାରଙ୍କ ପୋଷ୍ଟ ଅନୁସାରେ, 'ଜଣେ ଦିନମଜୁରିଆ ନିଜ ସ୍ତ୍ରୀଙ୍କୁ ପ୍ରସବ ଲାଗି ହସ୍‌ପିଟାଲରେ ଭର୍ତ୍ତି କରାଇଥିଲେ। ଶ୍ରମିକ ଜଣକ ଭାବିଥିଲେ ସିଜରିଆନର ଖର୍ଚ୍ଚ ଉଠାଇବା ଲାଗି ଘର ଜମିବାଡ଼ି ବନ୍ଧା ପକାଇବାକୁ ପଡ଼ିପାରେ। ତେବେ ପିଲାଟି ଜନ୍ମ ପରେ ପୁଅ ନା ଝିଅ ହୋଇଛି ସେ ଡା. ଗଣେଶଙ୍କୁ ପଚାରିଥିଲେ। ଡା. ଗଣେଶ ତାଙ୍କ ଘରକୁ ପରୀ ଆସିଥିବା କହିଲେ। ହସ୍‌ପିଟାଲ ଫି'କୁ ନେଇ ବ୍ୟକ୍ତି ଜଣକ ଦ୍ୱନ୍ଦ୍ୱରେ ଥିବା ବେଳେ ଡା. ଗଣେଶ କହିଲେ, ଝିଅ ଜନ୍ମ ନେଲେ ସେ ଟଙ୍କା ନିଅନ୍ତି ନାହିଁ। ଏହି କଥାରେ ଝିଅଟିର ବାପା ଭାବପ୍ରବଣ ହୋଇ ଡା. ଗଣେଶଙ୍କୁ ଦେବତା ବୋଲି କହିଥିଲେ। ତେବେ ଏକ ଦଶକରୁ ଅଧିକ ସମୟ ଧରି ଡା. ଗଣେଶ ଏହି ମହାନ୍ କାର୍ଯ୍ୟ କରି ଆସୁଛନ୍ତି। ସେ ୨୦୦୭ ମସିହାରେ ନିଜର ହସ୍‌ପିଟାଲ କରିବା ପରେ ଏକ ହଜାରରୁ ଊର୍ଦ୍ଧ୍ୱ କନ୍ୟା ସନ୍ତାନଙ୍କର ସେ ମାଗଣାରେ ପ୍ରସବ କରାଇଛନ୍ତି। ଏକଦା ଏକ ସାକ୍ଷାତକାରେ ଡାକ୍ତର ଗଣେଶ କହିଥିଲେ ଯେ, ଯେତେବେଳେ ଲୋକେ ଝିଅ ଜନ୍ମର ଖୁସିକୁ ପାଳନ କରିବେ, ସେ ପୁଣି ଥରେ ଫି' ନେବା ଆରମ୍ଭ କରିବେ। ଅନ୍ୟପକ୍ଷରେ ଡାକ୍ତରଙ୍କ ଏହି କାମକୁ ଲୋକେ ଖୁବ୍ ପ୍ରଶଂସା କରୁଛନ୍ତି।

## ରଙ୍ଗ ଚିହ୍ନଟ କରି ଶୁଆର ବିଶ୍ୱ ରେକର୍ଡ

ଶୁଆକୁ ସବୁଠାରୁ ଚାଲାକ ପକ୍ଷୀ କୁହାଯାଏ। ମଣିଷର କଥାକୁ ଶୁଆ ଅତି ସହଜରେ ନକଲ କରିପାରେ। ତେବେ ତାଲିମ୍ ଦେଲେ ଏହା ବହୁ ଅବିଶ୍ୱସନୀୟ କାର୍ଯ୍ୟ କରିପାରେ, ବୋଲି ପ୍ରମାଣ କରିଛି ଚୀନ୍‌ର ଏକ ଶୁଆ। ଜିୟାଓଗୁୟୀ ନାମରେ ପରିଚିତ ଏହି ଶୁଆଟି ୧୦ଟି ରଙ୍ଗ ଚିହ୍ନଟ କରି ବିଶ୍ୱ ରେକର୍ଡ କରିଛି। ତେବେ ଜିୟାଓଗୁୟୀ ମାତ୍ର ୩୩.୫୦ ସେକେଣ୍ଡରେ ଏହି କାରନାମା କରି ଦେଖାଇଥିଲା। ଶୁଆଟି ସାମ୍ନାରେ ଛୋଟ ଛୋଟ ୧୦ଟି ପ୍ଲାଷ୍ଟିକ୍ ଡବା ରଖାଯାଇଥିଲା। ଏହି ପ୍ଲାଷ୍ଟିକ୍ ଡବାଗୁଡ଼ିକ ଭିନ୍ନ ଭିନ୍ନ ରଙ୍ଗର ଥିଲା। ଡବାଗୁଡ଼ିକ ସହ ୧୦ଟି ବିଭିନ୍ନ ରଙ୍ଗର ବଲ୍ ରଖାଯାଇଥିଲା। ବଲ୍ ଓ ଡବାଗୁଡ଼ିକୁ ମିଶାଇ ଦିଆଯାଇଥିଲା। ଜିୟାଓଗୁୟୀକୁ ବହୁତ କମ୍ ସମୟ ମଧ୍ୟରେ ପ୍ରତିଟି ବଲ୍‌କୁ ତା'ର ରଙ୍ଗ ସହ ମିଶି ଯାଉଥିବା ଡବାରେ ପକାଇବାର ଥିଲା। ସେ ବହୁତ କମ୍ ସମୟ ମଧ୍ୟରେ ଏହାକୁ କରି ଦେଇଥିଲା। ସବୁଠୁ ବଡ଼ କଥା ହେଉଛି, ଏହା ଗୋଲାପି ରଙ୍ଗର ଦୁଇଟି ସେଡ୍‌କୁ ମଧ୍ୟ ଚିହ୍ନଟ କରି ଦେଇଥିଲା। ଏହି ରେକର୍ଡ ୨୦୨୪ ମସିହାରେ ଚୀନ୍ ହେନାନ୍ ପ୍ରାନ୍ତରେ ହୋଇଥିଲା। ଏହାର ଆନୁଷ୍ଠାନିକ ଘୋଷଣା ୧୪ ଅଗଷ୍ଟ, ୨୦୨୫ ମସିହାରେ ହୋଇଛି। ତେବେ ଜିୟାଓଗୁୟୀ ଏଭଳି ରେକର୍ଡ କରିବାର ଶ୍ରେୟ ତା'ର ମାଲିକ କିନ୍ ଫେଙ୍ଗ୍‌କୁ ଯାଏ। ଫେଙ୍ଗ୍ ଏହି ଶୁଆଟିକୁ ୨୦୨୦ ମସିହାରେ ପୋଷ୍ୟ ଭାବେ ଗ୍ରହଣ କରିଥିଲେ। ଫେଙ୍ଗ୍ ଶୁଆଟିକୁ ନିଜ ସନ୍ତାନ ଭଳି ରଖିଥିଲେ। ଏହାପରେ ଦୁହିଁଙ୍କ ସମ୍ପର୍କ ଆହୁରି ନିବିଡ଼ ହୋଇଯାଇଥିଲା। ପରବର୍ତ୍ତୀ ସମୟରେ ଜିୟାଓଗୁୟୀ ବିଭିନ୍ନ ରଙ୍ଗର ବଲ୍ ଖେଳିବାକୁ ଭଲ ପାଉଥିବା ଫେଙ୍ଗ୍ ଲକ୍ଷ୍ୟ ରଖିଥିଲେ। ଏହାପରେ ସେ ଶୁଆଟିକୁ ରଙ୍ଗ ଚିହ୍ନଟ କରିବା ଦିଗରେ ତାଲିମ ଦେଲେ। ବହୁତ କମ୍ ଦିନ ମଧ୍ୟରେ ଜିୟାଓଗୁୟୀ ରଙ୍ଗ ଚିହ୍ନଟ କରିବାରେ ମାହିର୍ ହୋଇ ଯାଇଥିଲା।





## ନୋଜ୍ ପ୍ଲଗ୍‌ରେ ନାକ ବନ୍ଦ କରନ୍ତି ମହିଳା



ଅରୁଣାଚଳ ପ୍ରଦେଶର ଜିରୋ ଘାଟିରେ ରହୁଥିବା ଅପାତାନି ଜନଜାତି ସେମାନଙ୍କ ନିଆରା ସଂସ୍କୃତି ଓ ପରମ୍ପରା ଲାଗି ଲୋକପ୍ରିୟ। ତେବେ ଉକ୍ତ ଜନଜାତିର ମହିଳାଙ୍କୁ ନେଇ ଅଧିକ ଚର୍ଚ୍ଚା ହୋଇଥାଏ। ବିଶେଷକରି ସେମାନଙ୍କ ମୁହଁର ଟାଟୁ ଓ ନାକରେ ପିନ୍ଧୁଥିବା ବଡ଼ ବଡ଼ ନୋଜ ପ୍ଲଗ୍ ହିଁ ସମସ୍ତଙ୍କ ଦୃଷ୍ଟିଆକର୍ଷଣ କରିଥାଏ। ସେମାନଙ୍କର ଏହି ପରମ୍ପରା ପଛରେ ଅନେକ ଲୋକକଥା ପ୍ରଚଳିତ। ଅପାତାନି ଜନଜାତିର ମହିଳା ଦେଖିବାକୁ ବେଶ୍ ସୁନ୍ଦର ହେଉଥିବାରୁ ପୂର୍ବରୁ ସେମାନଙ୍କୁ ଆଖପାଖର ଜନଜାତିର ପୁରୁଷମାନେ ଅପହରଣ କରି ନେଇଯାଉଥିଲେ। ତେଣୁ ପରିବାର ଲୋକେ ଝିଅମାନଙ୍କ ସୁରକ୍ଷା ଲାଗି ସେମାନଙ୍କ ମୁହଁରେ ଗାଢ଼ ନୀଳ ରଙ୍ଗର ଟାଟୁ ଆଙ୍କିବା ଆରମ୍ଭ କଲେ। ଏହାଦ୍ୱାରା ସେମାନେ କମ୍ ଆକର୍ଷଣୀୟ ଦିଶିବେ ଏବଂ ଅପହରଣରୁ ରକ୍ଷା ମିଳିବ ବୋଲି ଭାବିଲେ। ସେହିପରି ଅନ୍ୟ ଏକ ଲୋକକଥା ଅନୁସାରେ, ଯେତେବେଳେ ଏହି ଜନଜାତିର ପୁରୁଷମାନେ ଯୁଦ୍ଧରେ ପ୍ରାଣ ହରାଉ ଥିଲେ, ସେମାନଙ୍କ ଆତ୍ମା ଘରକୁ ଫେରି ଆସୁଥିଲା। ସେମାନେ ନିଜ ସ୍ତ୍ରୀକୁ ଚିହ୍ନି ନ ପାରି ସେମାନଙ୍କୁ ହଇରାଣ କରୁଥିଲେ। ଏଭଳି ସ୍ଥିତିରେ ଏହି ଜନଜାତିର ପୂଜାରି ମହିଳାଙ୍କୁ ମୁହଁରେ ଟାଟୁ କରିବାକୁ କହିଲେ। ଏହାଦ୍ୱାରା ଆତ୍ମା ସେମାନଙ୍କୁ ଚିହ୍ନିପାରିବ। ଏହି ପ୍ରଥା ଧୀରେ ଧୀରେ ସେମାନଙ୍କ ସଂସ୍କୃତି ଓ ପରମ୍ପରାର ଅଂଶ ପାଲଟିଲା। ସେହିପରି ଏହି ଜନଜାତିରେ ଝିଅମାନଙ୍କର ଋତୁସ୍ରାବ ଆରମ୍ଭ ହେଲେ କପାଳରୁ ମଥା ପର୍ଯ୍ୟନ୍ତ ଏକ ମୋଟା ସିଧା ରେଖା ଏବଂ ଥୋଡ଼ିରେ ପାଞ୍ଚଟି ସିଧା ରେଖା ଟଣାଯାଉଥିଲା। ଏ ଲାଗି ତିନିଟି ମୁନିଆ ବା ତୀକ୍ଷ୍ଣ ଛୁଞ୍ଚି ବ୍ୟବହାର କରାଯାଏ। ସେହିଭଳି ଏଠାକାର ମହିଳାମାନେ ବ୍ୟବହାର କରୁଥିବା ବଡ଼ ବଡ଼ କଳା ରଙ୍ଗର ନୋଜ ପ୍ଲଗ୍ ଜଙ୍ଗଲର ଏକ ସ୍ୱତନ୍ତ୍ର କାଠରେ ତିଆରି କରାଯାଉ ଥିଲା। ପ୍ରାରମ୍ଭିକ ପର୍ଯ୍ୟାୟରେ ଏହି ପ୍ରଥା କୁରୂପ ଆପଣାଇବା ଲାଗି କରାଯାଇଥିଲା। ଧୀରେ ଧୀରେ ଏହି ପରମ୍ପରା ମହିଳାଙ୍କ ପାଇଁ ସୌନ୍ଦର୍ଯ୍ୟ ଓ ସମୃଦ୍ଧିର ପ୍ରତୀକ ପାଲଟିଲା। ସେହିପରି କୌଣସି ମହିଳାଙ୍କ ମୁହଁରେ ଟାଟୁ ଓ ନାକରେ ନୋଜ୍ ପ୍ଲଗ୍ ନ ଥିଲେ, ସେମାନେ ବିବାହ ଯୋଗ୍ୟ ବୋଲି ବିଚାର କରାଯାଏ ନାହିଁ। ଅନ୍ୟପଟେ ସମୟ ସହିତ ଓ ଆଧୁନିକତାର ପ୍ରବେଶ ଯୋଗୁଁ ଏହି ଜନଜାତିର ଯୁବପିଢ଼ି ଏଭଳି ପ୍ରଥାକୁ ବୋଝ ବୋଲି ଭାବୁଛନ୍ତି। ଟାଟୁ ଓ ନୋଜ ପ୍ଲଗ୍ ସେମାନଙ୍କୁ ଅନ୍ୟମାନଙ୍କଠାରୁ ଅଲଗା କରି ଦେଇଛି ବୋଲି ଭାବୁଛନ୍ତି। ୧୯୭୦ ମସିହାରେ ଅପାତାନି ୟୁଥ୍ ଆସୋସିଏସନ ଏବଂ ସରକାରଙ୍କ ପ୍ରୟାସରେ ଏହା ଉପରେ କଟକଣା ଲାଗିଛି। ଏଠାକାର ମହିଳାମାନଙ୍କୁ ଆଉ ନାକରେ ନୋଜ୍ ପ୍ଲଗ୍ କିମ୍ବା ମୁହଁରେ ଟାଟୁ ଖୋଦେଇବାକୁ ପଡୁନାହିଁ। ଆଜି ଏହି ପରମ୍ପରା ଇତିହାସ ଓ ସଂସ୍କୃତିର ଅଂଶ ହୋଇ ରହି ଯାଇଛି।

## ଚର୍ଚ୍ଚାରେ ୮୪ ବର୍ଷ ପୁରୁଣା ଫଟୋ



ସାମାଜିକ ଗଣମାଧ୍ୟମରେ ନିତିଦିନ କିଛି ନା କିଛି ଫଟୋ ତଥା ଭିଡିଓ ଭାଇରାଲ ହୋଇଥାଏ। ଏହି କ୍ରମରେ ଏବେ ଏକ ଫଟୋ ଚର୍ଚ୍ଚା ସାଉଁଟୁଛି। ତାହା ପୁଣି ୮୪ ବର୍ଷ ପୁରୁଣା। ତେବେ ଏ ଫଟୋରେ କିଛି ଏଭଳି ଦେଖିବାକୁ ମିଳିଛି, ଯାହାକି ଲୋକଙ୍କ ମନରେ ଟାଇମ୍ ଟ୍ରାଭେଲକୁ ନେଇ ବିଶ୍ୱାସ ଜନ୍ମାଇଛି। ଯଦିଓ ଟାଇମ୍ ଟ୍ରାଭେଲ ଏବେ ସୁଦ୍ଧା ବିଜ୍ଞାନ ଫାଟାନ୍ସି କାହାଣୀ ଏବଂ ଫିଲ୍ମରେ ଦେଖିବାକୁ ମିଳୁଥିଲା। ହେଲେ ଏହି ଫଟୋଟି ଏହା ବାସ୍ତବ ବୋଲି ବୁଝିବାକୁ ଏକପ୍ରକାର ବାଧ୍ୟ କରାଇଛି। ଏହି ଫଟୋଟିକୁ ୧୯୪୧ ମସିହାରେ ଫଟୋଗ୍ରାଫର ଏଡୱାର୍ଡ ରସକମ୍ ଶିକାଗୋର ସାଉଥ ସାଇଡ୍ ଅଞ୍ଚଳରେ ଉତ୍ତୋଳନ କରିଥିଲେ। ଏଥିରେ କିଛି ଯୁବକଯୁବତୀ ଓ ବାଳକ ବାଳିକା ଏକ ସିନେମା ହଲ୍ ବାହାରେ ଲମ୍ବା ଧାଡ଼ିରେ ଛିଡ଼ା ହୋଇଛନ୍ତି। ପ୍ରାୟ ସମସ୍ତେ ସଫାସୁତୁରା ଓ ଆକର୍ଷଣୀୟ ପୋଷାକ ପିନ୍ଧିଛନ୍ତି। ମୋଟାମୋଟି କହିବାକୁ ଗଲେ ସେମାନେ ସେସମୟର ପୋଷାକ ପିନ୍ଧିଛନ୍ତି। ଏହାରି ଭିତରେ ଜଣେ ଯୁବକଙ୍କ ହାତରେ ଥିବା ଜିନିଷକୁ ନେଇ ସାମାଜିକ ଗଣମାଧ୍ୟମରେ ତର୍କ ବିତର୍କ ଲାଗି ରହିଛି। ସେ ଆୟତାକାର ଆକୃତିର ଗୋଟିଏ ଜିନିଷ ଧରିଛନ୍ତି। ତେବେ ସେ ହାତରେ ଆପଲ୍‌ର ଆଇପ୍ୟାଡ୍ ଧରିଛନ୍ତି ବୋଲି କେତେଜଣ ମତ ରଖିଛନ୍ତି। ସେହିପରି ଅନେକେ ଏହାକୁ ଆଇପ୍ୟାଡ୍ ବୋଲି ମାନିବାକୁ ପ୍ରସ୍ତୁତ ନାହାନ୍ତି। ଅନେକ ଲୋକ କହୁଛନ୍ତି, ଯୁବକଙ୍କ ହାତରେ ଏକ ପୁସ୍ତକ ଅଛି। ସେତେବେଳେ ସିନେମା ହଲ୍‌ରେ ପରିଚାରକମାନେ ବୁଲୁଥିଲେ ଏବଂ କେହି କଲମ କିମ୍ବା ନୋଟ୍‌ବୁକରେ ଯେମିତି ସିନେମାର ନକଲ କରିବାକୁ ଚେଷ୍ଟା କରୁଛିକି ତାହା ଦେଖୁଥିଲେ। ଏହିପରି ଭାବେ ଲୋକମାନେ ଏହି ଫଟୋ ଉପରେ ଭିନ୍ନ ଭିନ୍ନ ପ୍ରତିକ୍ରିୟା ଦେଇଛନ୍ତି।

## ଆଜିର ରାଶିଫଳ

**ମେଷ:** ଶୁଭ ଖବର ମିଳିପାରେ। ନୂତନ ଜମି କିଣିବା ଯୋଗ ଅଛି। ଅଫିସ୍‌ରେ ସହକର୍ମୀଙ୍କୁ ସାହାଯ୍ୟ କରିବେ। ସ୍ୱାସ୍ଥ୍ୟପ୍ରତି ଯତ୍ନଶୀଳ ରୁହନ୍ତୁ। ଜୀବନସାଥୀଙ୍କ ସହ ସୁଖଦ ସମୟ ଅତିବାହିତ କରିବେ।

**ବୃଷ:** ଅଜଣାଲୋକଙ୍କଠାରୁ ସାହାଯ୍ୟ ମିଳିବ। ନିଜ କାର୍ଯ୍ୟକୁ ଗୁରୁତ୍ୱ ଦିଅନ୍ତୁ। ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥା ସାମାନ୍ୟ ବିଗିଡ଼ିପାରେ। ପ୍ରିୟଜନଙ୍କ କଥାକୁ ବିଶ୍ୱାସ କରିବେ ନାହିଁ। ଚକ୍ଷୁ ସମସ୍ୟା ଭୋଗିପାରନ୍ତି।

**ମିଥୁନ:** ଆଜି ଦିନଟି ଆପଣଙ୍କ ପାଇଁ ବହୁତ ଭଲ। ଦୀର୍ଘ ଦିନର ଆଶା ପୂରଣ ହେବ। ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ପରିବାର ଲୋକଙ୍କ ସହ ସମୟ ଅତିବାହିତ କରିବେ।

**କର୍କଟ:** ପାରିବାରିକ ଜୀବନରେ ସୁଖ, ସମୃଦ୍ଧି ବୃଦ୍ଧି ପାଇବ। ବ୍ୟବସାୟରେ ଉନ୍ନତି ପାଇଁ ଆଧୁନିକ ଜ୍ଞାନ-କୌଶଳ ଉପଯୋଗ କରିବେ। ବାପାମାଆଙ୍କ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ।

**ସିଂହ:** ଅଫିସ୍ କାର୍ଯ୍ୟ ପାଇଁ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ଉଧାର ଟଙ୍କା ଫେରି ପାଇବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ। ଗୁରୁଜନଙ୍କ ଆଶୀର୍ବାଦ ନେଇ ନୂତନ ବ୍ୟବସାୟ ଆରମ୍ଭ କରିପାରନ୍ତି।

**କନ୍ୟା:** ବ୍ୟବସାୟରେ ଲାଭ ହେବ। ଆୟଠୁ ଅଧିକ ବ୍ୟୟ କରିବେ। ବରିଷ୍ଠ ଅଧିକାରୀଙ୍କ ପରାମର୍ଶରେ କାମରେ ଆଗକୁ ବଢ଼ିବେ। ନୂଆ କାମ ଆରମ୍ଭ କରିବେ। ମହିଳାମାନେ ଘରକାମରେ ବ୍ୟସ୍ତ ରହିବେ।

**ତୁଳା:** ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇପାରନ୍ତି। କୌଣସି କଥାକୁ ନେଇ ଚିନ୍ତିତ ରହିପାରନ୍ତି। ଆୟର ନୂତନ ମାର୍ଗ ଉନ୍ମୋଚନ ହେବ। ଆଇଟି କର୍ମଚାରୀଙ୍କ ପାଇଁ ସମୟ ଭଲ। ଉଧାର ଟଙ୍କା ଫେରି ପାଇବେ।

**ବିଛା:** ବୈବାହିକ ଜୀବନ ସୁଖମୟ ହେବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ଅଫିସ୍ କାମରେ ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ଦାନ ଧର୍ମ କରିବେ।

**ଧନୁ:** ଧୈର୍ଯ୍ୟର ସହ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ତୁଲାଇବେ। ନିଜ ଲୋକ ଶତ୍ରୁ ସାଜିପାରନ୍ତି। ନୂତନ ଯାନବାହନ କ୍ରୟ କରିପାରନ୍ତି। ଅଯଥା ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। ଆଇନଜୀବୀଙ୍କୁ ସଫଳତା ମିଳିବ।

**ମକର:** ଘରେ ସୁଖ ସମୃଦ୍ଧି ବୃଦ୍ଧି ପାଇବ। ଚାକିରିଆଙ୍କୁ ନୂତନ ନିଯୁକ୍ତି ମିଳିବ। ସନ୍ତାନ ସୁଖ ପ୍ରାପ୍ତ ହେବ। ପ୍ରେମ ସମ୍ବନ୍ଧରେ ଭୁଲ ବୁଝାମଣା ସୃଷ୍ଟି ହେବ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ।

**କୁମ୍ଭ:** ଧାରକରଜରୁ ଦୂରେଇ ରହିବେ। ବ୍ୟବସାୟ ବୃଦ୍ଧିକୁ ନେଇ ସାବଧାନତା ଅବଲମ୍ବନ କରିବେ। ବିରୋଧୀଙ୍କୁ ସାମ୍ନା କରିବେ। ଚିନ୍ତାଗ୍ରସ୍ତ ରହିବେ। ଜୀବନସାଥୀଙ୍କୁ ମନ କଥା କହିବେ।

**ମୀନ:** ବିଦ୍ୟାର୍ଥୀ ପରୀକ୍ଷାରେ ସଫଳ ହେବେ। ବନ୍ଧୁଙ୍କ ସାହାଯ୍ୟ ମିଳିବ। କଳା କ୍ଷେତ୍ରରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ।

# ପାରିବାରିକ କଳହରୁ ପଥର ଛେଚି ହତ୍ୟା



**ପତ୍ନୀହନ୍ତା କୋର୍ଟ ଚାଲାଣ**

ବାରିପଦା, ୩।୯ (ସମିସ): ମୟୂରଭଞ୍ଜ ଜିଲ୍ଲା ବାଙ୍ଗିରିପୋଷି ପୁଲିସ ଜଣେ ପତ୍ନୀହନ୍ତାକୁ ଗିରଫ କରି ବୁଧବାର କୋର୍ଟ ଚାଲାଣ କରିଛି। ଅଭିଯୁକ୍ତ ଜଣଙ୍କ ହେଲେ ବାଙ୍ଗିରିପୋଷି ଥାନା ଅନ୍ତର୍ଗତ ଚାଉଳଘୋରି ଗ୍ରାମର ବୀର ସିଂ (୩୭)। ପାରିବାରିକ କଳହରୁ ଏପରି ଅଭାବନୀୟ ଘଟଣା ଘଟିଛି ବୋଲି ଆଇଆଇସି ବୀରେନ୍ଦ୍ର ସେନାପତି କହିଛନ୍ତି। ସୂଚନାରୁ ପ୍ରକାଶ ଯେ, ମଙ୍ଗଳବାର ରାତିରେ ସାମାନ୍ୟ ଘଟଣାକୁ ନେଇ ସ୍ୱାମୀ ବୀର ସିଂ ଏବଂ ସ୍ତ୍ରୀ ମିନା ସିଂ (୨୭)ଙ୍କ ମଧ୍ୟରେ ପାଟିତୁଣ୍ଡ ଏବଂ ଯୁକ୍ତିତର୍କ ହୋଇଥିଲା। ଫଳରେ ସ୍ୱାମୀ ବୀର ଉତ୍ତ୍ୟକ୍ତ ହୋଇ ମାଡ ମାରିବା ସହିତ ପଥରରେ ଛେଚି ହତ୍ୟା କରିଥିଲା। ଗ୍ରାମବାସୀ ଏହି ଘଟଣା ଜାଣିପାରି ପୁଲିସକୁ ଖବର ଦେଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଉଦ୍ଧାର କରିବା ସହିତ ହତ୍ୟାରେ ବ୍ୟବହୃତ ପଥର ଜବତ କରିଛି। ମୃତ ମିନାଙ୍କ ମା' ସରୋଜିନୀ ସିଂଙ୍କ ଅଭିଯୋଗ କ୍ରମେ ପୁଲିସ ଏକ ନରହତ୍ୟା ମାମଲା ରୁଜୁ କରି ଅଭିଯୁକ୍ତ ସ୍ୱାମୀକୁ ଗିରଫ କରି କୋର୍ଟ ଚାଲାଣ କରିଛି। ସ୍ୱାମୀ-ସ୍ତ୍ରୀ ଦୁହେଁ ଗୋଟିଏ ଗ୍ରାମର ହୋଇଥିବା ବେଳେ ସେମାନଙ୍କ ବିବାହ ୧୦ବର୍ଷ ତଳେ ହୋଇଥିଲା। ବୀର ଅଧିକାଂଶ ସମୟରେ ନିଶାସକ୍ତ ଅବସ୍ଥାରେ ସ୍ତ୍ରୀ ସହ ଝଗଡା କରୁଥାଏ ବୋଲି ଗ୍ରାମବାସୀ କହିଛନ୍ତି।

# ୩୫ ଓ ୩୬ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର ପାଇଁ ଦରଖାସ୍ତ ଆହ୍ୱାନ

**ଅକ୍ଟୋବର ୪ସୁଦ୍ଧା କାଗଜପତ୍ର ସହ ଚଳଚ୍ଚିତ୍ର ଦାଖଲ**

ଭୁବନେଶ୍ୱର,୩।୯ (ସମିସ): ୩୫ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୩ ଏବଂ ୩୬ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୪ ନିମନ୍ତେ ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ଦରଖାସ୍ତ ଆହ୍ୱାନ କରାଯାଇଛି। ଆଗ୍ରହୀ ପ୍ରଯୋଜକମାନେ ଆସନ୍ତା ୪ ଅକ୍ଟୋବର, ୨୦୨୫ ତାରିଖ ସୁଦ୍ଧା ଏଣ୍ଟ୍ରି ଫର୍ମ ସହ ଆବଶ୍ୟକ କାଗଜପତ୍ର ଓ ଚଳଚ୍ଚିତ୍ରର ସଫ୍ଟ କପି (ପେନ୍ ଡ୍ରାଇଭ)କୁ ରେଜିଷ୍ଟରଡ୍ ପୋଷ୍ଟ, ସ୍ପିଡ୍ ପୋଷ୍ଟ କିମ୍ବା ପାର୍ସଲ ମାଧ୍ୟମରେ ବିଭାଗ ନିକଟରେ ଦାଖଲ କରିପାରିବେ। ୩୫ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୩ ପାଇଁ ପ୍ରେରିତ ହୋଇଥିବା ଚଳଚ୍ଚିତ୍ରଗୁଡିକ ୦୧.୦୧.୨୦୨୩ ତାରିଖରୁ ୩୧.୧୨.୨୦୨୩ ତରିଖ ମଧ୍ୟରେ ଚଳଚ୍ଚିତ୍ର ପ୍ରମାଣପତ୍ର ପ୍ରାପ୍ତ ହୋଇଥିବା ଆବଶ୍ୟକ। ସେହିପରି ୩୬ତମ ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର-୨୦୨୪ ପାଇଁ ପ୍ରେରିତ ହୋଇଥିବା ଚଳଚ୍ଚିତ୍ରଗୁଡିକ ୦୧.୦୧.୨୦୨୪ ରୁ ୩୧.୧୨.୨୦୨୪ ରିଖ ଅବଧି ମଧ୍ୟରେ ଚଳଚ୍ଚିତ୍ର ପ୍ରମାଣନ ପତ୍ର ପ୍ରାପ୍ତ ହୋଇଥିବା ଆବଶ୍ୟକ। ଓଡ଼ିଆ ଚଳଚ୍ଚିତ୍ର ଉପରେ ଓଡ଼ିଆ କିମ୍ବା ଇଂରାଜୀ ଭାଷାରେ ଲିଖିତ ଶ୍ରେଷ୍ଠ ଲେଖା (ବୁକ୍/ମନୋଗ୍ରାଫ୍) ପାଇଁ ପୁରସ୍କାର ନିମନ୍ତେ ଆଗ୍ରହୀ ଲେଖକ ଲେଖିକାମାନେ ଆବେଦନ କରିବା ସହ ବୁକ୍/ମନୋଗ୍ରାଫର ଦଶ ଖଣ୍ଡ ନକଲ ତା ୪.୧୦.୨୦୨୫ ତାରିଖ ସୁଦ୍ଧା ରେଜିଷ୍ଟ୍ରରଡ୍ ପୋଷ୍ଟ, ସ୍ପିଡ୍ ପୋଷ୍ଟ କିମ୍ବା ପାର୍ସଲ ମାଧ୍ୟମରେ ସଂସ୍କୃତି ବିଭାଗ ନିକଟରେ ଦାଖଲ କରିପାରିବେ। ରାଜ୍ୟ ଚଳଚ୍ଚିତ୍ର ପୁରସ୍କାର ସମ୍ବନ୍ଧୀୟ ସବିଶେଷ ବିବରଣୀ ଓ ନିୟମାବଳୀ ଓଡ଼ିଆ ଭାଷା,ସାହିତ୍ୟ ଓ ସଂସ୍କୃତି ବିଭାଗର ୱେବସାଇଟ୍ culture.odisha.gov.in ରେ ଉପଲବ୍ଧ କରାଯାଇଥିବା ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି।

■ ଉଦ୍ୟମ ଆରମ୍ଭ କଲା ସମବାୟ ବିଭାଗ

# ପୁନଃ କାର୍ଯ୍ୟକ୍ଷମ ହେବ ୨ ଚିନିକଳ

**କମିଟି ଗଠନ, ଆସନ୍ତା ୬ରେ ବୈଠକ**

ଭୁବନେଶ୍ୱର,୩।୯ (ସମିସ): ରାଜ୍ୟରେ ୨ଟି ବନ୍ଦ ହୋଇ ପଡ଼ିରହିଥିବା ଚିନିକଳକୁ ପୁନଃ କାର୍ଯ୍ୟକ୍ଷମ କରିବାକୁ ସରକାରୀସ୍ତରରେ ପ୍ରକ୍ରିୟା ଆରମ୍ଭ ହୋଇଛି। କଟକର ବଡ଼ମ୍ବା ସମବାୟ ଚିନି କଳ ଏବଂ ବଲାଙ୍ଗୀରର ବିଜୟାନନ୍ଦ ସମବାୟ ଚିନିକଳର ପୁନରୁଦ୍ଧାର ପାଇଁ ସମବାୟ ବିଭାଗ ଉଦ୍ୟମ ଆରମ୍ଭ କରିଛି। ଏସବିଆଇ କ୍ୟାପିଟାଲ ମାର୍କେଟ ଲିମିଟେଡର ପ୍ରସ୍ତାବ ଆଧାରରେ ସମବାୟ ବିଭାଗ ଏନେଇ ଏକ କମିଟି ଗଠନ କରିଛି। ସମବାୟ ବିଭାଗ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ ଏହି କମିଟିରେ ଅଧ୍ୟକ୍ଷଙ୍କ ବ୍ୟତୀତ ୫ ଜଣ ସଦସ୍ୟ ରହିଛନ୍ତି। ସମବାୟ ସମିତି ରେଜିଷ୍ଟ୍ରାର କମିଟିର ଅଧ୍ୟକ୍ଷ ରହିଥିବା ବେଳେ ସଦସ୍ୟ ଭାବେ ବିଭାଗର ଅତିରିକ୍ତ ସଚିବ, ଅର୍ଥ ବିଭାଗର ପ୍ରତିନିଧି, ଶିଳ୍ପ ବିଭାଗର ପ୍ରତିନିଧି ଓ କୃଷି ବିଭାଗ ପ୍ରତିନିଧିଙ୍କୁ ସ୍ଥାନ ମିଳିଛି। ଏହି କମିଟି ଏସବିଆଇ କ୍ୟାପିଟାଲ ମାର୍କେଟ ଲିମିଟେଡର ପ୍ରସ୍ତାବର ଅଧ୍ୟୟନ କରିବ। ସମ୍ପୂର୍ଣ୍ଣ ଅଧ୍ୟୟନ ପରେ କମିଟି ସରକାରଙ୍କ ପୂର୍ଣ୍ଣାଙ୍ଗ ରିପୋର୍ଟ ପ୍ରଦାନ କରିବା ପରେ ପରବର୍ତ୍ତୀ ପ୍ରକ୍ରିୟା ଆଗକୁ ବଢ଼ିବ ବୋଲି ଜଣାପଡ଼ିଛି। ସୂଚନାଯୋଗ୍ୟ ଯେ ଏସବିଆଇ କ୍ୟାପିଟାଲ ମାର୍କେଟ ଲିମିଟେଡ ଏହାର କାରବାର ପରାମର୍ଶଦାତା ରହିବ। ଏସବିଆଇ କ୍ୟାପିଟାଲର ସେବା ସମ୍ବନ୍ଧୀୟ ପ୍ରସ୍ତାବ ସହ ଆର୍ଥିକ କାର୍ଯ୍ୟକାରିତା ଏବଂ ପୁନରୁଦ୍ଧାର ନେଇ ସବିଶେଷ ଅଧ୍ୟୟନ ପାଇଁ ଆସନ୍ତା ୬ ତାରିଖରେ କମିଟିର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ରେଜିଷ୍ଟ୍ରାରଙ୍କ କାର୍ଯ୍ୟାଳୟରେ ବସିବ ବୋଲି ଜଣାପଡ଼ିଛି।

ଶ୍ରୀମନ୍ଦିର ନୂତନ ପରିଚାଳନା କମିଟିର ପ୍ରଥମ ବୈଠକ

# ଗଠନ ହେଲା ୧୪ ସବ୍ କମିଟି

ପୁରୀ,୩।୯ (ସମିସ): ନୂତନ ଭାବେ ଗଠନ କରାଯାଇଥିବା ଶ୍ରୀମନ୍ଦିର ପରିଚାଳନା କମିଟିର ପ୍ରଥମ ବୈଠକ ବୁଧବାର ଅନୁଷ୍ଠିତ ହୋଇଯାଇଛି। ନୀଳାଦ୍ରି ଭକ୍ତ ନିବାସରେ ଅନୁଷ୍ଠିତ ବୈଠକରେ ଗଜପତି ମହାରାଜା ଦିବ୍ୟସିଂହ ଦେବ ଅଧ୍ୟକ୍ଷତା କରିଥିଲେ। ନବଗଠିତ ପରିଚାଳନା କମିଟିର ଏହା ପ୍ରଥମ ବୈଠକ ହୋଇଥିବାରୁ ନୂତନ ସଦସ୍ୟମାନଙ୍କୁ ସ୍ୱାଗତ କରାଯାଇଥିଲା। ବୈଠକରେ ମୁଖ୍ୟତଃ 'ଧାଡ଼ି ଦର୍ଶନ' ବ୍ୟବସ୍ଥାର ପରୀକ୍ଷାମୂଳକ ପ୍ରଚଳନ, ରତ୍ନଭଣ୍ଡାରର ଗଣତିମଣତି ସମେତ ଶ୍ରୀମନ୍ଦିରର ସୁରକ୍ଷା ବ୍ୟବସ୍ଥାକୁ ସୁଦୃଢ଼ ସହ ଅନ୍ୟାନ୍ୟ ପ୍ରଶାସନିକ କାର୍ଯ୍ୟ ନିମନ୍ତେ ୧୪ଟି ସବ୍ କମିଟି ଗଠନ ଭଳି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି।

ମହାପ୍ରଭୁଙ୍କ ସେବାପୂଜା, ଶୃଙ୍ଖଳିତ ଦର୍ଶନ ଓ ନୀତିକାନ୍ତି, ଶ୍ରୀଜଗନ୍ନାଥ ସଂସ୍କୃତିର ପ୍ରଚାରପ୍ରସାର, ଶ୍ରୀମନ୍ଦିରର ବିଭିନ୍ନ କାର୍ଯ୍ୟ ଏସବୁ ଯେପରି ସୁଚାରୁ ରୂପେ ସମ୍ପାଦନ ହେବ ସେଥିପାଇଁ ୧୪ଟି ସବ୍ କମିଟି ଗଠନ କରାଯାଇଛି। ଯେଉଁ କମିଟି ମଧ୍ୟରେ ୪ଟି ସାମ୍ବିଧାନିକ ସବ୍ କମିଟି ଯଥା- ଅର୍ଥ, ନୀତି, ରତ୍ନଭଣ୍ଡାର ଏବଂ ଅପିଲ ସବ୍ କମିଟି ରହିଛି। ସହିପରି ପ୍ରଥମଥର ପାଇଁ ଶ୍ରୀମନ୍ଦିର ସୁରକ୍ଷା ନେଇ ଗଠନ ହୋଇଛି ନୂତନ ସବ୍ କମିଟି, ଯାହାର ଅଧ୍ୟକ୍ଷ ରହିଛନ୍ତି ପୂର୍ବତନ ସିଏଜି ଗିରିଶ ଚନ୍ଦ୍ର ମୁର୍ମୁ। ଏତଦ୍ବ୍ୟତୀତ ଶ୍ରୀଜଗନ୍ନାଥ ତତ୍ତ୍ୱ ଗବେଷଣା ଓ ପ୍ରକାଶନ ସବ୍ କମିଟି, ସେବକ କଲ୍ୟାଣ ସବ୍ କମିଟି, ପ୍ରକଳ୍ପ ସାଂସ୍କୃତିକ ସବ୍ କମିଟି, ପ୍ରକଳ୍ପ ବୈଷୟିକ ସବ୍ କମିଟି, ଲ୍ୟାଣ୍ଡ ସବ୍ କମିଟି, ଶ୍ରୀଜଗନ୍ନାଥ ମନ୍ଦିର ପେନ୍ସନ୍ ଟ୍ରଷ୍ଟ ବୋର୍ଡ ସବ୍ କମିଟି, ସଂସ୍ଥା ସବ୍ କମିଟି, ସଂସ୍ଥା ସବ୍ କମିଟି, ନୀତି ସମନ୍ୱୟ ସବ୍ କମିଟି। ପ୍ରତି ସବ୍ କମିଟିରେ ଜଣେ ଅଧ୍ୟକ୍ଷ ରହିଥିବାବେଳେ ଅନ୍ୟମାନଙ୍କୁ ସଦସ୍ୟ ଭାବେ ରଖାଯାଇଛି। ପ୍ରତ୍ୟେକ ସବ୍ କମିଟିରେ ପରିଚାଳନା କମିଟିର ପ୍ରତିନିଧିମାନେ ସଦସ୍ୟ ରହିଛନ୍ତି। ସମସ୍ତେ ଯେପରି ନିଜର ଦାୟିତ୍ୱ ସୁପରିଚାଳନା କରିବେ ତା' ଉପରେ ପ୍ରଥମ ବୈଠକରେ ଆଲୋଚନା ହୋଇଥିଲା। ସେହିପରି 'ଧାଡ଼ି ଦର୍ଶନ' ବ୍ୟବସ୍ଥାକୁ ଲାଗୁ କରିବା ପାଇଁ ପରିଚାଳନା କମିଟି ଅନୁମୋଦନ ଦେଇଛି। ଏହି ବ୍ୟବସ୍ଥା ଅନୁଯାୟୀ ଭକ୍ତମାନେ ନାଟମଣ୍ଡପରୁ ଦାରୁବିଗ୍ରହଙ୍କୁ ଦର୍ଶନ କରିବେ। ତେବେ ଏଥିପାଇଁ ନାଟମଣ୍ଡପରୁ ହୁଣ୍ଡି ସ୍ଥାନାନ୍ତର କରାଯିବ। ଏହିସବୁ ପ୍ରକ୍ରିୟା ଆସନ୍ତା ୧୫ ତାରିଖ ସୁଦ୍ଧା ଶେଷ ହେବା ପରେ ଧାଡ଼ି ଦର୍ଶନ ଆରମ୍ଭ କରାଯିବା ଲାଗି ଆଲୋଚନା ହୋଇଛି।




ମୁଖ୍ୟ ପ୍ରଶାସକ ଡ. ଅରବିନ୍ଦ କୁମାର ପାଢ଼ୀ କହିଛନ୍ତି, ଧାଡ଼ି ଦର୍ଶନ ଭକ୍ତଙ୍କୁ ଏକ ସୁଗମ ଓ ଶୃଙ୍ଖଳିତ ଦର୍ଶନ ଅନୁଭବ ପ୍ରଦାନ କରିବ ଏବଂ ମନ୍ଦିରର ନୀତିକାନ୍ତିକୁ ଅକ୍ଷୁଣ୍ଣ ରଖିବ। ଏହି ପ୍ରଣାଳୀକୁ ତଦାରଖ କରିବା ପାଇଁ ପୁରୀ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ୯ ଜଣିଆ କମିଟି ଗଠନ କରାଯାଇଛି। ଏହି କମିଟି ଖୁବ୍‌ଶୀଘ୍ର ଏକ ଷ୍ଟାଣ୍ଡାର୍ଡ ଅପରେଟିଂ ପ୍ରୋସିଜିଓର (ଏସ୍ଓପି) ପ୍ରସ୍ତୁତ କରି ଶ୍ରୀମନ୍ଦିର ପ୍ରଶାସନକୁ ଦେବେ, ଯାହା ଅନୁସାରେ ନାଟମଣ୍ଡପରେ ଧାଡ଼ି ଦର୍ଶନ ଆରମ୍ଭ କରାଯିବ।

ସେହିପରି ଭକ୍ତମାନଙ୍କ ସୁବିଧା ନିମନ୍ତେ ଏଏସ୍ଆଇ ମଧ୍ୟ ନାଟମଣ୍ଡପରେ ଶୀତତାପ ନିୟନ୍ତ୍ରିତ ବ୍ୟବସ୍ଥାକୁ ମଞ୍ଜୁରୀ ଦେଇଛନ୍ତି। ଏହା ଖରାଦିନେ ଭକ୍ତମାନଙ୍କୁ ଆରାମଦାୟକ ଦର୍ଶନ ଅନୁଭବ ପ୍ରଦାନ କରିବ। ଏଥିସହିତ ମହିଳା, ଶିଶୁ, ଦିବ୍ୟାଙ୍ଗ ଏବଂ ବରିଷ୍ଠ ନାଗରିକଙ୍କ ପାଇଁ ସ୍ୱତନ୍ତ୍ର ଦର୍ଶନ ବ୍ୟବସ୍ଥା କରାଯାଇଛି, ଯେଉଁଥିରେ ସ୍ୱତନ୍ତ୍ର ପ୍ରବେଶ ଓ ପ୍ରସ୍ଥାନ ମାର୍ଗ ସାମିଲ ରହିବ। ସେହିପରି ରତ୍ନଭଣ୍ଡାରର ଗଣତିମଣତି ପ୍ରକ୍ରିୟାକୁ ଆଗେଇ ନେବା ପାଇଁ ନିଷ୍ପତ୍ତି ନିଆଯାଇଛି। ରତ୍ନଭଣ୍ଡାର ସବ୍ କମିଟି ଏହି କାର୍ଯ୍ୟକୁ ଶୀଘ୍ର ଆରମ୍ଭ କରିବ ଓ ସମସ୍ତ ସାମଗ୍ରୀର ଏକ ବିସ୍ତୃତ ତାଲିକା ପ୍ରସ୍ତୁତ କରିବ। ଦିବ୍ୟାଙ୍ଗମାନଙ୍କ ପାଇଁ ଉତ୍ତର ଦ୍ୱାରରେ ରାମ୍ପ୍ ବ୍ୟବସ୍ଥା ପାଇଁ ଏକ କମିଟି ଗଠନ ହୋଇଛି। ଏଥିପାଇଁ ଏସ୍ଓପି ପ୍ରସ୍ତୁତ କରାଯିବ। ଇସ୍କନର ଅଦିନିଆ ରଥଯାତ୍ରା ପ୍ରସଙ୍ଗ ଉପରେ ବିସ୍ତୃତ ଆଲୋଚନା ହୋଇଛି। ଦୀଘାରେ ଜଗନ୍ନାଥ ଧାମ ଲେଖାକୁ ନେଇ ପରିଚାଳନା କମିଟି କ୍ଷୋଭ ପ୍ରକାଶ କରିଛନ୍ତି। ଆସନ୍ତା ୬ ତାରିଖରେ ଅଦିନିଆ ରଥଯାତ୍ରା ଓ ସ୍ନାନଯାତ୍ରା ନେଇ ଗଜପତି ମହାରାଜାଙ୍କ ଦ୍ୱାରା ପ୍ରେସ୍ ବିଜ୍ଞପ୍ତି କରାଯିବ। ପରବର୍ତ୍ତୀ ପର୍ଯ୍ୟାୟରେ ଇସ୍କନର ଗଭର୍ଣ୍ଣିଂବଡି ପାଖକୁ ପଠାଯିବ। ଜଗନ୍ନାଥ ଧାମ ଶବ୍ଦର କୌଣସି ଅପବ୍ୟବହାର କରିପାରିବେ ନାହିଁ। ସଂସଦ ଭବନରେ ରଥ ଚକ ସ୍ଥାନ ପାଇଁ ପରିଚାଳନା କମିଟି ଅନୁମୋଦନ କରିଛି। ଶ୍ରୀମନ୍ଦିର ଭିତରେ ମାତୃ ସ୍ତନ୍ୟପାନ ଗୃହ କାର୍ଯ୍ୟକ୍ଷମ ଉପରେ ଆଲୋଚନା କରାଯାଇଛି। ବୈଠକ ପରେ ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଡ. ପାଢ଼ୀ କହିଛନ୍ତି, ସବ୍ କମିଟିଗୁଡ଼ିକ ଶୀଘ୍ର ନିଜ ନିଜ କାର୍ଯ୍ୟ ଯୋଜନା ଉପରେ କାମ ଆରମ୍ଭ କରିବେ। ଭକ୍ତଙ୍କୁ ଉନ୍ନତ ଅନୁଭବ ପ୍ରଦାନ କରିବା ଏବଂ ମନ୍ଦିରର ସମସ୍ତ ଦିଗରେ ସୁବ୍ୟବସ୍ଥିତ ପରିଚାଳନା ଆମର ପ୍ରାଥମିକତା। ଧାଡ଼ି ଦର୍ଶନ ବ୍ୟବସ୍ଥା ସଫଳ ହେଲେ ଏହାକୁ ସ୍ଥାୟୀ ଭାବେ ଲାଗୁ କରାଯାଇପାରେ।

**■ ପ୍ରଥମଥର ଶ୍ରୀମନ୍ଦିର ସୁରକ୍ଷା ଲାଗି ସବ୍ କମିଟି ଗଠିତ**
**■ ଧାଡ଼ି ଦର୍ଶନ ଓ ରତ୍ନ ଅଳଙ୍କାର ଗଣତିମଣତିକୁ ଅନୁମୋଦନ**
**■ ନାଟମଣ୍ଡପରେ ହେବ ଶୀତତାପ ନିୟନ୍ତ୍ରିତ ବ୍ୟବସ୍ଥା**

ସୂଚନାଥାଉ କି, ଗତବର୍ଷ ଅଗଷ୍ଟ ମାସରେ ଶ୍ରୀମନ୍ଦିର ପରିଚାଳନା କମିଟିର କାର୍ଯ୍ୟକାଳ ଶେଷ ହୋଇଥିଲେ ମଧ୍ୟ ସରକାର ଏହାକୁ ଗଠନ ଦିଗରେ ବିଳମ୍ବ କରିଥିଲେ। ଗତମାସରେ ନୂଆ କମିଟି ଗଠନ ହେବା ପରେ ବୁଧବାର ତା'ର ପ୍ରଥମ ବୈଠକ ଅନୁଷ୍ଠିତ ହୋଇଥିଲା। ଏହି ନୂଆ କମିଟିରେ ଗଜପତି ମହାରାଜା ଦିବ୍ୟସିଂହ ଦେବ ଅଧ୍ୟକ୍ଷ ଥିବାବେଳେ ସଦସ୍ୟ ଭାବେ ପୂର୍ବତନ ସିଏଜି ଗିରିଶ ଚନ୍ଦ୍ର ମୁର୍ମୁ, ଶ୍ରୀମନ୍ଦିର ସେବାୟତଙ୍କ ସମେତ ସମାଜର ବିଭିନ୍ନ ବର୍ଗର ପ୍ରତିନିଧି ସାମିଲ୍ ରହିଛନ୍ତି।

# ୨୦ ମାଓବାଦୀଙ୍କ ଆତ୍ମସମର୍ପଣ



ମାଲକାନଗିରି,୩।୯ (ସମିସ): ଭୁଷୁଡିବାରେ ଲାଗିଥିବା ମାଓ ସଂଗଠନରୁ ୩୩ ଲକ୍ଷ ଟଙ୍କା ପୁରସ୍କାର ଘୋଷିତ ୨୦ ଜଣ ହାର୍ଡକୋର ମାଓବାଦୀ ପୁଲିସ ନିକଟରେ ଆତ୍ମସମର୍ପଣ କରିଛନ୍ତି। ମାଲକାନଗିରି ଜିଲ୍ଲା ସୀମାନ୍ତ ଛତିଶଗଡର ସୁକମା ଜିଲ୍ଲାରେ ଏହା ମାଓ ସଂଗଠନକୁ ଶକ୍ତ ଧକ୍କା ଲାଗିଥିବା ବେଳେ ପୁଲିସ ପାଇଁ ବଡ଼ ସଫଳତା ଆଣିଦେଇଥିବା କୁହାଯାଉଛି। ଆତ୍ମସମର୍ପଣ କରିଥିବା ମାଓବାଦୀଙ୍କ ମଧ୍ୟରେ ୯ ଜଣ ମହିଳା ମାଓବାଦୀ ରହିଛନ୍ତି। ଏମାନଙ୍କ ମଧ୍ୟରୁ ଅନେକ ମାଓବାଦୀ ବଡ଼ ବଡ ହିଂସାକାଣ୍ଡରେ ସାମିଲ ଥିଲେ। ଦୁଇ ଜଣ ମାଓ ନେତାଙ୍କ ମୁଣ୍ଡ ଉପରେ ପୂର୍ବରୁ ଛତିଶଗଡ ସରକାର ଆଠ ଆଠ ଲକ୍ଷ ଟଙ୍କାର ପୁରସ୍କାର ରାଶି ଘୋଷଣା କରିଥିଲେ। ଛତିଶଗଡରେ ଏବେ ଅପରେସନ ମନ୍‌ସୁନ ଜୋରଦାର ଚାଲିଥିବା ବେଳେ ଭୟଭୀତ ମାଓ ସଂଗଠନ ଏବେ ହିଂସାର ରାସ୍ତା ଛାଡି ସମାଜର ମୁଖ୍ୟସ୍ରୋତରେ ସାମିଲ୍ ହୋଇଛନ୍ତି। ସୁକୁମା ଏସପି କିରଣ ଚୌହାନଙ୍କ ନିକଟରେ ଆତ୍ମସମର୍ପଣ କରିଥିବା ଏହି ସମସ୍ତ ମାଓବାଦୀଙ୍କୁ ୨୫ ହଜାର ଟଙ୍କା ଲେଖାଏଁ ଚେକ୍ ପ୍ରଦାନ କରାଯାଇଛି। ପରବର୍ତ୍ତୀ ସମୟରେ ସରକାରଙ୍କ ନିୟମ ଅନୁସାରେ ସେମାନଙ୍କୁ ଥଇଥାନ କରାଯିବ ବୋଲି ସୁକୁମା ଏସପି ଶ୍ରୀ ଚୌହାନ ପ୍ରକାଶ କରିଛନ୍ତି।

# ୧୬ ମାଓବାଦୀ ଗିରଫ

ମାଲକାନଗିରି,୩।୯ (ସମିସ): ସୁରକ୍ଷା କର୍ମୀଙ୍କ ଅପରେସନ ବେଳେ ଧରା ପଡିଲେ ୧୬ ଜଣ ହାର୍ଡକୋର ମାଓବାଦୀ। ସୂଚନା ଅନୁଯାୟୀ ମାଲକାନଗିରି ସୀମାନ୍ତ ଛତିଶଗଡ଼ ବିଜାପୁର ଜିଲ୍ଲାର ତିନୋଟି ଭିନ୍ନ ଭିନ୍ନ ଜଙ୍ଗଲରୁ ଯବାନ ମାନେ ତଲାସି ଅଭିଯାନ କରିବା ବେଳେ ମୋଟ ୧୬ ଜଣ ମାଓବାଦୀଙ୍କୁ ଗିରଫ କରିବାରେ ସଫଳ ହୋଇଛନ୍ତି। ବିଶେଷ କରି ଜିଲ୍ଲାର ଗାଙ୍ଗାଲୁର, ବାସାଗୁଡା ଏବଂ ଜାଙ୍ଗଲା ଜଙ୍ଗଲରେ ଏସ୍‌ଟିଏଫ, ଡିଆରଜି ଏବଂ ସିଆରପିଏଫ ଯବାନଙ୍କ ତଲାସି ଅପରେସନ ବେଳେ ଏହି ସଫଳତା ମିଳିଛି। ଏମାନଙ୍କ



ନିକଟରୁ ଆଇଇଡି, ପ୍ରେସର କୁକର ବୋମା, ଟିଫିନ ବୋମା, କୋଡେକ୍ସ ତାର ଓ ଜିଲୋଟିନ ଷ୍ଟିକ୍ ଜବତ ହୋଇଛି।

# ଉପମୁଖ୍ୟମନ୍ତ୍ରୀ ପ୍ରଭାତୀଙ୍କୁ ଏବେ କଙ୍ଗନା ସିଣ୍ଡ୍ରୋମ: କଂଗ୍ରେସ

ଭୁବନେଶ୍ୱର,୩।୯ (ସମିସ): ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ନିଜକୁ ପ୍ରଧାନମନ୍ତ୍ରୀ ମୋଦୀଙ୍କ ପ୍ରିୟପାତ୍ର ହେବା ପାଇଁ କଂଗ୍ରେସ ବିରୋଧରେ ମିଛ ଓ ଭିତ୍ତିହୀନ ଅଭିଯୋଗ ଆଣିଛନ୍ତି। କଂଗ୍ରେସର




**ମୋଦୀଙ୍କ ପ୍ରିୟପାତ୍ର ହେବାକୁ ଭିତ୍ତିହୀନ କଥା କହୁଛନ୍ତି ପ୍ରଭାତୀ**

ସର୍ବୋଚ୍ଚ ନେତାଙ୍କ ପ୍ରତି ଶ୍ରୀମତୀ ପରିଡ଼ା ଭିତ୍ତିହୀନ ଓ ଅଯୌକ୍ତିକ ମନ୍ତବ୍ୟ ରଖିଛନ୍ତି। ବିହାର ନିର୍ବାଚନରେ ପରାଜୟର ଆଶଙ୍କା ଓ ଭୟ ବିଜେପିକୁ ଘାରିଥିବାରୁ ଦଳର ନେତା ଓ ନେତ୍ରୀମାନେ ଏଭଳି ଆଚରଣ କରୁଛନ୍ତି ବୋଲି ଅଭିଯୋଗ କରିଛି କଂଗ୍ରେସ।

ବିହାରରେ ପ୍ରଧାନମନ୍ତ୍ରୀଙ୍କ ମା'ଙ୍କ ଉଦ୍ଦେଶ୍ୟରେ ଦିଆଯାଇଥିବା ବୟାନ ଓ ଏହାକୁ ନେଇ ଉପମୁଖ୍ୟମନ୍ତ୍ରୀ କଂଗ୍ରେସ ନେତା ରାହୁଲ ଗାନ୍ଧୀଙ୍କୁ ଟାର୍ଗେଟ କରିବା ପରେ ବୁଧବାର କଂଗ୍ରେସ ଏହାର ପାଲଟା ଜବାବ ଦେଇଛି। କଂଗ୍ରେସ ମୁଖପାତ୍ର ସୋନାଲି ସାହୁ ଏକ ସାମ୍ବାଦିକ ସମ୍ମିଳନୀରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ସ୍ମୃତିଶକ୍ତି ଦୁର୍ବଳ ଓ ସେ ବର୍ତ୍ତମାନ କଙ୍ଗନା ରଣାଓ୍ୱତ ସିଣ୍ଡ୍ରୋମରେ ଆକ୍ରାନ୍ତ ବୋଲି ଆକ୍ଷେପ କହିଛନ୍ତି। ସେ କହିଛନ୍ତି ଯେ ଭାରତରେ ବିଜେପି ଭୋଟ ଚୋରି କରି କ୍ଷମତାକୁ ଆସିଛି। ଏହା ସହିତ ବିହାରରେ କଂଗ୍ରେସ ପ୍ରତି ଲୋକଙ୍କ ଅକୁଣ୍ଠ ସମର୍ଥନ ଦେଖି ବିଜେପି ଦଳ ଏବଂ ତାର ତଥାକଥିତ ପ୍ରଚାରକ ମାନେ ଭୟରେ କଂଗ୍ରେସର ଅପପ୍ରଚାର କରୁଛନ୍ତି। କଂଗ୍ରେସ ନୀତି ଆଦର୍ଶର ଦଳ, କଂଗ୍ରେସ ସବୁବେଳେ ମା'ମାତୃକାକୁ ସମ୍ମାନ ଦେଇ ଆସିଛି। ମିଛ ପ୍ରଚାର କରି କଂଗ୍ରେସକୁ କିମ୍ବା କଂଗ୍ରେସ ନେତୃବୃନ୍ଦଙ୍କୁ ଦୋଷୀ କରି ପାରିବେନି। ବିଗତ ଦିନରେ ବିଜେପି ନେତାମାନେ କଂଗ୍ରେସ ଦଳର ସର୍ବୋଚ୍ଚ ନେତ୍ରୀ ସୋନିଆ ଗାନ୍ଧୀଙ୍କୁ ଗୋରୀ ଚମଡି, ବାର୍ ଡ୍ୟାନ୍ସର କହି ସମାଲୋଚନା କରିଥିଲେ। ଏପରିକି ରାହୁଲ ଗାନ୍ଧୀଙ୍କୁ ହାଇବ୍ରିଡ୍ ବାଛୁରୀ ବୋଲି ବିଦ୍ରୁପ କରିବାକୁ ସେ ପଛାଇ ନ ଥିଲେ। ସେତେବେଳେ ବିଜେପି ନେତାମାନେ କେଉଁଠାରେ ଥିଲେ ବୋଲି ସୋନାଲି ପ୍ରଶ୍ନ କରିଛନ୍ତି।

ଶ୍ରୀମତୀ ସାହୁ ପୁଣି କହିଥିଲେ ଯେ,ପ୍ରଧାନମନ୍ତ୍ରୀ ମୋଦୀ ନିଜ ମାଆଙ୍କ ଅନ୍ତ୍ୟେଷ୍ଟିକ୍ରିୟାରେ କାହିଁକି ଲଣ୍ଡା ହେଲେନାହିଁ? ଏହା କଣ ହିନ୍ଦୁ ଭାବନା ପ୍ରତି କୁଠାରାଘାତ ନୁହେଁ କି ? ସେହିପରି ବିଜେପି ମୁଖପାତ୍ର ପ୍ରେମ ଶୁକ୍ଳ, କଂଗ୍ରେସ ମୁଖପାତ୍ର ସୁରେନ୍ଦ୍ର ରାଜପୁତଙ୍କ ମାଆଙ୍କ ପ୍ରତି ଅତି ଅରୁଚିକର ମନ୍ତବ୍ୟ ଦେଇଥିଲେ ମଧ୍ୟ ତାଙ୍କ ବିରୋଧରେ ବିଜେପି କୌଣସି କାର୍ଯ୍ୟାନୁଷ୍ଠାନ ନ ନେଇ ତାଙ୍କୁ ରାଷ୍ଟ୍ରୀୟ ମୁଖପାତ୍ରରେ ଅବସ୍ଥାପିତ କରିଛି। ଏହା କ'ଣ ବିଜେପି ଏବଂ ପ୍ରଧାନମନ୍ତ୍ରୀଙ୍କ ମାଆ ମାନଙ୍କୁ ସମ୍ମାନ ବୋଲି କଂଗ୍ରେସ ପ୍ରଶ୍ନ କରିଛି।

■ ଗୁରୁ ଦିବସରେ ଶିକ୍ଷକ ସମାବେଶ

# ଅନୁଦାନଯୋଗ୍ୟ ସ୍କୁଲ କଲେଜକୁ ଅନୁଦାନ ଦାବି

ଭୁବନେଶ୍ୱର, ୩।୯ (ସମିସ): ଅନୁଦାନ ଯୋଗ୍ୟ ସ୍କୁଲ କଲେଜକୁ ଅନୁଦାନ ଏବଂ ଅବସର ନେଉଥିବା ଓ ନେଇଥିବା ଶିକ୍ଷକଙ୍କୁ ପେନସନ୍ ପ୍ରଦାନ ଦାବିରେ ଆସନ୍ତା ୫ ତାରିଖ ଅର୍ଥାତ୍ ଗୁରୁଦିବସ ଦିନ ବିଧାନସଭା ସମ୍ମୁଖରେ ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ପକ୍ଷରୁ ଶିକ୍ଷକ ସମାବେଶ ଅନୁଷ୍ଠିତ କରାଯିବ। ସମନ୍ୱୟ ସମିତିର ଆବାହକ ରଞ୍ଜନ କୁମାର ଦାଶ ଏକ ସାମ୍ବାଦିକ ସମ୍ମିଳନୀ କରି କହିଛନ୍ତି ଯେ, ପେନସନ୍ ସମେତ ଅବସର ବୟସ ସୀମା ୬୨ ବର୍ଷକୁ ବୃଦ୍ଧି, ଗ୍ରେଡ୍ ପେ ଅସଙ୍ଗତି ଦୂର କରିବା, ଚୁକ୍ତି ଭିତ୍ତିକ ଶିକ୍ଷକଙ୍କୁ ୬ଟି ନୋସନାଲ୍ ଇନ୍‌କ୍ରିମେଣ୍ଟ ସହ ବରିଷ୍ଠତା ପ୍ରଦାନ, ସ୍ଥାୟୀ ନିଯୁକ୍ତି ପରି ୫ଦଫା ଦାବି ପୂରଣ ପାଇଁ ବହୁବାର ଦାବି କରୁଥିଲେ ମଧ୍ୟ ସରକାର କର୍ଣ୍ଣପାତ କରୁ ନାହାନ୍ତି। ଗତ ଅଗଷ୍ଟ ୧୬ରେ ଗାନ୍ଧିମାର୍ଗରେ ଏକ ଶିକ୍ଷକ ସମାବେଶ କରାଯାଇ ସରକାରଙ୍କୁ ଦାବିପତ୍ର ପ୍ରଦାନ କରାଯାଇଥିଲା। ଅଗଷ୍ଟ ୩୦ ଏବଂ ସେପ୍ଟେମ୍ବର ୧ ଓ ୨ରେ ଜିଲ୍ଲା ଶିକ୍ଷାଧିକାରୀ (ଡିଇଓ)ଙ୍କ ମାଧ୍ୟମରେ ମୁଖ୍ୟମନ୍ତ୍ରୀଙ୍କ ସମେତ କେନ୍ଦ୍ର ଶିକ୍ଷାମନ୍ତ୍ରୀ, ପ୍ରଧାନମନ୍ତ୍ରୀ, ରାଜ୍ୟପାଳ ଓ ରାଷ୍ଟ୍ରପତିଙ୍କୁ ଦାବିପତ୍ର ପ୍ରଦାନ କରିଥିଲେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରାଯାଇ ନାହିଁ। ଫଳରେ ପୁଣିଥରେ ଆନ୍ଦୋଳନକୁ ଓହ୍ଲାଇବାକୁ ସେମାନେ ବାଧ୍ୟ ହେଉଥିବା ଶ୍ରୀ ଦାସ ସୂଚନା ଦେଇଛନ୍ତି। ପୂର୍ବରୁ ବିରୋଧୀ ଦଳରେ ଥିବାବେଳେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶିକ୍ଷକଙ୍କ ଦାବି ଯୁକ୍ତିଯୁକ୍ତ କହି ଯେଉଁ ପ୍ରତିଶ୍ରୁତି ଦେଇଥିଲେ ତାକୁ ଅବିଳମ୍ବେ ପୂରଣ କରିବାକୁ ସମିତି ଦାବି କରିଛି। ଅନ୍ୟଥା ଅହୋରାତ୍ର ଧାରଣା ଜାରି ରଖିବେ ବୋଲି ସମିତିର ସଭାପତି ସୁକାନ୍ତ କୁମାର ବେହେରା, ଅକ୍ଷୟ କୁମାର ମିଶ୍ର, ବିକ୍ରମ କୁମାର ଦାସ, ପ୍ରମୋଦ କୁମାର ହୋତା, ହରେକୃଷ୍ଣ ପାଣିଗ୍ରାହୀ, ଅଜୟ କୁମାର ପତି, ଗରୁଡ଼ ଚନ୍ଦ୍ର ସାହୁ, ରଞ୍ଜନ କୁମାର ପଣ୍ଡା, ଏମ୍.ଏ. କାସିମ୍ ବେଗ୍, ପ୍ରଶାନ୍ତ କୁମାର ପତି, ସୁରେଶ ଚନ୍ଦ୍ର ଦାସ, ଏବଂ ମଧୁସୂଦନ ଦେ ପ୍ରମୁଖ ପ୍ରକାଶ କରିଛନ୍ତି।

ବିଦ୍ୟୁତ୍ ସେବାରେ ଦକ୍ଷତା ଅଧିନିୟମ ଚିଠା ପ୍ରକାଶ

# ୩ ମିନିଟରେ ଫୋନ୍‌କଲ୍ ଉତ୍ତର ନ ଦେଲେ କମ୍ପାନୀ ଦେବ ଜୋରିମାନା

ଭୁବନେଶ୍ୱର,୩।୯ (ସମିସ): ଓଡ଼ିଶା ବିଦ୍ୟୁତ୍ ନିୟାମକ ଆୟୋଗ ବିଦ୍ୟୁତସେବାର ନୂତନ ମାନଦଣ୍ଡ ଓ ଦକ୍ଷତା ଚିଠାଅଧିନିୟମ୨୦୨୫ ପ୍ରକାଶ କରିଛନ୍ତି। ଏହିଅଧିନିୟମ ଅନୁଯାୟୀ ବିଦ୍ୟୁତ ଉପଭୋକ୍ତାଙ୍କ କଲର ଉତ୍ତର ବିଦ୍ୟୁତ ସେବା ପ୍ରଦାନକାରୀ କମ୍ପାନୀ ଟାଟା ପାୱାର ୩ ମିନିଟ୍ ମଧ୍ୟରେ ଉତ୍ତର ଦେବାକୁ ବାଧ୍ୟ। ଏଥିରେ ଖିଲାପ ହେଲେ ଉପଭୋକ୍ତାଙ୍କୁ କମ୍ପାନୀ ଜୋରିମାନା ପ୍ରଦାନ କରିବ। ଏହି ଜୋରିମାନା ଅର୍ଥ କମ୍ପାନୀ ସମ୍ପୃକ୍ତ ଉପଭୋକ୍ତାଙ୍କ ମାସିକ ବିଜୁଳି ଦେୟରୁ କାଟି ବିଲ୍ ପଠାଇବ।

ଅନ୍ୟପକ୍ଷରେ ଉପଭୋକ୍ତା କଲ୍ କରିବାର ୫ ମିନିଟ ଭିତରେ କଲସେଣ୍ଟର ତାହାକୁ ପଞ୍ଜୀକୃତ କରି ଉପଭୋକ୍ତାକୁ ଗୋଟେ ଅଭିଯୋଗ ନମ୍ବର ପ୍ରଦାନ କରିବେ। ଏହି ପ୍ରକ୍ରିୟା ପାଳନରେ ବିଫଳ ହେଲେ ଉପଭୋକ୍ତାକୁ ୧୦୦ ଟଙ୍କା ଜରିମାନା ଦେବେ। ବିଦ୍ୟୁତବ୍ୟାହତ, ନୂତନ-ସଂଯୋଗ, ସଂଯୋଗ-ବିଚ୍ଛିନ୍ନ, ପୁନଃସଂଯୋଗ, ମିଟର ସମସ୍ୟା, ମାଲିକାନା ପରିବର୍ତ୍ତନ, ବିଲ ସମସ୍ୟା, ଭୋଲଟେଜ ସମସ୍ୟା ଆଦି ୩୩ଟି ବିଷୟ ଉପରେ ବିତରଣ କମ୍ପାନୀର କାର୍ଯ୍ୟଦକ୍ଷତାର ମାନଦଣ୍ଡ ସ୍ଥିରକରି ଓଡ଼ିଶା ବିଦ୍ୟୁତ ନିୟାମକ ଆୟୋଗ (ଓଇଆରସି) ଏହି ଚିଠା ଅଧିନିୟମ ସାଧାରଣ ବିଜ୍ଞପ୍ତି ମାଧ୍ୟମରେ ଜାରିକରି ଏକ କୋଟି ବିଦ୍ୟୁତ ଉପଭୋକ୍ତାଙ୍କ ମତାମତ ଆହ୍ୱାନ କରିଛନ୍ତି। ଆସନ୍ତା ୨୨ ତାରିଖ ମଧ୍ୟରେ ଇଚ୍ଛୁକ ବ୍ୟକ୍ତି ଚିଠା ଅଧିନିୟମ ଉପରେ ମତାମତ ଦେବାପାଇଁ ଆୟୋଗ ନିବେଦନ କରିଛନ୍ତି। ଶକ୍ତି ସମୀକ୍ଷକ ଆନନ୍ଦ ମହାପାତ୍ରଙ୍କ ଏପରି ଅଭିଯୋଗକୁ ବିଶ୍ୱାସକୁ ନେଇ ଓଇଆରସି ବିତରଣ କମ୍ପାନୀମାନଙ୍କ ପାଇଁ ଉଦ୍ଦିଷ୍ଟ ପୁରୁଣା କାର୍ଯ୍ୟଦକ୍ଷତା ମାନଦଣ୍ଡ ଅଧିନିୟମ-୨୦୦୪କୁ ନବୀକରଣ କରି ନୂତନ ଅଧିନିୟମ-୨୦୨୫ର ଚିଠା ବିଜ୍ଞାପିତ କରିଛନ୍ତି।

**■ ଅଭିଯୋଗ ପରେ ପୁରୁଣା ଅଧିନିୟମ- ୨୦୦୪କୁ ରଦ୍ଦ କଲେ ଆୟୋଗ**
**■ ଶକ୍ତି ସମୀକ୍ଷକଙ୍କ ମତ, ଜୋରିମାନା ଅର୍ଥ ଅନ୍ୟ ରାଜ୍ୟ ତୁଳନାରେ ବହୁତ କମ**

ଶ୍ରୀ ମହାପାତ୍ରଙ୍କ ସୂଚନା ଅନୁଯାୟୀ ଓଡ଼ିଶା ବିଦ୍ୟୁତ ନିୟାମକ ଆୟୋଗ (ଓଇଆରସି) ବିତରଣ କାର୍ଯ୍ୟଦକ୍ଷତାର ମାନଦଣ୍ଡ ଓ ସପ୍ଲାଇ କୋଡ ପାଇଁ ଦୁଇଟି ପୃଥକ ପୃଥକ ଅଧିନିୟମ ପ୍ରସ୍ତୁତ କରି ୨୦୦୪ରେ ଗୋଟେ ଦିନରେ ପ୍ରଣୀତ କରିଛନ୍ତି। କିନ୍ତୁ ପଞ୍ଜାବ ଓ ମହାରାଷ୍ଟ୍ର ଭଳି ଅନ୍ୟ ରାଜ୍ୟର ବିଦ୍ୟୁତ ଆୟୋଗ ଓଇଆରସି ଭଳି ଦୁଇଟି ଅଧିନିୟମ ବଦଳରେ ଉଭୟ ପାଇଁ ଗୋଟେ ଅଧିନିୟମ ୨୦୦୪ରେ ପ୍ରଣୀତ କଲେ। ପ୍ରଗତିଶୀଳ ଅର୍ଥନୀତିରେ ଅତିରିକ୍ତ ପୁଞ୍ଜିନିବେଶ ଓ ବୈଷୟିକ ଉନ୍ନତି ପରିଲକ୍ଷିତ ହେଉଥିବାରୁ ଅନ୍ୟ ରାଜ୍ୟ ଆୟୋଗଗୁଡିକ ଏକାଧିକ ଥର ପୁରୁଣା ଅଧିନିୟମକୁ ନବୀକରଣ କରି ନୂତନ ଅଧିନିୟମ ପ୍ରଣୀତ କରିଛନ୍ତି। କିନ୍ତୁ ଓଡ଼ିଶା ଆୟୋଗ ପୁରୁଣା ସପ୍ଲାଇ କୋଡକୁ ନବୀକରଣ କରିବାରେ ସମର୍ଥ ହୋଇଥିବା ବେଳେ ବିତରଣ କମ୍ପାନୀର କାର୍ଯ୍ୟଦକ୍ଷତା ମାନଦଣ୍ଡ ଅଧିନିୟମ ନବୀକରଣ କରିପାରିଲେ ନାହି। ଫଳରେ ଓଡ଼ିଶା ଉପଭୋକ୍ତା ଉନ୍ନତ ମାନର ବିଦ୍ୟୁତସେବା ପାଇବାରୁ ବଞ୍ଚିତ ହୋଇଛନ୍ତି।

ଶ୍ରୀ ମହାପାତ୍ର ଆହୁରି କହିଛନ୍ତି ଯେ ବିଦ୍ୟୁତ ସେବା ମାନଦଣ୍ଡ ପାଳନରେ ବିତରଣ କମ୍ପାନୀ ବିଫଳ ହେଲେ ପୁରୁଣା ଅଧିନିୟମ ଅନୁସାରେ ଟାଟା ବିତରଣ କମ୍ପାନୀକୁ ଜୋରିମନା ଦେବାପାଇଁ ୫୦ରୁ ୧୦୦୦ ଟଙ୍କା ପର୍ଯ୍ୟନ୍ତ ୫ଟି ସ୍ଲାବ ପ୍ରଣୀତ ହୋଇଥିବାବେଳେ ନୂତନ ଚିଠା ଅଧିନିୟମରେ ତାହାକୁ କମାଇ ୫୦ରୁ ୨୫୦ ଟଙ୍କା ଭିତରେ ସ୍ଥିର କରିବା ଏହା ଏକ ଅବାସ୍ତବ ନିୟାମକ ପ୍ରକ୍ରିୟା। ଅନ୍ୟ ରାଜ୍ୟ ଆୟୋଗ ୧୦୦ରୁ ୫୦୦୦ ଟଙ୍କା ପର୍ଯ୍ୟନ୍ତ ଜୋରିମାନା ସ୍ଲାବ କରିଛନ୍ତି। ସେହିପରି ମାସକୁ କେତେ ଘଣ୍ଟା ବିଦ୍ୟୁତସେବା ଉପଲବ୍ଧ ହେଉଛି ଓ କେତେ ଥର ବିଦ୍ୟୁତ ବ୍ୟାହତ ହେଉଛି ଉପଭୋକ୍ତାକୁ ବିଦ୍ୟୁତବିଲରେ ଅବଗତ କରିବାପାଇଁ ଚିଠା ଅଧିନିୟମରେ ବ୍ୟବସ୍ଥା ହୋଇନାହି। ତେଣୁ ଗ୍ରାମାଞ୍ଚଳର ବିକାଶକୁ ଚିଠା ଅଧିନିୟମରେ ଆୟୋଗ ଅଣଦେଖା କରିଥିବା ସେ ଅଭିଯୋଗ କରିଛନ୍ତି। ତେବେ ପୁରୁଣା ଅଧିନିୟମରେ ମାନଦଣ୍ଡ ଓ କାର୍ଯ୍ୟଦକ୍ଷତାକୁ ଦୁଇ ସ୍ତରରେ ବିଭକ୍ତ ହୋଇଥିବା ବେଳେ ଚିଠା ଅଧିନିୟମରେ ତିନି ସ୍ତରରେ ବିଭକ୍ତ ହୋଇଛି। ଆଗରୁ ସହରାଞ୍ଚଳ ଓ ଗ୍ରାମାଞ୍ଚଳ ପାଇଁ ପୃଥକ ପୃଥକ ଭାବେ ମାନଦଣ୍ଡ ଓ କାର୍ଯ୍ୟଦକ୍ଷତା ରହିଥିବା ବେଳେ ଚିଠା ଅଧିନିୟମରେ ଅତିରିକ୍ତ ଭାବେ ମହାନଗର ନିଗମ ସୃଷ୍ଟି କରାଯାଇ ତାପାଇଁ ଉଚ୍ଚକୋଟିର ମାନଦଣ୍ଡ ଓ କାର୍ଯ୍ୟଦକ୍ଷତା ନିର୍ଣ୍ଣୟ ହୋଇଛି।

# ପାଣି ପାଇପ୍ ଚୋରି ଅଭିଯୋଗରେ ୩ ଗିରଫ



ରାଉରକେଲା,୩।୯ (ସମିସ): ସ୍ଥାନୀୟ ସେକ୍ଟର - ୧୬ ସ୍ଥିତ ଇସ୍ପାତ କଲେଜ ଛକ ନିକଟ ଡୁମକେଲା ବସ୍ତିରେ ପାନୀୟ ଜଳ ଯୋଗାଣ ପାଇଁ ରଖାଯାଇଥିବା ପାଣି ପାଇପ୍‌କୁ ଚୋରି କରିବା ଅଭିଯୋଗରେ ସେକ୍ଟର-୧୫ ଥାନା ପୁଲିସ ୩ ଜଣ ଅଭିଯୁକ୍ତଙ୍କୁ ଗିରଫ କରିଛି। ସେମାନଙ୍କ ନିକଟରୁ ୫ଟି ପାଣି ପାଇପ୍‌କୁ ଜବତ କରିଥିବା ଜଣାପଡିଛି। ଗିରଫ ଅଭିଯୁକ୍ତ ୩ ଜଣ ହେଲେ ମାନୁ ଡୁଙ୍ଗଡୁଙ୍ଗ (୩୬), ରୋହିତ ଖାଡିଆ(୨୨) ଏବଂ ସଂଜୟ ଖାଡିଆ (୨୭)। ସେମାନେ ସମସ୍ତେ ଡୁମକେଲା ବସ୍ତିର ବୋଲି ଜଣାପଡିଛି। ସୂଚନା ମୁତାବକ, ଡୁମକେଲାବାସୀଙ୍କ ଅନୁରୋଧ କ୍ରମେ ଗତ ୧ ତାରିଖରେ ରଘୁନାଥପାଲି ବିଧାୟକ ଦୁର୍ଗାଚରଣ ତନ୍ତୀ ପାନୀୟ ଜଳ ଯୋଗାଣ ପ୍ରକଳ୍ପର ଭୂମିପୂଜା କରିଥିଲେ। ପ୍ରକଳ୍ପ ପାଇଁ ସେଠାରେ ୱାଟକୋ ପକ୍ଷରୁ ୬୦ଟି ଲୁହା ପାଣି ପାଇପ୍ ରଖାଯାଇଥିଲା। ତେବେ ସେହିଦିନ ରାତିରେ ୫ଟି ପାଣି ପାଇପ୍‌କୁ କେହି ଦୁର୍ବୃତ୍ତ ଚୋରି କରି ନେଇଥିଲା। ଏନେଇ ଗତ ୨ ତାରିଖ ଦିନ ୱାଟକୋ ଅଧିକାରୀ ହେମାନନ୍ଦ ଦାଶ ସେକ୍ଟର-୧୫ ଥାନାରେ ଏତଲା ଦେଇଥିଲେ। ଥାନା ଅଧିକାରୀ ସିନ୍ମୟ କୁମାର ବଳ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ ଆରମ୍ଭ କରିଥିଲେ । ଏହାପରେ ବିଭିନ୍ନ ଅଞ୍ଚଳରେ ଚଢ଼ଉ କରି ଉପରୋକ୍ତ ୩ ଜଣ ଅଭିଯୁକ୍ତଙ୍କୁ ଗିରଫ କରି କୋର୍ଟଚାଲାଣ କରିଥିବା ସୂଚନା ମିଳିଛି। ଏହି ଘଟଣାରେ ଏକ ଟ୍ରାକ୍ଟର ଓ ୫ଟି ଚୋରି ପାଣି ପାଇପ୍‌କୁ ଜବତ କରାଯାଇଛି।

# ବିମାନସେବା ବନ୍ଦ ନେଇ ସର୍ବଦଳୀୟ ବୈଠକରେ ପ୍ରତିବାଦ

ରାଉରକେଲା,୩।୯ (ସମିସ):



ରାଉରକେଲା ବିମାନ ବନ୍ଦରରୁ ଦୀର୍ଘ ଦୁଇ ମାସରୁ ଉର୍ଦ୍ଧ ସମୟ ହେଲା ବିମାନସେବା ବନ୍ଦ କରାଯାଇଥିବାରୁ ସର୍ବଦଳୀୟ ବୈଠକରେ ଦୃଢ଼ ପ୍ରତିବାଦ କରାଯାଇଛି। ବିମାନସେବା ଯଥାଶୀଘ୍ର ପୁନଃ ଆରମ୍ଭ କରା ନ ଗଲେ ଆସନ୍ତା ଦିନରେ ରାଉରକେଲା ବନ୍ଦ କରାଯିବା ସହ ନିର୍ବାଚିତ ଜନପ୍ରତିନିଧିମାନଙ୍କ ଘର ଆଗରେ ଧାରଣା ଦେବା ପାଇଁ ସର୍ବଦଳୀୟ ବୈଠକରେ ଚେତାବନୀ ଦିଆଯାଇଛି। ସ୍ଥାନୀୟ ଆମ୍ରବାଗାନଠାରେ ସୁମନ ଦତ୍ତଙ୍କ ଆବାହକତ୍ୱରେ ଅନୁଷ୍ଠିତ ସର୍ବଦଳୀୟ ବୈଠକରେ ରାଉରକେଲାର ସମସ୍ତ ରାଜନୈତିକ ଦଳ, ଶ୍ରମିକ ସଂଗଠନ, ସାମାଜିକ ଅନୁଷ୍ଠାନର ପ୍ରତିନିଧିମାନେ ଯୋଗ ଦେଇଥିଲେ। ବରିଷ୍ଠ ବିଜେଡି ନେତା ଆଇନଜୀବୀ ଆନନ୍ଦ ଚନ୍ଦ୍ର ମହାନ୍ତିଙ୍କ ସଭାପତିତ୍ୱରେ ଆୟୋଜିତ ଏହି ବୈଠକରେ ସିଆଇଟିୟୁ ଶ୍ରମିକ ସଂଗଠନର ସର୍ବଭାରତୀୟ ଉପସଭାପତି ତଥା ବିଶିଷ୍ଟ ଶ୍ରମିକ ନେତା ବିଷ୍ଣୁ ଚରଣ ମହାନ୍ତି, ରାଉରକେଲା ଜିଲ୍ଲା କଂଗ୍ରେସର ସଭାପତି ଜ୍ଞାନେନ୍ଦ୍ର ଦାସ, ରେଳ ଓ ରୋଡ଼ ୟୁଜର୍ସ ଆସୋସିଏସନର ସଭାପତି ଇଂ ଉତ୍ତମ ସାମଲ, ଅମୂଲ୍ୟ ବରାଳ, ଜଗଦା ସାଂସ୍କୃତିକ ପରିଷଦର ସଭାପତି ସଂଜୀବ ମହାନ୍ତି, ପ୍ରଭାତ କୁମାର ମହାନ୍ତି, ତ୍ରିଲୋଚନ ପରିଡ଼ା, ଥିଙ୍କର୍ସ ଫୋରମ୍‌ର ସଭାପତି ନଳିନୀକାନ୍ତ ଧର, ରାଉରକେଲା ବାର ଆସୋସିଏସନର ସଭାପତି ସଦାନନ୍ଦ ସାହୁ, ଯାଦବ ସମାଜର ସଭାପତି ହରିହର ବେହେରା, ଖଣ୍ଡାୟତ କ୍ଷତ୍ରୀୟ ମହାସଭାର କାର୍ଯ୍ୟକାରୀ ସଭାପତି ଉପେନ୍ଦ୍ର ନାୟକ, ଆଦର୍ଶ ପାଠାଗାରର ଉପଦେଷ୍ଟା ଚନ୍ଦ୍ରଶେଖର ଶତପଥି, ସିଆଇଟିୟୁର ଜିଲ୍ଲା ସଭାପତି ରାଜକିଶୋର ପ୍ରଧାନ, ଆପ୍ ଦଳର ସଭାପତି ବିନୟ ତିୱାରୀ, ଭରତ ବାଇ, ରଞ୍ଜନ କୁମାର ଲେଙ୍କା, ୟୁଥ କଂଗ୍ରେସର ଉପସଭାପତି ଇସ୍ତେହାର ମହମ୍ମଦ, ଏସୟୁସିଆଇର ବିଦ୍ୟୁତ ମାହାନ୍ତ, ସିପିଆଇର ପ୍ରଦୋଷ କୁମାର ମହାନ୍ତି, ପ୍ରଭାତ କୁମାର ମହାନ୍ତି, ଯଯାତି କେଶରୀ ସାହୁ, ବିଶ୍ୱଜିତ ମାଝୀ, ରାଜା ମୁର୍ମୁ, ସେଭ ରାଉରକେଲାର ଇଂ ସୁପ୍ରତୀକ ମିଶ୍ର, ସିଟିଜେନ୍ସ ଫୋରମର ସୁଶାନ୍ତ କୁମାର ଦାସ, ବିଶ୍ୱେଶ୍ୱର ଦାସ, କଂଗ୍ରେସ ନେତା ସନ୍ତୋଷ ବିଶ୍ୱାଳ, ଯଯାତି ସାହୁ, ଅନ୍ତର୍ଯ୍ୟାମୀ ଦାସ, ମଧୁସୂଦନ ମହାପାତ୍ର, ଦଶରୂ କିଶାନ ଓ ଅନ୍ୟମାନେ ଆଲୋଚନାରେ ଭାଗ ନେଇଥିଲେ। ଦୀର୍ଘ ଦୁଇ ମାସରୁ ଉଦ୍ଧ୍ୱର୍ ସମୟ ହେଲା ରାଉରକେଲା ବିମାନ ବନ୍ଦରରୁ ବିମାନ ଚଳାଚଳ ବନ୍ଦ ହୋଇଯାଇଥିବାରୁ ଉଦ୍‌ବେଗ ପ୍ରକାଶ କରିବା ସହ ଏ ଦିଗରେ ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ଉଦାସୀନତାକୁ ଦଳୀୟ ନେତୃବୃନ୍ଦ ସମାଲୋଚନା କରିଥିଲେ। ଆଦିବାସୀ ବହୁଳ ରାଉରକେଲା ତଥା ସୁନ୍ଦରଗଡ଼ ଜିଲ୍ଲାରେ ବିଭିନ୍ନ ଜାତୀୟ ଓ ଅନ୍ତର୍ଜାତୀୟସ୍ତରର ଶିକ୍ଷାନୁଷ୍ଠାନ, କଳକାରଖାନା, ହସ୍ପିଟାଲ, ଖଣି ଆଦି ରହିଛି। ଏହି ଜିଲ୍ଲାରୁ ସର୍ବାଧିକ ରାଜସ୍ୱ ସରକାରଙ୍କ ତହବିଲକୁ ଯାଉଥିଲା ବେଳେ ଏ ଅଞ୍ଚଳର ଉନ୍ନତି ପାଇଁ କୌଣସି ବଜେଟର ପ୍ରାବଧାନ ନାହିଁ କି ଆଖିଦୃଶିଆ ପଦକ୍ଷେପ ଗ୍ରହଣ କରାଯାଇନାହିଁ ବୋଲି ମତପ୍ରକାଶ ପାଇଥିଲା। ହକି ବିଶ୍ୱ କପକୁ ଲକ୍ଷ୍ୟ ରଖି ବିଭିନ୍ନ ସାମାଜିକ ଅନୁଷ୍ଠାନଙ୍କ ଦାବି ଫଳରେ ୨୦୨୩ ମସିହା ଜାନୁଆରୀ ମାସରୁ ବିମାନ ଚଳାଚଳକୁ ନିୟମିତ କରାଯାଇ ଭୁବନେଶ୍ୱର ଓ କଲିକତାକୁ ସଂଯୋଗ କରାଯାଇଥିଲା। କିନ୍ତୁ ଦୀର୍ଘ ଦୁଇ ମାସ ହେଲା ବିମାନସେବାକୁ ବନ୍ଦ କରି ଦିଆଯାଇଛି। ଅଥଚ ଓଡିଶାର ଅନ୍ୟ ବିମାନ ବନ୍ଦରର ଉନ୍ନତିକରଣ କରାଯାଉଛି। ଯାହା ରାଉରକେଲା ଇସ୍ପାତ କାରଖାନର ସମ୍ପ୍ରସାରଣ ତଥା ଜିଲ୍ଲାର ଉନ୍ନତିରେ ବାଧା ସୃଷ୍ଟି କରିବା ସହ ରାଉରକେଲାବାସୀଙ୍କ ପ୍ରତି ବୈମାତୃକ ମନୋଭାବ ସୃଷ୍ଟି କରୁଛି। ଦୁଇଦୁଇ ଥର ଏଆରପୋର୍ଟ ଅଥରିଟି ଅଫ ଇଣ୍ଡିଆ ଦ୍ୱାରା ସର୍ଭେ କରାଯାଇଥିଲେ ମଧ୍ୟ ଫଳ ଶୂନ। ଆସନ୍ତା ଏକ ମାସ ଭିତରେ ଯଦି ବିମାନ ଚଳାଚଳକୁ ଆରମ୍ଭ କରା ନ ଯାଏ ତେବେ ଆଗାମୀ ଦିନରେ ରାଉରକେଲାବାସୀ ସମ୍ପୂର୍ଣ୍ଣ ବନ୍ଦ ପାଳନ କରିବା ସହିତ ନିର୍ବାଚିତ ପ୍ରତିନିଧିମାନଙ୍କ ବାସଭବନ ଆଗରେ ସାମୁହିକ ଧାରଣା ଦେବା ପାଇଁ ସରକାରଙ୍କୁ ଚେତାବନୀ ଦେଇଛନ୍ତି। ଶେଷରେ ସଚେତନ ନାଗରିକ ମଞ୍ଚର ମୁଖପାତ୍ର କୁଞ୍ଜ ବିହାରୀ ରାଉତ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ରାଉରକେଲା ବନ୍ଦ ପାଇଁ ଚେତାବନୀ

# ଡ. ନବୀନ ସାହୁଙ୍କ ପୁଣ୍ୟତିଥି

ରାଉରକେଲା,୩।୯ (ସମିସ): ଡକ୍ଟର ନବୀନ କୁମାର ସାହୁଙ୍କ ଗବେଷଣାତ୍ମକ ଦୃଷ୍ଟି ଭଙ୍ଗୀ ଓଡ଼ିଶାର ଐତିହ୍ୟ ଓ ସାଂସ୍କୃତିକ ଜୀବନ ବୋଧକୁ ଉଜ୍ଜୀବିତ କରିଛି ବୋଲି ପ୍ରଗତି ଉତ୍କଳ ସଂଘ ଦ୍ୱାରା ଆୟୋଜିତ ଡ. ନବୀନ ସାହୁଙ୍କ ୪୧ତମ ପୁଣ୍ୟତିଥି ପାଳନ କାର୍ଯ୍ୟକ୍ରମରେ ମୁଖ୍ୟବକ୍ତା ସୁବୋଧ ରାଉତରାୟ ମହାବିଦ୍ୟାଳୟର ଅଧ୍ୟକ୍ଷ ଡ. କ୍ଷୀରୋଦ କୁମାର ବରାଳ, ଅନ୍ୟତମ ବକ୍ତା ଡ. ପ୍ରଭାତ କୁମାର ମଲ୍ଲିକ ମତବ୍ୟକ୍ତ କରିଥିଲେ। ସଂଘର ସଭାପତି ପ୍ରତାପ କୁମାର ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ସଭାରେ ରଘୁନାଥପାଲିର ବିଧାୟକ




ଦୁର୍ଗା ଚରଣ ତନ୍ତି ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ଡ. ନଗେନ କୁମାର ଦାସ ମଞ୍ଚ ପରିଚାଳନା କରିଥିଲେ। ସାଧାରଣ ସମ୍ପାଦକ ରାଧାମୋହନ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ସାଂସ୍କୃତିକ ସମ୍ପାଦକ ଅଶୋକ କୁମାର ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇଥିଲା। ଏହାକୁ ରଶ୍ମି ସାହୁ ଏବଂ ଅର୍ଚ୍ଚନା ପାତ୍ର ସଂଯୋଜନା କରିଥିଲେ। ଅଜୟ କୁମାର ମହାନ୍ତି, ଉପେନ୍ଦ୍ର କୁମାର ବସ୍ତିଆ, ସ୍ମିତା ମିଶ୍ର, ତ୍ରିନାଥ ସିଂହ, କାଶୀନାଥ ନନ୍ଦୀ, ସଞ୍ଜୀବ କୁମାର ଭୋଇ, ସତ୍ୟ ନାରାୟଣ ଦାଶ, ଶ୍ରୀଧର ସୁନା, ଦିବାକର ଦାସ, ନିକୁଞ୍ଜ ବିହାରୀ ଦାଶ, ଆଶିଷ କୁମାର ଦାଶ ପ୍ରମୁଖ କବି ସ୍ୱରଚିତ କବିତାମାନ ପାଠ କରିଥିଲେ। ଘନଶ୍ୟାମ ଧଳ, ଲକ୍ଷ୍ମଣ ନାଥ ଦାସ, ଇନ୍ଦ୍ରମଣି ମହାପାତ୍ର, ଶୁଭ୍ରାଂଶୁ ଶେଖର ମହାପାତ୍ର, ଅରବିନ୍ଦ ପାତ୍ର, ଧରଣୀଧର ସାମଲ, ପ୍ରଦୀପ କୁମାର ପଟ୍ଟନାୟକ, ପରୀକ୍ଷିତ ଗୁରୁ, ସ୍ମିତା ମିଶ୍ର ପ୍ରମୁଖ ସହଯୋଗ କରିଥିଲେ। ଭାରତ ଭୂଷଣ ମହାନ୍ତି, ରଶ୍ମି ରଞ୍ଜନ ବୋଇତାଇ, ପ୍ରସନ୍ନ କୁମାର ମହାନ୍ତି, ଶାନ୍ତନୁ କୁମାର ମହାନ୍ତି, ଅକ୍ଷୟ କୁମାର ସାମଲ, ନାରାୟଣ ଦଳାଇ, ନୃସିଂହ ଚରଣ ମହାନ୍ତି, ବସନ୍ତ କୁମାର ରଣା, ବି.ସି. ସାହୁ, ପ୍ରମୋଦ କୁମାର ପତି, ଦିଲୀପ କୁମାର ବୋଷ, ସରୋଜ କୁମାର ଦାଶ, ସଞ୍ଜୟ ତନ୍ତୀ, ନିରୁତମ କର୍ସେଲ, ହେମନ୍ତ କୁମାର ମହାରଣା, କୈଳାଶ ଚନ୍ଦ୍ର ମହାଳି, ବିଷ୍ଣୁପଦ ଦାସ, ରାମନାଥ ଦଳେଇ, ଦିବାକର ଦାସ ପ୍ରମୁଖ ଯୋଗ ଦେଇଥିଲେ।

# ଅଜଣା ଗାଡ଼ି ଧକ୍କାରେ ମହିଳା ଗୁରୁତର

କୋଇଡ଼ା,୩।୯ (ସମିସ): କୋଇଡା ଥାନା ୫୨୦ ନମ୍ବର ଜାତୀୟ ରାଜପଥର ନାରାୟଣପୋଷ ଛକରେ ବୁଧବାର ସନ୍ଧ୍ୟାରେ ଏକ ଅଜଣା ଗାଡି ଧକ୍କାରେ ଜଣେ ମହିଳା ଗୁରୁତର ଆହତ ହୋଇଛନ୍ତି। ସେ ହେଉଛନ୍ତି ସ୍ଥାନୀୟ ରେଙ୍ଗାଲବେଡା ଗ୍ରାମର ମହିଳା ସୁଶନା ମୁଣ୍ଡା (୩୮)। ଗାଡିଟି ଘଟଣା ସ୍ଥଳରୁ ଫେରାର ହୋଇଯାଇଛି। ମହିଳାଙ୍କୁ ସ୍ଥାନୀୟ ଲୋକେ ଗୁରୁତର ଅବସ୍ଥାରେ କୋଇଡ଼ା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସା ନିମନ୍ତେ ଭର୍ତ୍ତି କରିଛନ୍ତି। ତାଙ୍କୁ ପ୍ରାଥମିକ ଚିକିତ୍ସା ପରେ ରାଉରକେଲା ସ୍ଥାନାନ୍ତର କରାଯାଇଥିବା ଜଣାପଡ଼ିଛି।

# ଅପରାଧୀ ଓ ଟ୍ରାଫିକ୍ ନିୟମ ଖିଲାପକାରୀଙ୍କୁ ଜଗିବ ଏଆଇ କ୍ୟାମେରା

ରାଉରକେଲା,୩।୯ (ସମିସ): ପ୍ରତୀକ୍ଷାର ଅବସାନ ଘଟିଛି। ରାଉରକେଲା ସହରରେ ଏଣିକି ଅପରାଧୀ ଓ ଟ୍ରଫିକ ନିୟମ ଖିଲାପକାରୀଙ୍କୁ ଏଣିକି ଜଗିବ ଏଆଇ କ୍ୟାମେରା। ବୁଧବାର ଠାରୁ ପରୀକ୍ଷାମୂଳକ ଭାବେ ହାଇଦ୍ରାବାଦ୍ ଢ଼ାଞ୍ଚାରେ ଏଆଇ ସିସିଟିଭି କ୍ୟାମେରା ସହରର ବିଭିନ୍ନ ଛକରେ କାର୍ଯ୍ୟକ୍ଷମ ହୋଇଛି ହାଇଦ୍ରାବାଦ ଢାଞ୍ଚାରେ ସିସିଟିଭି କ୍ୟାମେରା। ସହରର ବିଭିନ୍ନ ୫୦ଟି ଗୁରୁତ୍ୱପୂର୍ଣ୍ଣ ଛକ ଓ ସ୍ଥାନରେ ଲାଗିଥିବା ସିସିଟିଭି କ୍ୟାମେରା ମଧ୍ୟରୁ ୨୫୦ଟି ଏଆଇ ସଂଯୁକ୍ତ ସିସିଟିଭି କ୍ୟାମେରାକୁ କାର୍ଯ୍ୟକ୍ଷମ କରାଯାଇଛି। ଏନେଇ ରାଉରକେଲା ଏସପି ନିତେଶ ୱାଧୱାନୀ କହିଛନ୍ତି, ଏହା ସଂପ୍ରତି ପରୀକ୍ଷାମୂଳକ ଭାବେ କାର୍ଯ୍ୟକ୍ଷମ କରାଯାଇଛି। ଆଉ ଏକ ସପ୍ତାହ ମଧ୍ୟରେ ବିଧିବଦ୍ଧ ଭାବେ ଏନେଇ ଘୋଷଣା କରାଯିବ। ସହରରେ ଅପରାଧ, କ୍ରମବର୍ଦ୍ଧିଷ୍ଣୁ ସଡ଼କ ଦୁର୍ଘଟଣାକୁ ରୋକିବା, ବେପରୁଆ ଗାଡି ଚାଳକଙ୍କ ଉପରେ ରୋକ ଲଗାଇବା ପାଇଁ ପ୍ରଥମ ପର୍ଯ୍ୟାୟରେ ହାଇଦ୍ରାବାଦ ସହର ଢାଞ୍ଚାରେ ସହରର ବିଭିନ୍ନ ୫୦ଟି ଗୁରୁତ୍ୱପୂର୍ଣ୍ଣ ଛକ ଓ ସ୍ଥାନରେ ୨୫୦ରୁ ଉର୍ଦ୍ଧ୍ୱ ଏଆଇ(କୃତ୍ରିମ ବୁଦ୍ଧିମତା) ସଂଯୁକ୍ତ ସିସିଟିଭି କ୍ୟାମେରାକୁ କାର୍ଯ୍ୟକ୍ଷମ କରାଯାଇଛି। ସେଗୁଡିକ ମଧ୍ୟରୁ ଅଧିକାଂଶ ସ୍ମାର୍ଟ କ୍ୟାମେରା ରହିଥିବା ବେଳେ ସହରାଞ୍ଚଳରେ ଏଆଇ ସଂଯୁକ୍ତ କ୍ୟାମେରା ଓ ଗ୍ରାମାଞ୍ଚଳରେ ସୋଲାର କ୍ୟାମେରା କାର୍ଯ୍ୟକ୍ଷମ ହୋଇଛି। ଏହି ଅତ୍ୟାଧୁନିକ




କ୍ୟାମେରାଗୁଡିକ ଦ୍ରୁତ ଗତିରେ ଯାଉଥିବା ଯାନର ଅଟୋମେଟିକ ନମ୍ବର ପ୍ଲେଟ ଚିହ୍ନଟ କରିବା ସହ ଅପରାଧୀ/ଚାଳକର ମୁହଁକୁ ସ୍ପଷ୍ଟ ଭାବେ କଏଦ କରିପାରିବ। ବିନା ହେଲମେଟ ବାଇକ ଆରୋହୀ, ୩ ଜଣିଆ ବାଇକ ଚାଳକ, କ୍ରାଉଡ କାଉଣ୍ଟି, ଏଆଇ ସଂଧାନ, ପେଶାଦାର ଅପରାଧୀ ଆଦିଙ୍କୁ ଧରିବାରେ ଏହି କ୍ୟାମେରା ସହାୟକ ହେବ। ଏହି ସମସ୍ତ ସିସିଟିଭି କ୍ୟାମେରାଗୁଡିକର କଣ୍ଟ୍ରୋଲ ରୁମ୍ ରାଉରକେଲା ପୁଲିସ ମୁଖ୍ୟ କାର୍ଯ୍ୟାଳୟରେ ରହିବା ସହ ସେଠାରୁ ନିୟନ୍ତ୍ରିତ ହେବ। ଏହାଦ୍ୱାରା ଅପରାଧିକ କାର୍ଯ୍ୟକଳାପକୁ ନିୟନ୍ତ୍ରଣ କରାଯାଇପାରିବ ବୋଲି ଏସ୍‌ପି କହିଛନ୍ତି। ଏଣିକି ଟ୍ରାଫିକ ନିୟମ ଉଲଂଘନକାରୀଙ୍କ ଗାଡି ନମ୍ବର ପ୍ଲେଟ୍ କଏଦ ହେବା ପରେ ସେମାନଙ୍କ ମୋବାଇଲ ନମ୍ବରରେ ଇ-ଚାଲାଣ ଅଟୋମେଟିକ ଯିବ ବୋଲି କୁହାଯାଇଛି। ଏହି ସିସିଟିଭି ସ୍କାନରରେ ରାଉରକେଲା ପୁଲିସ ଜିଲ୍ଲାକୁ ଲାଗିଥିବା ସମସ୍ତ ସୀମାନ୍ତ ପ୍ରବେଶ ପଥ ରହିବ ବୋଲି ସୂଚନା ମିଳିଛି। ତେବେ କାର୍ଯ୍ୟକ୍ଷମ ହୋଇଥିବା ଏ ସମସ୍ତ କ୍ୟାମେରା ରାଉରକେଲା ପୁଲିସ ପକ୍ଷରୁ ଆୟୋଜିତ ହୋଇଥିବା ବେଳେ ସ୍ମାର୍ଟ ସିଟି ପକ୍ଷରୁ ଲାଗିଥିବା ସିସିଟିଭି ଏବେ କାର୍ଯ୍ୟକ୍ଷମ ହୋଇନଥିବା ସୂଚନା ମିଳିଛି। ସୂଚନାଯୋଗ୍ୟ, ସମଗ୍ର ସ୍ମାର୍ଟସିଟି ରାଉରକେଲାକୁ ସିସିଟିଭି ସର୍ଭିଲାନ୍ସରେ ରଖିବା ପାଇଁ ଯୋଜନା କରାଯାଇ ଗତ ୫ ବର୍ଷ ପୂର୍ବେ ୧୧୦ଟି ସ୍ଥାନରେ ଲାଗିଥିଲା ୬୩୦ କ୍ୟାମେରା। ହେଲେ ପାନପୋଷ ହକି ଛକରେ ନିର୍ମାଣାଧୀନ କମାଣ୍ଡ କଣ୍ଟ୍ରୋଲ ସେଣ୍ଟର(ସିସିସି) ରୁମ୍ ଏ ପର୍ଯ୍ୟନ୍ତ ଶେଷ ହୋଇନଥିବାରୁ ଏହା କାର୍ଯ୍ୟକ୍ଷମ ହୋଇ ପାରି ନଥିବା କୁହାଯାଉଛି।

# ଏସ୍‌ଏମ୍‌ଏସ୍-୧ରେ ସୁରକ୍ଷା ତାଲିମ ଓ କୁଇଜ୍ ପ୍ରତିଯୋଗିତା

ରାଉରକେଲା,୩।୯ (ସମିସ): ରାଉରକେଲା ଇସ୍ପାତ କାରଖାନାର ଷ୍ଟିଲ୍ ମେଲ୍ଟିଂ ସପ୍-୧ ବିଭାଗରେ ଅଗଷ୍ଟ ୨୩ ତାରିଖରେ ଏକ ସୁରକ୍ଷା ତାଲିମ ସହ କୁଇଜ୍ ପ୍ରତିଯୋଗିତା ଆୟୋଜନ କରାଯାଇଥିଲା। କର୍ମଚାରୀ ଏବଂ ଠିକା ଶ୍ରମିକଙ୍କ ମଧ୍ୟରେ ସଚେତନତା ପ୍ରସାର ଏବଂ ସୁରକ୍ଷିତ କାର୍ଯ୍ୟ ଅଭ୍ୟାସକୁ ସୁଦୃଢ଼ କରିବା ଏହି କାର୍ଯ୍ୟକ୍ରମର ଲକ୍ଷ୍ୟ ଥିଲା। ଏସ୍‌ଏମ୍‌ଏସ୍-୧ ବିଭାଗର ସିଜିଏମ୍ ସୁନିଲ କାର୍ଥା କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରି ପ୍ରତିଯୋଗିତାର ବିଜେତା ତିନି ଜଣ କର୍ମଚାରୀ ଏବଂ ଦୁଇ ଜଣ ଠିକା ଶ୍ରମିକଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ଏହି ଅବସରରେ ସୁରକ୍ଷା ଇଞ୍ଜିନିୟରିଂ ବିଭାଗର ଜିଏମ୍ ଅବକାଶ ବେହେରା ଏବଂ ଏସ୍‌ଏମ୍‌ଏସ୍-୧ ବିଭାଗର ଜିଏମ୍ ସେଲେଷ୍ଟିନ୍ ଟିର୍କି, ଉପସ୍ଥିତ ଥିଲେ। ଶ୍ରୀ କାର୍ଥା ଅଂଶଗ୍ରହଣକାରୀମାନଙ୍କୁ ଅଭିନନ୍ଦନ ଜଣାଇବା ସହ ଏକ



ସୁରକ୍ଷିତ କର୍ମକ୍ଷେତ୍ର ସୁନିଶ୍ଚିତ କରିବା ପାଇଁ ନିରନ୍ତର ଶିକ୍ଷା ଏବଂ ସତର୍କତାର ମହତ୍ତ୍ୱ ଉପରେ ଗୁରୁତ୍ୱାରୋପ କରିଥିଲେ। ସୁରକ୍ଷା ଇଞ୍ଜିନିୟରିଂ ବିଭାଗର ଡେପୁଟି ମ୍ୟାନେଜର ଚିନ୍ମୟ ସାହୁ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ।

# ୨ ଗଞ୍ଜେଇ ଚାଲାଣକାରୀ ଗିରଫ

ରାଉରକେଲା,୩୯ (ସମିସ): ଗଞ୍ଜେଇ ଚାଲାଣ ବେଳେ ବ୍ରାହ୍ମଣୀ ତରଙ୍ଗ ଥାନା ପୁଲିସ ଜଣକୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଅଭିଯୁକ୍ତ ଚିକଟମାଟି ମଲିକପାଲି ଅଞ୍ଚଳର ମନୋଜ କିଷାନ (୪୫)। ତାଠାରୁ ୧ କେଜି ଓଜନର ଗଞ୍ଜେଇ ଜବତ କରାଯାଇଛି। ମଙ୍ଗଳବାର ସକାଳ ପ୍ରାୟ ୯ଟା ବେଳେ ଉକ୍ତ ଅଞ୍ଚଳରେ ଏସଆଇ ଉଦୟ କୁମାର ସାହୁ ନିଜ ଟିମ୍ ସହ ପାଟ୍ରୋଲିଂ କରୁଥିଲେ। ଅଭିଯୁକ୍ତ ମନୋଜ ଏକ ପ୍ଲାଷ୍ଟିକ ବ୍ୟାଗରେ ଗଞ୍ଜେଇ ନେଇ ଯାଉଥିଲା। ସନ୍ଦେହ କରି ଯାଞ୍ଚ କରିବା ପରେ ଗଞ୍ଜେଇ ଥିବା ଜଣାପଡ଼ିଥିଲା। ଜବତ ହୋଇଥିବା ଗଞ୍ଜେଇର ଆନୁମାନିକ ମୂଲ୍ୟ ୧୦ ହଜାର ଟଙ୍କା ହେବ ବୋଲି ଜଣାପଡ଼ିଛି। ଏନେଇ ପୁଲିସ ଅଧିକ ତଦନ୍ତ ଜାରି ରଖିଛି। ସେହିପରି ରଘୁନାଥପାଲି ଥାନା ପୁଲିସ ପ୍ରେମ ନଗର ଅଞ୍ଚଳର ଗୋବିନ୍ଦ ମାଝୀ (୪୨)କୁ ଗଞ୍ଜେଇ ଚାଲାଣ ଅଭିଯୋଗରେ ଗିରଫ କରି କୋର୍ଟ ଚାଲାଣ କରିଛି। ତାଠାରୁ ୨ କେଜି ୧୬୦ ଗ୍ରାମ ଓଜନର ଗଞ୍ଜେଇ ଜବତ କରାଯାଇଛି। ଏସଆଇ ହୃଷୀକେଶ ପ୍ରଧାନ ନିଜ ଟିମ୍ ସହ ମଙ୍ଗଳବାର ସକାଳେ ପାଟ୍ରୋଲିଂ କରୁଥିଲେ। ପାନପୋଷ ସରକାରୀ ସ୍ୱୟଂ ଶାସିତ ମହାବିଦ୍ୟାଳୟ ନିକଟ ଗଳି ଦେଇ ଗୋବିନ୍ଦ ଗଞ୍ଜେଇ ନେଇ ଯାଉଥିବା ବେଳେ ଧରା ପଡ଼ିଥିଲା। ଜବତ ଗଞ୍ଜେଇର ଆନୁମାନିକ ମୂଲ୍ୟ ୨୦ ହଜାର ଟଙ୍କାରୁ ଉର୍ଦ୍ଧ୍ୱ ହେବ ବୋଲି ଜଣାପଡିଛି।

● ୪ର୍ଥ ରାଜ୍ୟ ହକି ଚାମ୍ପିଅନସିପ୍

# ଖୋର୍ଦ୍ଧା ଏକାଡେମୀ ଚାମ୍ପିଅନ୍




ରାଉରକେଲା, ୩।୯ (ସମିସ): ସ୍ଥାନୀୟ ବିର୍ସାମୁଣ୍ଡା ହକି ଷ୍ଟାଡିୟମ୍‌ଠାରେ ଆୟୋଜିତ ୪ର୍ଥ ରାଜ୍ୟ ହକି ଚାମ୍ପିଅନସିପ୍‌ରେ କନିଷ୍ଠ ମହିଳା ବର୍ଗରେ ଖୋର୍ଦ୍ଧା ଏକାଡେମୀ ଦଳ ୧୦ ଗୋଲରେ ବିଜୟୀ ହୋଇ ଚାମ୍ପିଆନ୍ ହୋଇଛି। ଆଜିର ଫାଇନାଲ ମ୍ୟାଚ ଏସଏମଏସ ହକି ଏକାଡେମୀ ଓ ଖୋର୍ଦ୍ଧା ଏକାଡେମୀ ଦଳ ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ମ୍ୟାଚଟି ସମ୍ପୂର୍ଣ୍ଣ ଏକ ତରଫା ହୋଇଥିଲା। ଖୋର୍ଦ୍ଧା ଏକାଡେମୀ ଦଳ ଗୋଟିଏ ପରେ ଗୋଟିଏ ନିର୍ଦ୍ଧାରିତ ସମୟ ମଧ୍ୟରେ ମୋଟ ୧୦ଟି ଗୋଲ ଦେଇଥିବା ବେଳେ ଏସଏମଏସ ହକି ଏକାଡେମୀ ଦଳ ଶେଷ ପର୍ଯ୍ୟନ୍ତ କୌଣସି ଗୋଲ ଦେଇ ପାରିନଥିଲେ। ଫଳରେ ଖୋର୍ଦ୍ଧା ଏକାଡେମୀ ଦଳ ୧୦-୦ ଗୋଲରେ ବିଜୟୀ ହୋଇଥିଲା। ପୁରସ୍କାର ପ୍ରଦାନ ଉତ୍ସବରେ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ଦୀହନା ଦସ୍ତାଗିର ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ସମ୍ମାନିତ ଅତିଥି ଭାବେ ହକି ଅଲିମ୍ପିଆନ୍ ଲିଲିମା ମିଂଜ ଯୋଗ ଦେଇଥିଲେ।

# ଭାଙ୍ଗିଲା ଘର; ଅଳ୍ପକେ ବର୍ତ୍ତିଲେ ଝିଅ

ବଣାଇଁ,୩।୯ ସମିସ): ବଣାଇଁ ବ୍ଲକ୍ କଷଡ଼ା ପଞ୍ଚାୟତ ନୂଆଡିହି ଗ୍ରାମରେ ଲଗାଣ ବର୍ଷା ଯୋଗୁଁ ଏକ ମାଟି ଘରଟି ଭାଙ୍ଗିଯାଇଛି। ତେବେ ଘରଭିତରେ ଥିବା ୧୫ ବର୍ଷିଆ ଝିଅଟି ଏଥିରୁ ଅଳ୍ପକେ ବର୍ତ୍ତିଯାଇଥିବା ଜଣାପଡିଛି। ସୂଚନାନୁଯାୟୀ, ନୂଆଁଡିହି ଗ୍ରାମର ଭିମ



କିସାନ (୫୨) ସପରିବାର ସହ ଥିବାବେଳେ ହଠାତ ମାଟି ଘରଟି ଭାଙ୍ଗି ଯାଇଥିଲା। ଏହି ସମୟରେ ଘର ଭିତରେ ଥିବା ସାନ ଝିଅ ସୁକାନ୍ତି କିସାନ(୧୫)ଙ୍କ ଉପରେ ମାଟି ଅତଡା ପଡିଯାଇଥିଲା। ଆଖପାଖ ପଡୋଶୀ ଉକ୍ତ ଝିଅକୁ ମାଟି ଅତଡା ତଳୁ ସଂଜ୍ଞାହୀନ ଅବସ୍ଥାରେ ଉଦ୍ଧାର କରି ବଣାଇଁ ଉପଖଣ୍ଡ ମୁଖ୍ୟ ଚିକିତ୍ସାଳୟକୁ ନେଇଥିବା ସୂଚନା ମିଳିଛି। ଖବର ଲେଖା ବେଳକୁ ଝିଅର ଅବସ୍ଥାରେ ସୁସ୍ଥ ଥିବା ଜଣାପଡିଛି। ଘରଟି ସମ୍ପୂର୍ଣ୍ଣ ଭାଙ୍ଗି ଯାଇଥିବାରୁ ପ୍ରଶାସନ ପକ୍ଷରୁ ତୁରନ୍ତ ସହାୟତା ପ୍ରଦାନ କରିବାକୁ ଗ୍ରାମବାସୀ ଅନୁରୋଧ କରିଛନ୍ତି।

# ନାଳରୁ ଯୁବକଙ୍କ ଶବ ଉଦ୍ଧାର

ରାଉରକେଲା,୩।୯ (ସମିସ): ସେକ୍ଟର -୧୫ ଥାନା ଅନ୍ତର୍ଗତ ସେକ୍ଟର-୧୪ ସ୍ଥିତ ଗୋଶାଳା ନିକଟ ନାଳରୁ ଜଣେ ଯୁବକଙ୍କ ଶବକୁ ପୁଲିସ ଉଦ୍ଧାର କରିଛି। ମୃତକ ହେଲେ ସ୍ଥାନୀୟ ଶାନ୍ତି ନଗର ବସ୍ତିର ମହାବୀର ସାହୁ (୪୦)। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଛି।


# ହାଇୱା-କାର୍ ଧକ୍କା

ରାଉରକେଲା,୩।୯ (ସମିସ): ବ୍ରାହ୍ମଣୀ ତରଙ୍ଗ ଥାନା ଅନ୍ତର୍ଗତ ବେଦବ୍ୟାସ ଅଞ୍ଚଳରେ ବୁଧବାର ହାଇୱା ଓ କାର ମଧ୍ୟରେ ଧକ୍କା ହୋଇଛି। ଦୁର୍ଘଟଣାରେ କାରର କିଛି ଅଂଶ କ୍ଷତିଗ୍ରସ୍ତ ହୋଇଥିବା ବେଳେ କାହାର କିଛି ହୋଇ ନାହିଁ। ଏନେଇ ଥାନାରେ କୌଣସି ଅଭିଯୋଗ ହୋଇ ନ ଥିବା ସୂଚନା ମିଳିଛି।

# ଏନ୍‌ଆଇଟିର ସ୍ୱଦେଶୀ ଆଇସି ଡିଜାଇନ୍‌କୁ ପ୍ରଶଂସା

ରାଉରକେଲା,୩।୯ (ସମିସ):

ଭାରତର ବର୍ଦ୍ଧିତ ସେମିକଣ୍ଡକ୍ଟର ଇକୋସିଷ୍ଟମରେ ଏନ୍‌ଆଇଟି ରାଉରକେଲା ଅବଦାନ ପାଇଁ ଏନ୍‌ଆଇଟି ରାଉରକେଲା ସାମୁହିକ ଅତ୍ୟନ୍ତ ଗର୍ବ ଅନୁଭବ କରିଛନ୍ତି। ସେମିକନ୍ ଇଣ୍ଡିଆ ୨୦୨୫ କାର୍ଯ୍ୟକ୍ରମରେ ଏହାର ଦୁଇଟି ସମନ୍ୱିତ ସର୍କିଟ୍ (ଆଇସି) ଡିଜାଇନ୍ ପ୍ରଦର୍ଶିତ ହୋଇ ପ୍ରଶଂସା ସାଉଁଟିଛି। ରାଉରକେଲା ଏନ୍‌ଆଇଟିର ଏହି ଦୁଇଟି ସମନ୍ୱିତ ସର୍କିଟ୍ ଡିଜାଇନ୍ ଭାରତର ପ୍ରଥମ ସମ୍ପୂର୍ଣ୍ଣ ସ୍ୱଦେଶୀ ୩୨ ବିଟ୍ ମାଇକ୍ରୋପ୍ରୋସେସର, ବିକ୍ରମ ୩୨ର ସ୍ମାରକୀକୁ ଗତକାଲି କେନ୍ଦ୍ରମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ଉପହାର ଦେଇଥିଲେ। ଯାହା ଏକ ବିଶ୍ୱସ୍ତରୀୟ ସେମିକଣ୍ଡକ୍ଟର ପାୱାରହାଉସ୍ ହେବା ଦିଗରେ ଭାରତର ନିର୍ଣ୍ଣାୟକ ଲମ୍ଫକୁ ସୂଚିତ କରୁଛି। ଉଲ୍ଲେଖଯୋଗ୍ୟ ଯେ ବାୟୋମେଡିକାଲ୍ ଏବଂ ଆଇଓଟି ଆପ୍ଲିକେସନ୍ ପାଇଁ ଡିଜାଇନ୍ ହୋଇଥିବା ଏହି ଆଇସି ଆକ୍ସିଲେରୋମିଟର ସଂଯୋଗ, ଓଏଟି (ଅପରେସନାଲ୍ ଟ୍ରାନ୍ସକଣ୍ଡକ୍ଟନ୍ସ ଆମ୍ପ୍ଲିଫାୟର) ଉପାଦାନ



ଏବଂ ଶକ୍ତି ଅମଳ ଯନ୍ତ୍ର ସହିତ ଏକ କ୍ୟାପାସିଟିଭ୍ ଇଣ୍ଟରଫେସ୍ ଏନ୍‌ଆଇଟି ରାଉରକେଲାର ଇପ୍ସିତା, ସମୀକ୍ଷା, ପ୍ରେମ ସାଇ, ପ୍ରଫେସର ସୌଗତ କୁମାର କର ଏବଂ ପ୍ରଫେସର ସୁଦୀପ କୁଣ୍ଡୁଙ୍କ ଦ୍ୱାରା ଡିଜାଇନ୍ କରାଯାଇଛି। ସେହିପରି ଡକ୍ଟର ରୁବି ମିଶ୍ର, ଭାରତ ପାଟିଦାର, ପ୍ରଫେସର ଆୟସ କାନ୍ତା ସ୍ୱାଇଁ ଓ ପ୍ରଫେସର କେ.କେ. ମହାପାତ୍ରଙ୍କ ଦ୍ୱାରା ଏନ୍‌କ୍ରିପସନ୍ କୋର୍ ଆଇସି ବିକଶିତ ହୋଇଥିଲା। ଏହି ସେମିକଣ୍ଡକ୍ଟରଗୁଡ଼ିକ ୨୦୨୩ରେ ପିଆଇ ପ୍ରଫେସର କମଳାକାନ୍ତ ମହାପାତ୍ର ଏବଂ ସହ ପିଆଇ ପ୍ରଫେସର ଆୟସ କାନ୍ତା ସ୍ୱାଇଁ ନେତୃତ୍ୱରେ 'ମାଇଟୀ' ଦ୍ୱାରା ଅନୁମୋଦିତ ହୋଇଥିଲା। ଏହି ସଫଳତା ନେଇ ଏନ୍‌ଆଇଟି ରାଉରକେଲାର ଚିପ୍ ଟୁ ଷ୍ଟାର୍ଟ ଅପ୍ କାର୍ଯ୍ୟକ୍ରମର ସହ ପିଆଇ ପ୍ରଫେସର ଆୟସ କାନ୍ତା ସ୍ୱାଇଁ ଗର୍ବ ଅନୁଭବ କରି କହିଛନ୍ତି, ଆମର ଦୁଇଟି ଡିଜାଇନ୍ ପ୍ରସ୍ତୁତ ପାଇଁ ଆମକୁ କଠିନ ପରିଶ୍ରମ କରିବାକୁ ପଡିଛି। ଭାରତ ଏବଂ ଓଡ଼ିଶାରେ ସେମିକଣ୍ଡକ୍ଟର ଇକୋସିଷ୍ଟମର ଅଭିବୃଦ୍ଧି ପାଇଁ ଏହାର ଯୋଗଦାନ ସହ ଏହା ଶିଳ୍ପ ଏବଂ ସାମାଜିକ ପ୍ରୟୋଗ ପାଇଁ ସ୍ୱଦେଶୀ ଆଇସି ଡିଜାଇନକୁ ସକ୍ଷମ କରି ଆତ୍ମନିର୍ଭର ଭାରତ ଆଡକୁ ଆମର ଯାତ୍ରାକୁ ମଜବୁତ କରିବ। ପ୍ରଫେସର ସୌଗତ କୁମାର କର କହିଛନ୍ତି, ଏହି ଆଇସି ଡିଜାଇନ୍ ସହିତ ସେମିକନ୍ ଇଣ୍ଡିଆ ୨୦୨୫ର ଅଂଶ ହେବା ଏନ୍‌ଆଇଟି ରାଉରକେଲା ପାଇଁ ଏକ ଗର୍ବର ମୁହୂର୍ତ୍ତ। ପିଏଚଡି ଛାତ୍ର ଭାରତ ପାଟିଗାର କହିଛନ୍ତି, ଓଡ଼ିଶାରେ ସେମିକଣ୍ଡକ୍ଟର କ୍ଷେତ୍ରର ପ୍ରତୀକ୍ଷିତ ଅଭିବୃଦ୍ଧି ସହ ଦକ୍ଷ ସ୍ନାତକମାନେ ଆଇସି ଡିଜାଇନ୍, ଉତ୍ପାଦନ ଏବଂ ନିର୍ମାଣକୁ ଆଗକୁ ବଢ଼ାଇବାରେ ଏକ ପ୍ରମୁଖ ଭୂମିକା ଗ୍ରହଣ କରିପାରିବେ।

# ୬୪ କେଜି ଗଞ୍ଜେଇ ଜବତ; ୨ ଗିରଫ

**ତରଭା, ୩।୯ (ସମିସ):** ଗଞ୍ଜେଇ ଚୋରା ଚାଲାଣ ସମ୍ବନ୍ଧରେ ସୂଚନା ପାଇ ସୁବର୍ଣ୍ଣପୁର ଏସ୍‌ପି ନାରାୟଣ ନାୟକଙ୍କ ନିର୍ଦ୍ଦେଶରେ ତରଭା ପୁଲିସ ୫୭ ନମ୍ବର ଜାତୀୟ ରାଜପଥ ଘାଟକଇଁନ୍ତରା ନିକଟରେ ଯାଞ୍ଚ କରୁଥିଲେ। ଏହି ସମୟରେ ବଲାଙ୍ଗୀର ପଟକୁ ଯାଉଥିବା ଓଡି ୦୬ ଡି ୦୨୮୬ ନମ୍ବର ବିଶିଷ୍ଟ ଏକ ୱାଗନର କାର୍‌କୁ ଅଟକାଇ ଯାଞ୍ଚ କରିଥିଲେ। ସେଥିରେ ଗଞ୍ଜେଇ ଚୋରାଚାଲାଣ ହେଉଥିବା ଜଣାପଡ଼ିଥିଲା। ମାଜିଷ୍ଟ୍ରେଟ ଦାୟିତ୍ୱରେ ଥିବା ତହସିଲଦାର ଶ୍ୱେତାଲିନା ମାହାଣାଙ୍କ ଉପସ୍ଥିତିରେ ଗାଡିରୁ ଜବତ ୬୪ଟି ପ୍ୟାକେଟରେ ଥିବା ଗଞ୍ଜେଇକୁ ଓଜନ କରାଯିବାରୁ ସେଥିରେ ମୋଟ ୬୪ କେଜି ଗଞ୍ଜେଇ ଥିବା ଜଣାପଡ଼ିଥିଲା। ପୁଲିସ ଏନେଇ ଏକ ମାମଲା ରୁଜୁ କରି ଗଞ୍ଜେଇ ସହ ୱାଗନର ଗାଡି ଓ ୨ଟି ମୋବାଇଲ ଜବତ କରିଛି। ଏଥିରେ ସମ୍ପୃକ୍ତ ବୌଦ୍ଧ ଜିଲ୍ଲା ମନମୁଣ୍ଡା ଥାନା ଅନ୍ତର୍ଗତ ଖଇରମାଲ ଗ୍ରାମର ବ୍ରଜ କିଶୋର କ୍ଷେତୀ (୩୨) ଓ ମହେଶ୍ୱରପିଣ୍ଡା ଗ୍ରାମର ପ୍ରଶାନ୍ତ ଭୁକ୍ତା(୩୧)ଙ୍କୁ ଗିରଫ କରିଥିବା ଆଇଆଇସି ଅନିତା କିଡୋ ସୂଚନା ଦେଇଛନ୍ତି। ମେଣ୍ଡା ଫାଣ୍ଡି ଅଧିକାରୀ ଟଙ୍କଧର ଛତ୍ରିଆ, ଏଏସ୍‌ଆଇ ରଞ୍ଜିତ ମହାପାତ୍ର, କନଷ୍ଟେବଳ କୈଳାସ ଭୋଇ, କବିରାଜ କହଁର ପ୍ରମୁଖ ଚଢ଼ଉରେ ସାମିଲ ଥିଲେ।



## ଏନ୍‌ଏସି ଘୋଷଣାରୁ ସୁବଳୟାକୁ ବାଦ୍

# କୁହୁଳୁଛି ଅସନ୍ତୋଷ; ଆନ୍ଦୋଳନ ପାଇଁ ସଜବାଜ

**ସୁବଳୟା, ୩।୯ (ସମିସ)**

ନିକଟରେ ରାଜ୍ୟ ସରକାର ପ୍ରଥମ ପର୍ଯ୍ୟାୟରେ ୧୨ଟି ଓ ଦ୍ୱିତୀୟ ପର୍ଯ୍ୟାୟରେ ୧୭ଟି ବିଜ୍ଞାପିତ ଅଞ୍ଚଳ ପରିଷଦ (ଏନ୍‌ଏସି) ଗଠନ ନେଇ ଘୋଷଣା କରିଥିବାବେଳେ ଏଥିରେ ସୁବଳୟାକୁ ବାଦ୍ ଦିଆଯାଇଛି। ଯାହାକୁ ନେଇ ସୁବଳୟା ଅଞ୍ଚଳରେ ଅସନ୍ତୋଷ କୁହୁଳୁଥିବା ଦେଖିବାକୁ ମିଳିଛି। ଏନ୍‌ଏସି ଘୋଷଣା ଦାବି ନେଇ ଅଞ୍ଚଳବାସୀ ଅନ୍ଦୋଳନ ପାଇଁ ସଜବାଜ ହେଉଥିବା ସୂଚନା ମିଳିଛି। ପ୍ରକାଶଥାଉ କି, ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ବ୍ଲକର ସୁବଳୟା ଗଡ଼ଜାତ ଅମଳରେ ଏକ ପୌର ପାଳିକା ଭାବେ ମାନ୍ୟତା ପାଇଥିଲା। ଏଠାରେ ଥାନା, ସ୍ୱାସ୍ଥ୍ୟକେନ୍ଦ୍ର, ବନାଞ୍ଚଳ କାର୍ଯ୍ୟାଳୟ ସହ ସ୍କୁଲ, କଲେଜ, ବ୍ୟାଙ୍କ, ଡାକଘର ଏବଂ ଅନ୍ୟ ସରକାରୀ କାର୍ଯ୍ୟାଳୟ ସହ ବିଭିନ୍ନ ବ୍ୟବସାୟିକ ପ୍ରତିଷ୍ଠାନ ରହିଛି। ଏଠାରୁ ରାଜ୍ୟର ପ୍ରମୁଖ ସହରମାନଙ୍କୁ ଗମନାଗମନର ବ୍ୟବସ୍ଥା ମଧ୍ୟ ରହିଛି। ସେହିଭଳି ସୁବଳୟା ସୁବର୍ଣ୍ଣପୁର ଜିଲ୍ଲାର ଏକ ପ୍ରମୁଖ ବାଣିଜ୍ୟ କେନ୍ଦ୍ରସ୍ଥଳୀ। ଏନ୍‌ଏସି ଗଠନ ପାଇଁ ଏଠାରେ ରାଜସ୍ୱ ଆୟର ପର୍ଯ୍ୟାପ୍ତ ସୁଯୋଗ ମଧ୍ୟ ରହିଛି। ଅନୁକୂଳ ଲୋକସଂଖ୍ୟା ସାଙ୍ଗକୁ ଅଣକୃଷି କ୍ଷେତ୍ରରେ ମଧ୍ୟ ସୁବଳୟା ପଞ୍ଚାୟତର ବହୁ ଲୋକ କର୍ମ ନିଯୋଜିତ ଥିବା ଜଣାଯାଇଛି। ଏଠାରେ ବହୁ ପୁରାତନ ମନ୍ଦିର ଓ ନିକଟରେ ପ୍ରସିଦ୍ଧ ଗୋଧନେଶ୍ୱର ମନ୍ଦିର ରହିଛି। ସୁବଳୟା ଏକ ପଞ୍ଚାୟତ ହୋଇଥିଲେ ମଧ୍ୟ ଦୀର୍ଘ ବର୍ଷରୁ ଏଠାରେ ସହରୀ ସଭ୍ୟତା ରହିଆସିଛି। ଦୈନିକ ହଜାର ହଜାର ସଂଖ୍ୟାରେ ଲୋକ ଏଠାରେ ନିର୍ଭର କରୁଥିବା ବେଳେ ବ୍ୟସ୍ତବହୁଳ ଏହି ସୁବଳୟାକୁ ପଞ୍ଚାୟତ ପାଣ୍ଠିରେ ଆଉ ପରିଚାଳନା କରିବା କଷ୍ଟକର ହୋଇଯାଇଛି। ଏଥିପାଇଁ ସୁବଳୟାକୁ ଏନ୍‌ଏସି ମାନ୍ୟତା ପ୍ରଦାନ ପାଇଁ ସୁବଳୟା ଅଞ୍ଚଳବାସୀ ଦୀର୍ଘ ବର୍ଷ ହେଲା ଦାବି କରି ଆସୁଛନ୍ତି। ପୂର୍ବରୁ ସୁବଳୟା ଉନ୍ନୟନ କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ବହୁବାର ଏଥିପାଇଁ ଆନ୍ଦୋଳନାତ୍ମକ ପନ୍ଥା ଗ୍ରହଣ କରାଯାଇ ଥିବାବେଳେ ଜିଲ୍ଲା ପ୍ରଶାସନକୁ ପୂର୍ବରୁ ତିନି ତିନିଥର ସୁବଳୟାକୁ ଏନ୍‌ଏସି ମାନ୍ୟତା ପ୍ରଦାନ ପାଇଁ ସରକାରଙ୍କୁ ପ୍ରସ୍ତାବ ଦେଇଥିବା କମିଟି ପକ୍ଷରୁ କୁହାଯାଇଛି। ଏତେ ସବୁ ସତ୍ତ୍ୱେ ନୂତନ ଏନ୍‌ଏସି ଗଠନ ଓ ମାନ୍ୟତା ପ୍ରଦାନ ପ୍ରକ୍ରିୟାରେ ସୁବଳୟାକୁ ବାଦ୍ ଦିଆଯାଇଥିବାରୁ ସୁବଳୟା ଅଞ୍ଚଳରେ ଘୋର ଉଦବେଗ ଓ ଅସନ୍ତୋଷ ପ୍ରକାଶ ପାଇଛି। ସରକାର ପୁନର୍ବିଚାର ପୂର୍ବକ ସୁବଳୟାକୁ ଏନଏସି ମାନ୍ୟତା ଦେବାକୁ ସୁବଳୟା ଉନ୍ନୟନ କ୍ରିୟାନୁଷ୍ଠାନ କମିଟି ପକ୍ଷରୁ ଦାବି ହୋଇଛି। ଅନ୍ୟଥା ପୁଣି ଆନ୍ଦୋଳନ।।କ ପନ୍ଥା ଅବଲମ୍ବନ ପାଇଁ ଚେତାବନୀ ଦିଆଯାଇଛି।

# ଗଣ ଶିକ୍ଷା ବିଭାଗ ଡେପୁଟି ଡାଇରେକ୍ଟରଙ୍କ ବୌଦ୍ଧ ଗସ୍ତ



**ବୌଦ୍ଧ, ୩।୯ (ସମିସ):** ବୌଦ୍ଧ ଜିଲ୍ଲା ଗସ୍ତରେ ଆସିଥିବା ରାଜ୍ୟ ଗଣ ଶିକ୍ଷା ବିଭାଗର ଡେପୁଟି ଡାଇରେକ୍ଟର ଜୟଶ୍ରୀ ଦୋରା ବୌଦ୍ଧ ବ୍ଲକର ବିଭିନ୍ନ ବିଦ୍ୟାଳୟ ପରିଦର୍ଶନ କରିଛନ୍ତି। ସେ ମୁର୍ଶୁଣ୍ଡ୍ରୀ, ମର୍ଯ୍ୟାଦପୁର ପ୍ରାଥମିକ ବିଦ୍ୟାଳୟ, ଜହ୍ନାପଙ୍କ, ସଂଗ୍ରାମପୁର, ବାଉଁଶୁଣୀ, ଦହ୍ୟା ହାଇସ୍କୁଲ, ବଲାସିଙ୍ଗା କସ୍ତୁରବା ଗାନ୍ଧୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିଦର୍ଶନ କରିଛନ୍ତି। ବିଦ୍ୟାଳୟ ଗୁଡିକର ଭିତ୍ତିଭୂମି, ଶିକ୍ଷାଦାନ, ମଧ୍ୟାହ୍ନ ଭୋଜନ ଓ ଆସିଥିବା ଅନୁଦାନର ବିନିଯୋଗ ସମୀକ୍ଷା କରିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଚୁଡାମଣି ବାରିକ ଉପସ୍ଥିତ ଥିଲେ।

# ତୃଣମୂଳସ୍ତରରୁ ଚୟନ ହେବେ ଜିଲ୍ଲା କଂଗ୍ରେସ ସଭାପତି

**ଭବାନୀପାଟଣା, ୩।୯ (ସମିସ):** ଏଆଇସିସି ନୂଆ ଢାଞ୍ଚାରେ ଜିଲ୍ଲା କଂଗ୍ରେସ ସଭାପତି ଚୟନ ପ୍ରକ୍ରିୟା ପ୍ରଚଳନ କରିଛନ୍ତି। 'ସଂଗଠନ ସୃଜନ ଅଭିଯାନ' କାର୍ଯ୍ୟକ୍ରମ ଜରିଆରେ ଜିଲ୍ଲା କଂଗ୍ରେସ ସଭାପତି ଚୟନ ପାଇଁ ଜାତୀୟ କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ ଖଡ଼ଗେ, ରାହୁଲଗାନ୍ଧୀ ତଥା ପ୍ରଦେଶ କଂଗ୍ରେସର ନିର୍ଦ୍ଦେଶମତେ ନିଯୁକ୍ତି ନେଇ ତିନି ଜଣ ପର୍ଯ୍ୟବେକ୍ଷକ ଭବାନୀପାଟଣାରେ ପହଞ୍ଚିଛନ୍ତି। ସ୍ଥାନୀୟ ହୋଟେଲରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀକୁ ଉଦବୋଧନ ଦେଇ କହିଥିଲେ ଯେ ତୃଣମୂଳସ୍ତରରୁ କର୍ମୀ ଆଗଧାଡ଼ିର ନେତା ଓ ଲୋକଙ୍କ ମତାମତ ଉପରେ ନିର୍ଭର କରିବ କିଏ ହେବ ଜିଲ୍ଲା ସଭାପତି। କଳାହାଣ୍ଡି ଜିଲ୍ଲାରେ କିପରି ସଭାପତି ଚୟନ ପ୍ରକ୍ରିୟା ସୁରୁଖୁରୁରେ ହୋଇପାରିବ ସେଥିନେଇ ନିଯୁକ୍ତ ପିସିସି ପର୍ଯ୍ୟବେକ୍ଷକ ମାନେ ପ୍ରତି ବ୍ଲକ ଗସ୍ତକରି ତଥ୍ୟ ସଂଗ୍ରହ କରିବେ। ଏହି କ୍ରମରେ ଏଆଇସିସି ପର୍ଯ୍ୟବେକ୍ଷକ କଳାହାଣ୍ଡି ଜିଲ୍ଲା ଗସ୍ତ ସମୟରେ ତୃଣମୂଳସ୍ତରର କଂଗ୍ରେସ କର୍ମୀଙ୍କଠୁଁ ଆରମ୍ଭ କରି ବରିଷ୍ଠ ନେତୃବୃନ୍ଦ ଏବଂ ଜିଲ୍ଲା ପଦାଧିକାରୀଙ୍କ ସହିତ ସଂଗଠନକୁ ନେଇ ଆଲୋଚନା କରିବାର କାର୍ଯ୍ୟକ୍ରମ ରହିଛି। ଜିଲ୍ଲା ସଭାପତି ଚୟନ ନେଇ ଏସ୍‌ଟି, ଏସସି, ଓବିସି, ମହିଳା, ଯୁବ ଏହିପରି ସମସ୍ତ ବର୍ଗରୁ ୬ ଜଣଙ୍କ ନାମ ଯେପରି ରହିବ ସେମାନେ ସ୍ୱତନ୍ତ୍ର ଦୃଷ୍ଟି ଦେବାସହ ଏବଂ ଏଆଇସିସିକୁ ସୁପାରିଶ କରାଯିବ ବୋଲି ଏଆଇସିସି ପର୍ଯ୍ୟବେକ୍ଷକ ଶ୍ରୀ ଶେଖ ମସ୍ତାନ ଅଲ୍ଲୀ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପରିପ୍ରକାଶ କରିଥିଲେ। ଏଆଇସିସି ପର୍ଯ୍ୟବେକ୍ଷକଙ୍କ ଦ୍ୱାରା ଏକ ଗ୍ରାଉଣ୍ଡ ରିପୋର୍ଟ ଏଆଇସିସିରେ ଦାଖଲ କରାଯିବା ପରେ ଜିଲ୍ଲା ୱାରି ଜଣଙ୍କୁ ଜିଲ୍ଲା କଂଗ୍ରେସ ସଭାପତି ଭାବେ ଚୟନ କରାଯିବ ବୋଲି ପ୍ରଦେଶ କଂଗ୍ରେସ କମିଟି ପର୍ଯ୍ୟବେକ୍ଷକ ତଥା ବିଧାୟକ ତାରା ପ୍ରସାଦ ବାହିନୀପତି ସୂଚନା ଦେଇଥିଲେ। ଏହି ପ୍ରକ୍ରିୟା ଆସନ୍ତା ୧୪ ତାରିଖ ମଧ୍ୟରେ ସମ୍ପୂର୍ଣ୍ଣ କରାଯିବ ବୋଲି ଏଆଇସିସି ପର୍ଯ୍ୟବେକ୍ଷକ ଶ୍ରୀ ଅଲ୍ଲୀ ମତ ରଖିଥିଲେ। ସାମ୍ବାଦିକ ସମ୍ମିଳନୀରେ ଏଆଇସିସିରୁ ଶେଖ ମସ୍ତାନ ଅଲ୍ଲୀଙ୍କ ସମେତ ପିସିସି ପର୍ଯ୍ୟବେକ୍ଷକ ତଥା ଜୟପୁର ବିଧାୟକ ତାରା ପ୍ରସାଦ ବାହିନୀପତି, ପୂର୍ବତନ ବିଧାୟକ ଅଭିମନ୍ୟୁ ବେହେରା, ଫକୀର ଜଗତ, କଳାହାଣ୍ଡି ଜିଲ୍ଲା କଂଗ୍ରେସ ସଂଯୋଜକ ଜଳନ୍ଧର ନାଏକ ପ୍ରମୁଖ ମଞ୍ଚସୀନ ଥିଲେ।

# ଭାସି ଯାଉଥିଲେ ୩ଜଣ; ଉଦ୍ଧାର କଲେ ଟ୍ରାକ୍ଟର ଡ୍ରାଇଭର

**ଥୁଆମୂଳ ରାମପୁର, ୩।୯ (ସମିସ):** ବୁଧବାର ସଂଧ୍ୟା ୬ଟା ସମୟରେ ଥୁଆମୂଳ ରାମପୁର ବ୍ଲକ ଅଧୀନସ୍ଥ ଅତ୍ରି ଠାରେ ଏକ ବଡ଼ ଅଘଟଣରୁ ଦୁଇ ଯୁବତୀଙ୍କ ସମେତ ଜଣେ ମହିଳା ଅଳ୍ପକେ ବର୍ତ୍ତି ଯାଇଛନ୍ତି। ଦେବଦୂତ ଭଳି ସେମାନଙ୍କୁ ଗାଁ ଲୋକଙ୍କ ସହାୟତାରେ ଜଣେ ଟ୍ରାକ୍ଟର ଡ୍ରାଇଭର ଉଦ୍ଧାର କରିଛନ୍ତି। ବୁଧବାର କାମ କରୁଥିବାବେଳେ ବର୍ଷା ଆସିଥିଲା। ଏହି ବର୍ଷାରୁ ବର୍ତ୍ତିବା ପାଇଁ ୨ ଯୁବତୀ ଏବଂ ଜଣେ ମହିଳା ନିକଟସ୍ଥ ଚାନ୍ଦଗିରୀ ନାଳ ପୋଲ ତଳେ ଆଶ୍ରୟ ନେଇଥିଲେ। କିନ୍ତୁ ଉପର ମୁଣ୍ଡରେ ପ୍ରବଳ ବର୍ଷା ଯୋଗୁଁ ପାହାଡିଆ ପାଣି ହଠାତ ଆସିଯାଇଥିଲା। ଦୁଇ ଯୁବତୀଙ୍କ ସମେତ ମହିଳା ଜଣକ ପାଣି ସ୍ରୋତରେ ଭାସିଯିବାର ଆଶଙ୍କା କରାଯାଉଥିଲା। ଏହି ସମୟରେ ସେହି ରାସ୍ତା ଦେଇ ଟ୍ରାକ୍ଟର ନେଇ ଯାଉଥିବା ଅନ୍ତି ଗ୍ରାମର ଟ୍ରାକ୍ଟର ଚାଳକ ଡମ୍ବୁ ମୁଦୁଲି ଯୁବତୀ ଏବଂ ମହିଳାଙ୍କ ଚିତ୍କାର ଶୁଣି ଅତ୍ରି ଗ୍ରାମର ଲୋକଙ୍କୁ ଡାକିଥିଲେ। ଏକ ଦୌଡ଼ି ସହାୟତାରେ ପୋଲ ତଳକୁ ଆସି ଦୁଇ ଯୁବତୀଙ୍କ ସମେତ ମହିଳାଙ୍କୁ ଉଦ୍ଧାର କରିଛନ୍ତି। ଦୁଇ ଯୁବତୀ ବଡ ବଫଲା ଗ୍ରାମର ହେଇଥିବାବେଳେ ମହିଳା ଜଣକ ଅତ୍ରି ଗ୍ରାମର ବୋଲି ସୂଚନା ମିଳିଛି।



## ■ ମ.ରାମପୁରକୁ ଏନ୍‌ଏସି ଘୋଷଣା ଦାବି ପ୍ରସଙ୍ଗ

# ପର୍ଯ୍ୟାୟକ୍ରମେ ମ.ରାମପୁରକୁ ଏନ୍‌ଏସି ଘୋଷଣା କରାଯିବ

**ମ.ରାମପୁର, ୩।୯ (ସମିସ):** କଳାହାଣ୍ଡି ଜିଲ୍ଲା ମ.ରାମପୁରକୁ ଏନ୍‌ଏସି ଘୋଷଣା କରିବା ପାଇଁ ବିଭିନ୍ନ ମହଲରେ ଦାବି ହୋଇ ଆସୁଛି। ଏହା ଆଗାମୀ ଦିନରେ ପର୍ଯ୍ୟାୟ କ୍ରମେ ଏନ୍‌ଏସି ମାନ୍ୟତା ପାଇବ, ଜନ ସାଧାରଣ ଅପେକ୍ଷା କରନ୍ତୁ ବୋଲି ଆଜି ମ.ରାମପୁର ବିଜେପି କାର୍ଯ୍ୟାଳୟ ରେ ଅନୁଷ୍ଠିତ ଏକ ବୈଠକରେ ଜିଲ୍ଲା ସଭାପତି ଯୁଗଳକିଶୋର ପୋଡ଼, ଧର୍ମଗଡ଼ ବିଧାୟକ ସୁଧୀର କୁମାର ପାଟ୍ଟଯୋଷୀ କହିଛନ୍ତି। ମ.ରାମପୁର ମଣ୍ଡଳ ସଭାପତି ଯଜ୍ଞସେନ ପଣ୍ଡାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୋହନ ଗିରି ମଣ୍ଡଳ ସଭାପତି ଖ୍ରୀଷ୍ଟଦତ୍ତ ରାଉତ୍ ଙ୍କ ସମେତ ବରିଷ୍ଠ ବିଜେପି ନେତା ପଦ୍ମ ଲୋଚନ ମିଶ୍ର, ଶ୍ରୀକାନ୍ତ ହୋତା, ପ୍ରତାପଚନ୍ଦ୍ର ବାଗ, ବିଜୟ କୁମାର ମହାଖୁଡ଼, ମ.ରାମପୁର ମଣ୍ଡଳ ସମ୍ପାଦକ ଦେବଦତ୍ତ ପ୍ରହରାଜ ପ୍ରମୁଖ ଉପସ୍ଥିତ ଥିଲେ। ଏଠାରେ ସୂଚନା ଥାଉ କି, ଆସନ୍ତାକାଲି ମ.ରାମପୁରକୁ ଏନ୍ ଏ ସି ଘୋଷଣା ଦାବି ରେ ସର୍ବସାଧାରଣ ଙ୍କ ତରଫରୁ ଏକ ବାର ଘଣ୍ଟିଆ ବନ୍ଦ୍ ଡାକରା ଦିଆ ଯାଇଛି, ତେବେ ଏହି ପରିପ୍ରେକ୍ଷୀରେ ଜନ ସାଧାରଣ ଲୋକଙ୍କ ସରକାର ଉପରେ ଅସ୍ଥା ଭାଜନ କରନ୍ତୁ, ନିଶ୍ଚିତ ଭାବେ ମୋହନ ସରକାରଙ୍କ ସମୟ ରେ ଏନ୍‌ଏସି ଦାବିକୁ ଗୁରୁତ୍ୱଦେଇ ବିଚାର ପୂର୍ବକ ମାନ୍ୟତା ଦେବେବୋଲି ଆଲୋଚନା ହେଇଥିବା ଜଣାଯାଇଛି।




# ଧାନ ଫସଲ ନଷ୍ଟ କଲେ ହାତୀପଲ

**ବୀରମହାରାଜପୁର, ୩।୯ (ସମିସ):** ସୁବର୍ଣ୍ଣପୁର ବନଖଣ୍ଡ ଅଧୀନ ବୀରମହାରାଜପୁର ବନାଞ୍ଚଳର ଖଣ୍ଡହତା ପଞ୍ଚାୟତର ବିଭିନ୍ନ ଅଞ୍ଚଳରେ ହାତୀପଲ ବ୍ୟାପକ ଧାନ ଚାଷ ନଷ୍ଟ କରିଥିବା ଅଭିଯୋଗ ହୋଇଛି। ୧୦ଟି ହାତୀ ଲୋକଙ୍କ ନିଦ ହଜାଇ ଦେଇଛନ୍ତି। ଏହି ହାତୀପଲ ରେଢାଖୋଲ ବନଖଣ୍ଡ ଅଞ୍ଚଳରୁ ଆସି ବୀରମହାରାଜପୁର ବନାଞ୍ଚଳର ସୀମାନ୍ତ ଚୁବକାଦାଦର, ପୁଇପାନ, ଖଣ୍ଡହତା ଆଦି ଗ୍ରାମରେ ଧାନ ଚାଷ ନଷ୍ଟ କରିଛନ୍ତି। ଏହା ଫଳରେ ଚାଷୀ ଚିନ୍ତାରେ ପଡ଼ିଯାଇଛି। ଚୁବକାଦାଦର ଗ୍ରାମର ଯୁଗିନ୍ଦ୍ର ପ୍ରଧାନ, ଭୁଲାନାଥ ପ୍ରଧାନ, ଦାମ ଧାରୁଆ ପ୍ରମୁଖଙ୍କ ପ୍ରାୟ ୫ ଏକରରୁ ଅଧିକ ଧାନ ଫସଲ ନଷ୍ଟ କରିଥିବା ଅଭିଯୋଗ ହୋଇଛି। ହାତିଲିମୁଣ୍ଡା ବନପାଳ ଶଙ୍କର ବାଗଙ୍କ ତତ୍ତ୍ୱାବଧାନରେରେ ବନ ବିଭାଗ କର୍ମଚାରୀ ହାତୀପଲଙ୍କୁ ଘଉଡାଇଛନ୍ତି। ହାତୀପଲ ହାତିଲିମୁଣ୍ଡା ସଂରକ୍ଷିତ ଜଙ୍ଗଲର ପୁଇପାନ ଅଞ୍ଚଳରେ ଥିବା ବନ ବିଭାଗ ସୂଚନା ଦେଇଛି। ଅନ୍ୟପକ୍ଷେ ହାତୀ ନଷ୍ଟ କରିଥିବା ଧାନଚାଷର କ୍ଷତିପୂରଣ ଦାବି କରିଛନ୍ତି ଚାଷୀ। ଏନେଇ ବୀରମହାରାଜପୁର ସହକାରୀ ବନ ସଂରକ୍ଷକ ତଥା ଅତିରିକ୍ତ ରେଞ୍ଜ ଦାୟିତ୍ୱରେ ଥିବା ରେଞ୍ଜ ଅଧିକାରୀ ଅବିନାଶ ବରିହାଙ୍କୁ ପଚାରିବାରୁ ହାତୀପଲଙ୍କୁ ଡ୍ରୋନ କ୍ୟାମେରା ମାଧ୍ୟମରେ ଟ୍ରାକିଂ କରିବା ସହ ଘଉଡାଯାଇଛି। ଯେଉଁ ଚାଷୀମାନଙ୍କ ଧାନ ଚାଷ ନଷ୍ଟ ହୋଇଛି ଆକଳନ କରି କ୍ଷତି ପୂରଣ ପ୍ରଦାନ କରାଯିବ ବୋଲି ସେ ପ୍ରକାଶ କରିଛନ୍ତି।

# ଦୁଇ ବାଇକ୍ ମଧ୍ୟରେ ଧକ୍କା: ଜଣେ ଗୁରୁତର

**ବୌଦ୍ଧ, ୩।୯ (ସମିସ):** ବୌଦ୍ଧ-ବଲାଙ୍ଗୀର ୫୭ ନମ୍ବର ଜାତୀୟ ରାଜପଥର ବୌଦ୍ଧ ଥାନା ବୁରକଟା ବକବନ୍ଧ ନିକଟରେ ଦୁର୍ଘଟଣା ଘଟିଛି। ବୁଧବାର ଅପରାହ୍ନ ପ୍ରାୟ ସାଢେ ୪ଟା ବେଳେ ଦୁଇ ବାଇକ ମଧ୍ୟରେ ଧକ୍କା ହୋଇଥିଲା। ଏହା ଫଳରେ ଜଣେ ଗୁରୁତର ଆହତ ହୋଇଛନ୍ତି। ଗୁରୁତର ବ୍ୟକ୍ତି ଜଣକ ହେଲେ ଖୁଣ୍ଟବନ୍ଧ ପଞ୍ଚାୟତ କୁସୁମଝୁଲି ଗ୍ରାମର ପୂର୍ଣ୍ଣଚନ୍ଦ୍ର ନାଗ। ସେ ବାଇକ୍‌ରେ ଘରୁ ଜହ୍ନାପଙ୍କ ଆଡକୁ ଯାଉଥିଲେ। ଏତିକିବେଳେ ବୁରକଟା ବକବନ୍ଧ ନିକଟରେ ସମାନ ଦିଗରୁ ଏକ ବାଇକ୍ ଆସୁଥିଲା। ସମ୍ପୃକ୍ତ ବାଇକ୍‌ଟି ପୂର୍ଣ୍ଣଙ୍କୁ ଓଭରଟେକ୍ ସମୟରେ ଧକ୍କା ଦେଇ ଫେରାର ମାରିଥିଲା। ଏହାଫଳରେ ପୂର୍ଣ୍ଣ ରାସ୍ତାରେ ବାଇକ୍ ସହ ଛିଟିକି ପଡ଼ି ଗୁରୁତର ଆହତ ହୋଇଥିଲେ। ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଛି। ରାସ୍ତାରେ ଯାଉଥିବା ଲୋକେ ତାଙ୍କୁ ଉଦ୍ଧାର କରି ୧୦୮ ଆମ୍ବୁଲାନ୍ସ ସହାୟତାରେ ବୌଦ୍ଧ ଡାକ୍ତରଖାନା ପଠାଇଥିଲେ। ଖବର ପାଇ ଘଟଣା ସ୍ଥଳରେ ଜହ୍ନାପଙ୍କ ଫାଣ୍ଡି ପୁଲିସ ପହଞ୍ଚି ଥିଲା।

# ଛାତ୍ରୀଙ୍କୁ ଅସଦାଚରଣ କରିବା ପ୍ରସଙ୍ଗ: ପ୍ରଧାନଶିକ୍ଷକ ନିଲମ୍ବିତ

**ଜୁନାଗଡ଼, ୩।୯ (ସମିସ):** କଳାହାଣ୍ଡି ଜିଲ୍ଲା ଅଧୀନ ଜୁନାଗଡ଼ ବ୍ଲକ ବଲଦିଆମାଲ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଦୁଲେନ୍ଦ୍ର ମେହେର ସ୍ଥାନୀୟ ସ୍କୁଲର ଛାତ୍ରୀଙ୍କୁ ଅସଦାଚରଣ କରୁଥିବା ଓ ବିଭିନ୍ନ ଆଳରେ ସ୍ପର୍ଶ କରୁଥିବା ନେଇଁ ମଙ୍ଗଳବାର ଜୁନାଗଡ଼ ଥାନାରେ ଅଭିଯୋଗ ହୋଇଥିଲା। ଏହାକୁ ନେଇ ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରିଥିଲା। ତେବେ ତଦନ୍ତ ବେଳେ ଏହି ଘଟଣାରେ ସମ୍ପୃକ୍ତି ଥିବା ଅଭିଯୋଗରେ ପୁଲିସ ପ୍ରଧାନଶିକ୍ଷକ ମେହେରଙ୍କୁ ବୁଧବାର ଗିରଫ କରି କୋର୍ଟ ଚାଲାଣ କରିଛି। ଏନେଇ ଜୁନାଗଡ଼ ଆଇଆଇସି ଶେଷଦେବ ବେହେରା ସୂଚନା ଦେଇଛନ୍ତି। ଅନ୍ୟପଟେ, ଏହି ଘଟଣା ପରେ ଶିକ୍ଷା ବିଭାଗ ମଧ୍ୟ କାର୍ଯ୍ୟାନୁଷ୍ଠାନ ନେଇ ବୁଧବାର ଅପରାହ୍ନରେ ପ୍ରଧାନଶିକ୍ଷକ ମେହେରଙ୍କୁ ନିଲମ୍ବିତ କରିଛନ୍ତି। ଜୁନାଗଡ଼ ବିଇଓଙ୍କ ପତ୍ରସଂଖ୍ୟା ୩୨୪୦ ଅନୁଯାୟୀ ତାଙ୍କୁ ନିଲମ୍ବିତ କରାଯାଇଛି। ଏନେଇ ଜୁନାଗଡ଼ ବିଇଓ ତପନ ମାଝୀ ସୂଚନା ଦେଇଛନ୍ତି। ଏବଂ ପ୍ରଧାନ ଶିକ୍ଷକ ଙ୍କ ଧର୍ମ ପତ୍ନୀ ଜୁନାଗଡ଼ ଥାନା ରେ ବୁଧୁବାର ସକାଳ ରୁ ପାଲଟା କେଶ୍ ଦେବା ପାଇଁ ଥାନାରେ ରହିଥିବା ବେଳେ ସନ୍ଧ୍ୟା ପର୍ଯ୍ୟନ୍ତ କେସ୍ ପଞ୍ଜିକରଣ ହୋଇ ନ ଥିବା ଅଭିଯୋଗ କରିଛନ୍ତି।

# ଅଙ୍ଗନବାଡ଼ି କେନ୍ଦ୍ରରେ ତାଲା ପକାଇ ଦେଇଛନ୍ତି ଠିକାଦାର

**ବୌଦ୍ଧ, ୩।୯ (ସମିସ):** ବୌଦ୍ଧ ଜିଲ୍ଲା ହରଭଙ୍ଗା ବ୍ଲକ ଛତ୍ରଙ୍ଗ ପଞ୍ଚାୟତ ଖରଭୂଇଁରେ ଏକ ଅଙ୍ଗନବାଡି କେନ୍ଦ୍ର ନିର୍ମାଣ ହୋଇଛି। ଏହା କିନ୍ତୁ କାମରେ ଆସୁନି। ଟଙ୍କରା ପାଇ ନ ଥିବାରୁ ଠିକାଦାର ଏହାକୁ ତାଲା ପକାଇ ରଖିଛନ୍ତି। ଏଣୁ ଛୋଟ ଛୋଟ ପିଲାମାନେ ଅନ୍ୟତ୍ର ବାହାରେ ବସି ପାଠ ପଢୁଛନ୍ତି। ୬ ଲକ୍ଷ ୭୫ ହଜାର ଟଙ୍କା ବ୍ୟୟ ବରାଦରେ ଏହି ଅଙ୍ଗନବାଡି କେନ୍ଦ୍ର ତିଆରି ହୋଇଛି। ତେବେ ଠିକାଦାରଙ୍କୁ ଏ ବାବଦରେ ଟଙ୍କାଟିଏ ବି ମିଳିନାହିଁ। ଏପରିକି ନିଜର ପ୍ରାପ୍ୟ ପାଇଁ ବ୍ଲକ ପ୍ରଶାସନକୁ ଗୁହାରି କଲେ ମଧ୍ୟ ଟଙ୍କା ପାଇ ପାରି ନ ଥିବା ଠିକାଦାର ଜଣଙ୍କ ପ୍ରକାଶ କରିଛନ୍ତି। ଏଣୁ ବାଧ୍ୟ ହୋଇ ସେ ତାଲା ପକାଇଛନ୍ତି ବୋଲି କହିଛନ୍ତି। ତେବେ ଏ ନେଇ ହରଭଙ୍ଗା ସିଡିପିଓ ଦୀପ୍ତିମୟୀ ପାତ୍ରଙ୍କୁ ପଚାରିବାରୁ ବିଡ଼ିଓ ଏବଂ ସମ୍ପୃକ୍ତ ବ୍ଲକ ଏଇଙ୍କୁ ବାରମ୍ବାର ଲିଖିତ ଓ ମୌଖିକ ଭାବେ ଅବଗତ କରାଯାଇଛି। ଏକ ସ୍କୁଲ ଘରେ ଅନୁମତି ନେଇ ପାଠ ପଢ଼ା ଯାଉଛି ବୋଲି କହିଛନ୍ତି।

# ନୂଆପଡ଼ାରେ ପୁଣି ବାଘ ଆତଙ୍କ, ବାଛୁରୀକୁ ମାରି ଖାଇଲା



**ନୂଆପଡ଼ା/କୋମନା, ୩।୯ (ସମିସ):** ନୂଆପଡ଼ା ଜିଲ୍ଲା କୋମନା ବ୍ଲକ ସୁନାବେଡ଼ା ଅଭୟାରଣ୍ୟରେ ପୁଣି ବାଘ ଆତଙ୍କ ଦେଖାଦେଇଛି। ମଙ୍ଗଳବାର ବିଳମ୍ବିତ ରାତିରେ ଏକ ବାଛୁରୀକୁ ମାରିଖାଇଛି ବାଘ। ଏହି ଖବର ପ୍ରଚାରିତ ହେବାପରେ ସ୍ଥାନୀୟ ଅଞ୍ଚଳରେ ଲୋକେ ଆତଙ୍କିତ ହୋଇ ପଡ଼ିଛନ୍ତି। ସୁନାବେଡ଼ା ଅଭୟାରଣ୍ୟର ନୂଆପଡ଼ା ରେଞ୍ଜ ଗୋଲାବନ୍ଧ ସେକ୍ସନ ଦିଆମୁଣ୍ଡା ଗାଁ ନିକଟ ଜଙ୍ଗଲକୁ ଗୋରୁ ଗାଇ ଚରିବାକୁ ଯାଇଥିଲେ। କିନ୍ତୁ ଦିଆମୁଣ୍ଡା ଗାଁର ରଘୁ ରାଉତ ନାମକ ଜଣେ ଚାଷୀଙ୍କ ବାଛୁରୀ ସନ୍ଧ୍ୟାରେ ଘରକୁ ଫେରି ନ ଥିଲା। ଖୋଜାଖୋଜି ପରେ ବାଛୁରୀର ମୃତଦେହ ଜଙ୍ଗଲରେ ଦେଖିବାକୁ ମିଳିଥିଲା। ଏହା ବାଘମାରି ଖାଇଥିବା ସନ୍ଦେହ ହୋଇଥିଲା। ସୂଚନାପାଇ ସୁନାବେଡ଼ା ଅଭୟାରଣ୍ୟର ଡିଏଫଓ ଅଜିଜ ଖାନ, ଏସିଏଫ ସଞ୍ଜୀବ ବନଗୋଲାଙ୍କ ସହ ଏକ ଟିମ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ଏହାଏକ କଲରାପତରିଆ ବାଘ ବୋଲି ଜଣାପଡ଼ିଛି।

# ବର୍ଷାରେ ଭାଙ୍ଗିଲା ଘର; ମିଳୁନି ସହାୟତା

**ଥୁଆମୂଳ ରାମପୁର, ୩।୯ (ସମିସ):** କଳାହାଣ୍ଡି ଜିଲ୍ଲା ଥୁଆମୂଳ ରାମପୁର ବ୍ଲକ ଦୁର୍ଗମ ସିଲେଟ ପଞ୍ଚାୟତ ଅଧୀନ ଦୁର୍ବେଲଗୁଡା ଗ୍ରାମର ସଞ୍ଜୟ ନାଏକଙ୍କ ଘର ଲଗାଣ ବର୍ଷାରେ ଭାଙ୍ଗି ପଡ଼ିଥିବା ଦେଖିବାକୁ ମିଳିଛି। ଗତ ଜୁଲାଇ ୧୫ ତାରିଖ ଦିନ ସଞ୍ଜୟ ଏବଂ ତାଙ୍କ ପରିବାର ସୌଭାଗ୍ୟ ବଶତଃ କେହି ଘରେ ନ ଥିବାବେଳେ ଏହି ଘଟଣା ଘଟିଥିଲା। ବର୍ତ୍ତମାନ ସଞ୍ଜୟ ନିଜ ସ୍ତ୍ରୀ ସୁରଭି ଏବଂ ଦୁଇ ପୁଅ ସତ୍ୟଜିତ(୮), ବିବେକ(୧) ଦୁଇ ଝିଅ ନିଳା(୧୩) ଏବଂ ପ୍ରିୟଙ୍କା(୫)ବର୍ଷର କୁନିକୁନି ଛୁଆଙ୍କୁ ନେଇ ଚିନ୍ତାରେ ରହିଥିବା ବେଳେ ବର୍ତ୍ତମାନ ସଞ୍ଜୟ ଓ ତାଙ୍କ ପରିବାର ଅସହାୟ ଅବସ୍ଥାରେ ପରଘରେ ଆଶ୍ରୟ ନେଇଛନ୍ତି। ଘର ସମ୍ପୂର୍ଣ୍ଣ ଭାଙ୍ଗି ଯାଇଥିବା ଯୋଗୁଁ ଘରର ଆସବାବପତ୍ର ସହିତ ରାସନ ସାମଗ୍ରୀ ମଧ୍ୟ ନଷ୍ଟ ହୋଇ ଅନେକ କ୍ଷତି ହୋଇଥିବା କହିଛନ୍ତି ସଞ୍ଜୟ। ଏନେଇ ରାଜସ୍ୱ ନିରୀକ୍ଷକଙ୍କୁ ସୂଚନା ଦିଆଯାଇଥିବା କହିଛନ୍ତି ସଞ୍ଜୟ। ହେଲେ ଘର ଭାଙ୍ଗି ଆଜକୁ ୫୦ ଦିନ ବିତିସାରିଥିଲେ ସୁଦ୍ଧା ସ୍ଥିତି ଅନୁଧ୍ୟାନ ପାଇଁ ଆଜି ପର୍ଯ୍ୟନ୍ତ ରାଜସ୍ୱ ବିଭାଗର କର୍ମଚାରୀଙ୍କ ଦେଖା ଦର୍ଶନ ମିଳିନଥିବା ଅଭିଯୋଗ ଆଣିଛନ୍ତି ସଞ୍ଜୟ। ଏପଟେ ସରକାର ଗରିବ ଲୋକଙ୍କୁ ଆବାସ ଘର ଯୋଜନାରେ ଘର ଯୋଗାଇବା ପାଇଁ ସର୍ଭେ ମାଧ୍ୟମରେ ହିତାଧିକାରୀଙ୍କ ତାଲିକା ପ୍ରସ୍ତୁତ କରୁଛନ୍ତି। ହେଲେ ଉକ୍ତ ତାଲିକାରେ ନାମ ଉଲ୍ଲେଖ ଥିଲେ ମଧ୍ୟ କିପରି ବଞ୍ଚିତ ହେବାକୁ ପଡୁଛି ବୋଲି ପ୍ରଶ୍ନ ଉଠାଇଛନ୍ତି ସଞ୍ଜୟ। ଏଥି ସହିତ ଦୁର୍ବେଲଗୁଡା ନିକଟ ଝାଞ୍ଜି ଗାଁରେ ମଧ୍ୟ ଆଉ ଜଣକ ଘର ଭାଙ୍ଗି ଥିବା ସୂଚନା ମିଳିଛି। ସୂଚନା ଅନୁଯାୟୀ ଉକ୍ତ ଗ୍ରାମର ଘାସି ମାଝୀଙ୍କ ଘର ମଧ୍ୟ ଭାଙ୍ଗି ଥିବା ଦେଖିବାକୁ ମିଳିଛି। ଘର ଭାଙ୍ଗି ଯିବା ଫଳରେ ତାଙ୍କର ମଧ୍ୟ ପରିବାର ଅସହାୟ ଅବସ୍ଥାରେ ରହୁଛନ୍ତି। ଘାସି ମାଝୀଙ୍କ ପରିବାରକୁ ମଧ୍ୟ ଆବାସ ଯୋଜନାରେ ଘର ଖଣ୍ଡିକ ବ୍ୟବସ୍ଥା କରିବା ସହିତ ବଞ୍ଚିତ ରହିଥିବା ଯୋଗ୍ୟ ଗରିବ ପରିବାରଙ୍କୁ ଆବାସ ଯୋଜନାରେ ସାମିଲ କରିବାକୁ ସାଧାରଣରେ ଦାବି ହେଉଛି। ସିଲେଟ ପଞ୍ଚାୟତର ଏହି ଦୁଇ ଦୁର୍ଗମ ଇଲାକା ପ୍ରତି ପ୍ରଶାସନିକ ଦୃଷ୍ଟିରେ ଅବହେଳା ରହୁଥିବା ପରିଲକ୍ଷିତ ହେଉଛି।





## ବାଳିକା ଶିକ୍ଷା ରାଜ୍ୟ ନୋଡାଲ ଅଧିକାରୀଙ୍କ ଦୁଇ ଦିନିଆ କଳାହାଣ୍ଡି ଗସ୍ତ

# ବାଳିକା ଶିକ୍ଷାର ଅଗ୍ରଗତି ଉପରେ ସମୀକ୍ଷା





**ଭବାନୀପାଟଣା, ୩।୯ (ସମିସ)**

ଓସେପା ଯୁଗ୍ମ ନିର୍ଦ୍ଦେଶକ ତଥା ବାଳିକା ଶିକ୍ଷାର ରାଜ୍ୟ ନୋଡାଲ ଅଧିକାରୀ ସନ୍ତୋଷ କୁମାର ରାଉତ କଳାହାଣ୍ଡି ଜିଲ୍ଲାକୁ ଦୁଇଦିନିଆ ଗସ୍ତ କରିଛନ୍ତି। ପ୍ରଥମ ଦିନରେ ଜିଲ୍ଲାର ବିଭିନ୍ନ ବ୍ଲକର କେଜିବିଭି ବିଦ୍ୟାଳୟ ପରିଦର୍ଶନ କରିବା ସହ କାର୍ଯ୍ୟକ୍ରମକୁ ତଦାରଖ କରିଛନ୍ତି। ସେହିପରି ସମଗ୍ର ଶିକ୍ଷା ସଭାଗୃହରେ ଏକ ସମୀକ୍ଷା ବୈଠକ କରିଛନ୍ତି। ଏହି ବୈଠକରେ ଜିଲ୍ଲା ଶିକ୍ଷାଧିକାରୀ ରାଧାକାନ୍ତ ଛତ୍ରି, ରାଜ୍ୟ ବାଳିକା ଶିକ୍ଷା ସଂଯୋଜିକା ଲହରୀ ମହାନ୍ତି, ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ପବିତ୍ରମୋହନ ସାହୁ, ଶୁଭଲକ୍ଷ୍ମୀ ନାୟକ ଓ ହେମସାଗର ମହାନନ୍ଦ, ସମଗ୍ର ଶିକ୍ଷା ବାଳିକା ଶିକ୍ଷା ସଂଯୋଜିକା ଲିପିକା ଅପରାଜିତା, ଜିଲ୍ଲା ଜନଜାତି ସଂଯୋଜିକା ଶ୍ରଦ୍ଧାଞ୍ଜଳି ଦାଶ, ଯୋଜନା ସଂଯୋଜିକା ନିହାରିକା ପଣ୍ଡା, ଜିଲ୍ଲାର ସମସ୍ତ ବିଇଓ, ଏବିଇଓ, କେଜିବିଭି ପ୍ରଧାନଶିକ୍ଷକ, ସମସ୍ତ ଟିସି ଏବଂ ଅନ୍ୟ ସମସ୍ତ ବିଭାଗ ମୁଖ୍ୟମାନେ ଉପସ୍ଥିତ ଥିଲେ। ଏଥିରେ ସମୀକ୍ଷା ସହିତ ବାଳିକା ଶିକ୍ଷା ସମ୍ପର୍କିତ ଏକ ପ୍ରଶିକ୍ଷଣ ମଧ୍ୟ ପ୍ରଦାନ କରାଯାଇଥିଲା। ସେହିପରି ଜିଲ୍ଲା ଶିକ୍ଷାଧିକାରୀ ଶ୍ରୀ ଛତ୍ରୀଙ୍କ ଅଧ୍ୟକ୍ଷତାରେ ସ୍ୱଚ୍ଛ ଏବମ୍ ହରିତ୍ ବିଦ୍ୟାଳୟ ରେଟିଂ ଉପରେ ଏକ ପ୍ରଶିକ୍ଷଣ ଆୟୋଜିତ ହୋଇଥିଲା। ଏହି କାର୍ଯ୍ୟକ୍ରମର ବିବିଧ ଦିଗ ଓ ତାହାର ସଫଳ ରୂପାୟନ ଉପରେ ସବିଶେଷ ଆଲୋଚନା ହୋଇଥିଲା। ଏହାକୁ ସଫଳ କରିବା ପାଇଁ ବୈଠକରେ ବିଇଓ, ବିଇଓ, ଟିସି ତଥା ଅନ୍ୟ ବିଭାଗୀୟ ଅଧିକାରୀ ଆଲୋଚନା କରିଥିଲେ।



# ସମ୍ପାଦକୀୟ



ସଫଳତାର ତିନି ମନ୍ତ୍ର ହେଉଛି - ସ୍ଥିରତା, ଧୈର୍ଯ୍ୟ ଓ ଦୃଢ଼ତା।
-ବିବେକାନନ୍ଦ

ସକାଳ
THE SAKALA

## ବ୍ୟବସ୍ଥା ବିରୋଧରେ ବିଦ୍ରୋହ

ଗଣତାନ୍ତ୍ରିକ ଶାସନ ବ୍ୟବସ୍ଥାରେ ସରକାର ଜନସମୁଦାୟ ନିକଟରେ ଉତ୍ତରଦାୟୀ। ଏକ୍ଷେତ୍ରରେ ମାତ୍ରାଧିକ ବ୍ୟତିକ୍ରମ ବେଳେ ବେଳେ ବିଦ୍ରୋହର ପଥ ପରିଷ୍କାର କରିଥାଏ। ଶାତନତନ୍ତ୍ରକୁ ମତାଧିକାର ମାଧ୍ୟମରେ ହଟାଇବାର ସୁଯୋଗ ଜନତାଙ୍କ ପାଖରେ ଥିଲେ ମଧ୍ୟ ପ୍ରତାରଣାର ସୀମା ଲଂଘନ ହେଲେ ଜନତାଙ୍କ ଧୈର୍ଯ୍ୟଚ୍ୟୁତି ଘଟେ ଏବଂ ସମୟକୁ ଅପେକ୍ଷା ନ କରି ଶାସନ-ବିରୋଧୀ ବିସ୍ଫୋରକ ସ୍ଥିତି ଜନ୍ମ ନିଏ, ଯାହା ଏବେ ବିଶ୍ୱର ତୃତୀୟ ବୃହତ୍ ଗଣତନ୍ତ୍ର ଇଣ୍ଡୋନେସିଆରେ ଘଟିଛି। କ୍ଷମତା କେନ୍ଦ୍ର ଯେମିତି ଚାହେଁ ଅତୁଟ ଓ ଅପରିବର୍ତ୍ତିତ ଶାସନ ବ୍ୟବସ୍ଥା, ଜନସମୂହ ମଧ୍ୟ ସେମିତି ଚାହାନ୍ତି ପ୍ରତାରଣା ଓ ପ୍ରବଞ୍ଚନା ମୁକ୍ତ ସୁଶାସନ। ଏହି ପୃଷ୍ଠଭୂମିରେ ଇଣ୍ଡୋନେସିଆରେ କ୍ଷମତା ବିରୋଧୀ ଆନ୍ଦୋଳନ ଯେଉଁ ରୂପ ନେଇଛି, ସେଥିରେ ୮ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ଶତାଧିକ ଆହତ ହୋଇଛନ୍ତି ଏବଂ ୩୧୯୫ଙ୍କୁ ଗିରଫ କରାଯାଇଛି। ସେମାନଙ୍କ ମଧ୍ୟରୁ ଅଧିକାଂଶ ହେଉଛନ୍ତି ଛାତ୍ରଛାତ୍ରୀ ଓ ଶ୍ରମିକ ସଂଗଠନ ସହ ସଂଶ୍ଳିଷ୍ଟ କର୍ମୀ। ଏମାନଙ୍କୁ ଦେଶଦ୍ରୋହୀ ଓ ଆତଙ୍କବାଦୀ ଘୋଷଣା କରାଯାଇଛି। ଆନ୍ଦୋଳନକାରୀ ଜଣେ ସାଂସଦଙ୍କ ଗୃହଦାହ କରିବା ସହ ଅର୍ଥମନ୍ତ୍ରୀ ମୂଲ୍ୟାନୀ ଇନ୍ଦ୍ରାବତୀଙ୍କ ବାସଗୃହ ଲୁଟପାଟ କରିଛନ୍ତି। ସାଂସଦଙ୍କ ମାସିକ ଭତ୍ତା ୩୦୦୦ ଡଲାର ବୃଦ୍ଧି ନିଷ୍ପତ୍ତିକୁ କେନ୍ଦ୍ର କରି ଏହି ବିଦ୍ରୋହର ସୂତ୍ରପାତ ହୋଇଥିଲା, ଯାହା ଜାକର୍ତ୍ତାର ସର୍ବନିମ୍ନ ବେତନଠାରୁ ୧୦ ଗୁଣ ଅଧିକ। ପୁଲିସ ଓ ସାମରିକ ବାହିନୀର କଠୋର ଦମନମୂଳକ କାର୍ଯ୍ୟାନୁଷ୍ଠାନରେ ହିଂସା ପ୍ରଶମିତ ହୋଇଛି ସତ, କିନ୍ତୁ ଆନ୍ଦୋଳନ ଓ ଧାରଣା ଜାରି ରହିଛି।

ଆମେରିକା ଢାଞ୍ଚାରେ ଇଣ୍ଡୋନେସିଆରେ ରାଷ୍ଟ୍ରପ୍ରତି ପ୍ରଧାନ ଶାସନ ବ୍ୟବସ୍ଥା ପ୍ରଚଳିତ ଏବଂ ରାଷ୍ଟ୍ରପତି ହିଁ ଶାସନର ସର୍ବମୟ କର୍ତ୍ତା। ୨୦୨୪ ଅକ୍ଟୋବର ନିର୍ବାଚନରେ କ୍ଷମତାସୀନ ରାଷ୍ଟ୍ରପତି ପ୍ରବୋୱୋ ସୁବିଆଣ୍ଟୋଙ୍କ ମୁଖ୍ୟ ପ୍ରତିଶ୍ରୁତି ଥିଲା, ଦୁର୍ନୀତିର ମୂଳୋତ୍ପାଟନ ଓ ଆତ୍ମନିର୍ଭରଶୀଳ ଇଣ୍ଡୋନେସିଆ ଗଠନ। ୨୦୧୪ରୁ ନିରଙ୍କୁଶ କ୍ଷମତାରେ ରହିଆସିଛି ସେ ପ୍ରତିନିଧିତ୍ୱ କରୁଥିବା ଇଣ୍ଡୋନେସୀୟ ଗଣତାନ୍ତ୍ରିକ ଦଳ (ଆଇଡିପି)। ଦେଶବାସୀ ମନରେ କୁହୁଳୁଥିବା ଅସନ୍ତୋଷର ମୁଖ୍ୟ କାରଣ ହେଲା, ଦୀର୍ଘଦିନ ଧରି କର୍ମଚାରୀଙ୍କ ବେତନ – ଭତ୍ତା ଅପରିବର୍ତ୍ତିତ ରହି ଦରଦାମ କ୍ରମାଗତ ବଢ଼ିଚାଲିଥିବାରୁ ଲୋକଙ୍କ କ୍ରୟଶକ୍ତି କମି ଚାଲିଛି। ଆଉଟସୋର୍ସିଂକୁ ପ୍ରାଧାନ୍ୟ ଦେଇ ନିଯୁକ୍ତି ସୁଯୋଗ ହ୍ରାସ କରାଯାଇଥିବାରୁ ବେକାରୀ ସମସ୍ୟା ଦିନକୁ ଦିନ ଉତ୍କଟ ହେବାରେ ଲାଗିଛି। ଏଭଳି ଅର୍ଥନୈତିକ ପ୍ରତିକୂଳ ପରିସ୍ଥିତିରେ ସାଂସଦଙ୍କ ଭତ୍ତା ବୃଦ୍ଧି ନିଷ୍ପତ୍ତି ବିଦ୍ରୋହ ପାଇଁ ଖୋରାକ ଯୋଗାଇଥିଲା। ପରିସ୍ଥିତି ନିୟନ୍ତ୍ରଣ ବାହାରକୁ ଯାଉଥିବାରୁ ରାଷ୍ଟ୍ରପତି ତୁରନ୍ତ ଏହି ନିଷ୍ପତ୍ତି ପ୍ରତ୍ୟାହାର କରିନେଇଛନ୍ତି।

ଜେନେରାଲ ସୁହାର୍ତୋଙ୍କ ଏକଛତ୍ରବାଦୀ ଶାସନର ୧୯୯୮ରେ ଅବସାନ ପରେ ଇଣ୍ଡୋନେସିଆରେ ଗଣତନ୍ତ୍ର ଶାସନ ପ୍ରତିଷ୍ଠା ହୋଇଛି। ଶାସନ ଢାଞ୍ଚାରେ ପରିବର୍ତ୍ତନ ପ୍ରୟାସୀଙ୍କ ମନରେ ଅନେକ ଆଶା ଓ ଉଦ୍ଦୀପନା ଏବେ ବି ସଜୀବ ହୋଇରହିଛି। ତେଣୁ ଆକାଂକ୍ଷିତ ସୁଫଳ ମିଳିବା ଯେତିକି ବିଳମ୍ବିତ ହେଉଛି ସେମାନଙ୍କ ମନରେ ବିଦ୍ରୋହର ବହ୍ନି ସେତିକି ଉଜ୍ଜୀବିତ ହେଉଛି। ଇଣ୍ଡୋନେସିଆର ଶାସନ ବିରୋଧୀ ବିଦ୍ରୋହ ବିଶ୍ୱକୁ ଏହି ବାର୍ତ୍ତା ଦେଇଛି ଯେ ପ୍ରବଞ୍ଚନାମୂଳକ ଶାସନ ବ୍ୟବସ୍ଥାରେ ପରିବର୍ତ୍ତନ ଲୋଡ଼ା, ନ ହେଲେ ବିଦ୍ରୋହ ଅବଶ୍ୟାମ୍ଭାବୀ।

## ପ୍ରତିବନ୍ଧକୁ ପ୍ରତ୍ୟାଖ୍ୟାନ

ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଇଙ୍ଗିତରେ ପାଶ୍ଚାତ୍ୟ ରାଷ୍ଟ୍ରସମୂହ ଅର୍ଥନୈତିକ ବାସନ୍ଦ ବା ପ୍ରତିବନ୍ଧ ପ୍ରୟୋଗ ପାଇଁ କଥା କଥାକେ ବିଶ୍ୱକୁ ଯେଉଁ ନାଲି ଆଖି ଦେଖାଉଛନ୍ତି ତାହାକୁ ମିଳିତ ପ୍ରତିରୋଧ କରିବାର ସମୟ ଉପସ୍ଥିତ। ସାଂଘାଇ ସହଯୋଗ ସଂଗଠନ(ଏସ୍‌ସିଓ) ବୈଠକରେ ଯୋଗ ଦେବା ଅବସରରେ ଏକଥା କହିଛନ୍ତି ରୁଷର ରାଷ୍ଟ୍ରପତି ଭ୍ଲାଡିମିର୍ ପୁଟିନ୍। ଏସସିଓ ଏକ ଆଞ୍ଚଳିକ ସହଯୋଗୀ ଓ ସହଭାଗିତା ମଞ୍ଚ ହୋଇଥିଲେ ମଧ୍ୟ ଏକ ବୃହତ୍ତର ଦିଗକୁ ପୁଟିନ୍‌ଙ୍କ ଇଙ୍ଗିତକୁ ଚୀନ ପୂର୍ଣ୍ଣ ସମର୍ଥନ କରିଛି। ବ୍ରିକ୍ସ ଅଂଶୀଦାର ରାଷ୍ଟ୍ରଙ୍କ ବୃହତ୍ତର ସ୍ୱାର୍ଥକୁ ଦୃଷ୍ଟିରେ ରଖି ପୁଟିନ ଓ ସି ଜିନପିଙ୍ଗ ଏହି ମିଳିତ ନିଷ୍ପତ୍ତି ଗ୍ରହଣ କରିଛନ୍ତି।

ସମଗ୍ର ବିଶ୍ୱରେ ବଜାର ଅର୍ଥନୀତିର ପ୍ରାଧାନ୍ୟ ବୃଦ୍ଧି ପାଇଥିବା ବେଳେ ପାରସ୍ପରିକ ନିର୍ଭରଶୀଳତା ଓ ସହଯୋଗିତାର ଗୁରୁତ୍ୱ ବଢ଼ିଛି। ଅପରପକ୍ଷରେ ଏବେ ମଧ୍ୟ ବାଣିଜ୍ୟ ଓ ବିନିମୟରେ ଡଲାରର ପ୍ରାଧାନ୍ୟ ଅତୁଟ ରହିଥିବାରୁ ଟ୍ରମ୍ପ ବଡ଼ଭାଇ ପଣିଆ ଜାହିର କରିଚାଲିଛନ୍ତି। ବ୍ରିକ୍ସ ପକ୍ଷରୁ ଡଲାରର ବିକଳ୍ପ ବ୍ୟବସ୍ଥା ସପକ୍ଷରେ କେତେକ ପଦକ୍ଷେପ ନିଆଯାଇଥିବା ସୂଚନା ଟ୍ରମ୍ପଙ୍କୁ ବିବ୍ରତ କରିଛି। ତେଣୁ ବ୍ରିକ୍ସ ସଦସ୍ୟ ହିଁ ତାଙ୍କ ଟାରିଫ ରାଜନୀତିରେ ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହୋଇଥିବା ଦେଖାଯାଇଛି। ଏହି ପ୍ରେକ୍ଷାପଟରେ ଚୀନ୍ ଗଣମାଧ୍ୟମକୁ ଏକ ସାକ୍ଷାତକାରରେ ପୁଟିନ କହିଛନ୍ତି ଯେ ବ୍ରିକ୍ସ ସଦସ୍ୟ ରାଷ୍ଟ୍ରଙ୍କ ଗୁରୁତ୍ୱପୂର୍ଣ୍ଣ ଭିତ୍ତିଭୂମି ବିକାଶରେ ପରିଲକ୍ଷିତ ପ୍ରତିବନ୍ଧକ ଦୂର ସକାଶେ ଅତିରିକ୍ତ ସମ୍ବଳ ସଂଗ୍ରହକୁ ରୁଷ ଓ ଚୀନ ସ୍ୱତନ୍ତ୍ର ପ୍ରାଧାନ୍ୟ ଦେବେ।

ବ୍ରାଜିଲ, ରୁଷିଆ, ଭାରତ, ଚୀନ ଓ ଦକ୍ଷିଣ ଆଫ୍ରିକାକୁ ନେଇ ଗଠିତ ବ୍ରିକ୍ସ ସଂଗଠନ ପାରିସ୍ପରିକ ସହଯୋଗ ହେବା ପାଇଁ କାର୍ଯ୍ୟ କରୁଛନ୍ତି। ପରିବର୍ତ୍ତିତ ପରିବେଶରେ ସାଉଦୀ ଆରବ, ଇରାନ, ଇଥିଓପିଆ, ମିଶର, ଆର୍ଜେଣ୍ଟିନା ଓ ଆରବ ଏମିରେଟ୍ସ ଏହି ସଂଗଠନରେ ଖୁବ୍ ଶୀଘ୍ର ଯୋଡ଼ି ହେଉଛନ୍ତି। ସମ୍ବଳ ସକାଶେ ଆମେରିକା ଓ ୟୁରୋପ ରାଷ୍ଟ୍ର ସମୂହ ଉପରେ ନିର୍ଭରଶୀଳତା ହ୍ରାସ ପଇଁ ଆନ୍ତର୍ଜାତିକ ମୁଦ୍ରା ପାଣ୍ଠି ଓ ବିଶ୍ୱବ୍ୟାଙ୍କ ବ୍ୟବସ୍ଥାରେ ସଂସ୍କାର ଆଣିବାକୁ ମସ୍କୋ ଓ ବେଜିଂ ମିଳିତ ପଦକ୍ଷେପ ଗ୍ରହଣ କରିବେ। ସମୟର ଆବଶ୍ୟକତା ସଂପର୍କରେ ସୂଚନା ଦେଇ ପୁଟିନ କହିଛନ୍ତି ଯେ ବିଶ୍ୱର ଏହି ଅର୍ଥ ଯୋଗାଣକାରୀ ସଂସ୍ଥା ବାଛବିଚାରମୂଳକ ନୀତି ପରିତ୍ୟାଗ କରି ସମାନ ଦୃଷ୍ଟିଭଙ୍ଗୀ ନେଇ କାର୍ଯ୍ୟ କରିବା ଉଚିତ୍। ଏହି ମହାନ ଲକ୍ଷ୍ୟ ହାସଲ ପ୍ରତି ଦୁଇ ରାଷ୍ଟ୍ର ଅଙ୍ଗୀକାରବଦ୍ଧ ବୋଲି ସେ ଉଲ୍ଲେଖ କରିଛନ୍ତି।

ଏସସିଓ ଶିଖର ସମ୍ମିଳନୀ ଅବସରରେ ପୁଟିନଙ୍କ ଏହି ବକ୍ତବ୍ୟ ସ୍ୱତନ୍ତ୍ର ଗୁରୁତ୍ୱ ବହନ କରେ। ବିଶେଷକରି ଏକ ପ୍ରତିକୂଳ ପରିସ୍ଥିତିରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ବୈଠକରେ ଯୋଗଦାନ ଏବଂ ଭାରତର ଆସ୍ଥା ଓ ବିଶ୍ୱାସ ହାସଲ ସକାଶେ ଏହାକୁ ଏକ କୂଟନୈତିକ ପଦକ୍ଷେପ ରୂପେ ଗ୍ରହଣ କରାଯାଇପାରେ। ବିଶେଷକରି ବ୍ରିକ୍ସ ସଦସ୍ୟ ରାଷ୍ଟ୍ରଙ୍କ ପ୍ରତି ଟ୍ରମ୍ପଙ୍କ ଆଭିମୁଖ୍ୟକୁ କିଭଳି ପ୍ରତିରୋଧ କରାଯାଇପାରିବ ତାହାର ନକ୍ସା ପ୍ରସ୍ତୁତି ପୁଟିନଙ୍କ ବ୍ୟକ୍ତବ୍ୟରୁ ସ୍ପଷ୍ଟ ହୋଇଛି।

# ପ୍ରକୃତି ଆଉ ସହିବ ନାହିଁ

**ସୌଭାଗ୍ୟ ସୁନ୍ଦରରାୟ**

ନିକଟରେ ଉତ୍ତରାଖଣ୍ଡର ଉତ୍ତରକାଶୀ ଜିଲ୍ଲାର ଧରାଲି ଗ୍ରାମରେ କଲିଜା ଥରା ଖଣ୍ଡପ୍ରଳୟ ଘଟିଯାଇଛି। ଆଖି ପିଛୁଳାକେ ଧରାଲି ମାଟିରେ ମିଶିଗଲା। ମାତ୍ର ୨୦ ସେକେଣ୍ଡରେ ବାସଗୃହ, ହୋଟେଲ, ଢାବା ବଜାର ନିଶ୍ଚିହ୍ନ ହୋଇଗଲା। ବୃହତ୍‌କାୟ ପଥର ମୁଣ୍ଡିଆ, ପଙ୍କକାଦୁଅ, ମାଟିରେ ଧରାଲି ପୋତି ହୋଇପଡ଼ିଲା। ଏହାକୁ ପ୍ରକୃତିର ନକାରାତ୍ମକ ଦିଗ ବୋଲି କୁହାଯାଇପାରେ। ତେବେ ସକାରାତ୍ମକ ଦିଗଟି ହେଲା ଭଗୀରଥର ଉପନଦୀ କ୍ଷୀରଗଡ଼୍ ନଦୀ ଶଯ୍ୟା ପୂର୍ବବସ୍ଥାକୁ ଫେରିଆସିଲା। କ୍ଷୀରଗଡ଼୍ ଓ ଭଗୀରଥର ସଙ୍ଗମ ସ୍ଥଳରେ ସୃଷ୍ଟି ହୋଇଥିବା ୨୦ ହେକ୍ଟର ବିଶିଷ୍ଟ ଚଢ଼ା ସଂପୂର୍ଣ୍ଣ ଧୋଇ ହୋଇଗଲା। ଏହାକୁ ପ୍ରାକୃତିକ ଦୁର୍ବିପାକ କିମ୍ବା ପ୍ରକୃତିର ଭାରସାମ୍ୟ ରକ୍ଷା ବୋଲି ମଧ୍ୟ କୁହାଯାଇପାରେ।

ଧରାଲି ଉତ୍ତରକାଶୀର ଏକ କ୍ଷୁଦ୍ର ଗ୍ରାମ। ଜନସଂଖ୍ୟା ମାତ୍ର ୫୦୦। ଚାରିଧାମ ରାସ୍ତା ପାର୍ଶ୍ୱରେ ଗ୍ରାମଟି ଅବସ୍ଥିତ। ଏଠାରୁ ଗଙ୍ଗୋତ୍ରୀ ଧାମର ଦୂରତା ମାତ୍ର ୧୫/୨୦ କିଲୋମିଟର। ଗଙ୍ଗୋତ୍ରୀ, ଯମୁନେତ୍ରୀ, ବଦ୍ରିନାଥ ଓ କେଦାରନାଥକୁ ନେଇ ଗଠିତ ଚାରଧାମ ଆଧ୍ୟାତ୍ମିକ ସର୍କିଟକୁ ଗମନାଗମନ ଦୃଷ୍ଟିରୁ ଅଧିକ ସୁଗମ କରିବା ଉଦ୍ଦେଶ୍ୟରେ ସରକାର ଏହି ରାସ୍ତା ପ୍ରଶସ୍ତ ପାଇଁ ନିଷ୍ପତ୍ତି ନେଲେ। କୁହାଗଲା ପ୍ରତିରକ୍ଷା ଦୃଷ୍ଟିକୋଣରୁ ଏହା କରାଯାଉଛି। ପାହାଡ଼ କଟାହେଲା। ରାସ୍ତା ସୁଗମ ହେଲା। ଚାରିଧାମକୁ ପର୍ଯ୍ୟଟକ ଓ ଶ୍ରଦ୍ଧାଳୁଙ୍କ ସଂଖ୍ୟା ବୃଦ୍ଧି ପାଇଲା। ଧରାଲି ଓ ଏହାର ନିକଟବର୍ତ୍ତୀ ପଡ଼ା ଗ୍ରାମ ସୁଖି ଓ ଝଲା ଉଚ୍ଚ ସମ୍ବେଦନଶୀଳ ଅଞ୍ଚଳ ଭାବେ ଚିହ୍ନଟ କରାଯାଇଥିଲେ ମଧ୍ୟ ସେଠାରେ ନିର୍ମାଣ କାର୍ଯ୍ୟ ଜାରି ରହିଲା। ଧରାଲିରେ ଅନେକ ହୋଟେଲ, ଅତିଥିଶାଳା, ଢାବା ଓ କୋଠା ନିର୍ମାଣ କରାଗଲା। ପରିସ୍ଥିତି ଏପରି ହେଲା ଯେ, ପର୍ଯ୍ୟଟନ ଋତୁରେ ଧରାଲିର ଜନସଂଖ୍ୟାଠାରୁ ପର୍ଯ୍ୟଟକ ସଂଖ୍ୟା ଦ୍ୱିଗୁଣିତ ହୋଇଗଲା। ଧରାଲି ବାସିନ୍ଦାଙ୍କ ଆୟ ବୃଦ୍ଧି ଘଟିଲା ଏବଂ ରାଜ୍ୟ ରାଜକୋଷକୁ ମଧ୍ୟ ଅର୍ଥାଗମ ହେଲା।

୫୦ ଦଶକରେ ଚାଲିଚାଲି ବଦ୍ରିନାଥରେ ପହଞ୍ଚିବା ନିମନ୍ତେ ଶ୍ରଦ୍ଧାଳୁଙ୍କୁ ୪ ଦିନ ସମୟ ଲାଗିଯାଉଥିଲା। ତେବେ ୧୯୬୨ ମସିହା ଯୁଦ୍ଧ ପରେ ରାସ୍ତା ନିର୍ମାଣ, ବସସେବା ଏହି ସମୟ ସୀମାକୁ ହ୍ରାସ କରିବାରୁ ପର୍ଯ୍ୟଟକ ଆଗମନରେ ବୃଦ୍ଧି ଘଟିଥିଲା। ୬୦ ଦଶକ ସୁଦ୍ଧା ଏହି ଅଞ୍ଚଳକୁ ପର୍ଯ୍ୟଟକ ଆଗମନ ସଂଖ୍ୟା ୨ଲକ୍ଷ ପର୍ଯ୍ୟନ୍ତ ରହିଥିବା ବେଳେ ଗତବର୍ଷ ବଦ୍ରିନାଥକୁ ୧୪ ଲକ୍ଷ ଓ କେଦାରନାଥକୁ ୧୬ ଲକ୍ଷ ଶ୍ରଦ୍ଧାଳୁ / ପର୍ଯ୍ୟଟକ ଗସ୍ତ କରିଥିବା ଜଣାଯାଇଛି। ଆଉ କିଛିଦିନ ପରେ ଚାରଧାମ ରାଜପଥ ପ୍ରକଳ୍ପ ସଂପୂର୍ଣ୍ଣ ହେବ। ସେତେବେଳକୁ ପର୍ଯ୍ୟଟକ ସଂଖ୍ୟା କେତେ ବୃଦ୍ଧି ପାଇବ ଅନୁମାନ କରାଯାଇପାରେ। ଏତେସଂଖ୍ୟକ ପର୍ଯ୍ୟଟକଙ୍କୁ ବିଭିନ୍ନ ମୌଳିକ ଓ ରହଣି ସୁବିଧା ଯୋଗାଇ ଦେବା ନିମନ୍ତେ ଅବିଚାରିତ ଭାବେ ଏଠାରେ ନିର୍ମାଣ କାର୍ଯ୍ୟ ଚାରି ରହୁଛି। ନଦୀ ଶଯ୍ୟାରେ କଂକ୍ରିଟ ନିର୍ମାଣ କରାଯାଇଛି। ଗଛ କଟାଯାଉଛି। ଗାଡ଼ି ପାର୍କିଂ ନିମନ୍ତେ ନଦୀଶଯ୍ୟା ପୋତି ଦିଆଯାଉଛି। ଏଥିପାଇଁ ଡିନାମାଇଟ ଓ ଅନ୍ୟାନ୍ୟ ଭାରି ଯନ୍ତ୍ରାଂଶ ଉପଯୋଗ କରାଯାଉଛି। ଏସବୁ ଯନ୍ତ୍ର ବ୍ୟବହାର ଦ୍ୱାରା ହିମାଳୟ ପାର୍ବତ୍ୟାଞ୍ଚଳରେ କମ୍ପନ ସୃଷ୍ଟି ହେଉଛି। ଫଳରେ ଏହାର ମୂଳ ଦୋହଲି ଯାଉଛି। ନିର୍ମାଣ ସମୟରେ ବାହାରୁଥିବା ବର୍ଜ୍ୟ ଓ ପର୍ଯ୍ୟଟକଙ୍କ ଦ୍ୱାରା ସୃଷ୍ଟ କଠିନ ବର୍ଜ୍ୟକୁ ନଦୀରେ ଫିଙ୍ଗି ଦିଆଯାଉଛି। ଚାରଧାମ ରାସ୍ତା ପ୍ରକଳ୍ପ ପାଇଁ ଇତିମଧ୍ୟରେ ୫୦ ହଜାରରୁ ଅଧିକ ଗଛ କଟାଯାଇ ସାରିଲାଣି।

ବାଦଲ ଫଟା ବର୍ଷା ଯୋଗୁଁ ଧରାଲି ବିପର୍ଯ୍ୟୟ ଘଟିଲା ବୋଲି ଯାହା କୁହାଯାଇଛି ତାହାର ବିଶେଷ ସତ୍ୟତା ନାହିଁ। କାରଣ ଘଟଣା ଦିନ ଉତ୍ତରକାଶୀ ଜିଲ୍ଲାରେ ସର୍ବାଧିକ ୨୭ ମିମି ବୃଷ୍ଟିପାତ ରେକର୍ଡ କରାଯାଇଛି। ଧରାଲି ଅଞ୍ଚଳରେ ଏହାଠାରୁ କମ୍ ମାତ୍ର ୬.୫ ମିମି ବୃଷ୍ଟିପାତ ରେକର୍ଡ କରାଯାଇଛି। ଏହାକୁ ବାଦଲଫଟା ବର୍ଷା କୁହାଯାଇପାରିବ ନାହିଁ। ହିମାଳୟ ପାର୍ବତ୍ୟାଞ୍ଚଳରେ ଅନେକ ହିମସ୍ରୋତ ରହିଛି। କେଉଁଠି ତୁଷାର ହ୍ରଦ ମଧ୍ୟ ରହିଛି। ନିର୍ମାଣ ଜନିତ କମ୍ପନ କାରଣରୁ ହିମସ୍ରୋତ ବା ତୁଷାର ହ୍ରଦ ଏକପ୍ରକାର ବିସ୍ଫୋରିତ ଅବସ୍ଥାକୁ ଚାଲିଆସିଲା, ଯାହା ଧରାଲି ପାଇଁ ବିପର୍ଯ୍ୟୟ ସୃଷ୍ଟି କରିଛି। ଉପର ମୁଣ୍ଡରୁ ଆସୁଥିବା ଏହି ସ୍ରୋତର ଶକ୍ତି ଓ ଗତି ଅତ୍ୟନ୍ତ ତୀବ୍ର ରହିଥାଏ, ଯେଉଁ କାରଣରୁ ଧରାଲି ଏକ ବାଲିଘର ପରି ଭୁଶୁଡ଼ି ପଡ଼ିଲା। ଧରାଲି ପୂର୍ବରୁ ୧୯୭୮, ୧୯୮୪, ୨୦୦୩, ୨୦୧୦, ୨୦୧୨ ଓ ୨୦୧୮ ମସିହାରେ ଅତ୍ୟଧିକ ବୃଷ୍ଟିପାତ, ବନ୍ୟା, ବାଦଲଫଟା ବର୍ଷା ଆଦି ଦେଖିଛି। କିନ୍ତୁ ଏହି ବିପର୍ଯ୍ୟୟ ମଧ୍ୟରେ କାହାରି ପ୍ରାଣହାନି ଘଟି ନ ଥିଲା। ପ୍ରଥମ ଥର ପାଇଁ ଧରାଲିରେ ପ୍ରାଣହାନି ଘଟିବା ସହ ଏହି ଜନବସତି ସଂପୂର୍ଣ୍ଣ ନିଶ୍ଚିହ୍ନ ହୋଇଗଲା।

ପରିବେଶ ଦୃଷ୍ଟିରୁ ଦେଖିବାକୁ ଗଲେ ହିମାଳୟର ଜୈବ ବିବିଧତା ଅତି ସମ୍ବେଦନଶୀଳ। ହିମାଳୟ କନିଷ୍ଠ ପର୍ବତମାଳା ଭାବେ ବିବେଚିତ। ଭାରତ ଓ ୟୁରେସିଆର ଦୁଇଟି ବଡ଼ ଭୂଖଣ୍ଡର ଚଳନ ଓ ଧକ୍କା ଦ୍ୱାରା ପ୍ରାୟ ମାତ୍ର ୫୦ ନିୟୁତ ବର୍ଷ ପୂର୍ବେ ହିମାଳୟ ପର୍ବତମାଳାର ସୃଷ୍ଟି ହୋଇଥିବାରୁ ଏହାର ଭୂସ୍ତର ଏବେ ମଧ୍ୟ ନମନୀୟ ଓ ଭଙ୍ଗୁର। ଏହି ପରିସ୍ଥିତିରେ ମନୁଷ୍ୟକୃତ କାର୍ଯ୍ୟକଳାପ ହିମାଳୟ ଅଞ୍ଚଳ ପାଇଁ ଅଧିକ ବିପର୍ଯ୍ୟୟ ସୃଷ୍ଟି କରୁଛି। ହିମାଳୟ ପାର୍ବତ୍ୟମାଳା ଅନ୍ତର୍ଗତ ଯୋଶୀମଠ ଅଞ୍ଚଳଟି ୨୦୨୩ ମସିହାରେ ଦବିଗଲା। କାରଣ ଅନୁଧ୍ୟାନ ପାଇଁ ୧୯୬୪ ମସିହାରେ ଘରୱାଲ ଜିଲ୍ଲାପାଳଙ୍କ ଦ୍ୱାରା ଗଠିତ ୧୮ ସଦସ୍ୟ ବିଶିଷ୍ଟ କମିଟି ତାଙ୍କ ରିପୋର୍ଟରେ ଉଲ୍ଲେଖ କରିଥିଲେ ଯେ, ଯୋଶୀମଠ ଅଞ୍ଚଳ ଏକ ପୁରାତନ ଭୂସ୍ଖଳନ ଅଞ୍ଚଳରେ ଅବସ୍ଥିତ। ଏହାମଧ୍ୟରେ ଜଳବାୟୁପରିବର୍ତ୍ତନରେ ସମଗ୍ର ବିଶ୍ୱ ସହ ହିମାଳୟମଧ୍ୟ ପ୍ରଭାବିତ ହେଉଛି। ଏଥିସହ ମନୁଷ୍ୟକୃତ ହସ୍ତକ୍ଷେପ ହିମାଳୟର ଦୁର୍ଦ୍ଦିନକୁ ଦ୍ୱିଗୁଣିତ କରିଛି। ଯୋଶୀମଠ ଓ ତପୋବନ ଅଞ୍ଚଳରେ ଏକାଧିକ ଜଳବିଦ୍ୟୁତ ପ୍ରକଳ୍ପକୁ ମଞ୍ଜୁରୀ ଦିଆ ଯିବା ପ୍ରସଙ୍ଗରେ ସ୍ଥାନୀୟ ବାସିନ୍ଦା ଓ ପରିବେଶବିତ୍ ପ୍ରତିବାଦ କରିଥିଲେ ମଧ୍ୟ ସେଥିପ୍ରତି କର୍ଣ୍ଣପାତ କରାଗଲା ନାହିଁ। ବିସ୍ଫୋରଣ ଦ୍ୱାରା ପାହାଡ଼ ଫଟାଯାଇ ଟନେଲ ନିର୍ମାଣ କରାଯାଉଛି। ଏହାଦ୍ୱାରା ସ୍ଥାନୀୟ ଭୂସ୍ତରରେ କମ୍ପନ ସୃଷ୍ଟି ହେବା ସହ ଚାପ ବୃଦ୍ଧି ପାଉଛି। ଜଳଧାରଣ କରୁଥିବା ଭୂସ୍ତରରେ ରନ୍ଧ୍ର ସୃଷ୍ଟି ହେଉଛି। ଫଳରେ ବିଭିନ୍ନ ସମୟରେ ଚାପ ଯୋଗୁଁ ନିମ୍ନ ଜଳ ଫୁଟି ବାହାରି ବନ୍ୟା ପରି ସମସ୍ୟା ସୃଷ୍ଟି କରୁଛି।

କେରଳର ୱାୟନାଡ଼ରେ ୨୦୨୪ ମସିହା ଜୁଲାଇ ୩୧ ତାରିଖରେ ଭୟଙ୍କର ଭୂସ୍ଖଳନ ଘଟି ଶତାଧିକ ବ୍ୟକ୍ତିଙ୍କର ପ୍ରାଣହାନି ଘଟିଲା। ଅତ୍ୟଧିକ ବର୍ଷା ଯୋଗୁଁ ଏହି ଭୂସ୍ଖଳନ ଘଟିଥିବା କୁହାଗଲା। କିନ୍ତୁ କେବଳ ବର୍ଷାକୁ ଏଥିପାଇଁ ଦାୟୀ କରାଯାଇ ପାରିବ ନାହିଁ। ସେଠାରେ ରାସ୍ତା ନିର୍ମାଣଠାରୁ ଆରମ୍ଭ କରି ଜଳବିଦ୍ୟୁତ ପ୍ରକଳ୍ପ ଓ ଖଣି ଖନନ କାର୍ଯ୍ୟ ଜାରି ରହିଛି। ପଶ୍ଚିମଘାଟ ପର୍ବତମାଳା ସୁରକ୍ଷା ପାଇଁ ପ୍ରସ୍ତାବ ଦେବାକୁ କେନ୍ଦ୍ର ପରିବେଶ ମନ୍ତ୍ରଣାଳୟ ପକ୍ଷରୁ ୨୦୧୦ ମସିହାରେ ଏକ କମିଟି ଗଠନ କରାଯାଇଥିଲା। ବିଶିଷ୍ଟ ପରିବେଶବିତ୍ ତଥା ପଶ୍ଚିମଘାଟ ପର୍ବତମାଳା ବିଶେଷଜ୍ଞ ଭାବେ ପରିଚିତ ମାଧବ ଗାଡ଼ଗିଲ ଏହି କମିଟିର ନେତୃତ୍ୱ ନେଇ ୫ଟି ଚିଠା ପ୍ରସ୍ତବ ସରକାରଙ୍କୁ ପ୍ରଦାନ କରିଥିଲେ। ଏଥିରେ ପରିବେଶ ସମ୍ବେଦନଶୀଳ ଅଞ୍ଚଳ ଚିହ୍ନଟଠାରୁ ଆରମ୍ଭ କରି କେଉଁ ଅଞ୍ଚଳରେ କିପ୍ରକାର ବିକାଶମୂଳକ କାର୍ଯ୍ୟ କରାଯିବ, କେଉଁ କାର୍ଯ୍ୟ ସଂପୂର୍ଣ୍ଣ ନିଷେଧ କରାଯିବ ଏବଂ କେଉଁଟି ନିୟନ୍ତ୍ରିତ ଭାବେ କରାଯିବ ତାହା ଉଲ୍ଲେଖ କରାଯାଇଥିଲା। ପ୍ରଥମ ପର୍ଯ୍ୟାୟ ପ୍ରସ୍ତାବ ୨୦୧୪ ମସିହାରେ ସରକାରଙ୍କୁ ଦିଆଯାଇଥିଲା। ତାହାର କାର୍ଯ୍ୟକାରିତା ଫାଇଲ ମଧ୍ୟରେ ହଜିଯାଇଛି। ଧରାଲି, ଯୋଶୀମଠ, ୱାୟନାଡ଼ କିମ୍ବା କୋରାପୁଟ ହେଉ, ବିକାଶମୂଳକ କାର୍ଯ୍ୟ ଓ ଭିତ୍ତଭୂମି ସୃଷ୍ଟି ନିକଟରେ ପରିବେଶ ସୁରକ୍ଷା ହାର ମାନିଯାଇଛି, ଯାହାର ପରିଣାମ ମଣିଷକୁ ହିଁ ଭୋଗିବାକୁ ପଡୁଛି ଓ ପଡ଼ିବ।

ସୁଖ, ସ୍ୱାଚ୍ଛନ୍ଦ୍ୟ, ଆମୋଦପ୍ରମୋଦ ଓ ବିଳାସବ୍ୟସନରେ ରହିବାକୁ ଚାହୁଁଥିବା ମଣିଷ ପ୍ରକୃତି ବିନିମୟରେ ସବୁକିଛି କରିବା ପାଇଁ ଚାହୁଁଛି। ଅପରପକ୍ଷରେ ପ୍ରକୃତି ପ୍ରତି ଅବିଚାରିତ ନିର୍ଯାତନା ଧରିତ୍ରୀ ବେଶୀ କାଳ ସହ୍ୟ କରିପାରିବ ନାହିଁ ବୋଲି ଯେଉଁ ବାର୍ତ୍ତା ଦେଉଛି ତାହା ପୁଣି ଥରେ ଧରାଲିରେ ପ୍ରତିଧ୍ୱନିତ ହୋଇଛି। ଏଇଠି ମନେପଡ଼େ ସନ୍ଥ ହାଡ଼ିଦାସ ଲେଖିଥିବା ମାଳିକାର କିଛି ଅଂଶ। ତାହା ହେଲା - 'ହିମାଳୟ ଗିରି ଫାଟିଲୋ ବଉଳ, ଦୋହଲି ଯିବ କଳିଜା; କଳାପାହାଡ଼ ଯେ ଦେଶରେ ବୁଲିବେ, ବଜାଇ ବିବିଧ ବାଜା।'

(ବରିଷ୍ଠ ସାମ୍ବାଦିକ)

କଟକ, ମୋ: ୯୪୩୭୭୨୨୯୨୩୩

# ଡିଜିଟାଲ୍ ଯୁଗରେ ରେଡିଓର ପ୍ରାସଙ୍ଗିକତା

**ଡକ୍ଟର ଅଭିମନ୍ୟୁ ବରାଳ**

ସ୍ୱାଧୀନତା ପରବର୍ତ୍ତୀ କାଳରେ ଏକ ପ୍ରକୃଷ୍ଟ ଗଣମାଧ୍ୟମ ଭାବରେ ରେଡିଓ ବେଶ ପ୍ରଭାବ ବିସ୍ତାର କରିଥିଲା। ଓଡ଼ିଶାର ବିଭିନ୍ନ ଲୋକସଂଗୀତ ବା ଲୋକକଳାର ପ୍ରଚାର ପ୍ରସାରରୁ ଆରମ୍ଭ କରି କୃଷି ସଂପର୍କିତ ସୂଚନା, ଉପଦେଶ ଓ ଦିଗ୍‌ଦର୍ଶନ ଏବଂ ପ୍ରାକୃତିକ ବିପର୍ଯ୍ୟୟ ଓ ପାଣିପାଗ ପୂର୍ବସୂଚନା; ନିଯୁକ୍ତି ସୂଚନା; ଅନ୍ତର୍ଜାତୀୟ, ଜାତୀୟ ଓ ଆଞ୍ଚଳିକ ଖବର ପ୍ରସାରଣ, ମନୋରଞ୍ଜନ ପାଇଁ ରେଡିଓ ହିଁ ମାଧ୍ୟମ ଥିଲା।

ପ୍ରଖ୍ୟାତ ବୈଜ୍ଞାନିକ ହେନେରିକ୍ ରୁଡୋଲ୍ଫ ଜର୍ଜଙ୍କ ବୈଦ୍ୟୁତିକ ଚୁମ୍ବକୀୟ ତରଙ୍ଗ ୧୮୮୭ ରୁ ୧୮୮୮ ମଧ୍ୟରେ ପରୀକ୍ଷଣ ହୋଇଥିଲା। ୧୯୦୧ ମସିହାରେ ଇଟାଲିର ବୈଜ୍ଞାନିକ ଜି.ମାର୍କୋନୀଙ୍କ ଉଦ୍ୟମରେ ଗଢ଼ା ହୋଇଥିବା ଯନ୍ତ୍ର ଦ୍ୱାରା ବେତାର ବାର୍ତ୍ତା ପ୍ରେରଣ କରାଯାଇଥିଲା। ସେହିଠାରୁ ହିଁ ରେଡିଓର ଜନ୍ମ। ବୈଜ୍ଞାନିକ ମାର୍କୋନୀ ରେଡିଓର ଜନକ। ୧୮୦୬ ମସିହାରେ ପ୍ରଥମେ ଜେନିନାଲଫେସେଡ୍ନେନ୍‌ଙ୍କ ଦ୍ୱାରା ମଣିଷର ସ୍ୱର ରେଡିଓ ଦ୍ୱାରା ପ୍ରସାରିତ ହୋଇଥିଲା। ଆମ ଭାରତରେ ସର୍ବପ୍ରଥମେ ୧୯୨୩ ମସିହାରେ 'ରେଡିଓ କ୍ଲବ୍ ଅଫ୍ ବମ୍ବେ' ନାମରେ ରେଡିଓ ପ୍ରବେଶ କଲା। ୧୯୩୬ ମସିହାରେ 'ଅଲ୍ ଇଣ୍ଡିଆ ରେଡିଓ' ଏବଂ ୧୯୫୬ ମସିହାରେ 'ଆକାଶବାଣୀ' ଭାବେ ଜନମାନସରେ ରେଡିଓ ଆଦୃତି ଲାଭ କଲା। ଆମ କଟକ ଆକାଶବାଣୀ ୧୯୪୮ ମସିହା ଜାନୁଆରୀ ୨୮ ତାରିଖରେ ପ୍ରତିଷ୍ଠା ହେଲା।

ପୂର୍ବରୁ ସରକାରଙ୍କ ଦ୍ୱାରା କ୍ଲବ, ପାଠାଗାର ଓ ସ୍କୁଲ ପ୍ରଭୃତିକୁ ରେଡିଓ ଯୋଗାଇ ଦିଆଯାଇଥିଲା। ଦୁଇଟା ବାଉଁଶରେ ଆଣ୍ଟିନା ବାନ୍ଧି କାହାଲି ଲଗାଯାଇ ସେ ରେଡିଓ କହୁଥିଲା। ଏପରିକି ରେଡିଓ ଶୁଣିବା ପାଇଁ ଲୋକମାନେ ସନ୍ଧ୍ୟା ବେଳେ ୨/୩ କି.ମି ବାଟ ଚାଲି ଚାଲି ଯାଉଥିଲେ। ଇତିମଧ୍ୟରେ ରେଡିଓର ବିବର୍ତ୍ତନ ଧାରା ପ୍ରଯୁକ୍ତି ବିଦ୍ୟାର ପ୍ରଭାବରେ ବେଶ୍ ଅଗ୍ରସର ହୋଇଛି। ଆକାଶବାଣୀ ବା ଅଲ୍ ଇଣ୍ଡିଆ ରେଡିଓ ସହିତ ଏବେ ଗୋଷ୍ଠୀ ବେତାର କେନ୍ଦ୍ର, ବାଣିଜ୍ୟିକ ରେଡିଓ, କମ୍ୟୁନିଟି ରେଡିଓ, ଡିଜିଟାଲ ରେଡିଓ ଆଦି ବହୁ ଶାଖାରେ ବିଭକ୍ତ ହୋଇଛି। ଏବେ ରେଡିଓ ଖୁବ୍ ନିକଟତର ହୋଇ ଯାଇଛି। ନିଜ ମୋବାଇଲ୍ ଫୋନରେ ମଧ୍ୟ ରେଡିଓର ସୁବିଧା ରହିଛି। ପୁନଶ୍ଚ ସରକାର ବିଭିନ୍ନ ବେସରକାରୀ ସଂସ୍ଥାକୁ ରେଡିଓ ଖୋଲିବାକୁ ଅନୁମତି ଦେଇଛନ୍ତି। କିନ୍ତୁ ରେଡିଓର ବ୍ୟବହାର ଓ ଆଦୃତି କମିଯାଇଛି।

ରେଡିଓ ଭାଗ୍ୟାକାଶରେ ସେହିଦିନ ଅମା ଅନ୍ଧକାର ଘୋଟି ଗଲା, ଯେଉଁଦିନ ଟେଲିଭିଜନ ସମାଜରେ ପ୍ରବେଶ କଲା। ଟେଲିଭିଜନ ଏକ ଦୃଶ୍ୟ ଗଣମାଧ୍ୟମ ହୋଇଥିବାରୁ ତା'ର ପ୍ରଭାବ ସମାଜ ଉପରେ ବିଶେଷ ଭାବରେ ପଡ଼ିଲା। ରେଡିଓର ଶ୍ରୋତାମାନେ ଟେଲିଭିଜନର ଦର୍ଶକ ସାଜିଲେ। ଘରେ ବସି ସିନେମା ଦେଖିବା ପରି ଅନୁଭୂତି ହେଲା। କିନ୍ତୁ ବେଳେ ବେଳେ ଟିଭିର ବିଜ୍ଞାପନରେ କେତେ ଅଶାଳୀନ ଚିତ୍ର ଏବଂ ଧାରାବାହିକରେ କେତେକ ଦୋଷତ୍ରୁଟି ପ୍ରସାରିତ ହୁଏ, ଯାହା ସମାଜ ଉପରେ କୁପ୍ରଭାବ ପକାଇ ଥାଏ। ଟିଭିରେ ଯେ ଖାଲି ଖରାପ କଥା ଅଛି, ଭଲ କଥା ନାହିଁ, ତା' ନୁହେଁ। କିନ୍ତୁ ଖରାପ କଥାରେ ଯୁବକମାନେ ଶୀଘ୍ର ପ୍ରଭାବିତ ହେଉଛନ୍ତି।

ବର୍ତ୍ତମାନ ଦେଖା ଯାଉଛି କୌଣସି ପ୍ରତିଷ୍ଠିତ କଂପାନୀର ରେଡିଓ ଦୋକାନ ବଜାରରେ ପ୍ରାୟ ନାହିଁ। କାଁଭାଁ ଗୋଟାଏ ରେଡିଓ କେଉଁଠାରେ ଖୋଜିଲେ ମିଳୁଛି ନଚେତ ନାହିଁ। ରେଡିଓ ଟିଏ ଖରାପ ହେଲେ ତାକୁ ମରାମତି କରିବାକୁ କାରିଗର ନାହାନ୍ତି। ବର୍ତ୍ତମାନ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ 'ମନକି ବାତ' ଯଦି ରେଡିଓରେ ପ୍ରସାରିତ ହେଉ ନଥା'ନ୍ତା, ତେବେ ରେଡିଓ କେବେଠାରୁ ତା'ର ଅସ୍ତିତ୍ୱ ହରାଇ ଲୁପ୍ତ ହୋଇ ଯାଆନ୍ତାଣି।

ଟେଲିଭିଜନ୍ ଓ ମୋବାଇଲ୍ ଫୋନ୍ ଯୁଗରେ ତଥାପି ରେଡିଓ ଧୈର୍ଯ୍ୟ ହରାଇନାହିଁ। ଆକାଶବାଣୀ ଓଡ଼ିଶାର ଦୁର୍ଗମ ଆଦିମ ଜନଜାତି ଅଧ୍ୟୁଷିତ ଅଞ୍ଚଳକୁ ସେମାନଙ୍କ ଜୀବନଶୈଳୀ, ଦିନଚର୍ଯ୍ୟା ଓ ସାଂସ୍କୃତିକ ଜୀବନଧାରାକୁ ଲୋକଲୋଚନକୁ ଆଣୁଛି। ସେମାନଙ୍କ ଶିକ୍ଷା, ସ୍ୱାସ୍ଥ୍ୟ ବିଷୟରେ ସେମାନଙ୍କୁ ସଚେତନ କରିବା ସହିତ ଏକ ଏକ ରେଡିଓ ସେଟ ସରକାର ସେମାନଙ୍କୁ ଦେଇ ଆଗ୍ରହ ଦ୍ୱିଗୁଣିତ କରିଛନ୍ତି। ଶ୍ରୋତାମାନଙ୍କର ରୁଚି ଅନୁସାରେ ରେଡିଓ ବର୍ତ୍ତମାନ ଆଧୁନିକ ଶୈଳୀରେ ବହୁତ କାର୍ଯ୍ୟକ୍ରମ ପ୍ରସାରଣ କରୁଛି। ଗୋଷ୍ଠୀ ବେତାର କେନ୍ଦ୍ର ସଂପୃକ୍ତ ଅଞ୍ଚଳର ଶିକ୍ଷା, ସ୍ୱାସ୍ଥ୍ୟ ଓ ସାଂସ୍କୃତିକ ଦୃଶ୍ୟପଟ୍ଟର ମଧୁର ପରିବେଷଣ କରୁଛି। ଯୁବ ଗୋଷ୍ଠୀଙ୍କ ମନକୁ ଛୁଇଁଲା ଭଳି ତଥା ଆଧୁନିକ ଶୈଳୀରେ ବାଣିଜ୍ୟିକ ଓ ଡିଜିଟାଲ ରେଡିଓରେ କାର୍ଯ୍ୟକ୍ରମମାନ ପ୍ରସାରଣ ହେଉଛି। ଅବଶ୍ୟ ରେଡିଓ ଶୁଣୁଥିବା ଶ୍ରୋତାମାନଙ୍କ ସଂଖ୍ୟା ବହୁତ କମ ହେଲେ ମଧ୍ୟ ରେଡିଓର ସ୍ଥାନ ଏ ସମସ୍ତ ବିକଳ୍ପଠାରୁ ସ୍ୱତନ୍ତ୍ର ଓ ଭିନ୍ନ। କାରଣ ରେଡିଓ ଆମକୁ ଭେଟି ଦେଉଥିବା କାର୍ଯ୍ୟକ୍ରମଗୁଡ଼ିକ ଅନ୍ୟମାଧ୍ୟମରେ ମିଳିପାରିବ ନାହିଁ। ଏବେ ମଧ୍ୟ ରେଡିଓରେ ପ୍ରଚାର ହେଉଥିବା କାର୍ଯ୍ୟକ୍ରମଗୁଡ଼ିକରେ ଆମ ସଂସ୍କୃତି ଓ ପରମ୍ପରାର ପୁରୁଣା ସୁଗନ୍ଧ ସ୍ପଷ୍ଟ ପ୍ରତୀତ ହୁଏ।

ଏବେ ସମୟ ଆସିଛି, ଲୋକମାନଙ୍କ ମନୋଭାବକୁ ଆକର୍ଷିତ କରିବା ପାଇଁ। ଆମର ରାମାୟଣ, ଭାଗବତ, ଓଡ଼ିଶୀ, ଚମ୍ପୂ, ଛାନ୍ଦ ଆଦିକୁ ଆମେ ଆଉ କ୍ରମାନ୍ୱୟରେ କେଉଁଠାରୁ ଶୁଣିପାରିବା? ନିୟମିତ ଭାବରେ ରେଡିଓ ଶୁଣି ଅନେକ ବ୍ୟକ୍ତି କବି, ଗୀତିକାର ତଥା ନାଟ୍ୟକାର ହୋଇପାରିଛନ୍ତି। କଥା କହିବାର ଶୈଳୀ ମଧ୍ୟ ସେମାନେ ଶିଖିଛନ୍ତି ଆକାଶବାଣୀରୁ। ମୁଁ ନିଜେ ମଧ୍ୟ ରେଡିଓ ଦ୍ୱାରା ବିଶେଷ ପ୍ରଭାବିତ ଓ ଉପକୃତ। ଏବେ ବି ରେଡିଓ ପାଖରେ ଜନମାନସରେ ନବଜାଗରଣ ସୃଷ୍ଟି କରିବାର କ୍ଷମତା ଓ ଦକ୍ଷତା ରହିଛି। ଭାରତ ମାତା ଏହାକୁ ଦୀର୍ଘସ୍ଥାୟୀ କରନ୍ତୁ।

ସାକ୍ଷୀଗୋପାଳ, ମୋ: ୯୯୩୭୮୩୫୨୩୦

# ଓଡ଼ିଶାର ରାଜନୈତିକ ବିବେକ: ଗୋଦାବରୀଶ ମହାପାତ୍ର

**ପ୍ରଫେସର ମଣୀନ୍ଦ୍ର କୁମାର ମେହେର**

**ସାହିତ୍ୟ ସରିତ୍**

ରାଜନୀତିର ନୈତିକ ବିବେକ ସାହିତ୍ୟରେ କିପରି ଝଙ୍କୃତ ହୋଇଉଠେ ତାହାର ଏକ ଶ୍ରେଷ୍ଠ ଦୃଷ୍ଟାନ୍ତ ହେଉଛନ୍ତି ସତ୍ୟବାଦୀ ଆଦର୍ଶ-ନିର୍ମିତ ସାହିତ୍ୟ ସାଧକ ଗୋଦାବରୀଶ ମହାପାତ୍ର। ତାଙ୍କୁ ସ୍ମରଣ କରିବା ମାତ୍ରକେ 'ନିଆଁଖୁଣ୍ଟା'ର ଉତ୍ତାପ ଆଜି ବି ଅନୈତିକ ରାଜନୀତି ଦ୍ୱାରା ସାମାଜିକ ପରିବେଶକୁ କଳୁଷିତ କରୁଥିବା ନେତୃମଣ୍ଡଳୀଙ୍କୁ ସଚେତନ କରିଦିଏ। ସମାଜର ସେ ଥିଲେ ଚିରଜାଗ୍ରତ ପ୍ରହରୀ। ଯେଉଁମାନେ ନିଜ କର୍ତ୍ତବ୍ୟ ପ୍ରତି ଉଦାସୀନ, ଅନୈତିକ କାର୍ଯ୍ୟକଳାପରେ ଜଡ଼ିତ, କ୍ଷମତା ଓ ପଦପଦବୀ-ମୋହାଚ୍ଛନ୍ନ, ସଂକୀର୍ଣ୍ଣ ସ୍ୱାର୍ଥ ସାଧନରେ ନିମଗ୍ନ, ଶାଳୀନତା-ଶୂନ୍ୟ ଆଚରଣ ପ୍ରଦର୍ଶନରେ ସଂକୋଚ-ରହିତ, ରାଜନୀତି, ସାହିତ୍ୟ ବା ସମାଜସେବା କ୍ଷେତ୍ରରେ ଛଦ୍ମତାଯୁକ୍ତ, ସେମାନେ ହେଉଥିଲେ ଗୋଦାବରୀଶଙ୍କ ନିଶାଣ।

ସୁପ୍ତ, ଅଚେତନ, ନିଷ୍କ୍ରିୟ, ନିଷ୍ପ୍ରାଣ ଓଡ଼ିଆ ଜାତିକୁ ଜାଗ୍ରତ କରିବା ଉଦ୍ଦେଶ୍ୟରେ ସେ ଯେଉଁ 'ଉଠକଙ୍କାଳ'କବିତା ରଚନା କରିଥିଲେ ତାହା ପ୍ରତିଟି ଯୁଗ ପାଇଁ ଦେଇପାରେ ଯେକୌଣସି ଜାତିକୁ ଦୃପ୍ତ ଆହ୍ୱାନ। 'ଉଠ କଙ୍କାଳ ଛିଡୁ ଶୃଙ୍ଖଳ ଜାଗ ଦୁର୍ବଳ ଆଜି / ଉଠୁ ଗତ ଗୌରବ ହୃତ ଗୌରବ ମୃତ ଗୌରବ ରାଜି।' ବିଶିଷ୍ଟ ଅସ୍ତିତ୍ୱବାଦୀ ଦାର୍ଶନିକ ଓ ସାହିତ୍ୟଶିଳ୍ପୀ ଜାଁ ପଲ ସାର୍ତ୍ତ କହିଥିଲେ- 'କଲମ ଧରିବା ଅର୍ଥ ହେଲା ଆପଣାର ସ୍ୱାଧୀନତା ଘୋଷଣା କରିବା।' ଜଣେ ସଚ୍ଚୋଟ କବିର ଲେଖନୀ ହୋଇପାରେ କେତେ ସ୍ୱାଧୀନ, ଅକୁତୋଭୟ, ସତ୍ୟ ଉଚ୍ଚାରଣରେ ଏକନିଷ୍ଠ, ତାହା ଗୋଦାବରୀଶଙ୍କ 'ହେ ମୋର କଲମ' କବିତାରେ ରୂପାୟିତ, ଯାହା ତାଙ୍କର ଶ୍ରେଷ୍ଠ କାବ୍ୟାଦର୍ଶର ବଳିଷ୍ଠ ସ୍ୱାକ୍ଷର। ଆଉ ସମସ୍ତ କବି, ଲେଖକ ସାମ୍ବାଦିକଙ୍କ ପାଇଁ ଅବ୍ୟର୍ଥ ଅସ୍ତ୍ର। ସେଥିରୁ ଗୋଟିଏ ପଦ ଉଦ୍ଧାର କରିବା ଦ୍ୱାରା ଏହା ଯେ କେହି ଅନୁଭବ କରିପାରିବେ ପ୍ରାଣବନ୍ତ ଭାବରେ। 'ତୁମେ ତ ଭୁଲିନ ଛଳନାରେ କେବେ ଥକିନ ଗୁଣ୍ଡାମିରେ, ପେଷଣ, ଶୋଷଣ, ଦୂଷଣ ଦେଇଚ ଆଡ଼େଇ ଏକଇ ଗାରେ/ ଛେଦନ କରିଚ ବନ୍ଧନ ଯେତେ ଅନ୍ଧେ ଦେଇଚ ଆଖି, କାଳ ବକ୍ଷରେ ମହାଅକ୍ଷରେ ପଦେ ପଦେ ଲେଖି ଲେଖି।'

ସାହିତ୍ୟର ବିଭିନ୍ନ ବିଭାଗରେ ସେ ପ୍ରାୟ ଅର୍ଦ୍ଧଶତାବ୍ଦୀ ଧରି ନିରବଚ୍ଛିନ୍ନ ଭାବରେ ଅକ୍ଳାନ୍ତ ଲେଖନୀ ଚାଳନା କରିଛନ୍ତି। 'ନିଆଁଖୁଣ୍ଟା'ରୁ ଏକ ଛୋଟ ଦୃଷ୍ଟାନ୍ତ ନିଆଯାଉ। 'କୌତୁକ ଆସେମବ୍ଲି'ର ଗୋଟିଏ ଧାଡ଼ି ହେଲା 'ଇନ୍ସପେକ୍ଟର ମିଶ୍ରଙ୍କୁ ବୟସ ହେଲେ ମଧ୍ୟ ସେ କାହିଁକି ଟୋକା ପରି ଦେଖା ଯାଉଛନ୍ତି ସରକାର ଅନୁସନ୍ଧାନ କରିଛନ୍ତି କି?'। 'ଏବେ ମଧ୍ୟ ବଞ୍ଚିଛି', 'ନୀଳ ମାଷ୍ଟ୍ରାଣୀ', 'ମୁଁ ଦିନେ ମନ୍ତ୍ରୀ ଥିଲି' ଆଦି ଗଳ୍ପ ସଂକଳନରେ ତାଙ୍କ ଜାତୀୟତାବାଦୀ, ମାନବିକତା-ସମୃଦ୍ଧ ଭାବାବେଗ କଳାତ୍ମକ ଶୈଳୀରେ ବିନ୍ୟସ୍ତ। 'ରାଜଦ୍ରୋହୀ', 'ରକ୍ତପାତ', 'ବିଦ୍ରୋହୀ', 'ବନ୍ଦୀର ମାୟା', 'ବୀର ଯୁବକ' ଆଦି ଉପନ୍ୟାସ ମଧ୍ୟରେ ତାଙ୍କ ଉଚ୍ଚକୋଟୀର ଶୈଳ୍ପିକ ମହନୀୟତାକୁ ଯୁଗ ଯୁଗାନ୍ତର ବ୍ୟାପୀ ଏ ଜାତି ସ୍ମରଣ କରୁଥିବ ନିଶ୍ଚୟ।

'ଆଶା', 'ଉତ୍କଳ ହିତୈଷିଣୀ', 'ସମାଜ', 'ଲୋକମୁଖ, 'ପୁରୀବାସୀ' ଆଦି ସମ୍ବାଦପତ୍ରରେ କାର୍ଯ୍ୟ କରି ସେ ଆହରଣ କରିଥିଲେ ଅମାପ ଅଭିଜ୍ଞତା। ତାଙ୍କ ସାଧନାପୂତ ଜୀବନର କେତୋଟି ଦିଗ ମଧ୍ୟରେ ଅନ୍ତର୍ଗୁମ୍ଫିତ ହୋଇରହିଛି ସକଳ ବିଶେଷତ୍ୱ। ତାହା ହେଲା ସତ୍ୟବାଦୀ ବନବିଦ୍ୟାଳୟର ବିନୀତ ଛାତ୍ର ଭାବରେ ମହାନ ଶିକ୍ଷାଦାତାମାନଙ୍କ ଆଦର୍ଶରେ ଉଦବୁଦ୍ଧ ହେବା, ସ୍ୱାଧୀନତା ସଂଗ୍ରାମରେ ନିଜକୁ ଆହୂତି ଦେବା, ସ୍ୱାଧୀନ ଭାବରେ ଲେଖନୀ ଚାଳନା କରି ଜୀବିକା ନିର୍ବାହ, ସରସ ବ୍ୟଙ୍ଗ ବିଦ୍ରୂପରେ ହୃଦୟଗ୍ରାହୀ ତୀକ୍ଷଣ ସମାଲୋଚନା କରିବାରେ ସମଗ୍ର ଭାରତବର୍ଷରେ ଅଦ୍ୱିତୀୟ ଉଦାହରଣ ସୃଷ୍ଟି। କାହା ପ୍ରତି ବ୍ୟକ୍ତିଗତ ବିଦ୍ୱେଷ ରଖି ସେ ବ୍ୟଙ୍ଗର ଶର ସନ୍ଧାନ କରୁ ନ ଥିଲେ। ଯାହା ସମାଜ ପାଇଁ ହିତକର ଓ ବ୍ୟଙ୍ଗର ଶରବ୍ୟ ହୋଇଥିବା ବ୍ୟକ୍ତିଙ୍କ ପାଇଁ ମଧ୍ୟ ଯାହା ଆମୋଦଦାୟକ ହୋଇପାରେ ସେପରି ସକାରାତ୍ମକ, ଚେତନା ଉତ୍ପନ୍ନ-କ୍ଷମ, ହାସ୍ୟରସ ଉଦ୍ରେକକାରୀ ରଚନା ଦ୍ୱାରା ସେ ଓଡ଼ିଆ ସାହିତ୍ୟକୁ ଏକ ଭିନ୍ନ ଶକ୍ତି ତଥା ସୌକୁମାର୍ଯ୍ୟ ପ୍ରଦାନ କରିପାରିଛନ୍ତି। 'କଣ୍ଟା ଓ ଫୁଲ', 'ବଙ୍କା ଓ ସିଧା'ଦୁଇଟି କବିତା ଗ୍ରନ୍ଥ ପାଇଁ ସେ ରାଜ୍ୟ ଓ ଜାତୀୟସ୍ତରରେ ଲାଭ କରିଛନ୍ତି ଏକାଡେମୀ ପୁରସ୍କାର।

ସତ୍ୟ କହିବା ଓ ତାହାକୁ ପୁଣି ରସାଣିତ କରି ଉପସ୍ଥାପନ କରିବା ଦ୍ୱାରା ଓଡ଼ିଶାର ରାଜନୈତିକ ପରିମଣ୍ଡଳରେ ସେ ଯେଉଁ ସଂସ୍କାର ଆଣିବାର ଆନ୍ତରିକ ପ୍ରୟାସ କରିଛନ୍ତି, ସେ ଦୃଷ୍ଟିରୁ ତାଙ୍କୁ ରାଜନୈତିକ ଚେତନାର ବିବେକ ବୋଲି ଅଭିହିତ କରିବା ସମ୍ପୂର୍ଣ୍ଣ ଯଥାର୍ଥ।

ଭୁବନେଶ୍ୱର, ମୋ: ୭୦୭୭୫୫୩୭୦୭

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପରିକଳ୍ପନାରେ ଅଟକିଗଲା 'ମନୋଦୟ'

ଭୁବନେଶ୍ୱର,୩।୯ (ସମିସ): ରାଜ୍ୟରେ ୧୧ଟି ଜିଲ୍ଲାରେ 'ମନୋଦୟ' ସ୍ଥାପନ କରିବାକୁ ଯୋଜନା କରିଥିଲେ ସରକାର। ଏହାଦ୍ୱାରା ଉକ୍ତ ଜିଲ୍ଲା ସମେତ ନିକଟବର୍ତ୍ତୀ ଜିଲ୍ଲାର ଦିବ୍ୟାଙ୍ଗ ପିଲାମାନେ ସମସ୍ତ ସୁବିଧା ପାଇଥାଆନ୍ତେ। ଫଳରେ କେବଳ ଭୁବନେଶ୍ୱରରେ ରହିଥିବା 'ଭିନ୍ନକ୍ଷମ ପ୍ରତିଷ୍ଠାନ କେନ୍ଦ୍ର-ମନୋଦୟ'କୁ ମାନସିକ ଓ ଶାରିରୀକ ଭିନ୍ନକ୍ଷମଙ୍କ ଚିକିତ୍ସା ନିମନ୍ତେ ଦୂର ଦୂରାନ୍ତରୁ ଆସିବାକୁ ପଡ଼ି ନ ଥାନ୍ତା। ମାତ୍ର ସରକାର ବଦଳିବା ପରେ ରାଜ୍ୟ ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗର ଏହି ପରିକଳ୍ପନା ଅଧାରେ ଅଟକିଯାଇଛି। ବିଭାଗ ଏହି ପ୍ରସଙ୍ଗକୁ ଭୂଲି ଯାଇଛି ଓ ସରକାର ବି ଏ ସମ୍ପର୍କରେ ରହସ୍ୟମୟ ନିରବତା ଅବଲମ୍ବନ କରୁଛନ୍ତି । ଭିନ୍ନକ୍ଷମ ପିଲାମାନେ କିପରି ସ୍ୱାବଲମ୍ବନଶୀଳ ହୋଇ ସମାଜର ମୁଖ୍ୟସ୍ରୋତରେ ସାମିଲ ହୋଇ ପାରିବେ, ଏଥିପାଇଁ ପୂର୍ବତନ ରାଜ୍ୟ ସରକାର ୨୦୨୧ ମସିହାରେ ପୋଖରୀପୁଟସ୍ଥିତ ଜାତୀୟ ଆଜୀବିକା ସେବା କେନ୍ଦ୍ର (ଏନସିଏସସିଡିଏ) ପରିସରରେ 'ମନୋଦୟ' ବା ଏସିଆଇଇପି(ଷ୍ଟେଟ ଇନଷ୍ଟିଚ୍ୟୁଟ ଫର୍ ଏମ୍ପାୱାରମେଣ୍ଟ ଅଫ୍ ପର୍ସନସ ୱିଥ୍ ଡିଜାବିଲିଟିଜ୍) ସ୍ଥାପନ କରିଥିଲେ। ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଏହାକୁ ଉଦ୍‌ଘାଟନ କରିଥିଲେ। ଏଠାରେ ୧୬ବର୍ଷ ପର୍ଯ୍ୟନ୍ତ ଉଭୟ ମାନସିକ ଓ ଶାରିରୀକ ଦିବ୍ୟାଙ୍ଗ ମାନେ ସମସ୍ତ ସୁବିଧା ମାଗଣାରେ ପାଉଛନ୍ତି। ଫିଜିଓଥେରାପି ଠାରୁ ଆରମ୍ଭ କରି, ସ୍ପିଚ ଥେରାପି, ବିଭନ୍ନ ପ୍ରକାର ଶାରିରୀକ ବ୍ୟାୟାମ୍ ସାଙ୍ଗକୁ ଆବଶ୍ୟକୀୟ ଉପକରଣ ଏଠାରେ ପ୍ରଦାନ କରାଯାଉଛି। ଏହାସହ ଜଣେ ଦିବ୍ୟାଙ୍ଗ ପିଲା ସହ ଜଣେ ଅଭିଭାବକଙ୍କ ରହଣି ସୁବିଧା ମଧ୍ୟ ରହିଛି। ତେବେ ଭବିଷ୍ୟତରେ ରାଜ୍ୟର ଏହି ଅନୁଷ୍ଠାନକୁ ସମ୍ପୂର୍ଣ୍ଣ ଭାବେ ସ୍ୱୟଂଶାସିତ କରାଯିବା ସହ ୧୧ଟି ଜିଲ୍ଲାରେ କାର୍ଯ୍ୟକାରୀ କରିବାକୁ ବିଭାଗ ଲକ୍ଷ୍ୟ ରଖିଥିଲା। ପ୍ରଥମ ପର୍ଯ୍ୟାୟରେ ୨ଜିଲ୍ଲାରେ ଆରମ୍ଭ କରାଯିବାକୁ ଯୋଜନା ରହିଥିବା ବେଳେ ଗଞ୍ଜାମ ଜିଲ୍ଲାରେ ଏହା କାର୍ଯ୍ୟକାରୀ ହେଉଥିଲେ ବି ଏଯାଏ ଉଦ୍‌ଘାଟନ ହୋଇନଥିବା ସୂଚନା ରହିଛି। ଏହାସହ ଜଟଣୀ ଜିଲ୍ଲାରେ ସମସ୍ତ କାର୍ଯ୍ୟ ଶେଷ ହୋଇଥିଲେ ବି ଏହା ଆରମ୍ଭ ହୋଇପାରୁନଥିବା ଜଣାପଡ଼ିଛି। ବିଭାଗର ଜଣେ ବରିଷ୍ଠ ସଦସ୍ୟ କହିଛନ୍ତି ଯେ, ବର୍ତ୍ତମାନ ଅନ୍ୟ ଜିଲ୍ଲାରେ ମନୋଦୟ ପାଇଁ ବିଭାଗର ଯୋଜନା ନାହିଁ। ଏଥିପାଇଁ ଇନଫ୍ରାଷ୍ଟ୍ରକଚର ଆବଶ୍ୟକ ଥିବା ସହ ୨ରୁ ୩ବର୍ଷ ସମୟ ମଧ୍ୟ ଲାଗିବ। ଯେଉଁ ଗୁଡ଼ିକ ରହିଛି ତାହାର ପରିଚାଳନା କରିବାକୁ ମାନବସମ୍ବଳ ଆଶ୍ୟକତା ରହିଥିବା ବେଳେ ମାର୍ଚ୍ଚ ମାସ ଠାରୁ ଆଉଟସୋର୍ସିଂ କର୍ମଚାରୀ ନିଯୁକ୍ତି ବନ୍ଦ କରିବାକୁ ସରକାର ନିର୍ଦ୍ଦେଶ ଦେଇଛନ୍ତି। ତେଣୁ ଅନ୍ୟ ଜିଲ୍ଲାରେ ବର୍ତ୍ତମାନ ମନୋଦୟ ସ୍ଥାପନ କରାଯିବ ନାହିଁ ବୋଲି ସେ କହିଛନ୍ତି ।

## ପାର୍ବଣ ପୂର୍ବରୁ ରାସ୍ତା ମରାମତି

ଭୁବନେଶ୍ୱର,୩।୯ (ସମିସ): ଦଶହରା ପୂର୍ବରୁ ରାଜ୍ୟର ସବୁ ସହରାଞ୍ଚଳ ରାସ୍ତାର ମରାମତି କାମ ଶେଷ ହେବ। ଏଥିପାଇଁ ଆସନ୍ତା ୬ ତାରିଖରେ ବିଏମ୍‌ସି ଓ ସିଏମ୍‌ସି ସମେତ ରାଜ୍ୟର ସବୁ ସହରାଞ୍ଚଳ ରାସ୍ତାର କାମକୁ ନେଇ ସମୀକ୍ଷା ହେବା ସହ ୨୦ ତାରିଖ ସୁଦ୍ଧା କିପରି ଏହି ରାସ୍ତାଗୁଡ଼ିକର ମରାମତି କାମ ଶେଷ ହେବ ସେନେଇ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ବସିବ। ପୂର୍ତ୍ତମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଏହି ବୈଠକ ବସିବାକୁ ଥିବା ବେଳେ ଏଥିରେ ବିଏମ୍‌ସି ଓ

### ୬ରେ ବସିବ ଗୁରୁତ୍ୱପୂର୍ଣ୍ଣ ବୈଠକ

ସିଏମ୍‌ସି ଅଞ୍ଚଳର ସମସ୍ତ ବିଧାୟକ ଓ ଦୁଇ ମେୟର ଉପସ୍ଥିତ ରହିବେ। ବୁଧବାର ପୂର୍ତ୍ତମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଏହି ସୂଚନା ଦେଇଛନ୍ତି। ମୌସୁମୀ ସମୟରେ ରାଜ୍ୟର ସମସ୍ତ ସହରାଞ୍ଚଳରେ ରାସ୍ତାର ଅବସ୍ଥା ଶୋଚନୀୟ ହୋଇପଡ଼ିଛି। ଅନେକ ସ୍ଥାନରେ ଖାଲଖମା ଯୋଗୁଁ ଲୋକେ ଦୁର୍ଘଟଣାର ଶିକାର ହେଉଛନ୍ତି। ଆଗକୁ ପାର୍ବଣ ଆସୁଥିବାରୁ ରାସ୍ତା ମରାମତି ନ ହେଲେ ବହୁ ଲୋକ ହଇରାଣ ହେବାର ଆଶଙ୍କା ରହିଛି। ଏହାକୁ ଦୃଷ୍ଟିରେ ରଖି କିପରି ପାର୍ବଣ ପୂର୍ବରୁ ସହରାଞ୍ଚଳର ରାସ୍ତାଗୁଡ଼ିକ ମରାମତି ହୋଇପାରିବ ସେଥିପାଇଁ ପ୍ରତିବର୍ଷ ଏଭଳି ବୈଠକ ଆୟୋଜନ ହେଉଛି।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଉତ୍ତର ଭାରତରେ...

ସଡକ ମୌସୁମୀ ବର୍ଷା ଓ ଭୂସ୍ଖଳନ ଯୋଗୁଁ ବନ୍ଦ ରହିଛି । ଗତ ୨୪ ଘଣ୍ଟା ମଧ୍ୟରେ ବର୍ଷାଜନିତ ଭୂସ୍ଖଳନ ଯୋଗୁଁ ୧୧ ଜଣ ଲୋକ ମୃତ୍ୟୁବରଣ କରିଛନ୍ତି । ଆଜି ସକାଳେ କୁଲ୍ଲୁରେ ଭୂସ୍ଖଳନ ଯୋଗୁଁ ଦୁଇ ଜଣ ଲୋକ ପ୍ରାଣ ହରାଇଛନ୍ତି । ସେହିପରି ମଣ୍ଡିର ସୁନ୍ଦରନଗରରେ ଭୂସ୍ଖଳନରେ ଘରଗୁଡ଼ିକ ଭୁଶୁଡ଼ି ପଡ଼ିବାରୁ ୭ ଜଣ ପ୍ରାଣ ହରାଇଛନ୍ତି । ଆବର୍ଜନା ତଳୁ ୪ଟି ମୃତଦେହ ଉଦ୍ଧାର କରାଯାଇଛି । ରାଜ୍ୟର ୭ଟି ଜିଲ୍ଲାରେ ସ୍କୁଲ ଓ କଲେଜକୁ ବନ୍ଦ କରାଯାଇଛି । ସେହିପରି ଉତ୍ତରପ୍ରଦେଶର ନୋଏଡାରେ ଯମୁନା ନଦୀରେ ବନ୍ୟା କାରଣରୁ ୧୦୦୦ଟି ଫାର୍ମହାଉସ୍‌ରେ ପାଣି ପଶିଛି । ମଥୁରା ୯୦୦ ପରିବାର ବନ୍ୟା ଯୋଗୁଁ ପ୍ରଭାବିତ ହୋଇଛନ୍ତି। ଆଗ୍ରାରେ ଯମୁନା ପାଣି ତାଜମହଲ ପାଚେରିକୁ ସ୍ପର୍ଶ କରିଛି । ଆଗ୍ରାର କେତୋଟି ଘାଟ ଓ ସ୍ମଶାନ ମଧ୍ୟ ବୁଡିଯାଇଛି । ନୋଏଡା ସେକ୍ଟର-୧୬୭ ରେ ଯମୁନା ପାଣି ପଶିଛି । ଜମ୍ମୁ-କଶ୍ମୀରରେ ଉଧାମପୁରରେ ଭୂସ୍ଖଳନ ଯୋଗୁଁ ଜମ୍ମୁ- ଶ୍ରୀନଗର ରାଜପଥ ବନ୍ଦ ରହିଛି । ପୁଣି ଆଗାମୀ ୨୪ ଘଣ୍ଟାରେ ଦେଶର ଉତ୍ତର-ପଶ୍ଚିମ ଭାଗରେ ବର୍ଷା ଜାରି ରହିବ ବୋଲି ଅନୁମାନ କରାଯାଉଛି ।

### ୧୨%, ୨୮ % ଟିକସ...

କରିବା ସାମିଲ ରହିଛି । ସେହିପରି ରପ୍ତାନୀକାରୀଙ୍କ ପାଇଁ ସ୍ୱୟଂଚାଳିତ ଜିଏସ୍‌ଟି ରିଫଣ୍ଡ ବ୍ୟବସ୍ଥାକୁ ଅନୁମୋଦନ ଦିଆଯାଇଛି । ଏହା ଦ୍ୱାରା ପଞ୍ଜୀକରଣ ପ୍ରକ୍ରିୟା ଅଧିକ ସରଳ ହେବ । ପରିଷଦର ଏହି ଦୁଇ ଦିନିଆ ବୈଠକରେ ଜିଏସ୍‌ଟି ହାର ଉପରେ ଆସିଥିବା ପ୍ରସ୍ତାବ ଏବଂ ସୁଧାରକୁ ନେଇ ଚର୍ଚ୍ଚା ଜାରି ରହିଛି । ବୈଠକ ଶେଷ ହେବା ପରେ ଗୁରୁବାର ଏ ନେଇ ଘୋଷଣା କରାଯିବ ।

ସୂତ୍ର ଅନୁଯାୟୀ ୨୫୦୦ ଟଙ୍କା ପର୍ଯ୍ୟନ୍ତ ଜୋତା ଏବଂ ପୋଷା ଉପରେ ଜିଏସ୍‌ଟି ହାର ହ୍ରାସ କରି ୫ ପ୍ରତିଶତ କରାଯାଇପାରେ। ବୀମା ପ୍ରିମିୟମର ହାରକୁ ହ୍ରାସ କରିବା ପାଇଁ ପରିଷଦରେ ସହମତି ପ୍ରକାଶ ପାଇଛି । ଫଳରେ ସ୍ୱାସ୍ଥ୍ୟବୀମା ଶସ୍ତା ହେବ । ଜୀବନ ରକ୍ଷାକାରୀ ଔଷଧ ଉପରୁ ଟିକସ ହାର ମଧ୍ୟ କମ୍ କରାଯାଇପାରେ। ସେହିପରି ୨୦ ଲକ୍ଷ ଟଙ୍କାରୁ ଅଧିକ ମୂଲ୍ୟ ବିଳାଶପୂର୍ଣ୍ଣ ଇଲେକ୍‌ଟ୍ରିକ୍ ଗାଡ଼ି ଉପରେ ଜିଏସ୍‌ଟି ହାର ୫ ପ୍ରତିଶତରୁ ବଢ଼ାଇ ୧୮ ପ୍ରତିଶତ କରାଯାଇପାରେ। ଏହାକୁ ଅନୁମୋଦନ ମିଳିଲେ ଟାଟା ମୋଟର୍ସ, ମହିନ୍ଦ୍ରା, ଟେସ୍‌ଲା ଏବଂ ମର୍ସିଡିଜ୍-ବେଞ୍ଜ ଭଳି କମ୍ପାନୀର ସମସ୍ୟା ବଢ଼ିପାରେ। ଏହି ବୈଠକରେ ବିରୋଧୀ ରାଜ୍ୟଗୁଡିକ କେନ୍ଦ୍ର ନିକଟରେ ରାଜସ୍ୱ ସୁରକ୍ଷା ଏବଂ ଉପଭୋକ୍ତାଙ୍କ ସ୍ୱାର୍ଥରକ୍ଷା କରିବାକୁ ଦାବି କରିଛନ୍ତି। ବିରୋଧୀ ରାଜ୍ୟଗୁଡିକର ସୂଚନା ଅନୁଯାୟୀ କମ୍ ଟିକସ ଲଗାଇ କମ୍ପାନୀଗୁଡିକ ଲାଭ ଉଠାଇବାକୁ ନ ଦେବା ଉଚିତ । ଟିକସ ହ୍ରାସର ଲାଭ ସିଧାସଳଖ ଗ୍ରାହକଙ୍କ ନିକଟରେ ପହଞ୍ଚିବା ଉଚିତ। ଏହା ସହିତ ନୂଆ ଟିକସ ସ୍ଲାବ ଦ୍ୱାରା ହେଉଥିବା କ୍ଷତି ଭରଣା କରିବା ପାଇଁ କେନ୍ଦ୍ର ଆର୍ଥିକ ସହାୟତା ଦେବା ଆବଶ୍ୟକ । ପୂର୍ବରୁ ଏଥିପାଇଁ ୧.୫ ଲକ୍ଷ କୋଟିରୁ ୨ ଲକ୍ଷ କୋଟି କ୍ଷତି ହେବ ବୋଲି କୁହାଯାଇଥିଲା । କିଛି ବିଜେପି ଶାସିତ ରାଜ୍ୟ ମଧ୍ୟ ରାଜସ୍ୱ କ୍ଷତି ଉପରେ ଚିନ୍ତା ପ୍ରକଟ କରିଛନ୍ତି । ଏହି ବୈଠକରେ ଆରବିଆଇ ଅଧକ୍ଷଙ୍କ ସହିତ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳଗୁଡିକର ଅର୍ଥମନ୍ତ୍ରୀମାନେ ସାମିଲ ହୋଇଛନ୍ତି ।

### ଚୂଡ଼ାନ୍ତ ହେବ ମନ୍ତ୍ରିମଣ୍ଡଳ...

ଦିଲ୍ଲୀରେ ପହଞ୍ଚିଥିଲା। ଶୀର୍ଷ ନେତୃତ୍ୱ ଏହାକୁ ଗୁରୁତର ସହ ନେଇ ପରସ୍ପର ମିଳିମିଶି କାମ କରିବାକୁ ରାଜ୍ୟର ଛାମୁଆ ନେତାମାନଙ୍କୁ ପରାମର୍ଶ ଦେଇଥିଲେ ହେଁ ତାହା ଚୂଡ଼ାନ୍ତ ହୋଇ ନ ଥିଲା ।

ଶେଷରେ କେନ୍ଦ୍ରୀୟ ନେତୃତ୍ୱଙ୍କ ପରାମର୍ଶ ଆଧାରରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ପାଇଁ ରାଜ୍ୟ ନେତୃତ୍ୱଙ୍କ ମଧ୍ୟରେ ସହମତି ଆସିଥିବା ମଧ୍ୟ କୁହାଯାଉଛି। ବିଶେଷକରି ଦୁଇଗୋଷ୍ଠୀ ମଧ୍ୟରେ ମନ୍ତ୍ରୀପଦକୁ ନେଇ ଭାଗବାଣ୍ଟ ଛିଡ଼ିଥିବା ବେଳେ ଶେଷ ନିଷ୍ପତ୍ତି ଦିଲ୍ଲୀରେ ହେବ ବୋଲି ସୂଚନା ମିଳିଛି । ସେଥିପାଇଁ ହଠାତ୍ ମନମୋହନଙ୍କୁ ଶୀର୍ଷ ନେତୃତ୍ୱ ଡକାଇଥିବା ବିଜେପି ଅଳିନ୍ଦରେ ଚର୍ଚ୍ଚା ହେଉଛି । ଯଦି ସବୁ ଠିକ୍‌ଠାକ ରୁହେ ତାହେଲେ ମୌସୁମୀ ଅଧିବେଶନ ପୂର୍ବରୁ ପୂର୍ଣ୍ଣାଙ୍ଗ ମନ୍ତ୍ରିମଣ୍ଡଳ ଗଠନ ହେବ । ନହେଲେ ଅଧିବେଶନ ସରିବା କ୍ଷଣି ସମ୍ପ୍ରସାରଣ ସମ୍ପନ୍ନ ହେବ ବୋଲି ବିଜେପିର ଜଣେ ବରିଷ୍ଠ ନେତା କହିଛନ୍ତି । ଅପରପକ୍ଷେ ନିଗମ, ବୋର୍ଡକୁ ନେଇ ଏଯାବତ୍ କୌଣସି ନିଷ୍ପତ୍ତି ହୋଇପାରିନଥିବା ବେଳେ ଏଥିପାଇଁ ଆହୁରି କିଛି ସମୟ ଲାଗିପାରେ ବୋଲି ଉକ୍ତ ନେତାଜଣକ ସୂଚନା ପ୍ରଦାନ କରିଛନ୍ତି ।

### ସ୍ନାତକଙ୍କ ପାଇଁ ...

ମଧ୍ୟ ଜାରି ରହିଛି। ହେଲେ ବହୁ ପ୍ରତୀକ୍ଷିତ କମ୍ବାଇଡ୍ ଗ୍ରାଜୁଏସନ୍ ଲେବେଲ୍ (ସିଜିଏଲ୍) ପାଇଁ ଏବେ ଯାଏଁ ବିଜ୍ଞପ୍ତି ବାହାରି ନାହିଁ। ଅନୁରୂପ ଭାବେ ଅଗଷ୍ଟ ଶେଷ ସୁଦ୍ଧା ୨୨ହଜାର ଗ୍ରୁପ୍-ସି ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ପ୍ରକାଶ କରିବାକୁ ମୁଖ୍ୟମନ୍ତ୍ରୀ ଘୋଷଣା କରିଥିଲେ। ହେଲେ ଅଗଷ୍ଟ ଯାଇ ସେପ୍ଟେମ୍ବର ହୋଇଥିଲେ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇନି । ଫଳରେ ଆଶାୟୀମାନେ ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ଉପରେ ସନ୍ଦେହ ପ୍ରକାଶ କରିବା ସହ ତୁରନ୍ତ ବିଜ୍ଞପ୍ତି ବାହାର କରିବାକୁ ଦାବି କରିଛନ୍ତି ।

ଅପରପକ୍ଷରେ ଏକାଧିକ ନିଯୁକ୍ତି ପରୀକ୍ଷାରେ ତୃଟିପୂର୍ଣ୍ଣ ବିଜ୍ଞପ୍ତି ପାଇଁ ଆଶାୟୀମାନେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହେଉଛନ୍ତି। ହାଇକୋର୍ଟରେ ମାମଲା ଗଡୁଥିବାରୁ ନିଯୁକ୍ତି ପ୍ରକ୍ରିୟା ବିଳମ୍ବିତ ହେଉଛି। ୨୦୨୪ରେ ପ୍ରକାଶ ପାଇଥିବା ଓଡ଼ିଶା ପୁଲିସ୍ ରୁକ୍ରୁଟ୍‌ମେଣ୍ଟ ବୋର୍ଡ (ଓପିଆର୍‌ବି) ପରିଚାଳିତ ପୁଲିସ୍ ଡ୍ରାଇଭର୍ (ପିଏମ୍‌ଟି), ଆଇଆର୍‌ବି ଓ ଏସ୍‌ଏସ୍‌ବି ବାଟାଲିଅନ୍, ପୁଲିସ୍ ଏସ୍‌ଆଇ ପରୀକ୍ଷା ନେଇ ମାମଲା ହୋଇଥିଲା । ଫଳରେ ଏବେଯାଏଁ ନିଯୁକ୍ତି ପ୍ରକ୍ରିୟା ସରିପାରି ନାହିଁ। ଜଳ ସମ୍ପଦ ବିଭାଗର କନିଷ୍ଠ ଯନ୍ତ୍ରୀ ପରି ଅନେକ ପଦରେ ନିଯୁକ୍ତି ପ୍ରକ୍ରିୟା କୋର୍ଟଙ୍କ ବିଚାରଧୀନ ଥିବାରୁ ନିଯୁକ୍ତି ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ ବଢ଼ିବାରେ ଲାଗିଛି। ଏଣୁ ନିୟମିତ ଭାବେ ଖାଲି ଥିବା ପଦରେ ନିଯୁକ୍ତି ପାଇଁ ବିଜ୍ଞପ୍ତି ବାହାର କରିବାକୁ ଆଶାୟୀ ସୁନୀଲ କୁମାର ମିଶ୍ର ଦାବି କରିଛନ୍ତି ।

### ରାଜ୍ୟସାରା ନିର୍ଦ୍ଧୂମ୍...

ଝାରସୁଗୁଡ଼ାରେ ବର୍ଷାର ପ୍ରଭାବ ସବୁଠୁ ଅଧିକ ରହିବା ଆଶଙ୍କା ରହିଥିବା ବେଳେ ରାଜ୍ୟର ବାକି ସମସ୍ତ ଅଞ୍ଚଳରେ ସ୍ୱଳ୍ପରୁ ମଧ୍ୟମ ବର୍ଷା ଆଶଙ୍କା ରହିଛି । ୪ ତାରିଖ ପରେ ବର୍ଷାର ପ୍ରଭାବ କମିଲେ ମଧ୍ୟ ୫ ଓ ୬ ତାରିଖରେ କିଛି କିଛି ସ୍ଥାନରେ ବର୍ଷା ଆଶଙ୍କା ରହିଛି । ରାଜ୍ୟରେ ଲଘୁଚାପ ଜନିତ ବର୍ଷା ପରେ ବିଭିନ୍ନ ନଦୀରେ ଜଳସ୍ତରରେ ବୃଦ୍ଧି ପାଇବାରେ ଲାଗିଛି। ବର୍ଷା ନଦୀ ଜଳସ୍ଥିତିକୁ ନେଇ ଜଳ ସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀ କହିଛନ୍ତି ଯେ ରାଜ୍ୟରେ ଯେଉଁ ଅଧିକ ବର୍ଷା ଆକଳନ ହୋଇଥିଲା ସେପରି ବର୍ଷା ହୋଇନାହିଁ। ଆଖୁଆପଦାରେ ଯଦିଓ ବୈତରଣୀ ସତର୍କ ସଂକେତ ଉପରେ ଅଛି, ହେଲେ ଜଳସ୍ତର ବିପଦ ସଙ୍କେତ ଉପରକୁ ଯିବନି । ଗତକାଲି ୧୬ଟି ବ୍ଲକ୍ ମୁଖ୍ୟାଳୟରେ ୫୦ ମିମିରୁ ଅଧିକ ବର୍ଷା ହୋଇଛି । ମାତ୍ର ରାଜ୍ୟର କୌଣସି ଗୋଟିଏ ସ୍ଥାନରେ ବନ୍ୟା ସ୍ଥିତି ନାହିଁ ବୋଲି ସେ କହିଛନ୍ତି। ତେବେ ପାଣି ସମୁଦ୍ରକୁ ଯିବା ପାଇଁ ସମୟ ଲାଗେ । ତେଣୁ ପ୍ରବଳ ବର୍ଷା ଯୋଗୁଁ ବୈତରଣୀ, ବୁଢାବଳଙ୍ଗ ଏବଂ ସୁବର୍ଣ୍ଣରେଖା ଭଳି ପ୍ରମୁଖ ନଦୀଗୁଡ଼ିକରେ ଜଳସ୍ତର ବୃଦ୍ଧି ପାଇଛି । ସୋମବାରଠାରୁ ବର୍ଷା ହେବା ପରେ କିଛି ନଦୀ ଫୁଲିବା ଆରମ୍ଭ କରିଛି ।

ରାଜ୍ୟରେ ମୌସୁମୀ ଋତୁରେ ସେପ୍ଟେମ୍ବର ୩ ସୁଦ୍ଧା ୯୦୭ ମିମି ବର୍ଷା ହୋଇଛି । ଏହି ସମୟରେ ସ୍ୱାଭାବିକ ବର୍ଷା ୯୪୧ ମିମି ତୁଳନାରେ ୪ ମିମି କମ୍ ବର୍ଷା ହୋଇଛି । ଜିଲ୍ଲାୱାରୀ ସ୍ଥିତିରେ ୯ ଟି ଜିଲ୍ଲାରେ ନିଅଣ୍ଟିଆ ବର୍ଷା ହୋଇଥିବା ବେଳେ ୪ ଟି ଜିଲ୍ଲାରେ ସ୍ୱାଭାବିକଠୁ ଅଧିକ ହୋଇଛି ଓ ବାକି ସମସ୍ତ ଜିଲ୍ଲାରେ ବର୍ଷାର ସ୍ଥିତି ସ୍ୱାଭାବିକ ରହିଛି । ପୁରୀ ଓ କନ୍ଧମାଳ ଜିଲ୍ଲାରେ ବର୍ଷାର ସ୍ଥିତି ସବୁଠୁ ଅଧିକ ଅର୍ଥାତ ୩୧ ଓ ୩୦ ପ୍ରତିଶତ ଲେଖାଏଁ ନିଅଣ୍ଟିଆ ରହିଛି ।

### ନିଶା ନିବାରଣ...

ନିବାରଣ କେନ୍ଦ୍ରରେ ଭର୍ତ୍ତି କରିଥିଲେ। ମଙ୍ଗଳବାର ଅପରାହ୍ନରେ ସୂର୍ଯ୍ୟକାନ୍ତ ଆତ୍ମହତ୍ୟା କରିଥିବା ନେଇ ନିଶା ନିବାରଣ କେନ୍ଦ୍ର କର୍ତ୍ତୃପକ୍ଷ ପରିବାର ଲୋକଙ୍କୁ ଜଣାଇଥିଲେ। ତାଙ୍କୁ କଳିଙ୍ଗନଗରରେ ଥିବା ଏକ ଘରୋଇ ଡ଼ାକ୍ତରଖାନାକୁ ନିଆଯାଇଛି ବୋଲି କହିଥିଲେ। ସୂର୍ଯ୍ୟକାନ୍ତଙ୍କ ଦାଦା ପ୍ରଶାନ୍ତ ଓ ଅନ୍ୟ ସଦସ୍ୟମାନେ ଆସି ସେଠାରେ ପହଞ୍ଚିବା ବେଳକୁ ମୃତଦେହକୁ କ୍ୟାପିଟାଲ ହସପିଟାଲକୁ ସ୍ଥାନାନ୍ତର କରା ଯାଇଥିଲା । ସେଠାରୁ କ୍ୟାପିଟାଲ ହସପିଟାଲ ଯାଇଥିଲେ ମଧ୍ୟ ମୃତଦେହକୁ ଶବ ସଂରକ୍ଷଣ ଗୃହରେ ରଖାଯାଇଥିବାରୁ ଆଉ ଦେଖିବାର ସୁଯୋଗ ମିଳି ନ ଥିଲା । ପରିବାର ଲୋକଙ୍କ କହିବାନୁଯାୟୀ ନିଶା ନିବାରଣ କେନ୍ଦ୍ରରେ ଛାଡ଼ିବା ବେଳେ ସୂର୍ଯ୍ୟକାନ୍ତଙ୍କର କୌଣସି ସ୍ୱାସ୍ଥ୍ୟଗତ ସମସ୍ୟା ନ ଥିଲା। ଏମିତି କି କେନ୍ଦ୍ରରେ ଛାଡ଼ିବା ପରଦିନ ମଧ୍ୟ ପରିବାର ଲୋକଙ୍କ ସହ କଥାବାର୍ତ୍ତା କରିଥିଲେ। ତେବେ ସେ କାହିଁକି ଆତ୍ମହତ୍ୟା କରିବ ବୋଲି ପ୍ରଶାନ୍ତ ପ୍ରଶ୍ନ କରିଛନ୍ତି। ଯଦି ସୂର୍ଯ୍ୟକାନ୍ତ ଆତ୍ମହତ୍ୟା କରିଲେ, ପରିବାର ଉପସ୍ଥିତିରେ ମୃତଦେହ ଉଦ୍ଧାର ନକରି କାହିଁକି ତରବରିଆ ଭାବେ ଶବ ଉଦ୍ଧାର କରାଗଲା ତାକୁ ନେଇ ପ୍ରଶ୍ନ ଉଠାଇଛନ୍ତି । ଏହା ଆତ୍ମହତ୍ୟା ନୁହଁ, ବରଂ ତାଙ୍କୁ ହତ୍ୟା ପରେ ଆତ୍ମହତ୍ୟାର ରୂପ ଦେବାକୁ ଉଦ୍ୟମ କରାଯାଇଛି ବୋଲି ପ୍ରଶାନ୍ତ ଭରତପୁର ଥାନାରେ ଅଭିଯୋଗ କରିଛନ୍ତି । ପୁଲିସ ଏକ ହତ୍ୟା ମାମଲା ରୁଜୁ କରିବା ସହ ଅନ୍ତେବାସୀ ଓ ନିଶା ନିବାରଣ କେନ୍ଦ୍ରର କର୍ମଚାରୀଙ୍କୁ ପଚରାଉଚରା କରିଛି ।

### ୮ ଏସ୍‌ଏଚ୍‌ଜି...

ସଦସ୍ୟ ଥିବା ଏହି ୮ଜଣ ମହିଳାଙ୍କୁ ସ୍ୱର୍ଣ୍ଣଜୟନ୍ତୀ ଗ୍ରାମ ସ୍ୱରୋଜଗାର ଯୋଜନାରେ ଦୁଧିଆଳି ଗାଈ କିଣିବା ପାଇଁ ଅର୍ଥ ମଞ୍ଜୁର କରାଯାଇଥିଲା। ତେବେ ଏହି ମହିଳାମାନେ ଗାଈ କ୍ରୟ ନକରି ମିଳିଥିବା ଅର୍ଥରାଶିର ଦୁରୁପଯୋଗ କରିଥିବା ଅଭିଯୋଗ ହୋଇଥିଲା । ପରେ ଏହି ମାମଲା ଭିଜିଲାନ୍ସକୁ ଦିଆଯାଇଥିଲା ଏବଂ ବିଭାଗ ତରଫରୁ ମଧ୍ୟ ତଦନ୍ତ କରାଯାଇ ଅର୍ଥ ହଡ଼ପ ଘଟଣାରେ ସତ୍ୟତା ଥିବା ରିପୋର୍ଟ ହୋଇଥିଲା। କଟକର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ହାଜର ହେବାକୁ ବାରମ୍ବାର ନୋଟିସ ପରେ ମଧ୍ୟ ଏହି ମହିଳାମାନେ ହାଜର ହୋଇନଥିଲେ। ତେଣୁ ଏମାନଙ୍କ ନାମରେ ୱାରେଣ୍ଟ ବାହାରିଥିଲା। ଆଜି ଭିଜିଲାନ୍ସର ଏକ ଟିମ୍ ସମସ୍ତ ୮ଜଣଙ୍କୁ ଗିରଫ କରି କଟକର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ହାଜର କରାଇଥିଲେ । ସେହିପରି ଏହି ଅର୍ଥ ହଡ଼ପ ମାମଲାରେ ସମ୍ପୃକ୍ତ ଥିବା ସେ ସମୟର ନାଉଗାଁ ପ୍ରାଣୀ ଚିକିତ୍ସକ ଡା. କୁଞ୍ଜବିହାରୀ ସ୍ୱାଇଁ ଏବଂ ସରକାରୀ ସ୍ୱୀକୃତିପ୍ରାପ୍ତ ସପ୍ଲାୟର ରଞ୍ଜିତ କୁମାର ବେହେରା ମଧ୍ୟ ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟଙ୍କ ନୋଟିସ କ୍ରମେ ହାଜର ହେଉଛନ୍ତି ।


**AFFIDAVIT**

By virtue of an affidavit before notary Jharsuguda, I Raj Kumar Kakani, S/o. Late Vassand Ram Kakani, aged about 61 years, R/o. Kakani Complex, Main Road, Jharsuguda, PS/Dist-Jharsuguda, declares that, My actual, true and correct name is Raj Kumar Kakani as mentioned in my Aadhaar Card vide No.4255 9577 3610. In my Passport vide Passport No. J 8483976 my name has been wrongly mentioned as Raju Kakani instead of Raj Kumar Kakani.That, the names Raj Kumar Kakani and Raju Kakani relates to same and one person i.e. myself only none else. From today I shall be known as RAJ KUMAR KAKANI S/o. Vassand Ram Kakani for all purpose.

**Notice (for Minor)**

By virtue of an affidavit sworn before Executive Magistrate, Bhubaneswar dated 03.09.2025 I, Lingaraj Prasad Barik Address At-Uttarana (Kandal), PO-Uttarana, PS-Gobindpur, Dist-Cuttack, Odisha, Pin-754105 declare that I have changed the name of my son from Shulin Snehashish (old name) to Shri Shulin Snehashis (new name). Henceforth, he shall be known as Shri Shulin Snehashis (new name) for all purposes.
Lingaraj Prasad Barik

**AFFIDAVIT**

By virtue of an affidavit no.05, dtd. 01.09.2025 before the Notary Public, Bhanjanagar, Ganjam, I , Sarojini Dakua, have changed my name from Sajani Dakua to Sarojini Dakua. Henceforth I shall be known as Sarojini Dakua for all purposes.
Sd/- Sarojini Dakua

**AFFIDAVIT**

I, Mirza Mehbub Alam Baig, S/o.: Mirza Abdul Kalam Baig, Flat No.: 16/8, Block-16, Rangamatia, Gadakan, P.S.: Mancheswar, Bhubaneswar-751017, Odisha Declare by this Affidavit No.: 2263, Dated: 02/09/2025 that now onwards I shall be known as **Mirza Mehebub Alam Baig,** for all future purposes.
Mirza Mehebub Alam Baig

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar dated 01.09.2025, **I, Sushree Yajnaseni Mohapatra** permanent resident of Vill: Arjunpur, PO.: ABC Patna, P.S.: Dhusuri, Dist.: Bhadrak, PIN-755036, Odisha, currently residing at C/o-Manoranjan Lenka, L-115, Phase-II, Basanti Colony, PO.: Uditnagar, Sub-Dist.: Raghunathpalli, Dist.: Sundargarh, PIN-769012, Odisha declare that I have changed my name from Yajnaseni Mohapatra to (Sushree Yajnaseni Mohapatra. Henceforth, I shall be known as **Sushree Yajnaseni Mohapatra** for all purposes.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar, CF.NO- 128, dated 26-08-2025 I, **SWAGATIKA BARIK,** D/o Govinda Barik permanent resident of Village At-Kiapalla, PO- Nuagaon, PS- Banki Dist-Cuttack, State- Odisha, Pin- 754008 declare that I have changed my name from **GEETA DEVI** (Old name) to **SWAGATIKA BARIK** (New name). Henceforth, I shall be known as **SWAGATIKA BARIK** for all future purposes.
Sd-( SWAGATIKA BARIK )

**AFFIDAVIT**

I, Behera Dinesh Kamlakanth, S/o Kamlakanta, resident of At/Po/Ps-Bhograi, Dist.-Balasore, Pin.No-756038, State-Odisha declared by this affidavit no-3156 dated 30-08-2025 that now onwards I shall be known as Dinesh Kamalakanta Behera (24) S/o-Kamalakanta Behera for all future purposes.

**AFFIDAVIT**

By virtue of an affidavit no.732, dtd. 01.09.2025 before the Sub-Divisional Magistrate / Assistant Collector /Sub-Collector, Nabarangpur, I, Namramani Majhi have changed my name from Nabaramani Christian to Namramani Majhi. Henceforth I shall be known as **Namramani Majhi** for all purposes.
Sd/- Namramani Majhi

**AFFIDAVIT**

By virtue of an affidavit sworn before The Executive Magistrate Banpur, Dist.- Khordha vide no.-3367, Dated- 2/9/2025, I Radharani Sen, aged about 37 yrs., W/O- Haribandhu Sen, Address At- Lahangadihi, Po.-Gambharimunda, Ps.-Banpur, Dist.- Khordha, Pin- 752035, Odisha, declare that I have changed my minor daughter's name from **Harshita Sen** to **Shushree Harsita Raginee Sen**. Henceforth, she shall be known as **Shushree Harsita Raginee Sen** for all purpose.
**Shushree Harsita Raginee Sen**

**AFFIDAVIT**

I Jyotirmayee Mohanty, W/o- Asim Mohanty, resident of Friends Colony, Ps-Manglabag, Dist-Cuttack, Pin-753001, Odisha declare that by this affidavit Sl No. 210, dtd. 12/07/2025 that now onwards I shall be known as **Jyotirmayee Kanungo** for all future purposes.

**FORM NO. URC-2**

Advertisement giving notice about registration under
**Part I of Chapter XXI**
[Pursuant to Section 374(b) of the Companies Act, 2013 and Rule 4(1) of the Companies (Authorised to Register) Rules, 2014]

1. Notice is hereby given that in pursuance of sub-section (2) of Section 366 of the Companies Act, 2013, an application has been made to the Registrar at Central Registration Centre (CRC), Indian Institute of Corporate Affairs (IICA), Plot No.6,7 & 8, Secotr-5, IMT Manesar, Dist: Gurgaon (Haryana) Pin-122050 that M/s. NEW BORN AND PEDIATRIC HEALTH CENTRE a partnership firm may be registered under Part I of Chapter XXI of the Companies Act, 2013, as a Company Limited by Shares with the name may be read as NEW BORN AND PEDIATRIC HEALTH CENTRE PRIVATE LIMITED.
2. The Principal object of the Company are as follows:
To take over the running business of M/s. NEW BORN AND PEDIATRIC HEALTH CENTRE (Partnership Firm) and to do the business relating to acquire, establish, maintain, operate, run, manage or administer hospitals, medicare, nursing homes, health care, diagnostic, health aids, and research centres and to do the business of pharmacy and surgical items and equipments for medical use and to carry related business activities.
3. A copy of the draft Memorandum and Articles of Association of the pro posed company may be inspected at the Office at: Plot No- D/54 Sector-7, CDA, 0802/808, Cuttack- 753014, Odisha.
4. Notice is hereby given that any person objecting to this application may communicate their objection in writing to the Central Registration centre (CRC)-ROC CRC, IICA, Manesar, Plot No.6,7 & 8, Secotr-5, IMT Manesar, Gurgaon-122050 within Twenty One days from date of publication of this notice, with a copy to the Firm i.e. Proposed Company at its office address mentioned above.

Dated this 3rd day of Sep, 2025.

For and on behalf of
M/s. New Born And Pediatric Health Centre
Sd/-
(Mr. Udayanath Upadhaya) Partner

**GOVERNMENT OF ODISHA, DEPARTMENT OF WATER RESOURCES** A-572
Office of the Engineer-In-Chief, Water REsources, Secha Sadan, Bhubaneswar
Email address: cemech.eicwr.od@gmail.com
e-Procurement Notice- Bid Indentification No.- CEM/MDC-16/2025-26

1. Name of the Work : Mechanical Gate Works
2. No. of Works : 01 (One)
3. Category of executors : SSI Units registered under DIC/ NSIC/ MSME for Irrigation Shutters / Hydro mechanical gates.
4. Bid Identification No. : CEM / MDC - 16/ 2025-26
5. Estimated Cost : Rs. 94,77,043.00
6. Period of Completion : 03 (Three) calendar months.
7. Date & time of availability of bid documents in the Portal : From dt.06.09.2025 (10.00 AM) to dt.18.09.2025(5.30 PM)
8. Last date/ time for receipt of bid In the Portal : dt. 18.09.2025 (up to 5.30 PM)
9. Date and Place of opening of Technical Bid : dt.19.09.2025 (12.00 Noon onwards in the O/O the undersigned)
10. Date and Place of opening of Financial Bid : To be intimated to the qualified Bidders after evaluation of Technical Bid.
11. Name of the Officer inviting bid : Chief Engineer, Mechanical, O/O the E.I.C, Water Resources, Odisha, Bhubaneswar

Further details can be seen from the e-procurement portal https://tendersodisha.gov.in. Any further issue of Addenda/ Corrigenda/ Cancellation Notice shall be uploaded in the aforesaid website only.

Chief Engineer, Mechanical
O/o- Engineer-In-Chief,
Secha Sadan, Bhubaneswar

OIPR-32520/11/0072/2526

**THE ORISSA MINERALS DEVELOPMENT COMPANY LTD.**
(A Government of India Enterprise)
CIN: L51430OR1918GOI034390
Regd. Office: Ground Floor, SAIL Building, Plot-271, Bidyut Marg, Unit-IV, Shastri Nagar, Bhubaneswar, Khordha, Odisha, India-751001
Email: info.birdgroup@birdgroup.co.in, Website: www.birdgroup.co.in

STATEMENT OF REVIEWED STANDALONE FINANCIAL RESULTS FOR THE QTR. ENDED 30th JUNE 2025-IND-AS COMPLIANT

| SL. NO. | PARTICULARS | Qtr-I ENDING 30.06.2025 | Qtr-I ENDING 30.06.2024 | FOR YEAR ENDING 31.03.2025 |
|---|---|---|---|---|
| | | (Reviewed) | (Reviewed) | (Audited) |
| 1 | Total Income from Operation / Other Income | 2,103.28 | 1,465.44 | 7,100.17 |
| 2 | Net Profit / (Loss) for the period (Before Tax, exceptional and / or extra ordinary items) | (278.61) | (207.81) | (4,840.40) |
| 3 | Net Profit / (Loss) for the period Before Tax (after exceptional and / or extraordinary items) | (278.61) | (207.81) | (4,840.40) |
| 4 | Net Profit / (Loss) for the period after Tax (after exceptional and / or extra ordinary items) | (278.61) | (207.81) | (4,840.40) |
| 5 | Total Comprehensive income for the period [comprising profit / (loss) for the period(after tax) and other comprehensive income (after tax)] | (278.61) | (207.81) | (4,022.39) |
| 6 | Paid up Equity Share Capital | 60.00 | 60.00 | 60.00 |
| 7 | Reserves (Excluding revaluation reserve) as shown in the audited balance sheet of the previsous year | (5,496.43) | (1,341.73) | (5,217.81) |
| 8 | Net Worth | (5,436.43) | (1,281.73) | (5,157.81) |
| 9 | Earning per share (of Re. 1/-each) (for continuing and discontinued operations):- | | | |
| | 1. Basic: | (4.64) | (3.46) | (67.04) |
| | 2. Diluted | (4.64) | (3.46) | (67.04) |

1. The above results of the Company were approved by the Board of Directors at their respective meetings held on 02nd September 2025.
2. The above is the extract of the detail format of Annual Financial Result filed with the Stock Exchange under Regulation 33 of the SEBI (Listing Obligations and Disclosure Requirements) Regulations, 2015. The full Format of the Annual Financial Results are available on the Company's Website: www.birdgroup.co.in, the NSE (www.nseindia.com), the BSE (www.bseindia.com) and the CSE (www.cse-india.com)

For and on behalf of the Board of Director
Sd/-
(Vasudha Chandra Suratkal)
Managing Director

Place: Bhubaneswar
Date: 2nd September 2025

**EASTERN INVESTMENTS LIMITED**
CIN: L65993OR1927GOI034842
Regd. Office :Plot No:255, Pristine Green, Pokhariput, Bhubaneswar-751020

STATEMENT OF STANDALONE & CONSOLIDATED REVIEWED FINANCIAL RESULTS FOR THE QUARTER ENDED 30TH JUNE 2025

| Sl. No. | Particulars | Standalone | | | Consolidated | | |
|---|---|---|---|---|---|---|---|
| | | Quarter Ended | | Year Ended | Quarter Ended | | Year Ended |
| | | 30.06.2025 | 30.06.2024 | 31.03.2025 | 30.06.2025 | 30.06.2024 | 31.03.2025 |
| | | (Reviewed) | | (Audited) | (Reviewed) | | (Audited) |
| 1 | Total Income from Operation(including Other Income) | 32.25 | 42.91 | 44.27 | 4,497.58 | 2,756.45 | 13,405.00 |
| 2 | Net Profit / (Loss) for the period (Before Tax, exceptional and / or extra ordinary items) | 15.99 | 23.30 | (44.47) | 175.11 | 176.31 | (4,119.11) |
| 3 | Net Profit / (Loss) for the period Before Tax (after exceptional and / or extraordinary items) | 15.99 | 23.30 | (44.47) | 175.11 | 176.31 | (4,119.11) |
| 4 | Net Profit / (Loss) for the period after Tax (after exceptional and / or extra ordinary items) | (0.39) | 4.76 | (28.91) | 19.35 | 67.25 | (3,518.39) |
| 5 | Total Comprehensive income for the period [comprising profit / (loss) for the period(after tax) and other comprehenshive income (after tax)] | (0.39) | 4.76 | (28.91) | 19.35 | 67.25 | (3,525.52) |
| 6 | Net Profit attributable to Non Controlling Interests | - | - | - | (1.04) | 19.10 | (1,791.41) |
| 7 | Net Profit attributable to Owners of the Company | - | - | - | 20.39 | 48.15 | (1,726.98) |
| 8 | Paid up Equity Share Capital (Face Value Rs. 10/- each) | 144.44 | 144.44 | 144.44 | 141.90 | 141.90 | 141.90 |
| 9 | Other Equity (Excluding Revaluation Reserve as per Balance Sheet) | 26,546.25 | 26,580.31 | 26,546.64 | (9,388.86) | (7,630.55) | (9,409.25) |
| 10 | Earning per share ( Rs) | | | | | | |
| | (i) Basic: | (0.03) | 0.33 | (2.00) | 1.44 | 3.39 | (121.71) |
| | (ii) Diluted | (0.03) | 0.33 | (2.00) | 1.44 | 3.39 | (121.71) |

1. The above results of the Company were approved by the Board of Directors at their respective meetings held on 02-09-2025.
2. The above is the extract of the detail format of Financial Result filed with the Stock Exchange under Regulation 33 and 52 of the SEBI (Listing Obligations and Disclosure Requirements) Regulations, 2015.

Place: Visakhapatnam
Date: 2nd September 2025

Sd/-
(S.C.Pandey)
Managing Director-EIL

ସକାଳ THE SAKALA



# ସାମାନ୍ୟ ବର୍ଷାରେ ବେହାଲ ସିନ୍ଧିବାହାଲୀ-ଗାରେଶ ରାସ୍ତା

**ଲାଞ୍ଜିଗଡ଼, ୩।୯ (ସମିସ)**



ଗାଁକୁ ଭଲ ରାସ୍ତା ଖଣ୍ଡେ ନ ଥିବା ଯୋଗୁଁ ଲୋକେ ଅନେକ ସମୟରେ ଯମ ଯନ୍ତ୍ରଣା ଭୋଗୁଛନ୍ତି। ସରକାର ଲୋକଙ୍କ ପାଇଁ ବିଭିନ୍ନ ପ୍ରକାର ଯୋଜନା ତିଆରି କରୁଛନ୍ତି ସତ। ହେଲେ ଦୁର୍ଗମ ଉପାନ୍ତ ଅଞ୍ଚଳର ଅନେକ ଗାଁରେ ଅପହଞ୍ଚ ମୌଳିକ ସୁବିଧା। ଏବେ ବି ଭଲ ରାସ୍ତା ଖଣ୍ଡେ ନ ଥିବା ଯୋଗୁଁ ବିଭିନ୍ନ ସମୟରେ ଅନେକ ଅସୁବିଧାର ସମ୍ମୁଖୀନ ହେଉଛନ୍ତି ଦୁର୍ଗମ ଅଞ୍ଚଳର ଲୋକେ। ଏଭଳି ଅଭିଯୋଗ ଆସୁଛି କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ ଉପାନ୍ତ ଅଞ୍ଚଳ ବେଡ଼ାଗାଁ ପଞ୍ଚାୟତ ଅଧୀନ ଗାରେଶ ଗାଁରୁ।

ସୂଚନାଯୋଗ୍ୟ ସିନ୍ଧିବାହାଲିରୁ-ଗାରେସ ଓ ଦେହେଡ଼ା ଗାଁକୁ ସଂଯୋଗ କରୁଥିବା ରାସ୍ତା ଅତି ଶୋଚନୀୟ ହୋଇଥିବା ବେଳେ ସାମାନ୍ୟ ବର୍ଷାହେଲେ ପ୍ରବଳ କାଦୁଅ ହେବାସହ ଯାନବାହାନ ଯିବା ତ ଦୂରର କଥା ପାଦରେ ଚାଲିକିଯିବା କଷ୍ଟକର ହୋଇପଡୁଛି। ଏହି ରାସ୍ତା କୁମଖାଲ ଛକରୁ ସିନ୍ଧିବାହାଲି ଦେଇ ଗାରେସ ଓ ଦେହେଡ଼ା ଗାଁକୁ ସଂଯୋଗ କରୁଥିବାବେଳେ କୁମଖାଲ୍ ଛକରୁ ସିନ୍ଧିବାହାଲି ପର୍ଯ୍ୟନ୍ତ ପ୍ରଧାନମନ୍ତ୍ରୀ ସଡ଼କ ଯୋଜନାରେ ରାସ୍ତା ନିର୍ମାଣ ହୋଇଛି ସତ ହେଲେ ତାହା ବି ବର୍ତ୍ତମାନ ଅତି ଶୋଚନୀୟ ଅବସ୍ଥା। କୁମଖାଲ ଛକରୁ ସିନ୍ଧିବାହାଲୀ ପର୍ଯ୍ୟନ୍ତ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନାରେ ରାସ୍ତା ନିର୍ମାଣ ହୋଇଥିବାବେଳେ ସିନ୍ଧିଁବାହାଲି ମଶାଣି ଜଙ୍ଗଲରୁ ଗାରେଶ ଗାଁ ପର୍ଯ୍ୟନ୍ତ ଖାଲଖମାରେ ପରିପୂର୍ଣ୍ଣ ମାଟି ରାସ୍ତା ଟିଏ ରହିଛି। ଫଳରେ ସାମାନ୍ୟ ବର୍ଷା ହେଲେ କାଦୁଅ ପଚ ପଚ ହେବା ସହ ଖାଲଖମାରେ ପାଣି ଜମି ରହୁଛି। ଏହି ରାସ୍ତା ପାଇଁ ଆମ୍ବୁଲାନ୍ସ ସେବା ପାଇବାରୁ ବଞ୍ଚିତ ହେଉଛନ୍ତି ଅନେକ ଗର୍ଭବତୀ ଓ ଗୁରୁତର ରୋଗୀ। ଚାରି ଚକିଆ ଯାନବାହାନ ଯିବା ତ ଦୂରର କଥା ଦୁଇ ଚକିଆ ଗାଡ଼ିରେ ଯିବା ବି କାଠିକର ପାଠ ହେଉଛି। ଏହି ରାସ୍ତାଦେଇ ଗାରେଶ, ଦେହେଡ଼ା, ବେଲଭଟା, ବେଲଗୁଡ଼ାଙ୍ଗ, ସର୍ଗିଲେପା, ମନସ୍ତରା, ତାଡ଼ିଝୋଲା, ଆଡଶ୍ୱେର ଓ ସଲପାଙ୍ଗ ଗାଁର ଏକ ହଜାରରୁ ଉର୍ଦ୍ଧ୍ୱ ଲୋକେ ଦୋକାନ ବଜାର, ପଞ୍ଚାୟତ କାର୍ଯ୍ୟାଳୟଠାରୁ ବ୍ଲକ କାର୍ଯ୍ୟାଳୟ ତଥା ବିଭିନ୍ନ କାମରେ ଯାତାୟାତ କରିଥାଆନ୍ତି। ଉକ୍ତ ରାସ୍ତାରେ ସ୍କୁଲ କଲେଜ ଛାତ୍ରଛାତ୍ରୀ ତଥା ଶିକ୍ଷକମାନେ ଯିବାପାଇଁ ବାଧକ ସୃଷ୍ଟି ହେଉଛି। ତେବେ ସୋମବାର ଜଣେ ଶିକ୍ଷକଙ୍କ ମଟର ସାଇକେଲ କାଦୁଅରେ ଖସି ପଡ଼ିଯାଇଥିବାବେଳେ ସେ ଜଣେ ଥିବାରୁ ମଟରସାଇକେଲକୁ ଉଠାଇ ପାରି ନ ଥିଲେ। ତେବେ ଦିର୍ଘ ଏକ ଘଣ୍ଟା ପର୍ଯ୍ୟନ୍ତ ସେହି ଯାଗାରେ ବସି ରହିଲା ପରେ ସ୍ଥାନୀୟ ଲୋକଙ୍କ

**ଯମ ଯନ୍ତ୍ରଣା ଭୋଗୁଛନ୍ତି ଅଞ୍ଚଳବାସୀ**

**ବାରମ୍ବାର ଅଭିଯୋଗ ପରେ ବି ଶୁଣୁନାହାନ୍ତି ଅଧିକାରୀ**

ସାହାଯ୍ୟରେ ସେ ମଟରସାଇକେଲ ଉଠାଇ ବିଦ୍ୟାଳୟକୁ ଯାଇଥିଲେ। ତେବେ ଏନେଇ ବାରମ୍ବାର ଅଭିଯୋଗ ପରେ ମଧ କୌଣସି ସୁଫଳ ମିଳୁ ନ ଥିବା ଅଞ୍ଚଳବାସୀ ଅଭିଯୋଗ କରୁଛନ୍ତି। ତେଣୁ ଯଥା ସମ୍ଭବ ଉକ୍ତ ରାସ୍ତା ପ୍ରତି ଦୃଷ୍ଟି ଦେଇ ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡ଼କ ଯୋଜନାରେ ସାମିଲ କରି ରାସ୍ତା ନିର୍ମାଣ କରିବାକୁ କାଳିଆ ବିଭାର, ବିପିନ୍ଦ୍ର ବିଭାର, ଫଗୁଲାଲ ହରପାଳ, ଅଚ୍ୟୁତ ହରପାଳ, ଗଗନେ ବିଭାର, ଗୋବିନ୍ଦ ହରପାଳ, ଦିନେଶ ମାଝୀ, ଅଶୋକ କୁମାର ହରପାଳ ପ୍ରମୁଖଙ୍କ ସମେତ ଅଞ୍ଚଳବାସୀ ଦାବୀ କରିଛନ୍ତି।

# ସୁନସୁନିଆ ଛକ-ଅଁଳାଯୁବା ରାସ୍ତା ଖାଲଖମା

**ନୂଆପଡ଼ା, ୩।୯(ସମିସ):** ନୂଆପଡ଼ା ଜିଲ୍ଲା ସଦରବ୍ଲକ ସ୍ଥିତ ବିଜୁଏକ୍ସପ୍ରେସ ରାସ୍ତାକୁ ସଂଯୋଗ କରୁଥିବା ଦର୍ଲିମୁଣ୍ଡା ପଞ୍ଚାୟତର ସୁନସୁନିଆ ବଜାର ଛକରୁ ଅଁଳାଯୁବା ଗାଁ ରାସ୍ତା ଖାଲଖମା ହୋଇ ମରଣଯନ୍ତା ପାଲଟିଛି। ଏହା ଉପରେ ବିଭାଗୀୟ କର୍ତ୍ତୃପକ୍ଷଙ୍କ ଦୃଷ୍ଟି ପଡୁ ନ ଥିବାରୁ ଧୀରେଧୀରେ ଜନଅସନ୍ତୋଷ ବଢ଼ିବାରେ ଲାଗିଛି। ଜିଲ୍ଲା ସଦର ମହକୁମାରୁ ଅନ୍ୟୂନ ଦଶ କିମି ଦୂର ବରଗଡ଼ ରାସ୍ତାରେ ଗଲେ ପଡ଼ିଥାଏ ସୁନ ସୁନିଆଁ ବଜାର ଛକ। ଏହି ଛକରୁ ଅଁଳାଯୁବା ଗାଁକୁ ଯିବା ରାସ୍ତା ଆଜିକୁ ଦୀର୍ଘ ଦିନ ହେବ ପୂର୍ତ୍ତ ବିଭାଗ ତରଫରୁ ପିଚୁ ରାସ୍ତା ନିର୍ମାଣ ହୋଇଛି। ହେଲେ ବିଭାଗୀୟ ଅବହେଳା ଯୋଗୁଁ ରାସ୍ତାର ଅବସ୍ଥା ଶୋଚନୀୟ ହୋଇପଡ଼ିଛି। ଏହି ରାସ୍ତା ଦେଇ ଦୈନିକ ଶତାଧିକ ଗାଡ଼ି ମୋଟର ଯିବା ଆସିବା କରୁଥିବାବେଳେ ଏକ ବେସରକାରୀ ହସ୍ପିଟାଲ ଥିବାରୁ ବହୁ ରୋଗୀ ମଧ୍ୟ ଯିବା ଆସିବା କରୁଛନ୍ତି। ଏଠାରୁ ସୁନସୁନିଆ ଜାତୀୟ ରାଜପଥ ସହିତ ସମ୍ପୃକ୍ତ ରାସ୍ତା ଶୋଚନୀୟ ଅବସ୍ଥାରେ ପଡ଼ିରହିଛି। ଏହା ଉପରେ ବିଭାଗୀୟ କର୍ତ୍ତୃପକ୍ଷ ଦୃଷ୍ଟିଦେଇ ମରାମତି ଦିଗରେ ପଦକ୍ଷେପ ନେବାକୁ ଦାବି ହେଉଛି।



# ମରଣଯନ୍ତା ପାଲଟିଛି ପୁରୁଣା ବ୍ଲକ ଛକ ରାସ୍ତା

**କୋମନା, ୩।୯(ସମିସ):** ନୂଆପଡ଼ା ଜିଲ୍ଲା କୋମନାସ୍ଥିତ ପୁରୁଣା ବ୍ଲକ ଛକ ପ୍ରାଙ୍ଗଣରେ ସାମାନ୍ୟ ବର୍ଷାରେ କାଦୁଅ ପଚପଚ ହେବା ଯୋଗୁଁ ସମ୍ପୂର୍ଣ ଭାବେ ରାସ୍ତାଟି ମରଣଜନ୍ତା ପାଲଟିଛି। ଯାହାଫଳରେ ସ୍ଥାନୀୟ ଲୋକେ ତଥା ଯାତ୍ରୀମାନେ ଅସନ୍ତୋଷ ପ୍ରକାଶ କରିଛନ୍ତି। ପଞ୍ଚାୟତ ସମିତି କଲେଜ କୋମନା, ଶିଶୁ ବିଦ୍ୟାମନ୍ଦିର ତଥା ଶ୍ରୀ ଅରବିନ୍ଦ ପୂର୍ଣାଙ୍ଗ ଆଦି ବିଦ୍ୟାଳୟର ୫ ଶହରୁ ଅଧିକ ଛାତ୍ରଛାତ୍ରୀ ଯିବା ଆସିବା କରନ୍ତି। ପୁଣି ଉକ୍ତ ବ୍ଲକ ଛକରୁ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ଗ୍ରାମ ନ୍ୟାୟଳୟ ଯିବାକୁ ମୁଖ୍ୟରାସ୍ତା ହୋଇଥିବାବେଳେ ଏଭଳି କାଦୁଅ ପଚପଚ ରାସ୍ତା ପାଇଁ ଲୋକେ ନାହିଁ ନ ଥିବା ସମସ୍ୟାର ସମ୍ମୁଖୀନ ହେଉଛନ୍ତି। ବ୍ଲକ ପ୍ରଶାସନ ଏହି ରାସ୍ତାର ସ୍ଥିତି ଜାଣି ମଧ ନ ଜାଣିଲା ଭଳି ଚୁପ ବସିଛି। ଜିଲ୍ଲା ପ୍ରଶାସନ ଏହାକୁ ଗୁରୁତ୍ୱଦେଇ ଉକ୍ତ ସ୍ଥାନର ସ୍ଥାୟୀ ସମାଧାନ କଲେ ଯାତ୍ରୀମାନେ ସୁବିଧାରେ ଯିବା ଆସିବା କରି ପାରିବେ ବୋଲି କୋମନା ଗ୍ରାମବାସୀ ଆଶା ପ୍ରକଟ କରିଛନ୍ତି।

# ନୂତନ ସ୍କୁଲ କୋଠା ନିର୍ମାଣ ଲାଗି ବିଡିଓଙ୍କୁ ଦାବିପତ୍ର

**କୋକସରା, ୩।୯(ସମିସ):** କୋକସରା ବ୍ଲକ ବଡ଼ପୋଡ଼ାଗୁଡ଼ା ଗ୍ରାମରେ ଥିବା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଅନେକ ସମସ୍ୟା ଦେଇ ଗତି କରୁଛି। ଶ୍ରେଣୀଗୃହ ଅଭାବ କାରଣରୁ ବର୍ତ୍ତମାନ ଛାତ୍ରଛାତ୍ରୀମାନେ କମ୍ୟୁନିଟି ହଲ୍‌ରେ ଅଧ୍ୟୟନ କରୁଛନ୍ତି। ଏନେଇ ବୁଧବାର ଭିମ୍‌ଆର୍ମୀ ରାଜ୍ୟ ସାଧାରଣ ସମ୍ପାଦକ ଜଗଜୀବନ କୁମାର ଓ ବଡ଼ପୋଡ଼ାଗୁଡ଼ା ଭିମାରାଓ ଆମ୍ବେଦକର ଯୁବକ ସଂଘ କର୍ମକର୍ତ୍ତାଙ୍କ ନେତୃତ୍ୱରେ ସ୍କୁଲ ପରିଚାଳନା କମିଟି ସଦସ୍ୟ ଓ ଗ୍ରାମବାସୀ କୋକସରା ବିଡିଓ ଡ. ହିମାଞ୍ଚଳ ମାଝୀଙ୍କୁ ଏକ ଦାବିପତ୍ର ପ୍ରଦାନ କରିଛନ୍ତି। ଏହାସହ ବିଦ୍ୟାଳୟରେ ଥିବା ସମସ୍ୟା ସମାଧାନ କରିବା ପାଇଁ ଦାବି କରିଛନ୍ତି। ପ୍ରକାଶ ଯେ' ଉକ୍ତ ବିଦ୍ୟାଳୟଟି ଗ୍ରାମର ଜଣେ ବ୍ୟକ୍ତିଙ୍କ ଜମିରେ ରହିଥିବାରୁ ଯେ' କୌଣସି ନିର୍ମାଣ କାର୍ଯ୍ୟ କରିବାକୁ ହେଲେ ଜମି ବାଧକ ସାଜୁଛି। ବିଦ୍ୟାଳୟରେ ପ୍ରଥମରୁ ଅଷ୍ଟମଶ୍ରେଣୀ ପର୍ଯ୍ୟନ୍ତ ରହିଛି। ୮ଟି ଶ୍ରେଣୀର ଛାତ୍ରଛାତ୍ରୀ ମାନେ ପାଠ ପଢ଼ିବା ପାଇଁ ରହିଥିବା ଶ୍ରେଣୀଗୃହ ଅନେକ ଦିନରୁ ଶୋଚନୀୟ ଅବସ୍ଥାରେ ରହିଛି। ଯାହାଫଳରେ କମ୍ୟୁନିଟି ହଲରେ ଛାତ୍ରଛାତ୍ରୀମାନେ ଅଧ୍ୟୟନ କରନ୍ତି। ଏଣେ ଅବିଭାବକ ମାନେ ଚିନ୍ତାରେ ପଡ଼ିଥିବାବେଳେ ଛାତ୍ରଛାତ୍ରୀଙ୍କ ଭବିଷ୍ୟତ ଅନ୍ଧାର ଆଡ଼କୁ ଗତି କରୁଛି। ତେଣୁ ବଡ଼ପୋଡ଼ାଗୁଡ଼ା ଗ୍ରାମରେ ନୂତନ ସ୍କୁଲ କୋଠା ନିର୍ମାଣ ଆରମ୍ଭ କରିବା ପାଇଁ ଉପଯୁକ୍ତ ପଦକ୍ଷେପ ଗ୍ରହଣ କରିବାକୁ ସେମାନେ ଦାବି କରିଛନ୍ତି। ଦାବିପତ୍ର ପ୍ରଦାନ ପରେ ଆମପାଣି ରାଜସ୍ୱ ନିରୀକ୍ଷକ କୃଷ୍ଣଚନ୍ଦ୍ର ଭୋଇ ଓ ରାଜସ୍ୱ କର୍ମଚାରୀ ମାନେ ଗାଁରେ ପହଞ୍ଚି ଜାଗା ଚିହ୍ନଟ କରିଥିବା ଜଣାପଡ଼ିଛି। ଦାବିପତ୍ର ପ୍ରଦାନ ସମୟରେ ଜଗଜୀବନ କୁମାର ସମେତ ନରହରି ସୁନା, ଗୁଲସନ ବାଗ, କ୍ଷେତିରାମ ବାଗ, ତୁଳସୀରାମ ଦୁର୍ଗା, ନିରଞ୍ଜନ ନାଏକ, ରୁଦ୍ର ପ୍ରସାଦ ଦୁର୍ଗା ସମେତ ଗ୍ରାମବାସୀ ଉପସ୍ଥିତ ଥିଲେ।



# ସ୍ୱୟଂ ସହାୟକ ଗୋଷ୍ଠୀର ପ୍ରୋତ୍ସାହନ ରାଶି ହଡ଼ପ

**ଗୋଲାମୁଣ୍ଡା, ୩।୯ (ସମିସ):** ସ୍ୱୟଂ ସହାୟିକା ଗୋଷ୍ଠୀର ମହିଳାମାନଙ୍କୁ ସଶକ୍ତ ଓ ସ୍ୱାବଲମ୍ବୀ କରିବା ଦିଗରେ ସରକାର ବିଭିନ୍ନ ଯୋଜନାମାନ ପ୍ରଣୟନ କରିଛନ୍ତି। ଏହି ପରିପ୍ରେକ୍ଷୀରେ ମତ୍ସ୍ୟ ବିଭାଗ ତରଫରୁ ମଧ ସ୍ୱୟଂ ସହାୟିକା ଗୋଷ୍ଠୀର ମହିଳାମାନଙ୍କୁ ମତ୍ସ୍ୟଚାଷ ନିମନ୍ତେ ସରକାରୀ ପ୍ରୋତ୍ସାହନ ରାଶି ଯୋଗାଇ ଦିଆଯାଉଛି। ହେଲେ ଏହି ରାଶିକୁ ଗ୍ରୁପର ସଦସ୍ୟାଙ୍କ ଅଜାଣତରେ ଗ୍ରୁପର ସଭାନେତ୍ରୀ ଓ ସମ୍ପାଦିକା ଚକ୍ରାନ୍ତ କରିଥିବା ନେଇ ଧର୍ମଗଡ଼ ଉପଜିଲ୍ଲାପାଳଙ୍କ ଦ୍ୱାରସ୍ତ ହୋଇ ଅଭିଯୋଗ କରିଛନ୍ତି। ଗୋଲାମୁଣ୍ଡା ବ୍ଲକ ବୃନ୍ଦାବାହାଲ ପଞ୍ଚାୟତ ଲିମସେର ଗାଁର ୧୦ଜଣ ମହିଳା ମିଶି ମା' ଧରଣୀ ସ୍ୱୟଂ ସହାୟିକା ଗୋଷ୍ଠୀ କରିଥିଲେ। ସେମାନେ ଲିମସେର ଗ୍ରାମର ଦୁଲ୍‌କି ସାଗର ନାମକ ଏକ ପୋଖରୀ ନିଲାମରେ ସାମିଲ ହୋଇ ମାଛ ଚାଷ ପାଇଁ ୫ ବର୍ଷ ପାଇଁ ଲିଜ୍‌ରେ ନେଇଥିଲେ। ସରକାରଙ୍କ ନିୟମ ମୁତାବକ ପୋଖରୀରେ ମାଛଚାଷ ପାଇଁ ମହିଳାଙ୍କୁ ସରକାରୀ ପ୍ରୋତ୍ସାହନ ରାଶି ଯୋଗାଇ ଦେଇଥାନ୍ତି। ଏହା ଜାଣିବା ପରେ ଗୋଷ୍ଠୀର ସମସ୍ତ ମହିଳା ମାନେ ଏକ ବୈଠକ କରି ସରକାରୀ ପ୍ରୋତ୍ସାହନ ରାଶି ନିମନ୍ତେ ଆବେଦନ କରିଥିଲେ। ଆବେଦନ ଅନୁସାରେ ସରକାର ମା'ଧରଣୀ ସ୍ୱୟଂ ସହାୟିକା ଗୋଷ୍ଠୀର ବ୍ୟାଙ୍କ ଆକାଉଣ୍ଟରେ ପ୍ରୋତ୍ସାହନ ରାଶି ଯୋଗାଇ ଦେଇଥିଲେ। କିନ୍ତୁ ଚକ୍ରାନ୍ତ କରି ଗୋଷ୍ଠୀର ସଭାନେତ୍ରୀ ଓ ସମ୍ପାଦିକା ଉକ୍ତ ପ୍ରୋତ୍ସାହନ ରାଶିକୁ ବ୍ୟାଙ୍କରୁ ଉଠାଣ କରି ନେଇଥିବା ଅଭିଯୋଗରେ ଗ୍ରୁପର ଅନ୍ୟ ସଦସ୍ୟା ମାନେ ପୂର୍ବରୁ ଗୋଲାମୁଣ୍ଡା ଥାନାରେ ଏତଲା ଦିଆଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳିପାରିନଥିବାରୁ ସଙ୍ଘର ଦେବକୀ ଭୋଇ ଏବଂ ରଜନୀ ପଟେଲ ଧର୍ମଗଡ଼ ଉପଜିଲ୍ଲାପାଳଙ୍କ ଦ୍ୱାରସ୍ତ ହୋଇଥିଲେ। ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ହଡ଼ପ କରିଥିବା ସମସ୍ତ ସରକାରୀ ପ୍ରୋତ୍ସାହନ ରାଶି ସଭାନେତ୍ରୀ ଓ ସମ୍ପାଦିକା ଫେରସ୍ତ କରିବାପାଇଁ ଉପଜିଲ୍ଲାପାଳଙ୍କ ଅନୁପସ୍ଥିତିରେ ଅତିରିକ୍ତ ଉପଜିଲ୍ଲାପାଳ ଅଜୟ ପ୍ରକାଶ ତିର୍କିଙ୍କୁ ଅଭିଯୋଗ ପତ୍ର ପ୍ରଦାନ କରିଥିବା ମହିଳାମାନେ ପ୍ରକାଶ କରିଛନ୍ତି।



**ଧର୍ମଗଡ଼ ଉପଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ**

# ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇବେ ୨ ଶିକ୍ଷକ

**ଲାଞ୍ଜିଗଡ଼, ୩।୯(ସମିସ):** ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ୨୦୨୪-୨୫ ଶିକ୍ଷା ବର୍ଷ ପାଇଁ କଳାହାଣ୍ଡି ଜିଲ୍ଲା ଲାଞ୍ଜିଗଡ଼ ବ୍ଲକ ଅଧୀନ ସରକାରୀ ଉଚ୍ଚ ବିଦ୍ୟାଳୟ ଲାଞ୍ଜିଗଡ଼ର ୨ ଜଣ ଶିକ୍ଷକ ଶ୍ରେଷ୍ଠ ଶିକ୍ଷକ ଭାବେ ରାଜ୍ୟ ସ୍ତରୀୟ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇଁ ମନୋନୀତ ହୋଇଛନ୍ତି। ସାମାଜିକ ବିଜ୍ଞାନ ଶିକ୍ଷକ ବିନୋଦ ବାତ୍ରା ଦ୍ୱିତୀୟ ଥର ପାଇଁ ମନୋନୀତ ହୋଇଛନ୍ତି। ପୂର୍ବବର୍ଷ ଶ୍ରେଷ୍ଠ ୧୦ ଜଣ ମଧ୍ୟରୁ ଷଷ୍ଠ ସ୍ଥାନରେ ରହିଥିବା ବେଳେ ଏହି ଶିକ୍ଷାବର୍ଷରେ ତାଙ୍କର ଅତୁଳନୀୟ ଅବଦାନ ପାଇଁ ପ୍ରଥମ ସ୍ଥାନ ଅଧିକାର କରି ରାଜ୍ୟର ସର୍ବଶ୍ରେଷ୍ଠ ସାମାଜିକ ବିଜ୍ଞାନ ଶିକ୍ଷକ ଭାବେ ଗୌରବ ଅର୍ଜନ କରିଛନ୍ତି। ସେହିପରି ଉକ୍ତ ବିଦ୍ୟାଳୟର ସଂସ୍କୃତ ଶିକ୍ଷକ ନାଗେଶ୍ୱର ସା ମଧ ସଂସ୍କୃତ ବିଷୟରେ ପ୍ରଥମସ୍ଥାନ ଅଧିକାର କରି ରାଜ୍ୟର ସର୍ବ ଶ୍ରେଷ୍ଠ ସଂସ୍କୃତ ଶିକ୍ଷକ ଭାବେ ମନୋନୀତ ହୋଇଛନ୍ତି।ଏହା ରାଜ୍ୟର ଏକମାତ୍ର ବିଦ୍ୟାଳୟ ଯେଉଁଠାରେ ୨ ଜଣ ଶିକ୍ଷକ ନିଜ ନିଜ ବିଷୟରେ ରାଜ୍ୟସ୍ତରରେ ପ୍ରଥମ ସ୍ଥାନ ଅଧିକାର କରି ରାଜ୍ୟସ୍ତରୀୟ ଶିକ୍ଷକ ପୁରସ୍କାର ଦ୍ୱାରା ଆସନ୍ତା ସେପ୍ଟେମ୍ବର ୫ ତାରିଖ ଶିକ୍ଷକ ଦିବସରେ ଲୋକସେବା ଭବନ ଭୁବନେଶ୍ୱର ଠାରେ ମୁଖ୍ୟମନ୍ତ୍ରୀଙ୍କ ଦ୍ୱାରା ସମ୍ମାନିତ ହେବେ।



# କର୍ଲାମୁଣ୍ଡା ଓ ଯୋରାଡ଼ବରା ମଣ୍ଡଳ ପକ୍ଷରୁ ସାଂଗଠନିକ ପର୍ବ



**କର୍ଲାମୁଣ୍ଡା, ୩।୯(ସମିସ):** କଳାହାଣ୍ଡି ଜିଲ୍ଲା କର୍ଲାମୁଣ୍ଡା ସଦର ଦୁର୍ଗା ମନ୍ଦିରଠାରେ କର୍ଲାମୁଣ୍ଡା ଓ ଯୋରାଡବରା ବିଜେପି ସଭାପତି ଡୋଲାମଣୀ ଭୋଇ ଓ ଯତୀନ୍ଦ୍ର ସାହୁଙ୍କ ସଭାପତିତ୍ୱରେ ସାଙ୍ଗଠାନିକ ପର୍ବ ଅନୁଷ୍ଠିତ ହୋଇଛି। ଆୟୋଜିତ କାର୍ଯ୍ୟକ୍ରମରେ ବିଜେପି କଳାହାଣ୍ଡି ଜିଲ୍ଲା ସଭାପତି ଯୁଗଳ କିଶୋର ପୋଢ ମୁଖ୍ୟ ଅତିଥି, ପୂର୍ବତନ ଜିଲ୍ଲା ସଭାପତି ଆର୍ତ୍ତତ୍ରାଣ ମହାପାତ୍ର, ପୂର୍ବତନ ଜିଲ୍ଲା ପରିଷଦ ଅଧକ୍ଷା ନମିତା ରାଣୀ ସାହୁ ସମ୍ମାନିତ ଅତିଥି ଧର୍ମଗଡ଼ ବିଧାୟକ ସୁଧିର ରଞ୍ଜନ ପାଟଯୋଷୀ ମୁଖ୍ୟବକ୍ତା ଭାବେ ଯୋଗଦେଇ ଥିଲେ। ପୂର୍ବତନ ବ୍ଲକ ସଭାପତି ଦୟାନିଧି ସାହୁ, ଗୋବିନ୍ଦ ଶଙ୍କର ସାହୁ, ଜିଲ୍ଲା ପ୍ରତିନିଧି ସଞ୍ଜୟ ଜୈନ, ଶିଶିର କୁମାର ସାହୁ, ପୂର୍ବତନ ମଣ୍ଡଳ ସଭାପତି ଚିତ୍ରସେନ ସାହୁ, ଦଶରଥ ସାହୁ, ବିଘ୍ନରାଜ ସାହୁ, ଏସ୍‌ସି ମୋର୍ଚ୍ଚା ଜିଲ୍ଲା ସଭାପତି ଗଣେଶ କୁମାର ପ୍ରମୁଖ ମଞ୍ଚାସିନ ଥିଲେ। ବିଜେପି ବରିଷ୍ଠ କାର୍ଯ୍ୟ କର୍ତ୍ତା ପୂର୍ବତନ ଜିଲ୍ଲା ପରିଷଦ ସଭ୍ୟା ପୁଷ୍ପକାନ୍ତି କୁମାର, ପ୍ରଭାତୀ ଭୋଇ, ଏମ୍‌ପି ପ୍ରତିନିଧି ହୃଦାନନ୍ଦ ସାହୁ, ବନମାଳୀ ସାହୁ, ଗୁଣନିଧି ସାହୁ, ଲିଙ୍ଗରାଜ ସାହୁ, ଅବନୀ ସାହୁ, ଶୁଭ୍ରାଂଶୁ ସାହୁ, ଜୟନ୍ତୀ ସାହୁ, ସଞ୍ଜୁ ସାହୁ, ପୁଷ୍ପାଞ୍ଜଳି ସାହୁଙ୍କ ସମେତ ଶତାଧିକ ବିଜେପି କର୍ମୀ ଉପସ୍ଥିତ ଥିଲେ। ସ୍ୱାଗତ ସମ୍ବର୍ଦ୍ଧନା ଡୋଲାମଣୀ ଭୋଇ କରିଥିବା ବେଳେ ମଞ୍ଚକୁ ପରିଚାଳନା କରିଥିଲେ ପୂର୍ବତନ ଯୁବ ମୋର୍ଚ୍ଚା ସଭାପତି ନବୀନ କିଶୋର ସାହୁ ଓ କର୍ଲାମୁଣ୍ଡା ମଣ୍ଡଳ ସାଧାରଣ ସମ୍ପାଦକ କ୍ଷମାନିଧି ରଣା ଧନ୍ୟବାଦ ଅର୍ପଣ କରିଥିଲେ।

# ବିଶ୍ୱନାଥପୁର ଦୁର୍ଗାପୂଜା କମିଟିର ପ୍ରସ୍ତୁତି

**ଲାଞ୍ଜିଗଡ଼, ୩।୯ (ସମିସ):** ଲାଞ୍ଜିଗଡ଼ ବ୍ଲକ ବିଶ୍ୱନାଥପୁର ସାର୍ବଜନୀନ ଦୁର୍ଗାପୂଜା କମିଟିର ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। କମିଟିର ସଭାପତି ମନୋରଞ୍ଜନ ବିଶିଙ୍କ ଅଧକ୍ଷତାରେ ଅନୁଷ୍ଠିତ ବୈଠକରେ ଚଳିତ ବର୍ଷ ପୂଜନୋତ୍ସବକୁ ସରସ ସୁନ୍ଦର କରିବା ଉପରେ ଗୁରୁତ୍ୱାରୋପ କରାଯାଇଥିଲା। ଏହି ଅବସରରେ କମିଟିର ନୂତନ ସଭାପତି ଭାବେ ଜଗଦୀଶ ବେନିଆଙ୍କୁ ମନୋନିତ କରାଯାଇଥିବାବେଳେ ଉପସଭାପତି ଭାବେ ହରିହର କୁମାର, ସାଧାରଣ ସମ୍ପାଦକ ଭାବେ ଅନନ୍ତରାମ ପ୍ରଧାନୀ, ସହ ସମ୍ପାଦକ ଭାବେ କିଶୋର ହରପାଲ, କୋଷାଧକ୍ଷ ଭାବେ ସୁବାସ ନାଏକ, ସହ କୋଷାଧକ୍ଷ ଭାବେ ଜିତେନ୍ଦ୍ର କୁମାର ସାହୁଙ୍କୁ ମନୋନୀତ କରାଯାଇଥିଲା। ଏଥିରେ ପ୍ରଦିପ ଘଡେଇ, ତରୁଣ କୁମାର ଦାଶ, ଧବଳେଶ୍ୱର ଠେଲା, ଅଚ୍ୟୁତ ଘଡେଇ, ଉପେନ୍ଦ୍ର ସାହୁ, ବଳରାମ ବେହେରା, ପ୍ରମୋଦ ଗହିରଙ୍କ ସମେତ କର୍ମକର୍ତ୍ତା ଉପସ୍ଥିତ ଥିଲେ।

# ଖଡ଼ିଆଲ ପାଟଣା କ୍ଷତ୍ରୀୟ ସମାଜ ପକ୍ଷରୁ ନୂଆଁଖାଇ ଭେଟ୍‌ଘାଟ୍

**ନୂଆପଡ଼ା/ଖଡ଼ିଆଲ, ୩।୯ (ସମିସ):** ନୂଆପଡ଼ା ଜିଲ୍ଲା ଖଡ଼ିଆଲ ପାଟଣା କ୍ଷତ୍ରୀୟ ସମାଜ ପକ୍ଷରୁ ନୂଆଁଖାଇ ଭେଟଘାଟ ଉତ୍ସବ ପାଳିତ ହୋଇଯାଇଛି। ଖଡ଼ିଆଲ ପାଟଣା କ୍ଷତ୍ରୀୟ ସମାଜ ଭବନ ଠାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ମଧୁସୂଦନ ଦାଶ ବିଶେଷ ଅତିଥି ଭାବରେ ଯୋଗ ଦେଇଥିଲେ। କଳାହାଣ୍ଡି ସାଂସଦ ମାଳବିକା ଦେବୀ ଯୋଗଦେଇ ସଂସ୍କୃତି ଏବଂ ପରମ୍ପରା ସମାଜକୁ ଏକତା ସୂତ୍ରରେ ବାନ୍ଧି ରଖିଥାଏ ବୋଲି କହିଥିଲେ। ଜିଲ୍ଲାପାଳ କ୍ଷତ୍ରୀୟ ମାନଙ୍କର ସମର୍ପଣ ଭାବ ଓ ବିଚାର ଧାରା ଉପରେ ଆଲୋକପାତ କରିଥିଲେ। ସଭାରେ କୁଳପତି ଶମ୍ଭୁ କିଶୋର ଦଣ୍ଡସେନା ଅଧକ୍ଷତା କରିଥିବାବେଳେ ସଚିବ ଦିଲୀପ କୁମାର ନାଏକ ବିବରଣୀ ପଠନ କରିଥିଲେ। ସମ୍ମାନିତ ଅତିଥିଭାବେ ବିଜେପି ଯୁବ ମୋର୍ଚ୍ଚା ଜିଲ୍ଲା ସଭାପତି ଅଭିନନ୍ଦନ ପଣ୍ଡା, ଓବିସି ମୋର୍ଚ୍ଚା ଜିଲ୍ଲା ସଭାପତି କିଶୋର ଚଲାନ, ବିକ୍ରମ ମାଝୀ ମଞ୍ଚାସିନ ହୋଇଥିଲେ। ସଂଗଠକ ପରମେଶ୍ୱର ବାରିକ ଅତିଥି ପରିଚୟ ପ୍ରଦାନ କରିଥିଲେ। ଡ. ସୁଶାନ୍ତ କୁମାର ବିଶି ଏବଂ ଅଶୋକ କୁମାର ବାରିକ ମଞ୍ଚ ପରିଚାଳନା କରିଥିଲେ।



# ବରିଷ୍ଠ ସାମ୍ବାଦିକ ହେମରାଜ ଶର୍ମାଙ୍କ ପରଲୋକ

**ଧର୍ମଗଡ଼, ୩।୯(ସମିସ):** ଧର୍ମଗଡ଼ର ବର୍ଷୀୟାନ ସାମ୍ବାଦିକ ହେମରାଜ ଶର୍ମାଙ୍କ ମଙ୍ଗଳବାର ରାତିରେ ପରଲୋକ ହୋଇଯାଇଛି। ମୃତ୍ୟୁବେଳକୁ ତାଙ୍କୁ ୮୪ ବର୍ଷ ବୟସ ହୋଇଥଲା। ସେ କିଛିବର୍ଷ ହେଲା ମୁଖକର୍କଟ ରୋଗରେ ପୀଡିତ ଥାଇ ଚିକିତ୍ସିତ ହେଉଥିଲେ। ମୃତ୍ୟୁ ସମୟରେ ତାଙ୍କ ନିକଟରେ ତାଙ୍କ ଏକମାତ୍ର ପୁଅ ଆଇନଜୀବୀ ଦିନେଶ କୁମାର ଶର୍ମା (ପପୁ), ଭାଇ କେବଲ୍ ଶର୍ମା, ଚୈତ୍ ରାମ ଶର୍ମା, ଶିବ ଚରଣ ଶର୍ମା, ସାନଶର୍ମା, ପୁତ୍ର ବଧୂ, ପୁତୁରା ଝିଆରୀ, ଝିଅଜ୍ୱାଇଁ ନାତିନାତୁଣୀ ଉପସ୍ଥିତ ଥିଲେ।" ୧୯୭୦ ଦଶକରେ ସମ୍ବାଦ ପ୍ରେରଣ ପାଇଁ ଯେତେବେଳେ କୌଣସି ସାଧନ ନ ଥିଲା ସେତେବେଳେ ସେ ପୋଷ୍ଟ କାର୍ଡ ଜରିଆରେ ପୋଷ୍ଟ ଅଫିସ ରୁ ସମାଜ, ପ୍ରଜାତନ୍ତ୍ର, ମାତୃଭୂମି ଆଦି ଦୈନିକ ଖବର କାଗଜ କୁ ଅଞ୍ଚଳର ଖବର ପଠାଉଥିଲେ। ସେ ଜଣେ ମେଲାପି ଓ ପରୋପକାରୀ ବ୍ୟକ୍ତି ଥିଲେ। ତାଙ୍କର ବିୟୋଗରେ ଅଞ୍ଚଳରେ ଶୋକ ର ଛାୟା ଖେଳିଯାଇଛି। ତାଙ୍କର ବିୟୋଗରେ ବରିଷ୍ଠ ଶିକ୍ଷାବିତ୍ ପ୍ରତାପ କିଶୋର ମୁଣ୍ଡ, ଜନ୍ମେଜୟ ପାତ୍ର, ହିମାଂଶୁ ଶେଖର ମୁଣ୍ଡ, କେମିଷ୍ଟ ଏଣ୍ଡ ଡ୍ରଗିଷ୍ଟ ସମ୍ପାଦକ ହୃଷିକେଶ ମିଶ୍ର, ବ୍ୟବସାୟୀ ସଂଘ ସଭାପତି ବିଦ୍ୟାଧର ସାହୁ, ଜଗନ୍ନାଥ ସେବା ସମିତି ଅଧକ୍ଷ ବିଷ୍ଣୁ ପ୍ରସାଦ ଅଗ୍ରୱାଲ, ସାମ୍ବାଦିକ ହରି ପ୍ରସାଦ ଭାରତୀ, ବିରଞ୍ଚି ନାରାୟଣ ଜାଲ, ବୈଦ୍ୟନାଥ ବେହେରା, ଇଙ୍ଗିତ ପଣ୍ଡା, ଅଂଶୁମାନ ପାତ୍ର ତଥା ମାରୱାଡ଼ି ସମାଜ ର ବରିଷ୍ଠ କର୍ମକର୍ତ୍ତା ପ୍ରମୁଖ ଶୋକ ବ୍ୟକ୍ତ କରିଛନ୍ତି।"ସ୍ଥାନୀୟ ଶ୍ମଶାନରେ ଆଜି ତାଙ୍କର ଶେଷ କୃତ୍ୟ ସମ୍ପନ୍ନ କରାଯାଇଥିଲା।



# ମାସେ ହେଲା ହେଉନି ଅଲଟ୍ରାସାଉଣ୍ଡ




**କେସିଙ୍ଗା, ୩।୯(ସମିସ):** କେସିଙ୍ଗା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରର ବିକଳ ଚିତ୍ର। ଏହି ଡାକ୍ତରଖାନା ଉପରେ କେସିଙ୍ଗା ଅଞ୍ଚଳ ବ୍ୟତୀତ ନିକଟସ୍ଥ ତିନୋଟି ବ୍ଲକ ଓ ପଡ଼ୋଶୀ ଜିଲ୍ଲାର ଟିଟଲାଗଡ଼ ଅଞ୍ଚଳର ଲୋକେ ନିର୍ଭର କରିଥାନ୍ତି। ହେଲେ ଏଠାକାର ସ୍ୱାସ୍ଥ୍ୟସେବା ଓ ମେଡିକାଲର ଅବସ୍ଥା କହିଲେ ନ ସରେ। ବାହାରୁ ଚକା ଚକ୍ ଦେଖାଉଥିବା ଏହି ସ୍ୱାସ୍ଥ୍ୟ କେନ୍ଦ୍ର ଭିତରୁ ଫମ୍ପା। ଏଠାରେ ନା ଅଛନ୍ତି ଆବଶ୍ୟକ ସଂଖ୍ୟକ ଡାକ୍ତର ନା ଅଛି ଭିତ୍ତିଭୂମି ଅଛି। ରକ୍ତ ଯାଞ୍ଚ କରିବା ସିବିସି ମେସିନ ଖରାପ ପଡ଼ିଛି। ବର୍ତ୍ତମାନ ପ୍ରାୟ ମାସେ ହେଲାଣି ଅଲଟ୍ରାସାଉଣ୍ଡ ମେସିନ ଖରାପ ହୋଇ ପଡ଼ିରହିଛି। କେସିଙ୍ଗାରେ ସରକାରୀ ମେଡିକାଲ ବ୍ୟତୀତ ଆଉ ଦୁଇ ବେସରକାରୀ ମେଡିକାଲରେ ଅଲଟ୍ରାସାଉଣ୍ଡ ହେଉଛି, ତାହାର ମୂଲ୍ୟ ପୁଣି ୮୦୦ ରୁ ୧୦୦୦ ଟଙ୍କା। ଦୀର୍ଘ ଦିନରୁ ଏକ ବ୍ଲଡ ବ୍ୟାଙ୍କ୍ ଓ ଭଲ ସ୍ତ୍ରୀ ରୋଗ ଓ ପ୍ରସୂତି ଡାକ୍ତର ଙ୍କ ପାଇଁ ଅଞ୍ଚଳବାସୀ ଦାବିକରି ଆସିଥିଲେ ସୁଦ୍ଧା ସ୍ୱାସ୍ଥ୍ୟ ବିଭାଗ ଦୃଷ୍ଟି ଦେଉନି। ଦୀର୍ଘବର୍ଷ ହେଲାଣି ଔଷଧ ବିଶେଷଜ୍ଞ ଡାକ୍ତର ପଦ ଖାଲି ପଡ଼ିଛି। କେବଳ କିଛି ଏମବିବିଏସଙ୍କ ଭରସାରେ ଚାଲିଛି ରୋଗୀ ସେବା।

# ଜିଲ୍ଲାପାଳଙ୍କ ଖାଦ୍ୟ ଓ ଯୋଗାଣ ବିଭାଗ କାର୍ଯ୍ୟାବଳୀ ସମୀକ୍ଷା

**ନୂଆପଡ଼ା, ୩।୯ (ସମିସ)**



ନୂଆପଡ଼ା ଜିଲ୍ଲାପାଳ ମଧୁସୂଦନ ଦାଶଙ୍କ ଅଧକ୍ଷତାରେ ଜିଲ୍ଲା ଖାଦ୍ୟ ଓ ଯୋଗାଣ ବିଭାଗ କାର୍ଯ୍ୟାବଳୀର ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି। ସମୀକ୍ଷାରୁ ଜଣାଯାଇଛି ଯେ ଜିଲ୍ଲାରେ ଥିବା ୧୪୧ ଟି ଖାଉଟି ଦୋକାନରୁ ୧୧୩ ଟି ପଞ୍ଚାୟତ ଏବଂ ୨୭ ଟି ମହିଳା ସ୍ୱୟଂସହାୟକ ଗୋଷ୍ଠୀ ଦ୍ୱାରା ପରିଚାଳିତ। ଜିଲ୍ଲାରେ ୫୦୯୭ଟି ପ୍ରବାସୀ ଶ୍ରମିକ ପରିବାରଙ୍କୁ ଖାଉଟି ସୁରକ୍ଷା ଯୋଜନାରେ ଖାଦ୍ୟ ସାମଗ୍ରୀ ଯୋଗାଇ ଦିଆଯାଉଛି। ସମଗ୍ର ୫୪୪୧୫୭ ଜଣ ଉପଭୋକ୍ତାମାନଙ୍କ ମଧ୍ୟରୁ ୯୩ ପ୍ରତିଶତଙ୍କର ଇ- କେୱାସି ଭେରିଫିକେସନ ଶେଷ ହୋଇଛି। ୨୦୨୫/୨୬ ଖରିଫ ଋତୁରେ ଧାନକ୍ରୟ ପାଇଁ ୨୬ ଟି ସମବାୟ ସଂସ୍ଥାଙ୍କୁ ଦାୟିତ୍ୱ ଦିଆଯିବ। ବର୍ତ୍ତମାନ ସୁଦ୍ଧା ୫୬୩୩୫ ଜଣ ଚାଷୀ ଧାନବିକ୍ରି ପାଇଁ ପଞ୍ଜୀକୃତ ହୋଇଛନ୍ତି। ଆଜିର ଏହି ବୈଠକରେ ଜିଲ୍ଲା ଯୋଗାଣ ଅଧିକାରୀ ତ୍ରିନାଥ ଭୋଇ ବିଭାଗର ବିବରଣୀ ପାଠ କରିଥିଲେ। ଉପଜିଲ୍ଲାପାଳ ସୁର୍ମୀ ସୋରେନ୍‌ଙ୍କ ସମେତ ସମସ୍ତ ବିଡିଓ ଏବଂ ଯୋଗାଣ ବିଭାଗ ସମସ୍ତ ଅଧିକାରୀ ଯୋଗ ଦେଇଥିଲେ। ବୈଠକକୁ ସମ୍ବୋଧନ କରି ଜିଲ୍ଲାପାଳ କହିଲେ ଯେ ଜିଲ୍ଲାରେ ବିଭାଗ ଦ୍ୱାରା ସମସ୍ତ ଖାଉଟି ସାମଗ୍ରୀର ଉଠାଣ ଓ ବିତରଣ ଠିକ ସମୟରେ ସରିବ। ପ୍ରବାସୀ ଶ୍ରମିକ ପରିବାର ମାନଙ୍କୁ ସଠିକ ଚିହ୍ନଟ କରି ଅଗ୍ରାଧିକାର ଭିତ୍ତିରେ ଖାଉଟି କାର୍ଡ ସହିତ ଖାଉଟି ସାମଗ୍ରୀ ଯୋଗାଇ ଦିଆଯିବ। ସେମାନଙ୍କୁ ଉଜ୍ଜ୍ୱଳା ଯୋଜନାରେ ରନ୍ଧନ ଗ୍ୟାସ ସିଲିଣ୍ଡର ଯୋଗାଇ ଦିଆଯିବ। ଜନସାଧାରଣଙ୍କୁ ଖାଉଟି ସେବା ଠିକ ଭାବରେ ଯୋଗାଇ ଦେବା ପାଇଁ ବିଭାଗୀୟ ଅଧିକାରୀମାନେ ସମର୍ପିତ ଭାବରେ କାର୍ଯ୍ୟ କରନ୍ତୁ ବୋଲି କହିଥିଲେ।

**ବର୍ତ୍ତମାନ ସୁଦ୍ଧା ୫୬୩୩୫ଜଣ ଚାଷୀ ପଞ୍ଜୀକୃତ ହୋଇଛନ୍ତି**

# ସ୍କୁଲରେ ମଦ ମାଂସ ଆସର; ପ୍ରଧାନଶିକ୍ଷକ ନିଲମ୍ବିତ



ଝାରସୁଗୁଡ଼ା/କୋଲାବିରା,୩।୯ (ସମିସ): ଝାରସୁଗୁଡ଼ା ଜିଲ୍ଲା କୋଲାବିରା ବ୍ଲକ୍ ସନ୍ୟାସୀପାଲି ଗାଁ ସ୍ଥିତ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ମଦ ମାଂସର ଭୋଜି କରି ପ୍ରଧାନଶିକ୍ଷକ ଉପେନ୍ଦ୍ର ପଟେଲ ନିଲମ୍ବିତ ହୋଇଛନ୍ତି। ପ୍ରଧାନଶିକ୍ଷକ ନିଜ ସହକର୍ମୀଙ୍କ ଗହଣରେ ମଦର ଆସର ଜମେଇଥିବା ଭିଡିଓ ଭାଇରାଲ ହୋଇଥିଲା। ଏନେଇ ଗ୍ରାମବାସୀଙ୍କ ଅଭିଯୋଗ ପରେ ଶିକ୍ଷା ବିଭାଗ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛି। ମାତ୍ର ତାଙ୍କ ସହ ମଦ ମାଂସ ଭୋଜିରେ ସାମିଲ ଥିବା ଅନ୍ୟ ଦୁଇ ଶିକ୍ଷକଙ୍କୁ କେବଳ କାରଣ ଦର୍ଶାଅ ନୋଟିସ ଜାରି ହୋଇଛି। ପ୍ରାଥମିକ ତଦନ୍ତ ପରେ ପ୍ରଧାନଶିକ୍ଷକଙ୍କୁ ନିଲମ୍ବନ କରାଯାଇଛି। ଅନ୍ୟ ଶିକ୍ଷକଙ୍କ ସମ୍ପୃକ୍ତି ବାହାରିଲେ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରକାଶ କରିଛନ୍ତି।

ପ୍ରଧାନଶିକ୍ଷକ ପ୍ରାୟତଃ ବିଦ୍ୟାଳୟରୁ ଅନୁପସ୍ଥିତ ରହୁଥିବା ନେଇ ଗ୍ରାମବାସୀ ଅଭିଯୋଗ କରିଛନ୍ତି। ସୋମବାର ସନ୍ଧ୍ୟାରେ ବିଦ୍ୟାଳୟର କାର୍ଯ୍ୟାଳୟ ଖୋଲାରହିଥିଲା ଓ ପ୍ରଧାନଶିକ୍ଷକ ଉପେନ୍ଦ୍ର ପଟେଲ, ପରିଚାଳନା କମିଟିର ସଭାପତି ଗୋପାଳ ଗର୍ଟିଆ, ଗାଁର ଅନିଲ ବାଗ ଏବଂ ଅନ୍ୟ ଦୁଇଜଣ ଶିକ୍ଷକ କାର୍ଯ୍ୟାଳୟରେ ମଦ ମାଂସର ଆସର ଚଳାଇଥିଲେ। ବିଦ୍ୟାଳୟ ରାତି ପର୍ଯ୍ୟନ୍ତ ଖୋଲାଥିବା ଦେଖି ଗାଁର କିଛି ଯୁବକ ସେଠାକୁ ଯାଇ ସେମାନଙ୍କ ମଦ ଆସର ଦେଖିଥିଲେ। ଘଟଣାର ଭିଡିଓ କରି ଗାଁରେ ନାଏବ ସରପଞ୍ଚ, ୱାର୍ଡ ସଭ୍ୟ ଆଦିଙ୍କୁ ଦେଖାଇଥିଲେ। ମଙ୍ଗଳବାର ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟକୁ ଆସି ଘଟଣା ସମ୍ପର୍କରେ ଗ୍ରାମବାସୀ ଅଭିଯୋଗ କରିଥିଲେ। ଗୋଷ୍ଠୀ ଶିକ୍ଷା ଅଧିକାରୀ ପ୍ରକାଶ ସାହୁଙ୍କ ନିର୍ଦ୍ଦେଶକ୍ରମେ ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ ନିର୍ମଳା ଶତପଥୀଙ୍କ ତତ୍ତ୍ୱାବଧାନରେ ଏକ ଦଳ ବିଦ୍ୟାଳୟକୁ ଯାଇ ତଦନ୍ତ କରି ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ରିପୋର୍ଟ ଦେଇଥିଲେ। ପରେ ଶିକ୍ଷା ବିଭାଗ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ପୂର୍ବକ ସମ୍ପୃକ୍ତ ପ୍ରଧାନଶିକ୍ଷକଙ୍କୁ ନିଲମ୍ବନ କରାଯାଇଛି। ଏହି ଭୋଜିରେ ସାମିଲ ଥିବା ଅନ୍ୟ ଦୁଇଜଣ ଶିକ୍ଷକ କୁଳାମାଲ ବିଦ୍ୟାଳୟର କାର୍ଯ୍ୟକାରୀ ପ୍ରଧାନଶିକ୍ଷକ ହରିହର ପଟେଲ ଏବଂ ଢେଙ୍ଗୁରାଯୋର ବିଦ୍ୟାଳୟର ଶିକ୍ଷକ ଶିବନାରାୟଣ ପଟେଲଙ୍କୁ ବିଇଓଙ୍କ ପକ୍ଷରୁ କାରଣ ଦର୍ଶାଅ ନୋଟିସ ଜାରି ହୋଇଥିବା ଖବର ରହିଛି।

## ଝାରସୁଗୁଡ଼ା ଜିଲ୍ଲା ସବ୍‌ଜୁନିୟର ବାଳକ ଟେନିସ୍ ବଲ୍ କ୍ରିକେଟ୍ ଦଳର ଭୁବନେଶ୍ୱର ଯାତ୍ରା




ଝାରସୁଗୁଡ଼ା,୩।୯ (ସମିସ): ଓଡ଼ିଶା ଟେନିସ ବଲ କ୍ରିକେଟ ଆସୋସିଏସନ ତରଫରୁ ଆସନ୍ତା ୫ ତାରିଖରେ ଭୁବନେଶ୍ୱର ଆଇଆରସି ଭିଲେଜର ଏଲଏନସିସି ପଡ଼ିଆରେ ୩୩ ତମ ଜାତୀୟ ସବ୍‌ଜୁନିୟର ଟେନିସ ବଲ କ୍ରିକେଟ ପ୍ରତିଯୋଗିତା ପାଇଁ ୧୪ ବର୍ଷ ବୟସ ବର୍ଗର ବାଳକ ବିଭାଗର ଖେଳାଳି ମନୋନୀତ କରାଯାଉଛି। ଆସନ୍ତା ୧୪ ରୁ ୧୭ ଅକ୍ଟୋବର ରାଜସ୍ଥାନର ଦୁଙ୍ଗା ଠାରେ ଥିବା ରାଜେଶ ପାଇଲଟ ଷ୍ଟାଡିୟମରେ ଟେନିସ ବଲ୍ କ୍ରିକେଟ ଫେଡେରେସନ ଅଫ ଇଣ୍ଡିଆ ଦ୍ୱାରା ରାଜସ୍ଥାନ ଟେନିସ ବଲ କ୍ରିକେଟ ଆସୋସିଏସନ ଆନୁକୂଲ୍ୟରେ ଏହି ପ୍ରତିଯୋଗିତା ଅନୁଷ୍ଠିତ ହେବ। ଏ ବିଷୟରେ ଓଡ଼ିଶା ଟେନିସ ବଲ କ୍ରିକେଟ ଆସୋସିଏସନର ସାଧାରଣ ସଂପାଦକ ସିଥିଲ ପଣ୍ଡା, ସଭାପତି ସୁରଶ ମିଶ୍ର ଓ ଯୁଗ୍ମ ସଂପାଦକ ସୋମନାଥ ପରିଡା ଚିଠି ମାଧ୍ୟମରେ ଅନୁବନ୍ଧିତ ଜିଲ୍ଲା ମାନଙ୍କୁ ଅବଗତ କରାଇଛନ୍ତି। ଏହି ଚୟନ ପ୍ରକ୍ରିୟା ଦ୍ୱାରା ଓଡ଼ିଶା ସବ୍‌ଜୁନିୟର ବାଳକ ଟେନିସ ବଲ କ୍ରିକେଟ ଦଳ ଗଠନ କରାଯିବ। ଏଥିରେ ଭାଗ ନେବା ପାଇଁ ଝାରସୁଗୁଡ଼ା ଟେନିସ ବଲ କ୍ରିକେଟ ଆସୋସିଏସନ ତରଫରୁ ସବ୍‌ଜୁନିୟର ବାଳକ ଟେନିସବଲ କ୍ରିକେଟ ଦଳ ଆଜି ଟ୍ରେନ ଯୋଗେ ଯାତ୍ରା ଆରମ୍ଭ କରିଛି। ଏହି ଦଳରେ ସଚ୍ଚିଦାନନ୍ଦ ମାଝି, ଅଭିମାନ ମହାପାତ୍ର, ସର୍ବାଙ୍ଗ ମହାନ୍ତି, ଅର୍ଶ ଖାଁନ, ଓ ସୁରଜ ଜୟଶୱାଲ ରହିଥିବା ବେଳେ ଟିମ୍ ମ୍ୟାନେଜର ଗୋପାଳ ଦତ୍ତ ରହିଛନ୍ତି। ଏହି ଦଳକୁ ଝାରସୁଗୁଡ଼ା ଟେନିସ ବଲ କ୍ରିକେଟ ଆସୋସିଏସନର ସଭାପତି ଜୀବନ ମହାନ୍ତି ଓ ସଂପାଦକ ଅଶ୍ୱିନୀ ପାଣ୍ଡେ ଶୁଭେଚ୍ଛା ଜଣାଇଥିଲେ।

## ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା




ଝାରସୁଗୁଡ଼ା,୩।୯ (ସମିସ): ଝାରସୁଗୁଡ଼ା ବ୍ଲକ୍ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ପରିସରରେ କୁରେବଗା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ପ୍ରଧାନଶିକ୍ଷକ ଘସିଆ ମେହେର ଓ ଗଣ୍ଡଘୋରା ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟର ଶିକ୍ଷୟିତ୍ରୀ ସନ୍ତୋଷିନୀ ପାଟଯୋଶୀଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା ପ୍ରଦାନ କରାଯାଇଛି। ଏହି ଅବସରରେ ବ୍ଲକ୍ ଶିକ୍ଷା ଅଧିକାରୀ ଅନିଲ ପଟେଲ ସେମାନଙ୍କ ପୂର୍ଣ୍ଣ ପେନସନର ବ୍ୟବସ୍ଥା କରିଥିଲେ। ବିଦାୟୀ ଉତ୍ସବରେ ଅତିରିକ୍ତ ବ୍ଲକ୍ ଶିକ୍ଷା ଅଧିକାରୀ ରବୀନ୍ଦ୍ର ସାହୁ, ସୁଶାନ୍ତ ହୋତା, ଅଜୟ ପାଟଯୋଶୀ ଓ ସିଆରସିସି ବିକାଶ ଚନ୍ଦ୍ର ନାଏକ ପଞ୍ଚପଡା ସିଆରସିସି ସୁରଜ ପଟେଲ ପ୍ରମୁଖ ଉପସ୍ଥିତ ଥିଲେ। ଶିକ୍ଷକ ଶିକ୍ଷୟିତ୍ରୀ ଦ୍ୱୟଙ୍କୁ ବିଦାୟୀ ସମ୍ବର୍ଦ୍ଧନା ଜଣାଇଥିଲେ।

## ‘ଲାଲ ପାଏନ୍’ ବରେଲି ଜାତୀୟ ନାଟ୍ୟ ଉତ୍ସବରେ ପ୍ରଦର୍ଶିତ



ଝାରସୁଗୁଡ଼ା,୩।୯ (ସମିସ): ଥିଏଟର ଆଡାରଙ୍ଗାଲୟ ଏକାଡେମୀ ଅଫ ଆର୍ଟ ଆଣ୍ଡ କଲ୍‌ଚର ପକ୍ଷରୁ ଆୟୋଜିତ ଜାତୀୟ ନାଟ୍ୟ ମହୋତ୍ସବରେ ବେଲପାହାଡ, ମିରର ଥିଏଟର ପ୍ରସିଦ୍ଧ ନାଟକ ‘ଲାଲ ପାଏନ’ ପ୍ରଦର୍ଶିତ ହୋଇଛି। ଡ.ସୁବାଷ ଚନ୍ଦ୍ର ପ୍ରଧାନଙ୍କର ରଚନା ଓ ବଳିଷ୍ଠ ନିର୍ଦ୍ଦେଶନାରେ ହୀରାକୁଦ ବନ୍ଧ ପାଇଁ ବିସ୍ଥାପିତ ହଜାର ହଜାର ଲୋକଙ୍କ ଦୁଃଖ, କଷ୍ଟ ଓ ତ୍ୟାଗର କାହାଣୀକୁ ନାଟକ ମାଧ୍ୟମରେ ଜୀବନ୍ତ କରାଯାଇଥିଲା। ହୀରାକୁଦ ବନ୍ଧ ପୂର୍ବରୁ ପ୍ରଭାବିତମାନଙ୍କୁ ଭବିଷ୍ୟତ ପାଇଁ ଦିଆଯାଇଥିବା ସ୍ୱର୍ଣ୍ଣିମସ୍ୱପ୍ନ କେବେ ସାର୍ଥକ ହୋଇନାହିଁ। କ୍ଷତିପୂରଣ ଓ ପୁନର୍ବାସରୁ ବଞ୍ଚିତ ବିସ୍ଥାପିତ ମାନେ ଜୀବନବ୍ୟାପୀ ସଂଘର୍ଷ କରିବାକୁ ବାଧ୍ୟ ହୋଇଛନ୍ତି। ପ୍ରଶାସନ କିପରି ବିସ୍ଥାପିତମାନଙ୍କ ଆନ୍ଦୋଳନକୁ ଦମନକାରୀ ନୀତିରେ ଦବାଇ ଦେଲା, ଗ୍ରାମବାସୀଙ୍କୁ ଭିଟା ମାଟି ଛାଡିବାକୁ ବାଧ୍ୟ କରାଗଲା ଆଦି ନାଟକରେ ଦେଖାଯାଇଥିଲା। ‘ଲାଲ ପାଏନ୍’ ଶୋଷଣ, ଦମନ ଓ ଏକଛତ୍ରବାଦର ଏକ ସଶକ୍ତ ପ୍ରତିଛବି ଦେଇଥିଲା। ନାଟକରେ ବିଭିନ୍ନ ଚରିତ୍ରରେ ସନ୍ତୋଷ ସାହୁ, ଗୌରୀ ଶଙ୍କର କୁମ୍ଭାର, ସୋନିଆ ବେହେରା, ଜିତେନ୍ଦ୍ର ପ୍ରଧାନ, ଲବ ପ୍ରଧାନ, ବିନୟ ପ୍ରଧାନ, ଭବେଶ ପ୍ରଧାନ, ଅର୍ବାଜ ଖାନ୍, ବିକାଶ କିଷାନ, ଦିବ୍ୟରଞ୍ଜନ ସାହୁ, ବର୍ଷାରାଣି ଧଳ, ଖୁସି ପ୍ରଧାନ, ପୂଜା ଶେଠ୍, ଆୟୁସି ପଟ୍ଟନାୟକ, ଖୁସି ଜେନା, ସୋନାଲି ବିଶ୍ୱାଳ ପ୍ରମୁଖ ଅଭିନୟ କରିଥିଲେ। ସଙ୍ଗୀତ ନିର୍ଦ୍ଦେଶନାରେ ଗୌରୀ ଶଙ୍କର କୁମ୍ଭାର ରହିଥିବା ବେଳେ ଆଲୋକ ସମ୍ପାତ ଜେନାମଣି ଶେଠ୍ ପରିଚାଳନା କରିଥିଲେ। ବରେଲି ଜାତୀୟ ନାଟକ ମହୋତ୍ସବରେ ‘ଲାଲ ପାଏନ୍’ର ୧୯୬ ତମ ପ୍ରଦର୍ଶନ ସଫଳତାର ସହ ହୋଇଥିଲା। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରବି ଛାୱଡା, ସୁଭାଷ କଥୁରିୟା, ଗୁରବିନ୍ଦର୍ ସିଂ ଓ ଡ.ବିନୋଦ ପାଗରାଣୀ ପ୍ରଦୀପ ପ୍ରମୁଖ ଯୋଗ ଦେଇଥିଲେ। ସଭାକାର୍ଯ୍ୟକୁ ସୈଳେନ୍ଦ୍ର ପରିଚାଳନା କରିଥିଲେ।

## ରବୀନ୍ଦ୍ରନାଥ ପାଢ଼ୀଙ୍କ ପରଲୋକ



ଇବଥର୍ମାଲ,୩।୯ (ସମିସ): ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ ସରଣ୍ଡାମାଲ ତଲିବାହାଲ ଗାଁର ଶିକ୍ଷାର ପୂଜାରୀ ତଥା ମନୋଜ ପାଢ଼ୀ ଉଚ୍ଚ ବିଦ୍ୟାଳୟର ବିଦ୍ଧାଣି ରବୀନ୍ଦ୍ର ନାଥ ପାଢ଼ୀଙ୍କ ପରଲୋକ ହୋଇଯାଇଛି। ସ୍ୱର୍ଗତ ପାଢ଼ୀ ନିଜେ ବେଶି ପାଠ ପଢ଼ି ନଥିଲେ ହେଁ ଅଞ୍ଚଳରେ ଶିକ୍ଷାର ବିକାଶ ପ୍ରତି ସଦା ତତ୍ପର ଥିଲେ। ୧୯୯୪ ମସିହାରେ ନିଜ ବଡ଼ ପୁଅଙ୍କୁ ହରାଇଥିଲେ। ହେଲେ ୧୯୯୬ରେ ସରଣ୍ଡାମାଳ ହାଇସ୍କୁଲର ନିର୍ମାଣ ସକାଶେ ୧ଏକର ୨୮ ଡିସିମିଲ ଜମି ଦାନ କରିଥିଲେ। ସ୍କୁଲଟି ତାଙ୍କ ମୃତ ପୁଅ ମନୋଜ ପାଢ଼ୀଙ୍କ ନାମରେ ନାମିତ ହୋଇଥିଲା। ପ୍ରଥମେ ପ୍ରଥମେ ସ୍କୁଲ ଚଳାଇବା ପାଇଁ ସମସ୍ୟା ରହିଥିବା ବେଳେ ସେ ଆର୍ଥିକ ସହଯୋଗ ମଧ୍ୟ କରିଛନ୍ତି। ଆଜି ଜିଲ୍ଲାରେ ସରଣ୍ଡାମାଳ ମନୋଜ ପାଢ଼ୀ ହାଇସ୍କୁଲ ଏକ ସ୍ୱତନ୍ତ୍ର ସ୍ଥାନ ଅଧିକାର କରିଛି। ଶରୀର ଅସୁସ୍ଥ ହେବାରୁ ତାଙ୍କୁ ବରଗଡ଼ ଏକ ଘରୋଇ ଡାକ୍ତରଖାନାରେ ଭର୍ତ୍ତି କରାଯାଇଥିଲା।। ମଙ୍ଗଳବାର ତାଙ୍କ ମୃତ୍ୟୁ ଖବରରେ ଅଞ୍ଚଳରେ ଶୋକରେ ଛାୟା ଖେଳି ଯାଇଛି। ତାଙ୍କ ମରଶରୀରକୁ ଏକ ଶୋଭାଯାତ୍ରାରେ ବିଦ୍ୟାଳୟ ପରିସରକୁ ଅଣାଯାଇଥିଲା। ଛାତ୍ରଛାତ୍ରୀ ଘୋଷବାଦ୍ୟ ସହ ସଲାମି ଦେବା ପରେ ଶିକ୍ଷକ ଛାତ୍ରଛାତ୍ରୀ ଅନ୍ତିମ ଶ୍ରଦ୍ଧାଞ୍ଜଳି ପ୍ରଦାନ କରିଥିଲେ। ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ସହଧର୍ମିଣୀ କୁନ୍ତଳା, ସାନ ପୁଅ ଶିକ୍ଷକ ଦିଲ୍ଲୀପ, ଝିଅ ପ୍ରତିଭା, ନାତୁଣୀ ତୁଳସୀ, ନାତି ସତ୍ୟ ବିଜୟ ଉପସ୍ଥିତ ଥିଲେ। ଶେଷଯାତ୍ରା ବେଳେ ଶହଶହ ଲୋକ ସମେତ, ପରିବାର ପରିଜନ, ଶିକ୍ଷକ ଶିକ୍ଷୟିତ୍ରୀ, ସାମିଲ ହୋଇଥିବା ବେଳେ ଗାଁ ମଶାଣିରେ ତାଙ୍କ ଶେଷକୃତ୍ୟ ସମ୍ପନ୍ନ ହୋଇଛି। ପୁଅ ଦିଲ୍ଲୀପ ମୁଖାଗ୍ନି ଦେଇଥିଲେ।

## ସଂଗଠନ ସୃଜନ କାର୍ଯ୍ୟକ୍ରମ; କଂଗ୍ରେସର ସାମ୍ବାଦିକ ସମ୍ମିଳନୀ




ଝାରସୁଗୁଡ଼ା,୩।୯ (ସମିସ): ଝାରସୁଗୁଡ଼ା ଜିଲ୍ଲା କଂଗ୍ରେସ କାର୍ଯ୍ୟାଳୟରେ ବୁଧବାର କଂଗ୍ରେସ ପକ୍ଷରୁ ସଂଗଠନ ସୃଜନ କାର୍ଯ୍ୟକ୍ରମ ନେଇ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ସାମ୍ବାଦିକ ସମ୍ମିଳନୀରେ ଅଲ୍ ଇଣ୍ଡିଆ କଂଗ୍ରେସ କମିଟି ପର୍ଯ୍ୟବେକ୍ଷକ ଶୋଭା ଓଝା ଯୋଗ ଦେଇଥିଲେ। ଏଆଇସିସି ଦ୍ୱାରା ଅହମ୍ମଦାବାଦରେ ହୋଇଥିବା ବୈଠକରେ ଜିଲ୍ଲା ସଭାପତି ଚୟନ ଜିଲ୍ଲା, ବ୍ଲକ୍ ତଥା ପୌର ପରିଷଦର କଂଗ୍ରେସ କାର୍ଯ୍ୟକର୍ତ୍ତାଙ୍କ ଦ୍ୱାରା ଚୟନ କରାଯିବ ବୋଲି କହିଥିଲେ। ଏହି ସଂଗଠନ ସୃଜନ କାର୍ଯ୍ୟକ୍ରମ ବର୍ତ୍ତମାନ ଓଡ଼ିଶାର ସବୁ ଜିଲ୍ଲାରେ ସେପ୍ଟେମ୍ବର ୧ରୁ ଆରମ୍ଭ ହୋଇଛି ବୋଲି ସୂଚନା ଦେଇଥିଲେ। ସମ୍ମିଳନୀରେ ସାନଖେମୁଣ୍ଡି ବିଧାୟକ ରମେଶ ଜେନା ଯୋଗ ଦେଇଥିଲେ। ଜିଲ୍ଲା କଂଗ୍ରେସର ଅମିତା ବିଶ୍ୱାଳ, ପିସିସି ସମ୍ପାଦିକା ସସ୍ମିତା ପଣ୍ଡା, ସୁଧାଂଶୁ ଜେନାଙ୍କ ସହିତ ଜିଲ୍ଲା, ବ୍ଲକ୍, ପୌରାଞ୍ଚଳର ବହୁ କଂଗ୍ରେସ କାର୍ଯ୍ୟକର୍ତ୍ତା ଉପସ୍ଥିତ ଥିଲେ।

## ସାଇବର ଠକଙ୍କ ଶିକାର ଖବରକାଗଜ ବିକ୍ରେତା

ଝାରସୁଗୁଡ଼ା,୩।୯ (ସମିସ): ସାଇବର ଠକ ଖବରକାଗଜ ବିକ୍ରେତାଙ୍କୁ ଟାର୍ଗେଟ କରୁଛନ୍ତି। ଝାରସୁଗୁଡ଼ା ସହରର ୩ ଜଣ ଖବରକାଗଜ ବିକ୍ରେତାଙ୍କଠାରୁ ସାଇବର ଠକମାନେ ୭୨ ହଜାର ଟଙ୍କା ଠକେଇ କରିଛନ୍ତି। ଠକେଇର ଶିକାର ହୋଇଥିବା ଖବରକାଗଜ ବିକ୍ରେତାମାନେ ଗତକାଲି ସାଇବର ହେଲ୍ପ ଲାଇନ୍‌ରେ ଅଭିଯୋଗ କରିଥିଲେ। ବୁଧବାର ଝାରସୁଗୁଡ଼ା ସଦର ଥାନାରେ ଜଣେ ଏବଂ ଦୁଇଜଣ ଝାରସୁଗୁଡ଼ା ଟାଉନ ଥାନାରେ ଏନେଇ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ଖବର କାଗଜ ବିକ୍ରେତାମାନଙ୍କୁ ଲିଫ୍‌ଲେଟ୍ ବାଣ୍ଟିବା ଉଦ୍ଦେଶ୍ୟରେ ବିଭିନ୍ନ ଆଡ଼ୁ ଫୋନ ଆସିଥାଏ। ବ୍ୟବସାୟୀମାନେ ବସ୍ ବା ଟ୍ରେନ୍ ଯୋଗେ ଲିଫଲେଟ୍ ପଠାଇ ଦେଉଥିବା ବେଳେ ୟୁପିଆଇରେ ସେ ବାବଦ ଟଙ୍କା ବି ପଠାଇଥାନ୍ତି। ଗତକାଲି ମଧ୍ୟ ଝାରସୁଗୁଡ଼ାର ୩ ଜଣ ଖବରକାଗଜ ବିକ୍ରେତାଙ୍କ ନିକଟକୁ ଫୋନ୍ ଆସିଥିଲା। ଫୋନ୍ କରିଥିବା ବ୍ୟକ୍ତି ରାଉରକେଲାରୁ କହୁଥିବା ନେଇ ଜଣାଇଥିଲା। ଏହାପରେ ସେ ପଠାଇଥିବା ଲିଫ୍‌ଲେଟ୍ ସକାଳୁ ପହଞ୍ଚିବାକୁ ଥିବାରୁ ସେଗୁଡିକୁ ବାଣ୍ଟି ଦେବାକୁ ଅନୁରୋଧ କରିଥିଲା। ଏଥିରେ ୩ ଜଣ ବିକ୍ରେତା ବି ସେଥିରେ ରାଜି ହୋଇଥିଲେ। ଏହାମଧ୍ୟରୁ ଜଣେ ବିକ୍ରେତାଙ୍କୁ ସେ ୨ ହଜାର ଟଙ୍କା ପଠାଇବାକୁ ଯାଇ ଭୁଲ୍‌ରେ ୨୦ ହଜାର ଟଙ୍କା ପଠାଇଥିବା ନେଇ ସ୍କ୍ରିନସଟ୍ ପଠାଇଥିଲା। ଏହାପରେ ଫୋନ୍ କରି ୧୮ ହଜାର ଟଙ୍କା ଫେରାଇ ଦେବାକୁ ଅନୁରୋଧ କରିଥିଲା। ସମ୍ପୃକ୍ତ ବିକ୍ରେତା ମଧ୍ୟ ନିଜ ଆକାଉଣ୍ଟ ଯାଞ୍ଚ ନକରି ଉକ୍ତ ନମ୍ବରରେ ୧୮ ହଜାର ଟଙ୍କା ପଠାଇ ଦେଇଥିଲେ। ସେହିଭଳି ଅନ୍ୟ ୨ ଜଣଙ୍କ କ୍ଷେତ୍ରରେ ବି ୩ ହଜାର ବଦଳରେ ୩୦ ହଜାର ଟଙ୍କା ପଠାଇ ଦେଇଥିବା କହି ୨୭ ହଜାର ଟଙ୍କା ଲେଖାଏ ସାଇବର ଠକ ନେଇ ଯାଇଥିଲେ। କିନ୍ତୁ ପରେ ଆକାଉଣ୍ଟ ଯାଞ୍ଚ କରିବା ବେଳକୁ ଟଙ୍କା ଆସିନଥିଲା କି ସକାଳୁ ଲିଫ୍‌ଲେଟ୍ ବି ପହଞ୍ଚିନଥିଲା। ସେମାନେ ସାଇବର ଠକାମୀର ଶିକାର ହୋଇଛନ୍ତି ଜାଣି ସାଇବର ହେଲ୍ପ ଲାଇନରେ ଅଭିଯୋଗ କରିବା ସହ ସଦର ଏବଂ ଟାଉନ ଥାନାରେ ମଧ୍ୟ ଅଭିଯୋଗ କରିଛନ୍ତି।

## ପ୍ଲାଟିନମ୍ ଜୁବୁଲି ଦୁର୍ଗାପୂଜା ପାଇଁ ପ୍ରସ୍ତୁତି



ରିଆମାଲ,୩।୯ (ସମିସ): ରିଆମାଲ ଦୁର୍ଗାପୂଜା କମିଟିର ଆହ୍ୱାନ କ୍ରମେ ଚଳିତ ବର୍ଷର ୭୫ ତମ ପ୍ଲାଟିନମ୍ ଜୁବୁଲି ଦୁର୍ଗାପୂଜା ପାଳନ ଅବସରରେ ଗ୍ରାମବାସୀଙ୍କୁ ନେଇ ପ୍ରସ୍ତୁତି ବୈଠକ ସ୍ଥାନୀୟ ଦୁର୍ଗାପୂଜା ମଣ୍ଡପରେ ଅନୁଷ୍ଠିତ ହୋଇଯାଇଛି। ଅବସରପ୍ରାପ୍ତ ପୋଷ୍ଟ ଅଫିସ ଅଧିକାରୀ ତଥା ଗାଁର ବରିଷ୍ଠ ନାଗରିକ ତ୍ରିଲୋଚନ ବେହେରାଙ୍କ ସଭାପତିତ୍ୱରେ କମିଟିର ବୈଠକକୁ ସଭାପତି ପ୍ରମୋଦ ନନ୍ଦ ପରିଚାଳନା କରିଥିଲେ। ସମ୍ପାଦକ ନାରାୟଣ ବିଶ୍ୱାଳ ପୂର୍ବ ବର୍ଷର ଆୟବ୍ୟୟ ବିବରଣୀ ପ୍ରଦାନ କରିଥିଲେ। ଅତିଥି ଭାବେ ସରପଞ୍ଚ ବୀଣାପାଣି ନାୟକ, ଉପସଭାପତି ଗୋଲବଦନ ବିଶ୍ୱାଳ ଉପସ୍ଥିତ ଥିଲେ। ଚଳିତ ବର୍ଷର ପୂଜା ପ୍ରସ୍ତୁତିରେ ୨୦ ଲକ୍ଷ ଟଙ୍କାରୁ ଉର୍ଦ୍ଧ୍ୱ ଖର୍ଚ୍ଚ ଅଟକଳ ହୋଇଥିଲା। ଦଶହରା ପର୍ବ ଶାନ୍ତି ଶୃଙ୍ଖଳାର ସହିତ କିପରି ସରସ ସୁନ୍ଦର ଓ ଉପଭୋଗ୍ୟ ହେବ ଏ ବିଷୟରେ ଗ୍ରାମବାସୀଙ୍କ ସହ ଆଲୋଚନା କରାଯାଇ ଥିଲା।

## ଜାତୀୟ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମରେ ସଫଳତା ପାଇଁ ଜିଲ୍ଲାପାଳଙ୍କ ପରାମର୍ଶ



ଝାରସୁଗୁଡ଼ା,୩।୯ (ସମିସ): ପ୍ରଜନନ, ମାତୃ ଓ ଶିଶୁମୃତ୍ୟୁ ଏବଂ କୈଶୋର ସ୍ୱାସ୍ଥ୍ୟ ସମ୍ବନ୍ଧୀୟ ସେବା, ଟୀକାକରଣ ତଥା ମ୍ୟାଲେରିଆ, ଡେଙ୍ଗୁ, ଟିବି ଏବଂ ଅଣ-ସଂକ୍ରମିତ ରୋଗ ଇତ୍ୟାଦି ପ୍ରମୁଖ ସ୍ୱାସ୍ଥ୍ୟ ସୂଚକ ଉପରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଛି। ଝାରସୁଗୁଡ଼ା ଜିଲ୍ଲା ଖଣିଜ ପାଣ୍ଠି ସମ୍ମିଳନୀ କକ୍ଷରେ ଜିଲ୍ଲାପାଳ କୁଣାଲ ମୋତିରାମ ଚହ୍ୱାଣଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡାକ୍ତର ମହେଶ ମୋହନ ପଣ୍ଡା, ଡିପିଏମ ଦୀପକ ମହାନ୍ତି, ଜିଲ୍ଲା ସମାଜ କଲ୍ୟାଣ ଅଧିକାରୀ ପୂଣ୍ୟବତୀ ହେଲେନ ଖେସ, ଜିଲ୍ଲାର ସମସ୍ତ ଚିକିତ୍ସା ଅଧିକାରୀ ଏବଂ ଜାତୀୟ ସ୍ୱାସ୍ଥ୍ୟ ମିଶନ ଅଧିକାରୀମାନେ ଉପସ୍ଥିତ ଥିଲେ। କାୟାକଳ୍ପ ଏବଂ କେନ୍ଦ୍ରୀୟ ଗୁଣବତ୍ତା ନିୟନ୍ତ୍ରଣ ସଫଳତା ଭଳି ଗୁଣାତ୍ମକ ଉପାଦାନ ସହିତ ଜାତୀୟ ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମର ଅଗ୍ରଗତି ଉପରେ ବିସ୍ତୃତ ଭାବେ ବୈଠକରେ ସମୀକ୍ଷା କରାଯାଇଥିଲା। ଜିଲ୍ଲାପାଳ ସ୍ୱାସ୍ଥ୍ୟ ସୂଚକ ଗୁଡିକର ଅଗ୍ରଗତିର ବିଶ୍ଳେଷଣ କରାଯିବା ଏବଂ ଲକ୍ଷ୍ୟ ହାସଲ ପାଇଁ ଯତ୍ନବାନ ହେବାକୁ ସ୍ୱାସ୍ଥ୍ୟ ବିଭାଗର ସମସ୍ତ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ।

## ଝାରବନ୍ଧ ବଜାରରେ ନିଶା ଦ୍ରବ୍ୟ ଯାଞ୍ଚ ପାଇଁ ପୁଲିସର ଚଢ଼ଉ

ଝାରବନ୍ଧ,୩।୯ (ସମିସ): ସମାଜକୁ ନିଶାଠୁ ଦୂରେଇ ରଖିବା ପାଇଁ ବରଗଡ଼ ପୁଲିସ ବିଭାଗ ଦ୍ୱାରା ଜିଲ୍ଲାର ବିଭିନ୍ନ ସ୍ଥାନରେ ପାନ ଦୋକାନ, ଖୁଚୁରା ବ୍ୟବସାୟୀଙ୍କ ଦୋକାନରେ ଗଞ୍ଜେଇ ପୁଡିଆ ଯାଞ୍ଚ ଚାଲିଛି। ଏହି ପରିପ୍ରେକ୍ଷୀରେ ଝାରବନ୍ଧ ଥାନା ଅଧିକାରୀ କେ. ସମାରିଆଙ୍କ ତତ୍ତ୍ୱାବଧାନରେ ଝାରବନ୍ଧ ବଜାର ଅଞ୍ଚଳର ସମସ୍ତ ପାନ ଦୋକାନକୁ ଯାଇ ପୁଲିସ ଟିମ୍ ନିଶା ସାମଗ୍ରୀ ଯାଞ୍ଚ କରିଛି। ଏହାସହିତ ସରଗୁଲ ଛକରେ ଯାନବାହାନ ଚେକିଂ ସମୟରେ ହାଇ ସିକ୍ୟୁରିଟି ନମ୍ବର ପ୍ଲେଟ ବ୍ୟବହାର ହୋଇ ନ ଥିବାରୁ ୧୭ଟି ବାଇକ୍ ଝାରବନ୍ଧ ଥାନାରେ ଅଟକ ରହିଛି। ପୁଲିସ ଟିମରେ ଏସଆଇ ସୁଶାନ୍ତ ସାହୁ, ଏଏସଆଇ ଗୟାରାମ ଷଣ୍ଢ, ହାବିଲଦାର ମୋତିଲାଲ ନାଏକ ଏବଂ ପୁଲିସ ଫୋର୍ସ ସାମିଲ ଥିଲେ।



### ହାଇ ସିକ୍ୟୁରିଟି ନମ୍ବର ପ୍ଲେଟ ନ ଥିବାରୁ ୧୭ ବାଇକ୍ ଅଟକ

## ତ୍ରିରଙ୍ଗା ଯୁବକ ସଂଘ ଓ ବିମଲ କୃଷି ପକ୍ଷରୁ ମାଣ୍ଡିଆ ପ୍ରଦର୍ଶନୀ

ପଦ୍ମପୁର,୩।୯ (ସମିସ): ରାଜବୋଡାସମ୍ବର ବ୍ଲକ୍ ପଦ୍ମପୁର ମହୁଲପାଲି ଠାରେ ଶ୍ରୀ ଅନ୍ନ ଯୋଜନା ଅଧୀନରେ ତ୍ରିରଙ୍ଗା ଯୁବକ ସଂଘ ଓ ବିମଲ କୃଷି ଉତ୍ପାଦକ କମ୍ପାନୀ ଆନୁକୂଲ୍ୟରେ ମାଣ୍ଡିଆ ପ୍ରଦର୍ଶନୀ ଅନୁଷ୍ଠିତ ହୋଇଯାଇଛି। ମାଣ୍ଡିଆରୁ ପ୍ରସ୍ତୁତ ଆରିସା, କାକରା, ଗଜା, ମଣ୍ଡା, ରସଗୋଲା ସମସ୍ତଙ୍କୁ ମାଗଣାରେ ଖାଇବାକୁ ଦିଆଯାଇଥିଲା। କାର୍ଯ୍ୟକ୍ରମରେ ମାଣ୍ଡିଆ ଚାଷ, ମାଣ୍ଡିଆ ଖାଦ୍ୟର ପ୍ରସାର ପ୍ରଚାର ପାଇଁ ବିମଲ କୃଷି ଉତ୍ପାଦକ କମ୍ପାନୀର ପରିଚାଳନା ନିର୍ଦ୍ଦେଶକ ଅଶୋକ ସାହୁ ଉଦ୍‌ବୋଧନ ଦେଇଥିଲେ। ମେଳାରେ ମାଣ୍ଡିଆ ଚାଷୀ, ବ୍ଲକ୍ କୃଷି ଅଧିକାରୀ, ତ୍ରିରଙ୍ଗା ଯୁବକ ସଂଘ ହୃଦାନନ୍ଦ ନାୟକ, ଶୁକ, ପପୁ ଆଦି କର୍ମକର୍ତ୍ତା ସମେତ ଶ୍ରୀ ଅନ୍ନ ଜିଲ୍ଲା ସଂଯୋଜକ ଉପସ୍ଥିତ ଥିଲେ। ବ୍ଲକ୍ ସଂଯୋଜକ ତରଣୀସେନ ଦ୍ୱାରି ଧନ୍ୟବାଦ ଅର୍ପଣ କରିଥିଲେ।

## ସୂଚନା ଓ ଲୋକ ସମ୍ପର୍କ ବିଭାଗ ଉପନିର୍ଦ୍ଦେଶିକାଙ୍କ ଝାରସୁଗୁଡ଼ା ଗସ୍ତ



ଝାରସୁଗୁଡ଼ା,୩।୯ (ସମିସ): ସୂଚନା ଓ ଲୋକ ସମ୍ପର୍କ ବିଭାଗ ସମ୍ବଲପୁର ସ୍ଥିତ ଉତ୍ତରାଞ୍ଚଳର ଉପନିର୍ଦ୍ଦେଶିକା କଲ୍ୟାଣୀ ଦାଶ ଝାରସୁଗୁଡ଼ା ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ ପରିଦର୍ଶନ କରିଛନ୍ତି। ଏହି ଅବସରରେ ଉପନିର୍ଦ୍ଦେଶିକା ବିଭାଗୀୟ କାର୍ଯ୍ୟକ୍ରମ ସମ୍ପର୍କିତ ନଥି ଗୁଡିକର ଅନୁଧ୍ୟାନ କରିଥିଲେ। ଏଥି ସହିତ ନିର୍ଦ୍ଧାରିତ ସମୟାନୁଯାୟୀ ସମସ୍ତ କାର୍ଯ୍ୟକ୍ରମ ସୂଚାରୁରୂପେ ସମ୍ପାଦନ ପାଇଁ ଯତ୍ନବାନ ହେବାକୁ ପରାମର୍ଶ ଦେଇଥିଲେ। ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀଙ୍କ ସମେତ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ଉପନିର୍ଦ୍ଦେଶିକାଙ୍କ ପରିଦର୍ଶନ ସମୟରେ ଉପସ୍ଥିତ ଥିଲେ।

## ଭାରସାମ୍ୟ ହରାଇ ଡିଜେଲ୍ ଟ୍ୟାଙ୍କର ଦୁର୍ଘଟଣା ଗ୍ରସ୍ତ



ରିଆମାଲ,୩।୯ (ସମିସ): ରିଆମାଲ ଥାନା ତେଲିମୁଣ୍ଡା ରେଢ଼ାଖୋଲ ଜାତୀୟ ରାଜପଥରେ ସ୍ୱଳ୍ପଘଟି କଟା ଠାରେ ବିଳମ୍ବିତ ରାତିରେ ଏକ ଡିଜେଲ ଭର୍ତ୍ତି ଟ୍ୟାଙ୍କର ଭାରସାମ୍ୟ ହରାଇ ଏକ ପୋଲକୁ ଧକାଦେଇ ନିକଟସ୍ଥ ବିଲକୁ ଖସି ପଡିଥିବା ସୂଚନା ମିଳିଛି। ଏହି ଦୁର୍ଘଟଣାରେ ଡ୍ରାଇଭର ଗୁରୁତର ହୋଇ ବୁର୍ଲା ବଡ ମେଡିକାଲରେ ଚିକିତ୍ସିତ ହେଉଛନ୍ତି। ତେବେ ଡ୍ରାଇଭରଙ୍କ ପରିଚୟ ମିଳି ପାରି ନାହିଁ। ସମ୍ବଲପୁର ନାକଟିଦେଉଳ ଦେଇ କୁଚିଣ୍ଡା ଅଭିମୁଖେ ଲକ୍ଷ୍ମୀ ବସ ମାନଙ୍କରେ ତେଲ ଭର୍ତ୍ତି କରିବା ପାଇଁ ଟ୍ୟାଙ୍କରଟି ଡିଜେଲ ନେଇ ଯାଉଥିଲା। ଦ୍ରୁତ ଗତି ଥିବା ଯୋଗୁଁ ସ୍ୱଳ୍ପଘଟି ଦୁର୍ଘଟଣା ପ୍ରବଣ ଅଞ୍ଚଳ କଟା ନିକଟରେ ଦୁର୍ଘଟଣା ଘଟିଛି। ଦୁର୍ଘଟଣାରେ କେହି ମୃତାହତ ହୋଇ ନ ଥିବା ବେଳେ ଡିଜେଲ ଭର୍ତ୍ତି ଟ୍ୟାଙ୍କର ଥିବାରୁ ପୁଲିସ ଗାଡିକୁ ଜଗି ରହିଥିବା ଦେଖିବାକୁ ମିଳିଥିଲା।

## ଗୋ ହତ୍ୟା ସନ୍ଦେହରେ ଯୁବକକୁ ପିଟିପିଟି ହତ୍ୟା, ୪ ଅଟକ

ଦେବଗଡ଼,୩।୯ (ସମିସ)



ରିଆମାଳ ଥାନା କଂସର ଫାଣ୍ଡି ଅଧୀନ କେନ୍ଦେଇଝୁରି ଗାଁରେ ବୁଧବାର ଗୋ ହତ୍ୟା ସନ୍ଦେହରେ କେତେକ ଯୁବକଙ୍କ ସଙ୍ଘବଦ୍ଧ ଆକ୍ରମଣରେ ଜଣେ ଯୁବକର ମୃତ୍ୟୁ ଘଟିଥିବା ଜଣାପଡିଛି। ମୃତ ଯୁବକ ଜଣକ କାଉଁସିଢ଼ୀପ ଗାଁର କିଶୋର ଚମାର (୪୨) ବୋଲି ଜଣାପଡିଛି। ଅପରାହ୍ଣରେ କେନ୍ଦେଇଝୁରି ଜଙ୍ଗଲ ପଟେ କିଶୋର ଏକ ମୃତ ଗାଈକୁ କାଟି ଚମଡା ଛଡାଉଥିଲେ। ଗୋ ହତ୍ୟା ସନ୍ଦେହରେ ୫/୬ ଜଣ ଯୁବକ ସେଠାରେ ପହଞ୍ଚି ଯୁକ୍ତିତର୍କ କରିବା ସହ କିଶୋରଙ୍କ ବାଇକକୁ ଜାଳି ଦେଇଥିଲେ। ଏହାସହ ସଙ୍ଘବଦ୍ଧ ଭାବେ ଠେଙ୍ଗାରେ ଆକ୍ରମଣ କରିଥିଲେ। କିଶୋରଙ୍କ ମୃତ୍ୟୁ ହୋଇଥିବା ଜାଣି ସେମାନେ ଫେରାର ହୋଇଯାଇଥିଲେ। ସୂଚନା ପାଇ କିଶୋରଙ୍କ ପରିବାର ଲୋକ ଘଟଣାସ୍ଥଳରେ ପହଞ୍ଚିଥିଲେ। ସେଠାରେ କିଶୋରଙ୍କ ମୃତଦେହ ପଡିଥିବା ବେଳେ ପାଖରେ କିଛି ଠେଙ୍ଗାବାଡି ଓ ପୋଡି ଯାଇଥିବା ବାଇକକୁ ଦେଖିଥିଲେ। ପରେ ମୃତ କିଶୋରଙ୍କ ପତ୍ନୀ ମାନସୀ ରିଆମାଳ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ଆଧାରରେ ରିଆମାଳ ଥାନା ପୁଲିସ ପୁଲିସ ହତ୍ୟା ସମେତ ବିଭିନ୍ନ ଦଫାରେ ମାମଲା ରୁଜୁ କରିବା ସହ ଘଟଣାରେ ସମ୍ପୃକ୍ତି ଅଭିଯୋଗରେ ସ୍ଥାନୀୟ ଅଞ୍ଚଳର ୪ଜଣ ଯୁବକଙ୍କୁ ଅଟକ ରଖି ପଚରାଉଚୁରା କରୁଥିବା ଜଣା ପଡିଛି। ଆସନ୍ତାକାଲି ସାଇଣ୍ଟିଫିକ ଟିମ ପହଞ୍ଚିବା ପରେ ତଦନ୍ତକୁ ଆଗକୁ ବଢ଼ାଇବା ସହ ମୃତଦେହ ବ୍ୟବଚ୍ଛେଦ ପାଇଁ ପଠାଯିବ ବୋଲି ପୁଲିସ ପକ୍ଷରୁ ସୂଚନା ମିଳିଛି।

## ଦଳ ଛାଡ଼ିଲେ କବିତା

ହାଇଦରାବାଦ୍, ୩।୯(ଏଜେନ୍ସି): ଭାରତ ରାଷ୍ଟ୍ର ସମିତ (ବିଆରଏସ୍) ସୁପ୍ରିମୋ କେସିଆରଙ୍କ ଝିଅ କେ କବିତା ବିଆରଏସ୍ ପାର୍ଟିର ଏମ୍‌ଏଲ୍‌ସି ପଦରୁ ଇସ୍ତଫା ଦେଇଛନ୍ତି। ଗୋଟିଏ ଦିନ ପୂର୍ବରୁ ମଙ୍ଗଳବାର ଶୃଙ୍ଖଳା ଭଙ୍ଗ ଓ ଦଳ



ବିରୋଧୀ କାର୍ଯ୍ୟକଳାପ ଯୋଗୁଁ ତାଙ୍କୁ ପାର୍ଟିରୁ ନିଲମ୍ବନ କରାଯାଇଥିଲା। କବିତା ସମ୍ବାଦିକ ସମ୍ମିଳନୀରେ ନିଜ ଭାଇ ତଥା ପାର୍ଟି ନେତା କେଟି ରାମା ରାଓ (କେଟିଆର)ଙ୍କୁ ସେ ଦାଦା ପୁଅ ଭାଇ ସନ୍ତୋଷ ରାଓଙ୍କ ଉପରେ ଭରସା ନ କରିବାକୁ ସତର୍କ କରାଇଛନ୍ତି। ଉଲ୍ଲେଖଥାଉ କି, କବିତା ୨୦୧୪ରୁ ୨୦୧୯ ପର୍ଯ୍ୟନ୍ତ ନିଜାମାବାଦ୍‌ରୁ ସାଂସଦ ରହିଥିଲେ। ଦୀର୍ଘ ସମୟ ହେବ ପାର୍ଟି ନେତୃତ୍ୱକୁ ନେଇ ତାଙ୍କର ଭାଇ କେଟି ରାମା ରାଓ ଓ ଦାଦାପୁଅ ଭାଇ ହରିଶ ରାଓଙ୍କ ମଧ୍ୟରେ ବିବାଦ ଚାଲିଛି। ମୁଖ୍ୟମନ୍ତ୍ରୀ ରେବନ୍ତ ରେଡ୍ଡୀ ଓ ବିଆରଏସ୍‌ର କେତେଜଣ ନେତାଙ୍କ ସହ ମିଶି ଆମର ପରିବାର ଭାଙ୍ଗିବାକୁ ଚେଷ୍ଟା କରୁଛନ୍ତି ବୋଲି ସେ ଅଭିଯୋଗ ଆଣିଛନ୍ତି। ଭାଇ କେଟିଆରଙ୍କ ସମେତ ପାର୍ଟିର କେତେଜଣ ନେତାଙ୍କ ବିରୋଧରେ ସେ ଏକାଧିକ ଅଭିଯୋଗ ଆଣିଛନ୍ତି।

## ଆମେରିକା ଅଧିକାରୀଙ୍କ ମୃତ୍ୟୁକୁ ନେଇ ହଇଚଇ

ଢ଼ାକା, ୩।୯(ଏଜେନ୍ସି): ବାଂଲାଦେଶ ରାଜଧାନୀ ଢ଼ାକାର ଏକ ହୋଟେଲରେ ଶନିବାର ଆମେରିକୀୟ ସେନାବାହିନୀର ଏକ ସ୍ପେଶାଲ ଫୋର୍ସ କମାଣ୍ଡର ଜଣେ ବରିଷ୍ଠ ଅଧିକାରୀଙ୍କ ମୃତଦେହ ଉଦ୍ଧାର କରାଯିବା ପରେ ହଇଚଇ ସୃଷ୍ଟି ହୋଇଛି। ଏହି ଅଧିକାରୀଙ୍କ ନାମ ଟେରେନ୍ସ ଅରଭେଲ ଜ୍ୟାକ୍‌ସନ। ଏ ନେଇ ଭାରତୀୟ ଗୁଇନ୍ଦା ଏଜେନ୍ସି ଚିନ୍ତା ପ୍ରକାଟ କରିଛି। କିନ୍ତୁ ଭାରତ ଆନୁଷ୍ଠାନିକ ଭାବେ ଏ ନେଇ କୌଣସି ମନ୍ତବ୍ୟ ଦେଇନାହିଁ। ଜ୍ୟାକସନ୍ ଗତକେତେ ମାସ ହେବ ଢ଼ାକାରେ ରହୁଥିଲେ ଓ ସେ ଅଗଷ୍ଟ ୨୯ରେ ବେଷ୍ଟିନ ହୋଟେଲରେ ଅବସ୍ଥାନ କରିଥିଲେ। ସେ କ'ଣ ପାଇଁ ବାଂଲାଦେଶ ଯାତ୍ରା କରି ସେଠାରେ ରହୁଥିଲେ ସେ ନେଇ କିଛି ସ୍ପଷ୍ଟ କରାଯାଇନାହିଁ। କୌଣସି ଯାଞ୍ଚ ନ କରାଯାଇ ତାଙ୍କ ମୃତଦେହକୁ ଆମେରିକା ଦୂତାବାସକୁ ଦିଆଯାଇଛି। ଫଳରେ ଏ ନେଇ ପ୍ରଶ୍ନ ଉଠିଛି। ଜ୍ୟାକସନ ବାଂଲାଦେଶରେ କାହିଁକି ରହୁଥିଲେ ଓ କାହାକୁ ଭେଟିବାକୁ ଯାଇଥିଲେ ବୋଲି ଭାରତ ପ୍ରଶ୍ନ କରିଛି। ଜ୍ୟାକସନ ହଠାତ ମୃତ୍ୟୁବରଣ କରିବା ଖବରକୁ ଭାରତ ସହଜରେ ଗ୍ରହଣ କରିପାରୁନାହିଁ। ଏହା ଆଞ୍ଚଳିକ ସୁରକ୍ଷା ତଥା ନିରାପତ୍ତା ପାଇଁ ଏହା ଏକ ଗମ୍ଭୀର ପ୍ରଶ୍ନ ବୋଲି ଭାରତୀୟ ଗୁଇନ୍ଦା ଏଜେନ୍ସି ତରଫରୁ କୁହାଯାଇଛି।

## ଗଣେଶ ଶୋଭାଯାତ୍ରାରେ ପଶିଗଲା ଏସ୍‌ୟୁଭି କାର୍; ୩ ମୃତ, ଡ୍ରାଇଭର ଗିରଫ

ଯଶପୁର, ୩।୯ (ଏଜେନ୍ସି): ଛତିଶଗଡ଼ର ଯଶପୁର ଜିଲ୍ଲାର ଏକ ଧାର୍ମିକ ଶୋଭାଯାତ୍ରା ବାହାରିଥିବା ବେଳେ ଏକ ବଡ଼ ଅଘଟଣ ଘଟିଛି। ଦ୍ରୁତଗତିରେ ଆସୁଥିବା ଏକ ଏସ୍‌ୟୁଭି କାର ନିୟନ୍ତ୍ରଣ ହରାଇ ଗଣେଶ ପ୍ରତିମା ବିସର୍ଜନ ଶୋଭାଯାତ୍ରା ଭିତରକୁ ପଶିଯାଇଥିଲା। ଫଳରେ ୨ ଜଣ ଲୋକ ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିବା ବେଳେ ୨୨ ଜଣ ଲୋକ ଆହତ ହୋଇଛନ୍ତି ବୋଲି ପୁଲିସ ବୁଧବାର ସୂଚନା ଦେଇଛି। କାର ଚାଳକ ସୁଖସାଗର ବୈଷ୍ଣବଙ୍କୁ ଗିରଫ କରାଯାଇଛି। ମଙ୍ଗଳବାର ରାତିରେ ବଗିଚା ପୁଲିସ ଥାନ ଅଞ୍ଚଳର ଜୁରୁଡାଣ୍ଡ ଗାଁରେ ଏହି ଘଟଣା ଘଟିଥିଲା। ୧୦୦ରୁ ଊର୍ଦ୍ଧ୍ୱ ଲୋକ ଶୋଭାଯାତ୍ରାରେ ବାହାରି ଗଣେଶ ପ୍ରତିମା ବିସର୍ଜନ କରିବାକୁ ବାହାରିଥିଲେ। ଗୁରୁତର ଭାବେ ଆହତ ଶ୍ରଦ୍ଧାଳୁଙ୍କୁ ନିକଟସ୍ଥ ସୁରଗୁଜା ଜିଲ୍ଲାର ଅମ୍ବିକାପୁର ମେଡିକାଲ କଲେଜରେ ଭର୍ତ୍ତି କରାଯାଇଛି। ସେହିପରି ଅନ୍ୟମାନଙ୍କୁ ଲୋକାଲ କମ୍ୟୁନିଟି ହେଲ୍ଥ ସେଣ୍ଟରରେ ଭର୍ତ୍ତି କରାଯାଇଛି। ଏହି ଘଟଣାରେ ଏକ ମାମଲା ରୁଜୁ କରାଯାଇଛି ଓ ତଦନ୍ତ ଜାରି ରହିଛି ବୋଲି କୁହାଯାଇଛି।

## ୧୭ ବର୍ଷ ପରେ ଜେଲ୍‌ରୁ ମୁକୁଳିଲେ ଗ୍ୟାଙ୍ଗଷ୍ଟର ଗୱାଲୀ

ନୂଆଦିଲ୍ଲୀ, ୩।୯(ଏଜେନ୍ସି): ୧୭ ବର୍ଷ ବନ୍ଦୀ ଭାବେ ରହିବା ପରେ ଗ୍ୟାଙ୍ଗଷ୍ଟର ଅରୁଣ ଗୱାଲି ନାଗପୁର ସେଣ୍ଟ୍ରାଲ ଜେଲରୁ ମୁକୁଳିଛନ୍ତି। ୨୦୦୭ରେ ଘଟିଥିବା ଏକ ହତ୍ୟା ମାମଲାରେ ତାଙ୍କୁ ସୁପ୍ରିମକୋର୍ଟ ଜାମିନ ପ୍ରଦାନ



କରିଥିଲେ। ମୁମ୍ବାଇ ଶିବସେନା କର୍ପୋରେଟର କମଲାକର ଜାମସାନ୍ଦେକର ହତ୍ୟା କରିଥିବା ଅଭିଯୋଗରେ ୭୬ ବର୍ଷୀୟ ଗୱାଲୀଙ୍କୁ ଆଜୀବନ କାରାଦଣ୍ଡାଦେଶ ହୋଇଥିଲା। ବିଭିନ୍ନ ପ୍ରକାର ଔପଚାରିକତା ଶେଷ ହେବା ପରେ ଗୱାଲୀ ବୁଧବାର ଦିନ ୧୨.୩୦ରେ ଜେଲ ବାହରକୁ ଆସିଥିଲେ। ତାଙ୍କ ପରିବାର ସଦସ୍ୟ, ଓକିଲ ଓ ସମର୍ଥକମାନେ ଜେଲ ବାହାରେ ସ୍ୱାଗତ କରିଥିଲେ। ସେ ମଧ୍ୟ ଅଖିଳ ଭାରତୀୟ ସେନା ନାମକ ଏକ ରାଜନୈତିକ ଦଳ ଗଠନ କରିଥିଲେ। ତାଙ୍କର ଅପରାଧ ତାଲିକା ବେଶ୍ ଲମ୍ବା ରହିଛି।

## ନିଶାଦ୍ରବ୍ୟ ବୋଟ ଉପରେ ଆକ୍ରମଣ; ୧୧ ମୃତ

ୱାଶିଂଟନ, ୩।୯ (ଏଜେନ୍ସି): ଲାଟିନ ଆମେରିକାରେ ଚାଲିଥିବା ନିଶାଦ୍ରବ୍ୟ ଚୋରା ଚାଲାଣକୁ ରୋକିବା ପାଇଁ ଆମେରିକା ଏକ ବଡ଼ ପଦକ୍ଷେପ ଗ୍ରହଣ କରିଛି। ଆମେରିକା ନୌସେନା ଭେନେଜୁଏଲାରୁ ନିଶାଦ୍ରବ୍ୟ ନେଇ ଯାଉଥିବା ଏକ ବୋଟ୍ ଉପରେ ଆକ୍ରମଣ କରିଛି ବୋଲି ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ କହିଛନ୍ତି। ଏଥିରେ ୧୧ଜଣ ନିଶାଦ୍ରବ୍ୟ ଚୋରା ଚାଲଣକାରୀ ମୃତ୍ୟୁବରଣ କରିଛନ୍ତି। ଆମେରିକା ସେନା ତରଫରୁ ଏକ କାଇନେଟିକ୍ ଷ୍ଟ୍ରାଇକ୍ ଦ୍ୱାରା ଏହି ଡ୍ରଗ୍ସ ମାଫିଆଙ୍କ ଉପରେ ଆକ୍ରମଣ କରାଯାଇଛି। ଟ୍ରମ୍ପ ସାମାଜିକ ଗଣମାଧ୍ୟମ ଟ୍ରୁଥ୍‌ରେ ପୋଷ୍ଟ କରି ଏ ନେଇ ସୂଚନା ଦେଇଛନ୍ତି। ଏଥିରେ ଆମେରିକା ନୌସେନାର କୌଣସି କର୍ମଚାରୀଙ୍କର କ୍ଷତି ହୋଇନାହିଁ ବୋଲି କୁହାଯାଇଛି। ଆମେରିକାରେ ଡ୍ରଗ୍ସ ଚୋରା ଚାଲାଣ କରୁଥିବା ବ୍ୟକ୍ତିଙ୍କୁ ଏହା ଦ୍ୱାରା ଟ୍ରମ୍ପ ଚେତାବନୀ ଦେଇଛନ୍ତି।



## ଉ.କୋରିଆ ବାହାରେ ପ୍ରଥମଥର ଦେଖାଦେଲେ କିମ୍ ଜୋଙ୍ଗ୍‌ଙ୍କ ଝିଅ

ବେଜିଂ, ୩।୯ (ଏଜେନ୍ସି): ଉତ୍ତର କୋରିଆର ସୁପ୍ରିମ ଲିଡର କିମ୍ ଜୋଙ୍ଗ୍ ଅନ୍‌ଙ୍କ ଝିଅ କିମ୍ ଜୁ ଆଏଙ୍କୁ ପ୍ରଥମଥର ପାଇଁ ଦେଶ ବାହାରେ ଦେଖିବାକୁ ମିଳିଛି। ଚୀନ୍‌ର ବିଜୟ ଦିବସ ପାଳନ ଅବସରରେ ପିତାଙ୍କ ସହ କିମ୍ ଜୁ ଆଏଙ୍କୁ ସମସ୍ତେ ଦେଖିବାକୁ ପାଇଥିଲେ। ତାଙ୍କୁ କିମ୍ ଜୋଙ୍ଗଙ୍କ ଉତ୍ତରାଧିକାରୀ ଭାବେ ବିବେଚନା କରାଯାଉଛି। ଜୁଙ୍କ ବୟସ ଏବେ ୧୩ ବର୍ଷ। ସେ ୨୦୨୨ରେ ପିତାଙ୍କ ସହ ସୈନ୍ୟ ପରେଡ, ଅସ୍ତ୍ରଶସ୍ତ୍ର ପରିକ୍ଷଣ ଓ ଅନ୍ୟ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟକ୍ରମରେ ଦେଖିବାକୁ ମିଳିଥାନ୍ତି। ତେବେ ଉତ୍ତର କୋରିଆ ବାହାରେ ତାଙ୍କୁ ପ୍ରଥମଥର ଦେଖାଯାଇଛି ବୋଲି ଗଣମାଧ୍ୟମଗୁଡିକ ଦାବି କରିଛି। କିମ୍ ଜୋଙ୍ଗଙ୍କ ୩ଟି ସନ୍ତାନ ଅଛନ୍ତି। କିମ୍ ଜୁଙ୍କ ବାଦ୍ ଦେଲେ ତାଙ୍କର ଆଉ ଜଣେ ଭାଇ ଅଛନ୍ତି। ତେବେ ତୃତୀୟ ସନ୍ତାନ ଜଣକ ପୁଅ କି ଝିଅ ତାହା ସ୍ପଷ୍ଟ ହୋଇନାହିଁ। କିମ୍ ଜୁଙ୍କୁ ପିତା କିମ ଜଙ୍ଗ ତାଙ୍କ ଉତ୍ତରାଧିକାରୀ ଭାବେ ଉପସ୍ଥାପନା କରୁଛନ୍ତି।



## ଭାରତକୁ ଅଧିକ ଏସ୍-୪୦୦ ଦେବ ରୁଷ୍

ନୂଆଦିଲ୍ଲୀ, ୩।୯ (ଏଜେନ୍ସି): ରୁଷିଆ ଭାରତକୁ ପୁଣି ଏସ୍-୪୦୦ ଡିଫେନ୍ସ ସିଷ୍ଟମ ଦେବ। ଏହି ମିସାଇଲ ପ୍ରଣାଳୀ କିଣିବାକୁ ଦୁଇ ଦେଶ ମଧ୍ୟରେ କଥାବାର୍ତ୍ତା ଚାଲିଛି। ଭାରତକୁ ଆହୁରି ଅଧିକ ଏସ୍-୪୦୦ ଦେବାକୁ ରୁଷ ପ୍ରସ୍ତୁତ ବୋଲି ରୁଷିଆର ଜଣାଶୁଣା ନ୍ୟୁଜ ଏଜେନ୍ସି ଟାସ୍ ସୂଚନା ଦେଇଛି। ରୁଷିଆର ଜଣେ ବରିଷ୍ଠ ପ୍ରତିରକ୍ଷା ଅଧିକାରୀ ଏ ସଂକ୍ରାନ୍ତରେ ଆନୁଷ୍ଠାନିକ ଭାବେ ମନ୍ତବ୍ୟ ଦେଇଛନ୍ତି ବୋଲି ଟାସ କହିଛି। ଉଲ୍ଲେଖଥାଉ କି, ୨୦୧୮ରେ ୫ଟି ଏସ୍-୪୦୦ ସିଷ୍ଟମ କ୍ରୟ କରିବାକୁ ଭାରତ ଓ ରୁଷ୍ ମଧ୍ୟରେ ୫.୪ ବିଲିୟନ ଡଲାର ଅର୍ଥାତ ୪୮ ହଜାର କୋଟି ଟଙ୍କା ମୂଲ୍ୟରେ ଚୁକ୍ତି କରିଥିଲା। ଏପର୍ଯ୍ୟନ୍ତ ଭାରତକୁ ୩ଟି ଏସ୍-୪୦୦ ସଷ୍ଟମ ମିଳିଛି। ବାକି ଦୁଇଟି ୨୦୨୬-୨୭ରେ ମିଳିବ ବୋଲି ଆଶା କରାଯାଉଛି। ପାକିସ୍ତାନ ବିପକ୍ଷରେ ହୋଇଥିବା ଅପରେସନ ସିନ୍ଦୂରରେ ଏସ୍-୪୦୦ ଡିଫେନ୍ସ ସିଷ୍ଟମ ବେଶ୍ ଉପାଦେୟ ସାବ୍ୟସ୍ତ ହୋଇଥିଲା ଓ ପାକିସ୍ତାନ ତରଫରୁ ଛଡା ଯାଇଥିବା ମିସାଇଲ ଓ ଡ୍ରୋନ୍ ଆକ୍ରମଣକୁ ଏହି ସିଷ୍ଟମ ଆକାଶରେ ହିଁ ନିଷ୍କ୍ରିୟ କରିଥିଲା।

# ତୃତୀୟ ବିଶ୍ୱଯୁଦ୍ଧ ପ୍ରସ୍ତୁତିରେ ୟୁରୋପ

- ହସ୍ପିଟାଲ ସଜାଡୁଛି ଫ୍ରାନ୍ସ
- ପୋଲାଣ୍ଡରେ ସେନା ମୁତୟନ ବୃଦ୍ଧି
- ଉତ୍ତେଜନା ପଛରେ ରୁଷ୍‌ର ଯୁଦ୍ଧାଭ୍ୟାସ

ପ୍ୟାରିସ, ୩।୯ (ଏଜେନ୍ସି): ନାଟୋ ରାଷ୍ଟ୍ର ଏବଂ ରୁଷ ମଧ୍ୟରେ ଲାଗି ରହିଥିବା ଉତ୍ତେଜନା ଯୋଗୁଁ ଯେକୌଣସି ମୁହୂର୍ତ୍ତରେ ତୃତୀୟ ବିଶ୍ୱଯୁଦ୍ଧ ଆରମ୍ଭ ହୋଇପାରେ ବୋଲି ଆଶଙ୍କା କରାଯାଉଛି। ଫ୍ରାନ୍ସର ଯୁଦ୍ଧ ପ୍ରସ୍ତୁତିରୁ ଏହି ଆଶଙ୍କା କରାଯାଉଛି। ପ୍ରଘଟ ହୋଇଯାଇଥିବା ଏକ ଗୁଇନ୍ଦା ଚିଠିରୁ ଏହା ଜଣାପଡ଼ିଛି। ଫ୍ରାନ୍ସ ନିଜ ନାଗରିକ ଏବଂ ହସ୍ପିଟାଲଗୁଡିକୁ ବଡ଼ଧରଣର ଯୁଦ୍ଧ ପାଇଁ ପ୍ରସ୍ତୁତି ହେବାକୁ କହିଛି। ଏଥିପାଇଁ ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ମାର୍ଗଦର୍ଶିକା ମଧ୍ୟ ଜାରି କରିସାରିଛି। ୨୦୨୬ ମାର୍ଚ୍ଚ ସୁଦ୍ଧା ଦିନକୁ ଶତାଧିକ ଆହତ ସୈନିକଙ୍କ ଯତ୍ନ ନେବା ପାଇଁ ପ୍ରସ୍ତୁତ ରହିବାକୁ ଡାକ୍ତରଖାନାଗୁଡିକୁ କୁହାଯାଇଛି।

ଏହି ଗୁପ୍ତ ଚିଠିରୁ ଜଣାପଡ଼ିଛି ଯେ ଫ୍ରାନ୍ସ କେବଳ ନିଜର ନୁହେଁ, ବରଂ ନାଟୋ ଦେଶର ସୈନିକଙ୍କ ପାଇଁ ମଧ୍ୟ ଚିକିତ୍ସା ବ୍ୟବସ୍ଥା କରୁଛି। ଏ ନିମନ୍ତେ ଉନ୍ନତ ବ୍ୟବସ୍ଥା ପ୍ରସ୍ତୁତ କରିବାକୁ କୁହାଯାଇଛି। ନାଟୋର ଧାରା-୫ ଅନୁଯାୟୀ କୌଣସି ସଦସ୍ୟ ରାଷ୍ଟ୍ରଙ୍କ ଉପରେ ଆକ୍ରମଣ ହେଲେ ସବୁ ଦେଶକୁ ଯୁଦ୍ଧକୁ ଡେଇଁବାକୁ ହେବ। ଏଭଳି ସ୍ଥିତିରେ ବ୍ରିଟେନ, ଆମେରିକା ଏବଂ ୟୁରୋପର ଅନେକ ଦେଶ ମଧ୍ୟ ସିଧାସଳଖ ଯୁଦ୍ଧରେ ସାମିଲ ହୋଇପାରନ୍ତି। ତେଣୁ ତୃତୀୟ ବିଶ୍ୱଯୁଦ୍ଧ ଭଳି ସ୍ଥିତି ସୃଷ୍ଟି ହେବାର ଆଶଙ୍କା ରହିଛି। ଜର୍ମାନୀର ପ୍ରମୁଖ ଜେନେରାଲ କାର୍ଷ୍ଟନ ବ୍ରେଉର ଚେତାବନୀ ଦେଇଛନ୍ତି ଯେ ରୁଷର ଜାପାଡ-୨୦୨୫ ଯୁଦ୍ଧାଭ୍ୟାସର ଭୟାବହତାକୁ ଦେଖାଇ ବିଶ୍ୱଯୁଦ୍ଧର ଅଗ୍ନି ସଂଯୋଗ କରାଯାଇପାରେ। ଗୁପ୍ତ ଚିଠିରୁ ଯୁଦ୍ଧ ସ୍ଥିତିରେ ସ୍କାଣ୍ଡିନାଭିଆନ ଦେଶର ନାଗରିକ କେମିତି ଜୀବିତ ରହିଥିଲେ ତାହା ଜଣାପଡ଼ିଛି। ଏହାର ସୂଚନା ସହିତ ଲୋକଙ୍କ ପାଇଁ ମାର୍ଗଦର୍ଶିକା ଜାରି କରିଛି। ଯୁଦ୍ଧ ସ୍ଥିତିକୁ ଦୃଷ୍ଟିରେ ରଖି ଏଭଳି ପ୍ରସ୍ତୁତି କରାଯାଉଛି ବୋଲି ଫ୍ରାନ୍ସ ସ୍ୱାସ୍ଥ୍ୟମନ୍ତ୍ରୀ କହିଛନ୍ତି। ସେହିପରି ସେନାରେ ଅଧିକ ଯବାନଙ୍କୁ ନିଯୁକ୍ତି କରାଯାଉଛି। ପୋଲାଣ୍ଡ ଏବଂ ବାଲ୍ଟିକ ଦେଶଗୁଡିକରେ ମଧ୍ୟ ସେନାକୁ ମଜବୁତ କରାଯାଉଛି। ଏହି ରାଷ୍ଟ୍ରଗୁଡିକରେ ଟ୍ୟାଙ୍କ, ମାଇଲଫିଲ୍ଡ ଏବଂ ରକେଟ ସିଷ୍ଟମ ସହ ସଂଯୁକ୍ତ ବାୟୁରକ୍ଷା ପ୍ରଣାଳୀ ପ୍ରସ୍ତୁତ ହୋଇ ରହିଛି।

ଅନ୍ୟପଟେ 'ଅପରେସନ ଡାୟଚଲାଣ୍ଡ' ନାମରେ ଜର୍ମାନୀ ଏକ କାଗଜପତ୍ର ପ୍ରସ୍ତୁତ କରିଛି। ଏଥିରେ ସୁରକ୍ଷିତ ସ୍ଥାନ, ବଙ୍କର ଏବଂ ନାଟୋ ସୈନିକ ସହିତ ଗାଡ଼ି ଗୁଡିକର ମୁତୟନ ନେଇ ସୂଚନା ଦିଆଯାଇଛି। ଏହା ବ୍ୟତୀତ ପରମାଣୁ ଯୁଦ୍ଧ ପାଇଁ ମଧ୍ୟ ପ୍ରସ୍ତୁତି ହେଉଛି। ଏଭଳି ଆକ୍ରମଣ ସ୍ଥିତିରେ ଜୀବନ ବଞ୍ଚାଇବାର ଉପାୟ ଉପରେ କାର୍ଯ୍ୟାରମ୍ଭ କରିଦେଇଛନ୍ତି। ପ୍ରଘଟ ଚିଠିରୁ ଜଣାପଡ଼ିଛି ଯେ ଜୁଲାଇରେ ବ୍ରିଟେନ ଏବଂ ଫ୍ରାନ୍ସ ମଧ୍ୟରେ ଏକ ଚୁକ୍ତି ସ୍ୱାକ୍ଷର ହୋଇଥିଲା। ତୃତୀୟ ବିଶ୍ୱଯୁଦ୍ଧ ସ୍ଥିତିରେ ଦୁଇ ଦେଶ ସମନ୍ୱିତ ଭାବେ ଆକ୍ରମଣ କରିବେ ବୋଲି ଏଥିରେ ନିୟମ ଥିଲା।

## କୋହଲ ହେଲା ସିଏଏ ସୀମା

**୨୦୨୪ ପର୍ଯ୍ୟନ୍ତ ପଡୋଶୀ ଦେଶରୁ ଆସିଥିବା ଅଳ୍ପସଂଖ୍ୟକ ଭାରତରେ ରହିପାରିବେ**

ନୂଆଦିଲ୍ଲୀ, ୩।୯(ଏଜେନ୍ସି): ପାକିସ୍ତାନ, ବାଂଲାଦେଶ ଓ ଆଫଗାନିସ୍ତାନରୁ ଆସିଥିବା ଅଳ୍ପସଂଖ୍ୟକଙ୍କ ପାଇଁ କେନ୍ଦ୍ର ସରକାର ବୁଧବାର ନାଗରିକତା ସଂଶାଧନ କାନୁନ୍ (ସିଏଏ)ରେ ଏକ ବଡ଼ ପରବର୍ତ୍ତନ କରିଛନ୍ତି। ଏହି ୩ଟି ପଡୋଶୀ ଦେଶରୁ ଆସିଥିବା ଅଳ୍ପସଂଖ୍ୟକ ନାଗରିକ ଯଥା ହିନ୍ଦୁ, ଶିଖ, ବୌଦ୍ଧ, ଜୈନ, ପାରସୀ ଓ ଖ୍ରୀଷ୍ଟିଆନ୍ ସମ୍ପ୍ରଦାୟର ଲୋକମାନଙ୍କ ପାଇଁ ଅସ୍ୱାସ୍ଥ୍ୟକର ଖବର ଆସିଛି। ୨୦୨୪ ଡିସେମ୍ବର ୩୧ ପର୍ଯ୍ୟନ୍ତ ଆସିଥିବା ଏହି ସମ୍ପ୍ରଦାୟର ଲୋକମାନଙ୍କୁ ଭାରତରେ ବିନା ପାସପୋର୍ଟରେ ରହିବାକୁ ଅନୁମତି ଦିଆଯାଇଛି। ପୂର୍ବରୁ ସିଏଏ ଅନୁସାରେ ଏହା ୨୦୧୪ ପର୍ଯ୍ୟନ୍ତ ସୀମିତ ଥିଲା। ଯଦି ଏହି ଲୋକମାନଙ୍କର ପାସପୋର୍ଟ ଓ କାଗଜପତ୍ରର ବୈଧତା ଶେଷ ହୋଇଛି, ସେମାନେ ଭାରତରେ ରହିପାରିବେ ବୋଲି କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରଣାଳୟ ତରଫରୁ କୁହାଯାଇଛି। ପୂର୍ବରୁ ସିଏଏ ଅନୁସାରେ ୨୦୧୪ ଡିସେମ୍ବର ୩୧ରେ ତାରିଖ ପର୍ଯ୍ୟନ୍ତ ଆସିଥିବା ଅଳ୍ପସଂଖ୍ୟକଙ୍କୁ ଭାରତରେ ରହିବାକୁ ଅନୁମତି ଦିଆଯାଇଥିଲା। ଉଲ୍ଲେଖଥାଉ କି, କେନ୍ଦ୍ର ସରକାର ୨୦୨୪ ମାର୍ଚ୍ଚ ୧୧ରେ ସାରା ଦେଶରେ ସିଏଏ ଆଇନ୍ ଲାଗୁ କରିଥିଲେ। ଏହି ଆଇନ୍ ଅନୁସାରେ ଚଳିତ ବର୍ଷ ମେ ମାସରେ ୧୪ ଜଣ ଲୋକଙ୍କୁ ଭାରତର ନାଗରିକତା ପ୍ରଦାନ କରାଯାଇଥିଲା। ସେହିପରି ନେପାଳ ଓ ଭୁଟାନର ନାଗିରକଙ୍କୁ ଭାରତ ଆସିବା ପାଇଁ ଭିସାର ଆବଶ୍ୟକତା ନାହିଁ ବୋଲି କୁହାଯାଇଛି। ୧୯୫୫ରେ ଲାଗୁ ହୋଇଥିବା ଆଇନ୍‌ରେ ପରିବର୍ତ୍ତନ କରାଯାଇଥିଲା।

# ପୁଣି ବିଳିବିଳେଇଲେ ଟ୍ରମ୍ପ

## ଏକତରଫା ସମ୍ପର୍କ ଚଳିବନି



ୱାସିଂଟନ, ୩।୯ (ଏଜେନ୍ସି): 'ମୃତ୍ୟୁ ଚର୍ଚ୍ଚା'ରେ ବିରାମ ଲଗାଇ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ବୁଧବାର ସର୍ବ ସମ୍ମୁଖକୁ ଆସିଛନ୍ତି। ସେ ହ୍ୱାଇଟ ହାଉସ୍‌ରେ ସାମ୍ବାଦିକ ସମ୍ମିଳନୀ କରି ଭାରତକୁ ପୁଣି ଦୋଷ ଦେଇଛନ୍ତି। ଟ୍ରମ୍ପ କହିଛନ୍ତି ଯେ ଦୀର୍ଘ ଦିନ ହେଲା ଆମେରିକା ସହ ଭାରତର ଏକତରଫା ସମ୍ପର୍କ ଥିଲା। ସେଥିପାଇଁ ନୂଆଦିଲ୍ଲୀ ଉପରେ ୫୦ ପ୍ରତିଶତ ଶୁଳ୍କ ଲଗାଯାଇଛି। ଟ୍ରମ୍ପଙ୍କ ଅନୁଯାୟୀ ଆମେରିକା ସାମଗ୍ରୀ ଉପରେ ଭାରତ ଶତ ପ୍ରତିଶତ ଶୁଳ୍କ ଲଗାଉଛି। ଏହା ବିଶ୍ୱରେ ସର୍ବାଧିକ। ଏଥିଯୋଗୁଁ ଦୁଇ ଦେଶର ମଧ୍ୟରେ ବାଣିଜ୍ୟ ଅସନ୍ତୁଳନ ସୃଷ୍ଟି ହୋଇଛି। ଆମେରିକା ବହୁତ କମ୍ ଏବଂ ଭାରତ ସର୍ବାଧିକ ବ୍ୟବସାୟ କରୁଥିଲା। କାରଣ ସେତେବେଳେ କୌଣସି ଶୁଳ୍କ ଲଗାଯାଉ ନ ଥିଲା। ଏହାର ଲାଭ ଭାରତ ଉଠାଉ ଥିଲା। ଟ୍ରମ୍ପ ଏଥିପାଇଁ ଆମେରିକୀୟ କମ୍ପାନୀ ହାର୍ଲେ ଡେଭିଡସନର ଉଦାହରଣ ଦେଇଛନ୍ତି। ଏହି କମ୍ପାନୀର ମୋଟରସାଇକେଲ ଉପରେ ଭାରତ ୨୦୦ ପ୍ରତିଶତ ଶୁଳ୍କ ଲଗାଉ ଥିଲା। ଏଥିପାଇଁ କମ୍ପାନୀ ଗାଡ଼ି ବିକ୍ରି କରିପାରୁ ନ ଥିଲା। ତେଣୁ ଏହି କମ୍ପାନୀକୁ ଭାରତରେ କାରଖାନା ପ୍ରତିଷ୍ଠା କରିବାକୁ ପଡ଼ିଥିଲା। ଏହା ଫଳରେ ଆଉ ହାର୍ଲେ ଡେଭିଡସନକୁ ଶୁଳ୍କ ଦେବାକୁ ପଡୁନାହିଁ।

ଟ୍ରମ୍ପ ଦାବି କରିଛନ୍ତି ଯେ ଭାରତୀୟ ସାମଗ୍ରୀ ଉପରେ ଲଗାଯାଇଥିବା ୫୦ ପ୍ରତିଶତ ଶୁଳ୍କ ଦ୍ୱାରା ଆର୍ଥିକ ଉତ୍ତେଜନା ବୃଦ୍ଧି ପାଇଛି। ରୁଷରୁ ଅଶୋଧିତ ତୈଳ କିଣୁଥିବାରୁ ଭାରତକୁ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ଦେବାକୁ ପଡୁଛି। ଟ୍ରମ୍ପ ପୁଣି ନିଜ ଶୁଳ୍କକୁ ଉଚିତ ଦର୍ଶାଇଛନ୍ତି। ସେ ଏହାକୁ ଯୁଦ୍ଧ ସମାଧାନର ଅସ୍ତ୍ର କହିଛନ୍ତି। ଏହି ନୀତି ଯୋଗୁଁ ଆମେରିକାକୁ ଆଲୋଚନାର ଶକ୍ତି ମିଳୁଛି। ଏହି ଚମତ୍କାର ଅସ୍ତ୍ରବଳରେ ୭ ଯୁଦ୍ଧ ଅଟକାଇ ଥିବା ଟ୍ରମ୍ପ ଦାବି କରିଛନ୍ତି। ସେ ପୂର୍ବତନ ଜୋ ବାଇଡେନ ପ୍ରଶାସନକୁ ମଧ୍ୟ ନିଶାଣ କରିଛନ୍ତି। ଟ୍ରମ୍ପ କହିଛନ୍ତି ଯେ ଆମେରିକା ହେଉଛି ବିଶ୍ୱର ମେରୁଦଣ୍ଡ। ପ୍ରଥମ ଚାରି ବର୍ଷର କାର୍ଯ୍ୟକାଳରେ ସେ ଏହାକୁ ମଜବୁତ କରିଥିଲେ। କିନ୍ତୁ ବାଇଡେନ ପ୍ରଶାସନ ଏହାକୁ ଦୁର୍ବଳ କରିଦେଇଥିଲା। ଏବେ ଶୁଳ୍କ ନୀତି ଯୋଗୁଁ ଆମେରିକା ଆର୍ଥିକ ଭାବେ ମଜବୁତ ହେଉଛି।

## ଭାରତ ସହ ତିକ୍ତତା ଆମେରିକାକୁ ମହଙ୍ଗା ପଡ଼ିବ: ଫିନ୍‌ଲାଣ୍ଡ ରାଷ୍ଟ୍ରପତି

ହେଲସିଙ୍କି, ୩।୯ (ଏଜେନ୍ସି): ବୈଦେଶିକ ନୀତିକୁ ଗ୍ଲୋବାଲ ସାଉଥ୍ ପ୍ରତି ବିଶେଷ କରି ଭାରତ ନିମନ୍ତେ ଅଧିକ ସମ୍ମାନ ଏବଂ ସହଯୋଗ ଦେବା ଜରୁରୀ। ଯଦି ଏପରି ନ ହୁଏ ତେବେ ଆମେରିକା ଏହି ବାଜି ହାରିଯିବ ବୋଲି ଫିନଲାଣ୍ଡ ରାଷ୍ଟ୍ରପତି ଆଲେକଜାଣ୍ଡାର ଷ୍ଟବ୍ କହିଛନ୍ତି। ବିଦେଶୀ ନୀତିକୁ ନେଇ ପାଶ୍ଚାତ୍ୟ ରାଷ୍ଟ୍ର ବିଶେଷ କରି ଆମେରିକାକୁ ଚେତାବନୀ ଦେଇ ଷ୍ଟବ୍ ଏହି ଟିପ୍ପଣୀ ଦେଇଛନ୍ତି। ସେ ୟୁରୋପୀୟ ଦେଶଗୁଡିକୁ ମଧ୍ୟ ଏହି ବାର୍ତ୍ତା ଦେଇଛନ୍ତି। ସେ ଚୀନ୍‌ର ଟିଆନଜିନ୍‌ରେ ଅନୁଷ୍ଠିତ ସାଂଘାଇ ସହଯୋଗ ସଂଗଠନ (ଏସ୍‌ସିଓ) ସମ୍ମିଳନୀର ଉଦାହରଣ ମଧ୍ୟ ଦେଇଛନ୍ତି। ସେ କହିଛନ୍ତି ଯେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ରୁଷ୍ ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ଯୋଗ ଦେଇଥିବା ଏହି ବୈଠକ ୟୁରୋପୀୟ ରାଷ୍ଟ୍ରଗୁଡିକ ପାଇଁ ସତର୍କ ଘଣ୍ଟି ସଦୃଶ। ଏହି ସମ୍ମିଳନୀ କ'ଣ ବାଜିରେ ଲାଗିଛି ବୋଲି ମନେ ପକାଇ ଦେଉଛି। ଆମେ ସମସ୍ତେ ଏକ ପୁରୁଣା ବ୍ୟବସ୍ଥାକୁ ସଂରକ୍ଷିତ କରି ରଖିବାକୁ ଚାହୁଁଛେ। କିନ୍ତୁ ଏସ୍‌ସିଓ ପାଶ୍ଚାତ୍ୟ ରାଷ୍ଟ୍ରଗୁଡିକର ଏକତାକୁ ଦୁର୍ବଳ କରିବାରେ ଲାଗିଛି। ଶୁଳ୍କକୁ ନେଇ ଆମେରିକା ଏବଂ ଭାରତ ମଧ୍ୟରେ ବିବାଦ ବଢ଼ିଥିବାବେଳେ ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଘନିଷ୍ଠ ଭାବେ ପରିଚିତ ଆଲେକଜାଣ୍ଡାର ଏହି ଟିପ୍ପଣୀ ଦେଇଛନ୍ତି। ରିପୋର୍ଟ ଅନୁଯାୟୀ ଟ୍ରମ୍ପଙ୍କ ଉପରେ ପ୍ରଭାବ ପକାଇ ପାରୁଥିବା ନେତାଙ୍କ ମଧ୍ୟରେ ଷ୍ଟବ୍ ସାମିଲ ଅଛନ୍ତି। ବିଶେଷଜ୍ଞଙ୍କ ଅନୁଯାୟୀ ଷ୍ଟବ୍‌ଙ୍କ ଉପରେ ପ୍ରଭାବ ପକାଇ ପାରୁଥିବା କ୍ଷୁଦ୍ର ରାଷ୍ଟ୍ରଗୁଡିକ ମଧ୍ୟରେ ଷ୍ଟବ୍‌ଙ୍କ ପରି ନେତା ନାହାନ୍ତି। ଏହା ପୂର୍ବରୁ କୌଣସି ୟୁରୋପୀୟ ନେତାଙ୍କୁ ଏଭଳି କ୍ଷମତା ମିଳି ନ ଥିଲା।

## ମରାଠା ଆନ୍ଦୋଳନ: ଆଜାଦ ମଇଦାନରେ କୁଢ଼ କୁଢ଼ ଆବର୍ଜନା

ନୂଆଦିଲ୍ଲୀ, ୩।୯(ଏଜେନ୍ସି): ଅଗଷ୍ଟ ୨୯ରୁ ସେପ୍ଟେମ୍ବର ୨ ପର୍ଯ୍ୟନ୍ତ ଆୟୋଜନ ହୋଇଥିବା ମରାଠା ସଂରକ୍ଷଣ ଆନ୍ଦୋଳନ ଅବସରରେ ଆଜାଦ ମଇଦାନରେ ୧୨୫ ମେଟ୍ରିକ୍ ଟନ୍‌ରୁ ଅଧିକ ଆବର୍ଜନା ଗଦା ହୋଇଛି। ବ୍ରିହାନମୁମ୍ବଇ ନଗରନିଗମ (ବିଏମ୍‌ସି) ବୁଧବାର ଏ ନେଇ ସୂଚନା ଦେଇଛି। ଗତ ୫ ଦିନ ହେବ ୪୭୬ ଜଣ କର୍ମଚାରୀ ଆବର୍ଜନାକୁ ସଫା କରିବାରେ ଲାଗି ପଡ଼ିଛନ୍ତି। ୨୯ ତାରିଖରେ ପ୍ରଥମ ଦିନରେ ୪ ମେଟ୍ରିକ ଟନ୍ ଆବର୍ଜନା ବାହାର କରାଯାଇଥିଲା। ସେହିପରି ୩୦ରେ ୭, ୩୧ ଓ ୧ ତାରିଖରେ ୩୦ ମେଟ୍ରିକ ଟନ୍ ଲେଖାଏ ଆବର୍ଜନା ଜମା ହୋଇଥିଲା। ୨ ତାରିଖରେ ସର୍ବାଧିକ ୫୭ ମେଟ୍ରିକ୍ ଟନ୍ ଆବର୍ଜନା ଜମି ରହିଥିଲା। ଅନ୍ୟପଟେ ଏହି ଆନ୍ଦୋଳନ ଅବସରରେ ପ୍ରଦର୍ଶନକାରୀମାନେ ମୁମ୍ବଇରେ ବହୁ ପରିମାଣରେ ଧନସମ୍ପତ୍ତି ନଷ୍ଟ କରିଥିଲେ। ଏ ନେଇ ବମ୍ବେ ହାଇକୋର୍ଟ ମରାଠା ଆନ୍ଦୋଳନର ନେତା ମନୋଜ ଜରାଙ୍ଗେଙ୍କୁ ଏହି ସମ୍ପତ୍ତିର ଭରଣା କିଏ କରିବ ବୋଲି ପ୍ରଶ୍ନ କରିଛନ୍ତି। ମନୋଜ ଅଗଷ୍ଟ ୨୯ରେ ଆଜାଦ ମଇଦାନରେ ଆମରଣ ଅନଶନ ଆରମ୍ଭ କରିଥିଲେ। ବମ୍ବେ ହାଇକୋର୍ଟଙ୍କ ଆଦେଶ ଅନୁସାରେ ମଙ୍ଗଳବାର ତାଙ୍କର ଅନଶନ ଶେଷ ହୋଇଥିଲା। ମନୋଜଙ୍କ ୮ଟି ସର୍ତ୍ତରୁ ସରକାର ୬ଟି ସର୍ତ୍ତ ମାନିଛନ୍ତି। ପ୍ରଦର୍ଶନକାରୀ ମାନେ ଆନ୍ଦୋଳନ ଅବସରରେ ରାସ୍ତା ଓ ଫୁଟ୍‌ପାଥ ଉପରେ ରୋଷେଇ କରିବା ସହ ଗାଧୋଉଥିବାର ଦେଖାଯାଇଥିଲା। ଫଳରେ ଏତେ ପରିମାଣରେ ଆବର୍ଜନା ଗଦା ହୋଇଥିଲା ବୋଲି କୁହାଯାଉଛି।




## ୮୦ତମ ବିଜୟ ଦିବସ ପାଳନ କଲା ଚୀନ୍

ବେଜିଂ, ୩।୯(ଏଜେନ୍ସି): ଚୀନ ବୁଧବାର ତା'ର ୮୦ତମ ବିଜୟ ଦିବସ ପାଳନ କରିଛି। ଏହି ଅବସରରେ ରାଜଧାନୀ ବେଜିଂରେ ଦେଶର ସର୍ବବୃହତ୍ ସୈନ୍ୟ ପରେଡର ଆୟୋଜନ କରାଯାଇଥିଲା। ଏଥିସହ ଚୀନ୍ ସାରା ବିଶ୍ୱ ଆଗରେ ନିଜ ଶକ୍ତି ଓ ସାମର୍ଥ୍ୟର ନମୁନା ପ୍ରଦର୍ଶନ କରିଥିଲା। ଆମେରିକାର ଚ୍ୟାଲେଞ୍ଜକୁ ପ୍ରତିହତ କରିବା ପାଇଁ ଚୀନ ବିଜୟ ଦିବସ ଅବସରରେ ଏହି ସାମରିକ ଶକ୍ତି ଓ ସାମର୍ଥ୍ୟ ପ୍ରଦର୍ଶିତ କରିଥିଲା। ଏଥିରେ ମହାକାଶ ବା ଅନ୍ତରୀକ୍ଷରେ ଆକ୍ରମଣ କରୁଥିବା ମିସାଇଲ, ବିନା ପାଇଲଟ୍‌ରେ ଉଡୁଥିବା ଫାଇଟର ଜେଟ୍, ପାଣି ଭିତର ଚାଲୁଥିବା ଡ୍ରୋନ୍ ସମେତ ବହୁ ଅତ୍ୟାଧୁନିକ ଅସ୍ତ୍ରଶସ୍ତ୍ର ପ୍ରଦର୍ଶନ କରାଯାଇଥିଲା। ପରେଡ୍‌ରେ ୧୦୦ରୁ ଊର୍ଦ୍ଧ୍ୱ ଅସ୍ତ୍ର, ୪୫ଟି ସୈନ୍ୟ ଦଳ ଓ ୧୦୦ରୁ ଊର୍ଦ୍ଧ୍ୱ ବିମାନ ସାମିଲ ଥିଲା। ପ୍ରଦର୍ଶିତ ହୋଇଥିବା ଅଧିକାଂଶ ଅସ୍ତ୍ରଶସ୍ତ୍ର ସ୍ୱଦେଶୀ ଜ୍ଞାନ କୌଶଳରେ ନିର୍ମିତ। ଏହି ଅସ୍ତ୍ରଶସ୍ତ୍ର ଚୀନ୍‌ର ସାମରିକ ଦକ୍ଷତା ଓ ଉନ୍ନତ ବୈଷୟିକ ଜ୍ଞାନକୌଶଳ ପ୍ରଦର୍ଶନ କରୁଛି ବୋଲି ଚୀନ୍ ରାଷ୍ଟ୍ରପତି ସି ଜିଙ୍ଗ୍‌ପିଙ୍ଗ୍ କହିଛନ୍ତି। ବିଜୟ ଦିବସ ପାଳନ ଅବସରରେ ଚୀନ୍ ପ୍ରଥମଥର ପାଇଁ ଟାଇପ୍ ୯୯ବି ମେନ ବ୍ୟାଟଲ ଟ୍ୟାଙ୍କ ପ୍ରଦର୍ଶିତ କରିଥିଲା। ଏହା ଟାଇପ୍ ୯୯ ସିରିଜର ସବୁଠାରୁ ନୂଆ ତୃତୀୟ ପିଢ଼ିର ଟ୍ୟାଙ୍କ ବିବେଚିତ ହେଉଛି। ଏହି ଅବସରରେ ଚୀନ୍ ପିଏଲ୍‌-୧୬ ମଲ୍ଟିପଲ ରକେଟ ଲଞ୍ଚର ପ୍ରଦର୍ଶିତ କରିଥିଲା। ସେହିପରି ପାଣି ଭିତରେ ଚାଲୁଥିବା ଏଜେଏକ୍ସ୦୦୨ ଡ୍ରୋନ୍ ମଧ୍ୟ ପ୍ରଦର୍ଶିତ ହୋଇଥିଲା।

# ସୁନା ଅଳଙ୍କାରକୁ ମାନିବ ଏହି ମେକ୍‌ଅପ୍

ମେକ୍‌ଅପ୍ ଭଳି ଅଳଙ୍କାରର ଗୁରୁତ୍ୱପୂର୍ଣ୍ଣ ଭୂମିକା ରହିଥାଏ । ଏହା ସାଧା ପରିଧାନକୁ ସୁନ୍ଦର କରିଥାଏ । ବର୍ତ୍ତମାନ ବିଭିନ୍ନ ଅଳଙ୍କାର ବିକଳ୍ପ ଥିଲେ ମଧ୍ୟ, ସୁନା ଅଳଙ୍କାରର ଏକ ସ୍ୱତନ୍ତ୍ର ସ୍ଥାନ ରହିଛି । ଏହାର ଲୋକପ୍ରିୟତା ସବୁବେଳେ ରହିଥାଏ । ତେଣୁ ପାରିବାରିକ ଉତ୍ସବ, ବିବାହ, ଜନ୍ମଦିନ, ବର୍ଷପୁରାଣୀ ଆଦିରେ ମହିଳାମାନେ ସୁନା ଅଳଙ୍କାର ପିନ୍ଧି ଯିବାକୁ ପସନ୍ଦ କରନ୍ତି । ଏଥିରୁ ଏକ ରାଜକୀୟ ଲୁକ୍ ମିଳିଥାଏ । ତେଣୁ ସୁନା ଅଳଙ୍କାର ପିନ୍ଧି ସୁନ୍ଦର ଦିଶିବାକୁ ଚାହୁଁଥିଲେ, ମେକ୍‌ଅପ୍ ପ୍ରତି ଧ୍ୟାନ ଦେବା ଜରୁରି ।



### ମେକ୍‌ଅପ୍ ବେସ୍‌କୁ ରଖନ୍ତୁ ହାଲୁକା

ମେକ୍‌ଅପ୍ କରୁଥିବା ସମୟରେ ବେସ୍‌କୁ ଧ୍ୟାନ ଦିଅନ୍ତୁ । ବିଶେଷ କରି ସୁନା ଅଳଙ୍କାର ପିନ୍ଧୁଥିଲେ ଯତ୍ନବାନ ହେବା ଆବଶ୍ୟକ । କାରଣ ସୁନା ଅଳଙ୍କାର ମୁହଁର ସୌନ୍ଦର୍ଯ୍ୟକୁ ଦ୍ୱିଗୁଣିତ କରିଥାଏ । ତେଣୁ ମେକ୍‌ଅପ୍‌କୁ ହାଲୁକା ରଖିଲେ ଏହା ବେଶି ସୁନ୍ଦର ଲାଗିଥାଏ । ଏଥିପାଇଁ ହାଲୁକା ଫାଉଣ୍ଡେସନ୍ କିମ୍ବା ବିବି କ୍ରିମ୍ ବ୍ୟବହାର କରିପାରିବେ । ଥରେ ଫାଉଣ୍ଡେସନ୍ ଲଗାଇବା ପରେ ମୁହଁରେ ଥିବା ଦାଗକୁ କମ୍ କରିବା ପାଇଁ କନ୍‌ସିଲର୍ ଲଗାନ୍ତୁ । ଏହାପରେ ଟ୍ରାନ୍ସୁଲେଣ୍ଟ ପାଉଡର ବ୍ୟବହାର କରି ଫ୍ରେଶ୍ ମ୍ୟାଟ୍ ଲୁକ୍ ଦିଅନ୍ତୁ ।

### ଆଖିକୁ କରନ୍ତୁ ହାଇଲାଇଟ୍

ମେକ୍‌ଅପ୍ କରିବା ସମୟରେ ଆଖିକୁ ହାଇଲାଇଟ୍ କରନ୍ତୁ । ଏଥିରୁ ଏକ ସୁନ୍ଦର ଲୁକ୍ ମିଳିଥାଏ । ତେଣୁ ଆଖିକୁ ହାଇଲାଇଟ୍ କରିବା ପାଇଁ ହାଲୁକା ଗୋଲଡେନ୍ କିମ୍ବା ବ୍ରୋଞ୍ଜ ସିମର ଆଇସ୍ୟାଡୋ ବ୍ୟବହାର କରିପାରିବେ । ଏହାପରେ କପର୍ କିମ୍ବା ବ୍ରାଉନ୍ ଆଇସ୍ୟାଡୋ ସ୍ମଜ୍ କରି ଲଗାଇପାରିବେ । ଏହାଦ୍ୱାରା ଆଖିର ସୁନ୍ଦରତା ଦ୍ୱିଗୁଣ ବୃଦ୍ଧି ପାଇଥାଏ । ସେହିପରି ଆଖିରେ କଳା ଆଇଲାଇନରରେ ୱିଙ୍ଗ୍ କରିପାରିବେ । ସେହିପରି ଆଖି ମେକ୍‌ଅପ୍‌କୁ ସମ୍ପୂର୍ଣ୍ଣ କରିବା ପାଇଁ ମସ୍କାରା ଲଗାଇବାକୁ ଭୁଲନ୍ତୁନି ।

### ତ୍ୱଚାକୁ ୱାର୍ମ ଟୋନ୍ ଦିଅନ୍ତୁ

ସୁନା ଅଳଙ୍କାର ପିନ୍ଧୁଥିଲେ ବ୍ରୋଞ୍ଜ, ପୀଚ୍ ଓ ଧୂସର ରଙ୍ଗ ପ୍ରତି ଧ୍ୟାନ ଦିଅନ୍ତୁ । ଏହି ୱାର୍ମଟୋନ୍ ତ୍ୱଚାରେ ପ୍ରାକୃତିକ ଚମକ ଆଣିଥାଏ । ଏଥିସହ ଅଳଙ୍କାରର ରଙ୍ଗକୁ ନିୟନ୍ତ୍ରଣ କରିଥାଏ । ବ୍ଲଶ୍‌କୁ ମଧ୍ୟ ୱାର୍ମ ରଖିବା ଆବଶ୍ୟକ । ସୁନା ଅଳଙ୍କାର ସହ ପିଚ୍ କିମ୍ବା କୋରାଲ ବ୍ଲଶ୍ ଅଧିକ ସୁନ୍ଦର ଲାଗିଥାଏ ।

# ରୋଜଗାରର ରାହା ପାଲଟିଛି ରେଜିନ୍ ଆର୍ଟ

ସାଧାରଣତଃ ଫୁଲଟିଏ ନିଜର ରଙ୍ଗ, ସୌନ୍ଦର୍ଯ୍ୟ, ସୁଗନ୍ଧ ଓ କୋମଳତା ପାଇଁ ସବୁରି ମନ ହରଣ କରିଥାଏ । ଏହାକୁ ଠାକୁର ପୂଜା, ସାଜସଜ୍ଜା, ବିବାହ ଆଦି ମାଙ୍ଗଳିକ କାର୍ଯ୍ୟରେ ବ୍ୟବହାର କରାଯାଏ; କିନ୍ତୁ ଏବେ ଏହା କେବଳ ସାଜସଜ୍ଜା ନୁହେଁ, ଫେଶନର ଏକ ଅଂଶ ପାଲଟିଛି । ଫୁଲ ଓ ପତ୍ରକୁ ଶୁଖାଇ ରେଜିନ୍ ଆର୍ଟ ମାଧ୍ୟମରେ ଭଳିକି ଭଳି ଲକେଟ୍, କାନଫୁଲ, ଅଳଙ୍କାର ଓ ବ୍ରେସ୍‌ଲେଟ୍ ଆଦି ପ୍ରସ୍ତୁତ କରି ରୋଜଗାରକ୍ଷମ ହୋଇଛନ୍ତି, ଉତ୍ତରାଖଣ୍ଡ ହଲ୍‌ଦ୍ୱାନିର ରକ୍ଷନ୍ଦା ବିଷ୍ଟ । ଏଥିସହ ସେ ରେଜିନ୍ ଆର୍ଟରେ ଘରସଜ୍ଜା ଉପକରଣ ପ୍ରସ୍ତୁତ କରି ଅନ୍ୟ ମହିଳାଙ୍କୁ ପ୍ରୋତ୍ସାହିତ କରିଛନ୍ତି ।





### ଅଳଙ୍କାର ଓ ସାଜସଜ୍ଜା ଉପକରଣ

ରକ୍ଷନ୍ଦା ସୂର୍ଯ୍ୟମୁଖୀ, ଗୋଲାପ, ମୋଗରା, ମଲ୍ଲୀ, ଚମେଲି ଭଳି ଫୁଲ ଉପଯୋଗ କରି ମୁଦି, କାନଫୁଲ, ଲକେଟ୍, ବ୍ରେସ୍‌ଲେଟ୍ ଭଳି ରେଜିନ୍ ଅଳଙ୍କାର ତିଆରି କରନ୍ତି । ଏଥିସହ ରେଜିନ୍ ଆର୍ଟ ମାଧ୍ୟମରେ ସେ ଫଟୋ ଫ୍ରେମ୍, ବୁକ୍‌ମାର୍କ୍ସ, ଟ୍ରେ ଏବଂ ଅନ୍ୟ ଘରକରଣା ଜିନିଷ ତିଆରି କରିଥାନ୍ତି । ବିଶେଷ କଥା ହେଉଛି ତାଙ୍କର ସମସ୍ତ ଉତ୍ପାଦ ଘର ତିଆରି ହୋଇଥିବାରୁ ଲୋକେ ଏହାକୁ ଅଧିକ ପସନ୍ଦ କରିଥାନ୍ତି । ଏହା ଜିନିଷ ଦେଖିବାକୁ ଖୁବ୍ ସୁନ୍ଦର ଓ ଆକର୍ଷଣୀୟ ହୋଇଥାଏ ।

### କରିଛନ୍ତି ନିଜର ବ୍ରାଣ୍ଡ

ରେଜିନ୍, ଅକ୍ସୀ ରେଜିନ୍, ଏବଂ ଜାସମୋନାଇଟ୍ ଭଳି ଉପାଦାନ ବ୍ୟବହାର କରି ସେ ଫୁଲକୁ ସଂରକ୍ଷିତ କରନ୍ତି । ଏହାଦ୍ୱାରା ଫୁଲ ଦୀର୍ଘ ସମୟ ଧରି ସତେଜ ଓ ସୁନ୍ଦର ରହିଥାଏ । ଏହା ଦେଖିବାକୁ ମଧ୍ୟ ଖୁବ୍ ଆକର୍ଷଣୀୟ ଦେଖାଯାଏ । ତାଙ୍କ କହିବାନୁଯାୟୀ ସେ ସାମାଜିକ ଗଣମାଧ୍ୟମରେ ରେଜିନ୍ ଆର୍ଟ ଦେଖି ଏଥିପ୍ରତି ଆକର୍ଷିତ ହୋଇଥିଲେ । ଧୀରେ ଧୀରେ ଶିଖି ଏଥିରେ ସଫଳ ହୋଇଥିଲେ । ସେ ଦୀର୍ଘ ତିନିବର୍ଷ ଧରି ଏହି କାର୍ଯ୍ୟ କରି ଆସୁଛନ୍ତି । ସେ ଇନ୍‌ଷ୍ଟାଗ୍ରାମରେ 'ରେସ୍‌ମୋନାଇଟ୍' ନାମରେ ଏକ ଆକାଉଣ୍ଟ ଖୋଲି ଏହି ବ୍ୟବସାୟ ଜାରି ରଖିଛନ୍ତି । ଏଥିରେ ଲୋକେ ତାଙ୍କ ହାତ ତିଆରି ଜିନିଷ ଦେଖି କିଣିଥାନ୍ତି । ଏଥିସହ ସେ ବିଭିନ୍ନ ପ୍ରଦର୍ଶନୀରେ ନିଜ ଷ୍ଟଲ୍ ପକାଇଥାନ୍ତି ।



### ବଢ଼ୁଛି ରେଜିନ୍ ଆର୍ଟର ଚାହିଦା

ଏହା ଏକ ପ୍ରକାର କଳା । ଏଥିରେ ତରଳ ରେଜିନରେ ବିଭିନ୍ନ ଗ୍ଲିଟର୍ ମିଶାଇ ସେଥିରେ ଫୁଲ ଦେଇ ବିଭିନ୍ନ ଅଳଙ୍କାର ଓ ଘରସଜ୍ଜା ଜିନିଷ ଆଦି ପ୍ରସ୍ତୁତ କରାଯାଇଥାଏ । ଏହା ଦୀର୍ଘସ୍ଥାୟୀ ମଧ୍ୟ ହୋଇଥାଏ । ସ୍ଥାନୀୟ ଅଞ୍ଚଳର ଲୋକେ ରକ୍ଷନ୍ଦାଙ୍କ ରେଜିନ୍ ଜୁଏଲାରୀକୁ ଖୁବ୍ ପସନ୍ଦ କରନ୍ତି । ଏହା ଅନ୍ୟ ଅଳଙ୍କାରଠୁ ଭିନ୍ନ ହୋଇଥିବାରୁ ଯୁବତୀମାନେ ଏଥିପ୍ରତି ଅଧିକ ଆକର୍ଷିତ ହୋଇଥାନ୍ତି । ତେବେ ଏହି ଅଳଙ୍କାର ତିନିଶହ ଟଙ୍କାରୁ ଆରମ୍ଭ ହୋଇ ବିଭିନ୍ନ ମୂଲ୍ୟ ଯାଏ ରହିଛି । ରକ୍ଷନ୍ଦାଙ୍କ କହିବାନୁଯାୟୀ ଲୋକେ ଏହି ଜିନିଷକୁ ଖୁବ୍ ପସନ୍ଦ କରୁଛନ୍ତି । ଏହାଦ୍ୱାରା ସେ ନିଜେ ରୋଜଗାରକ୍ଷମ ହେବା ସହ ଅନ୍ୟ ମହିଳାଙ୍କୁ ଏ ଦିଗରେ ପ୍ରେରିତ କରିଛନ୍ତି । ତେବେ ଆତ୍ମବିଶ୍ୱାସ ଓ ସୃଜନଶୀଳତା ଥିଲେ ସବୁକିଛି ସମ୍ଭବ ବୋଲି ସେ ପ୍ରମାଣ କରିଛନ୍ତି ।

# କାନ୍ଥରୁ କ୍ରେୟନ୍ ରଙ୍ଗ ସଫା କରିବାର ଉପାୟ



ଘରର କାନ୍ଥ ସଫାସୁତୁରା ରହିଲେ ସୁନ୍ଦର ଦେଖାଯାଏ; କିନ୍ତୁ ଘରେ ଛୋଟ ପିଲାଥିଲେ କାନ୍ଥ ଅପରିଷ୍କାର ତଥା ଗାରେଇ ହେବା ସ୍ୱାଭାବିକ କଥା । ବାରମ୍ବାର ମନା କରିବା ସତ୍ତ୍ୱେ ପିଲାମାନେ କାନ୍ଥରେ କ୍ରେୟନ, ପେନ୍‌ସିଲ୍ ଆଦି ଗାରେଇଥାନ୍ତି । ଏହା ଆଖିକୁ ଅସୁନ୍ଦର ଦେଖାଯାଏ । ତେବେ କାନ୍ଥରୁ ଏହି ରଙ୍ଗକୁ ସହଜ ଉପାୟରେ କିପରି ଛଡ଼ାଇବେ ଜାଣିବା ସେ ବିଷୟରେ...

### ଗ୍ଲାସ୍ କ୍ଲିନର୍

କାନ୍ଥରେ ପିଲାମାନେ ରଙ୍ଗ, ପେନ୍‌ସିଲ୍, କଲମ ଆଦି ଗାରେଇ ଥିଲେ, ଏଥିପାଇଁ ଓଦା କପଡ଼ା ବ୍ୟବହାର ନ କରି ଗ୍ଲାସ କ୍ଲିନର୍ ବ୍ୟବହାର କରିପାରିବେ । ଏହା ମାର୍କେଟରେ ସହଜରେ ମିଳିବ । ଏଥିପାଇଁ ଗ୍ଲାସ୍ କ୍ଲିନର୍‌କୁ କାନ୍ଥରେ ସ୍ପ୍ରେ କରି ପାଞ୍ଚସାତ ମିନିଟ୍ ଯାଏ ଛାଡ଼ି ଦିଅନ୍ତୁ । ଏହାପରେ ଏହାକୁ ଏକ କପଡ଼ାରେ ସଫା କରନ୍ତୁ ।

### ଡିସ୍‌ୱାସ୍ ଲିକ୍ୱିଡ୍

ଡିସ୍‌ୱାସ୍‌ରେ କେବଳ ବାସନ ନୁହେଁ, କାନ୍ଥକୁ ମଧ୍ୟ ଚମକାଇ ପାରିବେ । ଏଥିପାଇଁ ଉଷୁମ ପାଣିରେ ଡିସ୍‌ୱାସ୍ ଜେଲ୍ ପକାଇ ଘାଣ୍ଟି ଦିଅନ୍ତୁ । ଏହି ପାଣିରେ ଏକ କପଡ଼ା ଭିଜାଇ କାନ୍ଥକୁ ସଫା କରନ୍ତୁ ।

# ଦୋ ମୁହାଁ କେଶର ଘରୋଇ ଉପଚାର

ଅନେକ ମହିଳା ଦୋମୁହାଁ କେଶ ସମସ୍ୟା ଦୂର କରିବା ପାଇଁ କେଶ କାଟି ଦିଅନ୍ତି । କିନ୍ତୁ ଏହା ସତ୍ତ୍ୱେ ଦୋ ମୁହାଁ କେଶ ପୁଣି ଦେଖିବାକୁ ମିଳିଥାଏ । ଏହାଦ୍ୱାରା କେଶ ରୁକ୍ଷ ଓ ଦୁର୍ବଳ ହୋଇଯାଏ । ବାରମ୍ବାର ପାର୍ଲର ଯାଇ ଖର୍ଚ୍ଚାନ୍ତରୁ ବଞ୍ଚିବାକୁ ଚାହୁଁଥିଲେ, ଘରୋଇ ଉପଚାର ଆପଣାଇ ଦୋମୁହାଁ କେଶ ସମସ୍ୟା ଦୂର କରିପାରିବେ । ଜାଣିବା ସେ ବିଷୟରେ...



### ହେୟାର୍ ମାସ୍କ

ଏଥିପାଇଁ ନଡ଼ିଆ ତେଲ ଓ ଶୁଦ୍ଧ ମହୁ ବ୍ୟବହାର କରିପାରିବେ । କେଶର ଲମ୍ବ ଅନୁସାରେ ଗୋଟିଏ ପାତ୍ରରେ ନଡ଼ିଆ ତେଲ ନେଇ ସେଥିରେ ଦୁଇ ଚାମଚ ମହୁ ମିଶାନ୍ତୁ । ଏହାକୁ ଭଲରେ ଚାମଚ ସାହାଯ୍ୟରେ ଗୋଳାଇ ଏକ ପେଷ୍ଟ ପ୍ରସ୍ତୁତ କରନ୍ତୁ ।

### ଏପରି କରନ୍ତୁ ବ୍ୟବହାର

ଏହାକୁ ବ୍ୟବହାର କରିବା ଖୁବ୍ ସହଜ । ଏଥିପାଇଁ ପ୍ରଥମେ କେଶ ପରିଷ୍କାର ଅଛି କି ନାହିଁ ତାହା ଧ୍ୟାନ ରଖିବା ଜରୁରୀ । ସେହିପରି ଆବଶ୍ୟକ ହେଲେ ସାମ୍ପୁ ଲଗାଇ ପୁଣିଥରେ କେଶ ସଫା କରି ଦିଅନ୍ତୁ । ଏହାପରେ ପ୍ରସ୍ତୁତ କରି ରଖିଥିବା ହେୟାର୍ ମାସ୍କ ଲଗାନ୍ତୁ । ଏହାକୁ କେଶମୂଳରୁ ନେଇ ଅଗ ଯାଏ ଭଲରେ ଲଗାନ୍ତୁ । ଏହାକୁ ଲଗାଇବାର ୪୦ ମିନିଟ୍ ପରେ ଏକ ମାଇଲ୍ଡ ସାମ୍ପୁରେ କେଶ ଧୋଇଦିଅନ୍ତୁ ।

### ସପ୍ତାହରେ ଲଗାନ୍ତୁ ଦୁଇଥର

ସପ୍ତାହରେ ଅତି କମ୍‌ରେ ଦୁଇଥର ଏହି ମାସ୍କ ଲଗାଇବା ଆବଶ୍ୟକ । ଏହା ଦ୍ୱାରା ଧୀରେ ଧୀରେ ଦୋମୁହାଁ କେଶ ସମସ୍ୟା ଦୂର ହୋଇଥାଏ । କେଶ ସୁସ୍ଥ, ସୁନ୍ଦର ଓ ମଜଭୂତ ରହିଥାଏ ।

# ଫେଶନରେ ଆଫ୍‌ଗାନୀ ସୁଟ୍



ଫେଶନ ଅନୁଯାୟୀ ଯୁବତୀମାନେ ପାରମ୍ପରିକ ଓ ଆଧୁନିକ ସ୍ପର୍ଶ ଥିବା ପୋଷାକ ପିନ୍ଧିବାକୁ ବେଶୀ ପସନ୍ଦ କରନ୍ତି । ସେମିତି ଏକ ସୁଟ୍ ହେଉଛି ଆଫ୍‌ଗାନୀ ସୁଟ୍ । ଏହା ଦେଖିବାକୁ ଆକର୍ଷଣୀୟ ହେବାସହ, ପିନ୍ଧିବାକୁ ଆରାମଦାୟକ ଲାଗିଥାଏ । ତେଣୁ ଯୁବତୀମାନେ ଏହାକୁ ପାର୍ଟି, ଫଙ୍କସନ୍ ଆଦି ସ୍ଥାନକୁ ପିନ୍ଧିଯିବାକୁ ପସନ୍ଦ କରିଥାନ୍ତି ।

### ଆଫ୍‌ଗାନୀ ସୁଟ୍

ଅଫିସ୍ ଓ କଲେଜ ଯାଉଥିବା ମହିଳାଙ୍କ ପାଇଁ ଆଫ୍‌ଗାନୀ ସୁଟ୍ ଭଲ ବିକଳ୍ପ । ଏହା ଅଧିକ କ୍ଲାସି ଓ ପ୍ରଫେସ୍‌ନାଲ୍ ଲାଗିଥାଏ । ଏହାକୁ ବଜାରରୁ କିଣିପାରିବେ, ନଚେତ୍ ନିଜ ପସନ୍ଦ ଅନୁଯାୟୀ କପଡ଼ା କିଣି ଏହାକୁ ପ୍ରସ୍ତୁତ କରିପାରିବେ । ଏଥିସହ କଣ୍ଟ୍ରାଷ୍ଟ ଦୁପଟା ପକାଇ ଷ୍ଟାଇଲ୍‌କୁ ଦୁଇଗୁଣା କରିପାରିବେ ।

### ଫର୍ମାଲ କୁର୍ତ୍ତା

ଫର୍ମାଲ ଓ ଷ୍ଟାଇଲିଶ୍ କୁର୍ତ୍ତା ସେଟ୍ ଚାହୁଁଥିଲେ, ଭି-ନେକ୍ ଓ ଏ-ଲାଇନ୍ କଟିଙ୍ଗ ଯୁକ୍ତ କୁର୍ତ୍ତାସେଟ୍ କରିପାରିବେ । ଏହାକୁ ସାଧା ସୂତା ପ୍ରିଣ୍ଟ କପଡ଼ାରେ ପ୍ରସ୍ତୁତ କରିପାରିବେ । ଆଫ୍‌ଗାନୀ କୁର୍ତ୍ତା ସେଟ୍‌ର ଏହି ଷ୍ଟାଇଲ୍ କାର୍ଯ୍ୟସ୍ଥଳୀ ପାଇଁ ଖୁବ୍ ଭଲ ହୋଇଥାଏ ।

### ପାର୍ଟି ପାଇଁ ସିମର୍

ବିବାହ କିମ୍ବା କୌଣସି ପାର୍ଟି, ଫଙ୍କସନ୍ ପାଇଁ ଆକର୍ଷଣୀୟ ପୋଷାକ ପିନ୍ଧିବାକୁ ଚାହୁଁଥିଲେ, ସିମର୍ ଫ୍ୟାବ୍ରିକ୍‌ରେ ନିର୍ମିତ, ଆଫ୍‌ଗାନୀ ସୁଟ୍ ଭଲ ବିକଳ୍ପ । ମାଳି ଓ ହାଲୁକା ଏମ୍ବ୍ରୋଡୋରୀ ଡିଜାଇନର ଏହି ସୁଟ୍ ଅଧିକ ଓଜନିଆ ଲାଗେ ନାହିଁ । ଏଥିରୁ ଏକ ସୁନ୍ଦର ଲୁକ୍ ମିଳିଥାଏ ।

### ଫ୍ଲୋରାଲ୍ ପ୍ରିଣ୍ଟ

ଏବେ ଫ୍ଲୋରାଲ୍ ପ୍ରିଣ୍ଟ ଶାଢ଼ି ଓ ଡ୍ରେସ୍‌ର ଲୋକପ୍ରିୟତା ରହିଛି । ଏହା ଷ୍ଟାଇଲିଶ୍ ହେବା ସହ ଦେଖିବାକୁ ଖୁବ୍ ସୁନ୍ଦର ହୋଇଥାଏ । ଏପରି ସ୍ଥଳେ ଚାହିଁଲେ, ପ୍ରିଣ୍ଟେଡ୍ କପଡ଼ାରେ ଏହି ସୁଟ୍ ତିଆରି କରିପାରିବେ । ଫୁଲ୍ ସ୍ଲିଭ୍‌ସ କିମ୍ବା ପଫ୍ ସ୍ଲିଭ୍ ବ୍ଲାଉଜ୍ ଏହାକୁ ଅଧିକ ଆକର୍ଷଣୀୟ କରିଥାଏ ।

## ମୋ ହାଣ୍ଡିଶାଳରୁ...

# ମିଲେଟ୍ ଖିରି



### ଆବଶ୍ୟକ ସାମଗ୍ରୀ

କ୍ଷୀର – ଚାରି କପ୍, ପିସ୍ତା ଗୁଣ୍ଡ – ଦୁଇଚାମଚ, କାଜୁ ଗୁଣ୍ଡ – ଦୁଇ ଚାମଚ, କିସମିସ୍ –ଚାରି ପାଞ୍ଚୋଟି, କୋଡୋ ମିଲେଟ୍ – ଦୁଇ କପ୍, ଚିନି – ଅଧା କପ୍, ଗୁଆଘିଅ – ଦୁଇ ଚାମଚ, ଗୁଜରାତି- ଅଧା ଚାମଚ ।

### ପ୍ରସ୍ତୁତି ପ୍ରଣାଳି

ଚୁଲାରେ କଡ଼େଇ ବସାଇ ଚାରି କପ୍ କ୍ଷୀର ଦେଇ ଫୁଟାନ୍ତୁ । ଏହାପରେ ଏକ କଡ଼େଇ ବସାଇ ସେଥିରେ ଦୁଇଚାମଚ ଘିଅ ଦେଇ, ଦୁଇ ଚାମଚ ପିସ୍ତା, ବାଦାମ, କାଜୁ ଓ କିସ୍‌ମିସ୍ ଦେଇ ଅଳ୍ପ ସମୟ ଭାଜି ଏକ ପାତ୍ରରେ କାଢ଼ି ଦିଅନ୍ତୁ । ଏହାପରେ କଡ଼େଇରେ ଅଳ୍ପ ଘିଅ ଦେଇ ସେଥିରେ କୋଡୋ ମିଲେଟ୍ ପକାଇ ଭାଜନ୍ତୁ । ହାଲୁକା ଭାଜି ହୋଇଯିବା ପରେ ଏହାକୁ ଫୁଟନ୍ତା କ୍ଷୀରରେ ପକାଇ ବହଳିଆ ହେବା ଯାଏ ଘାଣ୍ଟନ୍ତୁ । ଏହାପରେ ସେଥିରେ ଆବଶ୍ୟକ ଅନୁସାରେ ଚିନି, ଗୁଜରାତି ଗୁଣ୍ଡ ଦେଇ ଘାଣ୍ଟନ୍ତୁ । ଶେଷରେ ଭାଜି ରଖିଥିବା ଡ୍ରାଏ ଫ୍ରୁଟ୍ସ ସବୁକୁ ଦେଇ ଦିଅନ୍ତୁ । ପ୍ରସ୍ତୁତ ହୋଇଗଲା 'ମିଲେଟ୍ ଖିରୀ' ।

# ଚର୍ଚ୍ଚାରେ କ୍ରିକେଟରଙ୍କ ବ୍ରୋଙ୍କୋ ଟେଷ୍ଟ

ବେଙ୍ଗାଲୁରୁ,୩।୯ (ଏଜେନ୍ସି): ଆଇପିଏଲ୍ ଓ ଇଂଲଣ୍ଡ ବିପକ୍ଷ ଟେଷ୍ଟ ସିରିଜ୍ ପରେ ଅନେକ ପ୍ରତିଷ୍ଠିତ ଭାରତୀୟ କ୍ରିକେଟର କୌଣସି ପ୍ରତିଯୋଗିତାମୂଳକ କ୍ରିକେଟ ଖେଳି ନାହାନ୍ତି। ଏହା ମଧ୍ୟରେ କିଛି ଖେଳାଳି ଦୁଲୀପ୍ ଟ୍ରଫିରେ ଅବତୀର୍ଣ୍ଣ ହୋଇଥିଲାବେଳେ ଆଉ କିଛି ଏସିଆ କପ ଓ ଅଷ୍ଟ୍ରେଲିଆ ବିପକ୍ଷ ଦିନିକିଆ ସିରିଜ୍ ଲାଗି ପ୍ରସ୍ତୁତି ଚଳାଇଛନ୍ତି। ସେଥିଲାଗି ଏଠାରେ ଥିବା ସେଣ୍ଟର ଫର ଏକ୍ସିଲେନ୍ସିରେ ଖେଳାଳିମାନଙ୍କର ଫିଟନେସ ଟେଷ୍ଟ କରାଯାଇଛି। ନୂଆକରି ଷ୍ଟ୍ରେନ୍ଥ ଓ କଣ୍ଡିସନିଂ କୋଚ୍ ନିଯୁକ୍ତ ପାଇଥିବା ଆଡ୍ରିଆନ ଲୀ ରକ୍ସଙ୍କ ପ୍ରସ୍ତାବିତ ବ୍ରୋଙ୍କୋ ଟେଷ୍ଟକୁ ନେଇ ଚର୍ଚ୍ଚା ଚାଲିଛି। ଭାରତୀୟ ଖେଳାଳିମାନେ କଷ୍ଟସାଧ ବ୍ରୋଙ୍କୋ ଟେଷ୍ଟରେ ପାସ କଲେ ଚୟନଲାଗି ଉପଲବ୍ଧ ହେବେ ବୋଲି କୁହାଯାଇଥିଲା। କିନ୍ତୁ ରୋହିତ ଶର୍ମାଙ୍କଠାରୁ ଆରମ୍ଭ କରି ଅର୍ଶଦୀପ ସିଂହଙ୍କ ସମେତ ଅନେକ ଖେଳାଳି ଏଠାରେ ଫିଟ୍‌ନେସ ଟେଷ୍ଟରେ ପାସ୍ କରିଛନ୍ତି। ସେମାନଙ୍କୁ କେବଳ ୟୋ ୟୋ ଟେଷ୍ଟ କରାଯାଇଥିଲା। ଆବଶ୍ୟକ ହେଲେ ବ୍ରୋଙ୍କୋ ଟେଷ୍ଟକୁ ବିସିସିଆଇ ଗ୍ରହଣ କରିବ ବୋଲି କୁହାଯାଇଛି।

# ଜୁନିଅର ହକି ବିଶ୍ୱକପ୍ ବୟକଟ୍ କରିବ ପାକିସ୍ତାନ

ଲାହୋର, ୩।୯ (ଏଜେନ୍ସି): ଚଳିତ ବର୍ଷ ଶେଷ ଭାଗରେ ଏଫ୍‌ଆଇଏଚ୍ ଜୁନିଅର ପୁରୁଷ ହକି ବିଶ୍ୱକପ୍‌ର ୧୪ତମ ସଂସ୍କରଣ ଭାରତରେ ଆୟୋଜିତ ହେବ। ନଭେମ୍ବର ୨୮ରୁ ଡିସେମ୍ବର ୧୦ ତାରିଖ ପର୍ଯ୍ୟନ୍ତ ଏହା ଚେନ୍ନାଇର ମଦୁରାଇରେ ଖେଳାଯିବ। ତେବେ ଏହି ମେଗା ଇଭେଣ୍ଟକୁ ପାକିସ୍ତାନ ଦଳ ବୟକଟ୍ କରିବ ବୋଲି ଜଣାପଡ଼ିଛି। 'ଦୁଇ ଦେଶ ମଧ୍ୟରେ ବର୍ତ୍ତମାନ ଯୁଦ୍ଧଭଳି ସ୍ଥିତି ରହିଛି। ଏଭଳି ସ୍ଥିତିରେ ଆମେ ଭାରତ ଗସ୍ତ କରିପାରିବୁ ନାହିଁ' ବୋଲି ପାକିସ୍ତାନ ହକି ମହାସଂଘର ସଭାପତି ତାରିକ ବଗତି କହିଛନ୍ତି। ଲାହୋରରେ ଗଣମାଧ୍ୟମ ସହ ଆଲୋଚନା ଅବସରରେ ତାରିକ କହିଛନ୍ତି, 'ଏଭଳି ଉତ୍ତେଜନାମୂଳକ ପରିସ୍ଥିତିରେ ଭାରତ ଯାଇ ଚଳିତ ଏସିଆ କପ୍ ଖେଳିବା ସମ୍ଭବପର ନ ଥିଲା। ଉଭୟ ପାର୍ଶ୍ୱରେ ବର୍ତ୍ତମାନ ଯୁଦ୍ଧଭଳି ସ୍ଥିତି। ଏଭଳି ସମୟରେ ବର୍ତ୍ତମାନ କି ନିକଟ ଭବିଷ୍ୟତରେ ଆମେ ଭାରତ ଗସ୍ତ କରିପାରିବୁ ନାହିଁ। ସେହିଭଳି ଯଦି ଭାରତୀୟ କ୍ରିକେଟ୍ ଦଳ ଏଠାକୁ ଆସିପାରୁ ନାହିଁ ତେବେ ପାକିସ୍ତାନ ହକି ଦଳ ଭାରତ ଗସ୍ତରେ ମଧ୍ୟ ଯିବ ନାହିଁ।' ଅପରପକ୍ଷରେ ପାକିସ୍ତାନ ବିଶ୍ୱକପରେ ଭାଗନେବ କି ନାହିଁ ତାହା ଅନିଶ୍ଚିତତା ମଧ୍ୟରେ ରହିଛି ବୋଲି ଭାରତୀୟ ହକି ମହାସଂଘର ସମ୍ପାଦକ ଭୋଲାନାଥ ସିଂ କହିଛନ୍ତି।

# ଜର୍ସି ସ୍ପନସର ବିନା ଏସିଆ କପ୍ ଖେଳିବ ଭାରତ


ନୂଆଦିଲ୍ଲୀ,୩।୯ (ଏଜେନ୍ସି): ୟୁଏଇରେ ସେପ୍ଟେମ୍ବର ୯ରୁ ୮ଟି ଦଳକୁ ନେଇ ଆରମ୍ଭ ହେବ ଏସିଆ କପ୍ ଟି-୨୦ କ୍ରିକେଟ। ଏହି ଟୁର୍ଣ୍ଣାମେଣ୍ଟ ଲାଗି ଭାରତ ସମସ୍ତ ପ୍ରକାର ପ୍ରସ୍ତୁତି ଚଳାଇଥିଲେ ମଧ୍ୟ ଜର୍ସି ଓ କିଟ୍ ସ୍ପନସର ବିନା ଏହି ଟୁର୍ଣ୍ଣାମେଣ୍ଟରେ ଖେଳିବ ବୋଲି ନିଶ୍ଚିତ ହୋଇଛି। ଅନ୍‌ଲାଇନ୍ ଗେମିଂ ପ୍ଲାଟଫର୍ମକୁ ଭାରତ ସରକାର ବାସନ୍ଦ କରିବା ପରେ ଜର୍ସି ସ୍ପନସରରୁ ବାଦ୍ ପଡ଼ିଥିଲା ଡ୍ରିମ-୧୧। ଏହି ସ୍ଥାନ ପୂରଣ ଲାଗି ବିସିସିଆଇ ଟେଣ୍ଡର ଆହ୍ୱାନ କରିଛି। ଏତେ ଶୀଘ୍ର ଏହା ପୂରଣ ହୋଇପାରିବ ନାହିଁ ବୋଲି ଜଣାପଡ଼ିଛି। ଫଳରେ ଭାରତ ଏହି ଟୁର୍ଣ୍ଣାମେଣ୍ଟରେ ଜର୍ସି ସ୍ପନସର ନ ଥାଇ ଖେଳିବ ବୋଲି ସ୍ପଷ୍ଟ ହୋଇଛି। ସେପ୍ଟେମ୍ବର ୯ ରୁ ଆରମ୍ଭ ହେଉଥିବା ଏହି ଟୁର୍ଣ୍ଣାମେଣ୍ଟରେ ଭାରତ ସୂର୍ଯ୍ୟକୁମାର ଯାଦବଙ୍କ ନେତୃତ୍ୱରେ ଖେଳିବ। ୧୦ରେ ୟୁଏଇ, ୧୪ରେ ପାକିସ୍ତାନ ଓ ୧୯ରେ ଓମାନ ସହ ଗ୍ରୁପ୍-ଏ' ମୁକାବିଲାରେ ଭାରତ ଅବତୀର୍ଣ୍ଣ ହେବ।

# ଆଜିଠାରୁ ଦୁଲୀପ ଟ୍ରଫି ସେମିଫାଇନାଲ ଲଢ଼େଇ

ବେଙ୍ଗାଲୁରୁ,୩।୯ (ଏଜେନ୍ସି): ଆନ୍ତଃଜୋନ୍ ଦୁଲୀପ୍ ଟ୍ରଫି କ୍ରିକେଟ ପ୍ରତିଯୋଗିତାର ସେମିଫାଇନାଲ ପର୍ଯ୍ୟାୟ ମୁକାବିଲା ଗୁରୁବାରଠାରୁ ଏଠାରେ ଆରମ୍ଭ ହେବ। ଜାତୀୟ ଦଳକୁ ଫେରିବା ଲାଗି ଆଶାୟୀ ଥିବା ଖେଳାଳିଙ୍କ ଲାଗି ଏହା ବେଶ ସହାୟକ ହେବ। ଆସନ୍ତାକାଲିର ସେମିଫାଇନାଲ ମୁକାବିଲାରେ ପଶ୍ଚିମାଞ୍ଚଳ ସହ କେନ୍ଦ୍ରାଞ୍ଚଳ ଖେଳିବ। ଏସିଆ କପ୍ ଦଳରୁ ବାଦ୍ ପଡ଼ି ଚର୍ଚ୍ଚାରେ ଥିବା ଶ୍ରେୟସ ଆୟର, ଯୁବ ଓପନର ଯଶସ୍ୱୀ ଜୟସ୍ୱାଲ ପ୍ରମୁଖ ଏଠାରେ ଭଲ ପ୍ରଦର୍ଶନ କରି ଚୟନକର୍ତ୍ତାଙ୍କ ଦୃଷ୍ଟି ଆକର୍ଷଣ କରିବାକୁ ଚେଷ୍ଟା କରିବେ। ରଜତ ପାଟିଦାରଙ୍କ ନେତୃତ୍ୱରେ କେନ୍ଦ୍ରାଞ୍ଚଳ ଜୋରଦାର ମୁକାବିଲା କରିବ ବୋଲି ଆଶା କରାଯାଉଛି। ସେହିପରି ଦ୍ୱିତୀୟ ସେମିଫାଇନାଲ ଉତ୍ତରାଞ୍ଚଳ ଓ ଦକ୍ଷିଣାଞ୍ଚଳ ମଧ୍ୟରେ ଖେଳାଯିବ।

# ୟୁଏସ୍ ଓପନ୍ ସେମିରେ ଜୋକୋଭିଚ୍-ଆଲ୍‌କାରାଜ୍

ନ୍ୟୁୟର୍କ,୩।୯ (ଏଜେନ୍ସି):

ବିଶ୍ୱର ନଂ-୨ ଖେଳାଳି ସ୍ପେନ୍‌ର କାର୍ଲୋସ ଆଲକାରାଜ ଓ ରେକର୍ଡ ୨୫ତମ ଗ୍ରାଣ୍ଡସ୍ଲାମ୍ ଟାଇଟଲ ଜିତିବା ଲାଗି ଆଶାୟୀ ଥିବା ସର୍ବିଆର ନୋଭାକ ଜୋକୋଭିଚ୍‌ଙ୍କ ମଧ୍ୟରେ ୟୁଏସ୍ ଓପନ ୨୦୨୫ ପୁରୁଷ ଏକକ ସେମିଫାଇନାଲ ମୁକାବିଲା ଅନୁଷ୍ଠିତ ହେବ। ମଙ୍ଗଳବାର ରାତିରେ ଅନୁଷ୍ଠିତ ପ୍ରତିଦ୍ୱନ୍ଦ୍ୱିତାମୂଳକ କ୍ୱାର୍ଟରଫାଇନାଲ ମୁକାବିଲାରେ ଜୋକୋଭିଚ୍ ୬-୩, ୭-୫, ୩-୬, ୬-୪ ସେଟ୍‌ରେ ଚତୁର୍ଥ ସିଡ୍ ଆମେରିକାର ଟେଲର ଫ୍ରିଜ୍‌ଙ୍କୁ ପରାସ୍ତ କରିଥିଲେ। ଏହି ମ୍ୟାଚ୍‌ଟି ୩ଘଣ୍ଟା ୪୨ ମିନିଟ୍‌ରେ ଶେଷ ହୋଇଥିଲା। ଏହା ଫଳରେ ୩୮ ବର୍ଷୀୟ ଜୋକୋଭିଚ ବୟସ ଓ କ୍ଲାନ୍ତହୀନତାକୁ ପଛରେ ପକାଇ ଏହି ମ୍ୟାଚ୍ ଜିତିନେଇଥିଲେ। ଏଠାରେ ୪ଥର ଟାଇଟଲ ଜିତିଥିବା ଜୋକୋଭିଚ୍ ୧୪ଥର ଲାଗି ସେମିଫାଇନାଲରେ ପ୍ରବେଶ କରି ଜିମି କନର୍ସଙ୍କ ରେକର୍ଡ ସହ ସମକକ୍ଷ ହୋଇଛନ୍ତି। ଅନ୍ୟ ପକ୍ଷରେ ପୂର୍ବରୁ ଖେଳାଯାଇଥିବା କ୍ୱାର୍ଟର ଫାଇନାଲ ମୁକାବିଲାରେ ଆଲକାରାଜ ୩-୦ ସେଟ୍‌ରେ ନଂ-୨୦ ସିଡ ଜିରି ଲେହେକାଙ୍କୁ ପରାସ୍ତ କରି ପ୍ରଥମ ଖେଳାଳିଭାବେ ସେମିଫାଇନାଲରେ ପ୍ରବେଶ କରିଥିଲେ। ଏହା ଫଳରେ ଜୋକୋଭିଚ୍‌ଙ୍କ ସହ ମୁକାବିଲା ଲାଗି ସେ ନିଜକୁ ଭଲ ଭାବେ ପ୍ରସ୍ତୁତ କରିନେଇଥିଲେ। ଜୋକୋଭିଚ୍‌ଙ୍କ ସହ ୭ଥର ମେଜର ମୁକାବିଲାରେ ଆଲକାରାଜ ହାରିନାହାନ୍ତି। କିନ୍ତୁ ଏଟିପି ମୁକାବିଲାରେ ଜୋକୋଭିଚ୍ ୩-୨ରେ ଆଗୁଆ ରହିଛନ୍ତି। ଆଲକାରାଜ ଓ ନଂ-୧ ଜାନିକ ସିନ୍ନରଙ୍କ ମଧ୍ୟରେ ଫାଇନାଲ ଲଢ଼େଇର ମୁଖ୍ୟ ପ୍ରତିବନ୍ଧକ ଭାବେ ମୁଁ ରହିଛି। ଏବେ ଉଭୟ ବିଶ୍ୱର ଶ୍ରେଷ୍ଠ ଖେଳାଳି। କିନ୍ତୁ ସେମିଫାଇନାଲ ମୁକାବିଲାରେ ମୁଁ ଖେଳ ଦେଖିବାକୁ ଯିବି ନାହିଁ, ଖେଳିବି ବୋଲି ସେମିଫାଇନାଲରେ ପ୍ରବେଶ କରିବା ପରେ କହିଛନ୍ତି ଜୋକୋଭିଚ୍।

ପୁରୁଷ ବିଭାଗର ଅନ୍ୟ ଦୁଇଟି କ୍ୱାର୍ଟର ଫାଇନାଲ ଆଜି ବା ବୁଧବାର ରାତିରେ ଖେଳାଯିବ। କ୍ୱାର୍ଟରରେ ୮ ନମ୍ବର ସିଡ୍ ଅଷ୍ଟ୍ରେଲିଆର ଆଲେକ୍ସ ଡି ମିନାଉର ଓ କାନାଡାର ଫେଲିକ୍ସ ଅଗର-ଆଲିଆସିମେଙ୍କ ମଧ୍ୟରେ ଖେଳାଯିବ। ସେହିପରି ଦ୍ୱିତୀୟ କ୍ୱାର୍ଟର ଇଟାଲୀର ଜାନିକ ସିନ୍ନର ସେମିଫାଇନାଲ ସ୍ଥାନ ଲାଗି ୧୦ ନମ୍ବର ସିଡ ତଥା ନିଜ ଦେଶର ଲୋରେଞ୍ଜୋ ମୁସେଟିଙ୍କ ସହ ମୁକାବିଲା କରିବେ।

## ଓହରିଲେ ଭୋଣ୍ଡ୍ରୋଉସୋଭା, ସେମିରେ ସାବାଲେଙ୍କା

ମଙ୍ଗଳବାର ରାତିରେ ବିଶ୍ୱର ନଂ-୧ ଖେଳାଳି ଆରିନା ସାବାଲେଙ୍କା ଓ ଚେକ୍ ରିପବ୍ଲିକ୍‌ର ମାର୍କେଟା ଭୋଣ୍ଡ୍ରୋଉସୋଭାଙ୍କ ମଧ୍ୟରେ ମହିଳା ଏକକ ଦ୍ୱିତୀୟ କ୍ୱାର୍ଟର ଫାଇନାଲ ଖେଳାଯିବାର କାର୍ଯ୍ୟକ୍ରମ ରହିଥିଲା। କିନ୍ତୁ ଆଘାତ ଲାଗିଥିବା ଆଣ୍ଠୁରେ ଯନ୍ତ୍ରଣା ଅଧିକ ହେବାରୁ ଭୋଣ୍ଡ୍ରୋଉସୋଭା ଏହି ମ୍ୟାଚ୍‌ରୁ ଓହରିଯାଇଥିଲେ। ଏହା ଫଳରେ ବିନା ଲଢ଼େଇରେ ନଂ-୧ ସାବାଲେଙ୍କା ସେମିଫାଇନାଲରେ ପ୍ରବେଶ କରିଥିଲେ। ସେମିରେ ତାଙ୍କର ମୁକାବିଲା ହେବ ନଂ-୪ ସିଡ୍ ଆମେରିକାର ଜେସିକା ପେଗୁଲାଙ୍କ ସହ। ପେଗୁଲା ଏକ ସହଜ ମୁକାବିଲାରେ ଚେକ୍ ରିପବ୍ଲିକ୍‌ର ଆଉ ଜଣେ ଖେଳାଳି ବାର୍ବରା କ୍ରେଜିକୋଭାଙ୍କୁ ୬-୩, ୬-୩ ସିଧାସଳଖ ସେଟ୍‌ରେ ପରାସ୍ତ କରି ସେମିରେ ପ୍ରବେଶ କରିଥିଲେ। ସେହିପରି ମହିଳା ଏକକ ବିଭାଗର ଅନ୍ୟ ଦୁଇ କ୍ୱାର୍ଟରଫାଇନାଲ ଆଜି ବା ବୁଧବାର ରାତିରେ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ଏହା ମଧ୍ୟରୁ ନଂ-୨ ପୋଲାଣ୍ଡର ଇଗା ସ୍ୱିଆଟେକଙ୍କ ସହ ନଂ-୮ ଆମେରିକାର ଆମାଣ୍ଡା ଆନିସିମୋଭାଙ୍କର ମୁକାବିଲା ହେବ। ଗୁରୁବାର ସକାଳେ ନଂ-୧୧ ସିଡ୍ ଚେକ୍ ରିପବ୍ଲିକ୍‌ର କାରୋଲିନା ମୁଚୋଭାଙ୍କ ସହ ଫର୍ମକୁ ଫେରିଥିବା ନଂ-୨୩ ସିଡ୍ ଜାପାନର ନାଓମି ଓସାକାଙ୍କ ସହ ମୁକାବିଲା ହେବ।

## ପୁରୁଷ ଯୁଗଳ କ୍ୱାର୍ଟରରେ ଭାମ୍ବ୍ରୀ-ଭେନସ

ଭାରତର ୟୁକି ଭାମ୍ବ୍ରୀ ଓ ତାଙ୍କ ନ୍ୟୁଜିଲାଣ୍ଡ ଯୋଡି ମାଇକେଲ ଭେନସ ୟୁଏସ୍ ଓପନ ପୁରୁଷ ଯୁଗଳ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି। ମଙ୍ଗଳବାର ରାତିରେ ଖେଳାଯାଇଥିବା ପ୍ରି-କ୍ୱାର୍ଟର ଫାଇନାଲ ମୁକାବିଲାରେ ଭାମ୍ବ୍ରୀ-ଭେନସଙ୍କ ଯୋଡି ଚତୁର୍ଥ ସିଡ ଜର୍ମାନୀର ଟିମ୍ ପୁଏଜ୍ ଓ କେଭିନ କ୍ରୱିଏଜ୍‌ଙ୍କୁ ୬-୪, ୬-୪ ସିଧାସଳଖ ସେଟ୍‌ରେ ହରାଇଥିଲେ। ଏହି ମୁକାବିଲା ଦୀର୍ଘ ଏକ ଘଣ୍ଟା ୨୩ ମିନିଟକାଳ ଚାଲିଥିଲା। ଏହି ବିଜୟ ଫଳରେ ଭାରତର ଭାମ୍ବ୍ରୀ ଯେ କୌଣସି ଗ୍ରାଣ୍ଡସ୍ଲାମ୍ ଇଭେଣ୍ଟରେ ପ୍ରଥମଥର କ୍ୱାର୍ଟରଫାଇନାଲରେ ପ୍ରବେଶ କରିବାରେ ସମର୍ଥ ହୋଇଛନ୍ତି। ଆସନ୍ତାକାଲି ଖେଳାଯିବାକୁ ଥିବା କ୍ୱାର୍ଟର ଫାଇନାଲରେ ଭାମ୍ବ୍ରୀ-ଭେନସଙ୍କ ଯୋଡି ଏକାଦଶ ସିଡ୍ କ୍ରୋଏସିଆର ନିକୋଲା ମେକ୍‌ଟିକ୍ ଓ ଆମେରିକାର ଭେଟେରାନ ଖେଳାଳି ରାଜୀବ ରାମଙ୍କୁ ନେଇ ଗଠିତ ଯୋଡିଙ୍କୁ ଭେଟିବେ।

# ସିଏସ୍‌କେକୁ ଏନ୍ ଶ୍ରୀନିବାସନଙ୍କ ପ୍ରତ୍ୟାବର୍ତ୍ତନ

ଚେନ୍ନଇ, ୩।୯ (ଏଜେନ୍ସି): ଦୀର୍ଘ ବର୍ଷର ବ୍ୟବଧାନ ପରେ ବରିଷ୍ଠ କ୍ରିକେଟ୍ ପ୍ରଶାସକ ତଥା ବିସିସିଆଇର ପୂର୍ବତନ ସଭାପତି ଏନ୍ ଶ୍ରୀନିବାସନ ପାଞ୍ଚଥରର ଆଇପିଏଲ୍ ଚାମ୍ପିଅନ ଚେନ୍ନାଇ ସୁପର୍ କିଙ୍ଗ୍‌ସ (ସିଏସ୍‌କେ) ଦଳକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଶ୍ରୀନିବାସନଙ୍କ ସମେତ ତାଙ୍କ ଝିଅ ରୂପା ଗୁରୁନାଥଙ୍କୁ ଚେନ୍ନାଇ ସୁପର୍ କିଙ୍ଗ୍‌ସ କ୍ରିକେଟ୍ ଲିମିଟେଡ୍ (ସିଏସ୍‌କେସିଏଲ୍)ର ନିର୍ଦ୍ଦେଶକ ଭାବେ ନିଯୁକ୍ତ କରାଯାଇଛି। ତେବେ ବୟସକୁ ଦୃଷ୍ଟିରେ ରଖି ଯାତ୍ରାକୁ ସୀମିତ ରଖିବା ଲାଗି ୮୦ ବର୍ଷୀୟ ଶ୍ରୀନିବାସଙ୍କୁ ସିଏସ୍‌କେର ପରାମର୍ଶଦାତା ଭୂମିକାରେ ଦେଖିବାକୁ ମିଳିବ। ସିଏସ୍‌କେର ସିଇଓ କାଶୀ ବିଶ୍ୱନାଥନ ଏହି ସୂଚନା ଦେଇଛନ୍ତି। ତାଙ୍କର ଉପସ୍ଥିତି ସିଏସ୍‌କେର ରଣନୀତି ଓ ପରିଚାଳନା ଦକ୍ଷତାକୁ ବୃଦ୍ଧି କରିବ ବୋଲି ସେ କହିଛନ୍ତି। ଭାରତୀୟ କ୍ରିକେଟ୍‌ରେ ଦଶନ୍ଧିରୁ ଊର୍ଦ୍ଧ୍ୱ ବର୍ଷର ଅଭିଜ୍ଞତା ଥିବା ଶ୍ରୀନିବାସନଙ୍କ ପ୍ରତ୍ୟାବର୍ତ୍ତନ ଚେନ୍ନାଇ ସୁପର୍ କିଙ୍ଗ୍‌ସକୁ ଏଭଳି ସମୟରେ ହୋଇଛି ଯେତେବେଳେ ଦଳ ଗତ ଆଇପିଏଲ୍ ବିପର୍ଯ୍ୟୟରୁ ମୁକୁଳିବା ଲାଗି ଚେଷ୍ଟା କରୁଛି। ଆଇପିଏଲ୍ ଇତିହାସରେ ସିଏସ୍‌କେ ପ୍ରଥମଥର ଲାଗି ଗତ ସଂସ୍କରଣରେ ସର୍ବନିମ୍ନ ସ୍ଥାନରେ ରହି ଅଭିଯାନ ଶେଷ କରିଥିଲା। ୨୦୦୮ରେ ସିଏସ୍‌କେ ଗଠନ ପଛରେ ଶ୍ରୀନିବାସନ ପ୍ରମୁଖ ଭୂମିକା ରହିଥିଲେ। କିନ୍ତୁ ସେ କେବେ ମଧ୍ୟ ଅଫିସିଆଲ୍ ଭାବେ ସିଏସ୍‌କେ ଫ୍ରାଞ୍ଚାଇଜର କୌଣସି ପଦବୀରେ ରହି ନ ଥିଲେ।



# ଦକ୍ଷିଣ ଆଫ୍ରିକାର ନେତୃତ୍ୱ ନେବେ ଲୌରା

ମହିଳା ଦିନିକିଆ ବିଶ୍ୱକପ୍

ଜୋହାନ୍ସବର୍ଗ, ୩।୯ (ଏଜେନ୍ସି): ମହିଳା ଦିନିକିଆ ବିଶ୍ୱକପ୍‌ର ତ୍ରୟୋଦଶ ସଂସ୍କରଣ ସେପ୍ଟେମ୍ବର ୩୦ରୁ ଭାରତ ଓ ଶ୍ରୀଲଙ୍କାରେ ମିଳିତ ଭାବେ ଆରମ୍ଭ ହେବ। ଏହି ମେଗା ଇଭେଣ୍ଟ ଲାଗି ବୁଧବାର ଦକ୍ଷିଣ ଆଫ୍ରିକା ମହିଳା କ୍ରିକେଟ୍ ଦଳ ଘୋଷଣା କରାଯାଇଛି। ଯୁବ ବ୍ୟାଟର୍ ଲୌରା ୱଲଭାର୍ଡଟଙ୍କୁ ଘୋଷିତ ୧୫ ଜଣିଆ ଦଳର ନେତୃତ୍ୱ ପ୍ରଦାନ କରାଯାଇଛି। ସେହିଭଳି ସୁନେ ଲସ୍, ମାରିଜାନ୍ନେ କାପ୍ପ, କ୍ଲୋଏ ଟ୍ରାୟନ ଓ ଆୟାବୋଙ୍ଗା ଖାକାଙ୍କ ଭଳି ଅଭିଜ୍ଞ ଖେଳାଳି ଦଳରେ ସ୍ଥାନ ବଜାୟ ରଖିଛନ୍ତି। ଅକ୍ଟୋବର ୩ରେ ଇଂଲଣ୍ଡ ବିପକ୍ଷରେ ଖେଳି ବିଶ୍ୱକପ୍‌ରେ ଅଭିଯାନ ଆରମ୍ଭ କରିବ।

**ଘୋଷିତ ଦକ୍ଷିଣ ଆଫ୍ରିକା ଦଳ:** ଲୌରା ୱଲଭାର୍ଡଟ୍ (ଅଧିନାୟିକା), ଆନେକ ବୋଶ୍, ତାଜମିନ ବ୍ରିଟ୍ସ, ନାଦିନେ ଡି କ୍ଲେର୍କ, ଆନେରି ଡେର୍କେସନ, ସିନାଲୋ ଜାଫତା, ମାରିଜାନ୍ନେ କାପ୍ପ, ଆୟାବୋଙ୍ଗା ଖାକା, ମାସାବାତା କ୍ଲାସ, ସୁନେ ଲସ୍, କାରାବୋ ମେସୋ, ନୋଙ୍କୁଲୁଲେକୋ ମାଲବା, ତୁମି ସେଖୁଖୁନେ, ନୋନ୍ଦୁମିସୋ ଶାଙ୍ଗାସେ ଓ କ୍ଲୋଏ ଟ୍ରାୟନ।

# ଡବଲ୍ ସ୍ୱର୍ଣ୍ଣ ବିଜୟିନୀ ରଶ୍ମିତା ସମ୍ବର୍ଦ୍ଧିତ



ଭୁବନେଶ୍ୱର, ୩।୯ (ସମିସ): ଖେଲୋ ଇଣ୍ଡିଆ ଜଳକ୍ରୀଡ଼ାରେ ଦୁଇ ଦୁଇଟି ସ୍ୱର୍ଣ୍ଣ ପଦକ ଜିତି ରାଜ୍ୟ ପାଇଁ ଗୌରବ ଆଣିଥିବା ରଶ୍ମିତା ସାହୁଙ୍କୁ କିଟ୍ ବିଶ୍ୱବିଦ୍ୟାଳୟ ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଛି। କିଟ୍‌ରେ ଅଧ୍ୟୟନ କରୁଥିବା ରଶ୍ମିତାଙ୍କୁ ପ୍ରତିଷ୍ଠାତା ପ୍ରଫେସର ଅଚ୍ୟୁତ ସାମନ୍ତ ବୁଧବାର ଆର୍ଥିକ ପ୍ରୋତ୍ସାହନ ଓ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରିଥିଲେ। ଏଥିସହ ରଶ୍ମିତାଙ୍କୁ ଆଗାମୀ କ୍ରୀଡ଼ା କ୍ୟାରିୟରରେ ସମସ୍ତ ସହଯୋଗ ବିଶ୍ୱବିଦ୍ୟାଳୟ ପକ୍ଷରୁ ଯୋଗାଇ ଦେବାକୁ ଶ୍ରୀ ସାମନ୍ତ ପ୍ରତିଶ୍ରୁତି ଦେଇଥିଲେ। ଉଲ୍ଲେଖଯୋଗ୍ୟ, ଶ୍ରୀନଗରରେ ଶେଷ ହୋଇଥିବା ଖେଲୋ ଇଣ୍ଡିଆ ଜଳକ୍ରୀଡ଼ାରେ ଚୌଦ୍ୱାରର ରଶ୍ମିତା ୨୦୦ ମିଟର କାନୋଇଂ-୧ ଓ ୫୦୦ ମିଟର କାନୋଇଂ-୨ ଇଭେଣ୍ଟରେ ସ୍ୱର୍ଣ୍ଣ ପଦକ ଜିତିଥିଲେ। ଏହି ସଫଳତା ଲାଗି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଗତ ରବିବାର 'ମନ୍ କି ବାତ୍' କାର୍ଯ୍ୟକ୍ରମରେ ରଶ୍ମିତାଙ୍କୁ ଶୁଭେଚ୍ଛା ଜଣାଇଥିଲେ।

# ଜିଲ୍ଲାସ୍ତରୀୟ ଟାଏକ୍ୱୋଣ୍ଡୋ ଉଦ୍‌ଯାପିତ




ଭୁବନେଶ୍ୱର, ୩।୯ (ସମିସ): ସ୍ଥାନୀୟ ପାଣ୍ଡରାସ୍ଥିତ ବିନୋରୀ ଟାଏକ୍ୱୋଣ୍ଡୋ ଏକାଡେମୀରେ ଦୁଇ ଦିନିଆ ୨୩ତମ ଜିଲ୍ଲାସ୍ତରୀୟ ଟାଏକ୍ୱୋଣ୍ଡୋ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଭୁବନେଶ୍ୱର ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ୧୫ଟି ଏକାଡେମୀର ୨୮୦ରୁ ଊର୍ଦ୍ଧ୍ୱ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ବିନୋରୀ ଟାଏକ୍ୱୋଣ୍ଡୋ ଏକାଡେମୀର ୪୧ ଜଣ ପ୍ରତିଯୋଗୀ ଏଥିରେ ଭାଗ ନେଇଥିଲେ। ସେମାନଙ୍କ ମଧ୍ୟରୁ ୨୩ ଜଣ ସ୍ୱର୍ଣ୍ଣ, ୭ ଜଣ ରୌପ୍ୟ ଏବଂ ୧୦ ଜଣ କାଂସ୍ୟ ପଦକ ଜିତିବାରେ ସଫଳ ହୋଇଥିଲେ। ବିଧାୟକ ସୁଶାନ୍ତ କୁମାର ରାଉତ ମୁଖ୍ୟ ଅତିଥି ଭାବେ ଯୋଗଦେଇ ପ୍ରତିଯୋଗିତାକୁ ଉଦ୍‌ଘାଟନ କରିଥିଲେ। ୧୯ ନମ୍ବର ୱାର୍ଡର କର୍ପୋରେଟର ସ୍ମୃତିଶିଖା ବରିସାଲ ପ୍ରମୁଖ ଅତିଥି ଭାବରେ ଯୋଗ ଦେଇଥିଲେ।

## ଏସିଆ କପ୍ ହକି ସୁପର-୪ ମୁକାବିଲା

# ଦକ୍ଷିଣ କୋରିଆ ସହ ମ୍ୟାଚ୍ ଡ୍ର ରଖିଲା ଭାରତ

ରାଜଗିର,୩।୯ (ଏଜେନ୍ସି):



ମନଦୀପ ସିଂହଙ୍କ ଶେଷ ମୁହୂର୍ତ୍ତ ଗୋଲ ବଳରେ ଏଠାରେ ଆଜି ଆରମ୍ଭ ହୋଇଥିବା ଏସିଆ କପ୍ ସୁପର-୪ ମୁକାବିଲାରେ ଦକ୍ଷିଣ କୋରିଆ ସହ ଭାରତ ମ୍ୟାଚ୍ ଡ୍ର ରଖିବାରେ ସମର୍ଥ ହୋଇଛି। ଏହା ଫଳରେ ଉଭୟ ଦଳ ପଏଣ୍ଟ ଭାଗ କରିଛନ୍ତି। ପ୍ରଥମାର୍ଦ୍ଧରେ ୨-୧ରେ ଦକ୍ଷିଣ କୋରିଆ ଆଗୁଆ ରହିବା ପରେ ଗୋଲ ଶୁଝାଇବାକୁ ଭାରତ କରିଥିବା ପ୍ରବଳ ଉଦ୍ୟମକୁ ଦକ୍ଷିଣ କୋରିଆ ପ୍ରତିହତ କରିଥିଲା। କିନ୍ତୁ ଖେଳ ଶେଷ ମୁହୂର୍ତ୍ତରେ ବା ୫୩ତମ ମିନିଟ୍‌ରେ ମନଦୀପ ପାଇଥିବା ସୁଯୋଗର ସଦ୍‌ବ୍ୟବହାର କରି ଗୋଲ ସ୍କୋର କରିବା ଫଳରେ ଭାରତ ଏହି ମ୍ୟାଚ୍ ଡ୍ର ରଖିଥିଲା। ଭାରତ ପକ୍ଷରୁ ପ୍ରଥମ ଗୋଲ୍‌ଟି ହାର୍ଦ୍ଦିକ ସିଂହ ଦେଇଥିଲେ। ଏହା ମଧ୍ୟ ଫିଲ୍ଡ ଗୋଲ ଥିଲା। ଭାରତୀୟ ଡ୍ରାଗ୍‌ଫ୍ଲିକରମାନେ ଏହି ମ୍ୟାଚ୍‌ରେ ଗୋଟିଏ ହେଲେ ଗୋଲ ସ୍କୋର ନ କରିବା ଦଳର ଦୁର୍ବଳ ପ୍ରସ୍ତୁତିକୁ ପଦାରେ ପକାଇଦେଇଛି। ଦକ୍ଷିଣ କୋରିଆ ପକ୍ଷରୁ ପେନାଲ୍ଟି ଷ୍ଟ୍ରୋକ୍‌ରୁ ଜିହୁନ ୟାଙ୍ଗ୍ ଓ ପେନାଲ୍ଟି କର୍ଣ୍ଣରରୁ କିମ୍ ହେୟନହଙ୍ଗ୍ ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ଏହି ମ୍ୟାଚ୍‌ରେ ପଏଣ୍ଟ ହରାଇବା ପରେ ଫାଇନାଲରେ ପ୍ରବେଶ କରିବାକୁ ହେଲେ ଭାରତକୁ ଅନ୍ୟ ଦୁଇଟି ସୁପର-୪ ମ୍ୟାଚ୍‌ରେ ଜିତିବା ନିହାତି ଆବଶ୍ୟକ ହୋଇପଡ଼ିଛି। ଏହି ମ୍ୟାଚ୍ ମଧ୍ୟରୁ ଆସନ୍ତାକାଲି ଲଢ଼ୁଆ ଖେଳ ପ୍ରଦର୍ଶନ କରିଥିବା ମାଲେସିଆ ସହ ଓ ଶନିବାର ଚୀନ୍ ସହ ସୁପର-୪ ମ୍ୟାଚ୍ ଖେଳିବ। ଆସନ୍ତାକାଲି ପ୍ରଥମ ସୁପର-୪ ମୁକାବିଲା ଚୀନ୍ ଓ କୋରିଆ ମଧ୍ୟରେ ଖେଳାଯିବ। ଏଠାରେ ବର୍ଷା ଯୋଗୁଁ ଭାରତ-କୋରିଆ ମୁକାବିଲା ପାଖାପାଖି ଏକ ଘଣ୍ଟା ବିଳମ୍ବରେ ଆରମ୍ଭ ହୋଇଥିଲା।

## ଚୀନ୍‌କୁ ୨-୦ ଗୋଲରେ ହରାଇଲା ମାଲେସିଆ

ବୁଧବାର ଖେଳାଯାଇଥିବା ପ୍ରଥମ ମୁକାବିଲାରେ ମାଲେସିଆ ୨-୦ ଗୋଲରେ ଚୀନ୍‌କୁ ହରାଇ ପୂରା ପଏଣ୍ଟ ସଂଗ୍ରହ କରିଛି। ଦଳ ପକ୍ଷରୁ ଏକ ନମ୍ବର ଜର୍ସି ପରିହିତ ଖେଳାଳି ସୟଦ ଚୋଲାନ ପେନାଲ୍ଟି କର୍ଣ୍ଣରୁ ଓ ୧୧ ନମ୍ବର ଅଖିମୁଲ୍ଲା ଅନୁଆର ଗୋଟିଏ ଫିଲ୍ଡ ଗୋଲ କରିଥିଲେ। ପ୍ରଥମାର୍ଦ୍ଧ ଖେଳ ଶେଷ ସୁଦ୍ଧା ଉଭୟ ଦଳ ଗୋଲ ସ୍କୋର କରିବାରେ ସମର୍ଥ ହୋଇ ନ ଥିଲେ। ଟୁର୍ଣ୍ଣାମେଣ୍ଟରେ ୩ଟି ଯାକ ଲିଗ୍ ମୁକାବିଲାକୁ ସହଜରେ ଜିତିଥିବା ମାଲେସିଆ ପକ୍ଷରୁ ତୃତୀୟ ଓ ଚତୁର୍ଥ କ୍ୱାର୍ଟରରେ ଗୋଟିଏ ଲେଖାଏଁ ଗୋଲ କରିବାରେ ସମର୍ଥ ହୋଇଥିଲା। ଆସନ୍ତାକାଲି ସୁପର-୪ର ଦ୍ୱିତୀୟ ମୁକାବିଲାରେ ଭାରତ ସହ ଖେଳିବ ମାଲେସିଆ। ଏହି ଟୁର୍ଣ୍ଣାମେଣ୍ଟରେ ଉଭୟ ଦଳ ଏଯାଏ ଶ୍ରେଷ୍ଠ ଖେଳ ପ୍ରଦର୍ଶନ କରିଆସିଛନ୍ତି। ସୁପର-୪ ମୁକାବିଲା ପୂର୍ବରୁ ଖେଳାଯାଇଥିବା କ୍ଲାସିଫିକେସନ ମୁକାବିଲାରେ ଜାପାନ ୨-୦ ଗୋଲରେ ଚାଇନିଜ୍ ତାଇପେକୁ ପରାସ୍ତ କରିଛି। ଆସନ୍ତାକାଲି ବାଂଲାଦେଶ ଓ କାଜାଖସ୍ଥାନ ମଧ୍ୟରେ ମୁକାବିଲା ହେବ।

ନନ୍ଦିଘୋଷ

'ନନ୍ଦିଘୋଷ ଟିଭି'

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି। ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
|---|---|
| ୧) ସ୍କ୍ରଲ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୨) ଇନପୁଟ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୩) ବୁଲେଟିନ ପ୍ରଡ୍ୟୁସର | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୭ ସେପ୍ଟେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

*କେବଳ ନିର୍ବାଚିତ ଆବେଦନଗୁଡିକୁ ସାକ୍ଷାତକାର ପାଇଁ ଡକାଯିବ।

ଯୋଗାଯୋଗ: ୯୪୩୭୦୧୬୪୯୯

ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍

ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS